

▶ପୃଷ୍ଠା-୧୧ ଦେଖନ୍ତୁ...

• RNI REGD NO: 42041/83
• www.sakalaepaper.com
• /sakalanews
• /sakalanews
• www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-145 •FRIDAY •21 NOVEMBER 2025 •PAGE-12 •₹ 6.00 | BHUBANESWAR | •ବର୍ଷ-୪୩ •ସଂଖ୍ୟା-୧୪୫ •ଶୁକ୍ରବାର •୨୧ ନଭେମ୍ବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


### ବିଲ୍ ଅନୁମୋଦନ ମାମଲା: ରାଷ୍ଟ୍ରପତି, ରାଜ୍ୟପାଳଙ୍କ ପାଇଁ ନାହିଁ ସମୟସୀମା

## ବିଳମ୍ବ ହେଲେ ଅଦାଲତଙ୍କ ହସ୍ତକ୍ଷେପ



**ରାଷ୍ଟ୍ରପତିଙ୍କୁ ମତାମତ ଦେଲେ ସୁପ୍ରିମକୋର୍ଟ**

■ ନୂଆଦିଲ୍ଲୀ, ୨୦।୧୧ (ଏଜେନ୍ସି): ରାଜ୍ୟ ବିଧାନସଭା ଦ୍ୱାରା ଗୃହୀତ ବିଲ ଉପରେ ନିଷ୍ପତ୍ତି ନେବାଲାଗି ରାଷ୍ଟ୍ରପତି କିମ୍ବା ରାଜ୍ୟପାଳଙ୍କ ପାଇଁ ସମୟ ସୀମା ଧାର୍ଯ୍ୟ କରାଯାଇପାରିବ ନାହିଁ। ସାମ୍ବିଧାନିକ ବ୍ୟବସ୍ଥା ଅନୁଯାୟୀ କୋର୍ଟ ସେମାନଙ୍କୁ ଏଥିଲାଗି ବାଧ କରିପାରିବେ ନାହିଁ। ତେବେ ବିନା କାରଣରେ ଏହି ବିଲ୍ ଉପରେ ଅନିର୍ଦ୍ଦିଷ୍ଟ କାଳ ପାଇଁ ବସିପାରିବେ ନାହିଁ ରାଜ୍ୟପାଳ । ଏଭଳି ପରିସ୍ଥିତି ସୃଷ୍ଟି ହେଲେ ଅଦାଲତ ହସ୍ତକ୍ଷେପ କରିପାରିବେ ଏବଂ ଯୁକ୍ତିଯୁକ୍ତ ସମୟ ମଧ୍ୟରେ ବିଲ୍ ଉପରେ ନିଷ୍ପତ୍ତି ନେବାଲାଗି ରାଜ୍ୟପାଳଙ୍କୁ ନିର୍ଦ୍ଦେଶ ଦେଇପାରିବେ । ରାଷ୍ଟ୍ରପତିଙ୍କ ପ୍ରେସିଡେନସିଆଲ ରେଫେରେନ୍ସର ଉତ୍ତର ଦେବାକୁ ଯାଇ ସୁପ୍ରିମକୋର୍ଟ ଆଜି ଏଭଳି ମତାମତ ଦେଇଛନ୍ତି ।

ରାଜ୍ୟ ବିଧାନସଭା ଦ୍ୱାରା ଅନୁମୋଦିତ ବିଲ ଉପରେ ନିଷ୍ପତ୍ତି ନେବା ଲାଗି କୋର୍ଟ ରାଷ୍ଟ୍ରପତି କିମ୍ବା ରାଜ୍ୟପାଳଙ୍କ କ୍ଷେତ୍ରରେ ସମୟସୀମା ଧାର୍ଯ୍ୟ କରିପାରିବେ କି? ପ୍ରେସିଡେନସିଆଲ ରେଫେରେନ୍ସ ଜରିଆରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଏହି ପ୍ରଶ୍ନକୁ ନେଇ ଲୋଡ଼ିଥିବା ମତାମତ ଉପରେ ପ୍ରଧାନ ବିଚାରପତି ଜଷ୍ଟିସ ବିଆର ଗଭାଇଙ୍କ ଅଧ୍ୟକ୍ଷତାରେ ଗଠିତ ୫ ଜଣିଆ ସମ୍ବିଧାନ ବେଞ୍ଚ ଆଜି ଉପରୋକ୍ତ ମତ ଦେଇଛନ୍ତି । ଜଷ୍ଟିସ ଗଭାଇ କହିଲେ ଯେ ବିଧାନସଭା ବିଲ୍ ପଠାଇଲେ ଏହା ଉପରେ ରାଜ୍ୟପାଳ ଅନିର୍ଦ୍ଦିଷ୍ଟ କାଳ ପାଇଁ ବସିପାରିବେ ନାହିଁ। ତାଙ୍କ ପାଖରେ ତିନିଟି ବିକଳ୍ପ ରହିଛି । ବିଲ ଉପରେ ମୋହର ମାରିବେ, ଅନୁଧ୍ୟାନ ପାଇଁ ରାଷ୍ଟ୍ରପତିଙ୍କ ପାଖକୁ ପଠାଇବେ ନଚେତ ବିଲ୍ ଫେରାଇଦେବେ । ତେବେ ବିଲ୍ କାହିଁକି ଫେରାଇଲେ ତାହାର କାରଣ ଦର୍ଶାଇବାକୁ ପଡ଼ିବ । ବିଲ ଉପରେ ରାଜ୍ୟପାଳ ଅନିର୍ଦ୍ଦିଷ୍ଟ କାଳ ପାଇଁ କୌଣସି ପଦକ୍ଷେପ ନନେଲେ ଏହା ସଂଘୀୟ ବ୍ୟବସ୍ଥାର ଉଲ୍ଲଂଘନ ▶ପୃଷ୍ଠା-୭

# ହିତାଧିକାରୀଙ୍କୁ ରାସନ ଛନକା

## କାର୍ଡ କାଟିବାକୁ ଘରଘର ବୁଲୁଛନ୍ତି ସରକାରୀ ଅଧିକାରୀ

■ ଭୁବନେଶ୍ୱର, ୨୦।୧୧ (ସମିସ): ସାରା ରାଜ୍ୟରେ ଖାଦ୍ୟ ସୁରକ୍ଷା ହିତାଧିକାରୀଙ୍କୁ ଘାରିଛି ରାସନ କାର୍ଡ ଛନକା । କେୱାଇସି ଯାଞ୍ଚ କରିବା ଓ ସରକାରୀ ନଥିପତ୍ରରେ ଅଯୋଗ୍ୟ ମନେ ହେଉଥିବା ପ୍ରାୟ ୧୦ ଲକ୍ଷ ହିତାଧିକାରୀଙ୍କୁ କାଟିବା ପାଇଁ ସରକାରୀ ଅଧିକାରୀମାନେ ଘରଘର ବୁଲିବା ଆରମ୍ଭ କରିଛନ୍ତି ବୋଲି କୁହାଯାଉଛି । କେନ୍ଦ୍ର ସରକାରଙ୍କ ଖାଦ୍ୟ ସୁରକ୍ଷା ଯୋଜନାରେ ରାଜ୍ୟର ୯୨.୮୯ ଲକ୍ଷ ହିତାଧିକାରୀ ସାମିଲ ଥିବା ବେଳେ ରାଜ୍ୟ ସରକାରଙ୍କ ଖାଦ୍ୟ ସୁରକ୍ଷା ଯୋଜନାରେ ୯.୭୬ ଲକ୍ଷ ହିତାଧିକାରୀଙ୍କୁ ମାଗଣା ଚାଉଳ ଯୋଗାଇ ଦିଆଯାଉଛି । ତେବେ ମାସିକ ୧୦ ହଜାର ଟଙ୍କାରୁ ଅଧିକ ରୋଜଗାର, ୨ରୁ ବଖରାରୁ ଅଧିକ ପକ୍କା ଘର, ୩ ଚକିଆ ଗାଡ଼ି, ମୋଟର ଚାଳିତ ଡଙ୍ଗା ଓ କୃଷି ଯନ୍ତ୍ରପାତି ଆଦି ରହିଥିଲେ ରାସନ କାର୍ଡ କଟିବ ବୋଲି ଏବେ ପ୍ରଚାର ହେଉଛି । ସେହିପରି ଅଢେଇ ଏକର



ଜମି ଥିବା ହିତାଧିକାରୀମାନେ ମଧ୍ୟ ରାସନ କାର୍ଡରୁ ବାଦ ପଡ଼ିବେ ବୋଲି ସରକାରୀ ଅଧିକାରୀମାନେ କହୁଛନ୍ତି । ଯାହାକୁ ନେଇ ହିତାଧିକାରୀଙ୍କ ମନରେ ଛନକା ସୃଷ୍ଟି କରିଛି ।

ସୂଚନା ଅନୁଯାୟୀ କେନ୍ଦ୍ର ସରକାର ସାରା ଦେଶ ପାଇଁ ଏକ ସନ୍ଦିଗ୍ଧ ତାଲିକା ପ୍ରସ୍ତୁତ କରିଛନ୍ତି । ଏହି ତାଲିକାରେ ଦେଶର ୧ କୋଟି ୧୭ ଲକ୍ଷ ହିତାଧିକାରୀଙ୍କ ନାମ ରହିଛି । ଏହି ସନ୍ଦିଗ୍ଧ ତାଲିକାରେ ଥିବା ହିତାଧିକାରୀମାନେ

**ସାରା ରାଜ୍ୟରୁ ବାଦ ପଡ଼ିବେ ୧୦ ଲକ୍ଷରୁ ଊର୍ଦ୍ଧ୍ୱ ହିତାଧିକାରୀ**

ରାସନ ପାଇବା ପାଇଁ ଯୋଗ୍ୟ ନ ଥିବା କେନ୍ଦ୍ର ସରକାର ଅନୁଭବ କରୁଛନ୍ତି । ଅର୍ଥାତ ଏହି ତାଲିକାରେ ଥିବା ହିତାଧିକାରୀମାନେ ଅଯୋଗ୍ୟ ହୋଇ ମଧ୍ୟ ରାସନ ସାମଗ୍ରୀ ନେଉଥିବା କେନ୍ଦ୍ର କହିଛି । ଏଥିପାଇଁ ରାଜ୍ୟଗୁଡ଼ିକୁ ଏହି ତାଲିକା ପ୍ରଦାନ କରିବା ସହ ତାଲିକାରେ ଥିବା ହିତାଧିକାରୀଙ୍କ ସ୍ଥିତି ଯାଞ୍ଚ କରି ସେମାନଙ୍କୁ ତାଲିକାରୁ ହଟାଇବାକୁ ନିର୍ଦ୍ଦେଶ ଥିବା ଜଣାପଡ଼ିଛି । ଆୟକର ବିଭାଗ, ପରିବହନ ବିଭାଗ ଓ କର୍ପୋରେଟ୍ ବ୍ୟାପାର ମନ୍ତ୍ରଣାଳୟ ଆଦି ବିଭାଗଗୁଡ଼ିକର ତଥ୍ୟକୁ ଆଧାର କରି ଏହି ତାଲିକା ପ୍ରସ୍ତୁତ କରାଯାଇଛି । କେନ୍ଦ୍ର ସରକାରଙ୍କ ଏହି ନିର୍ଦ୍ଦେଶନାମା ପରେ ଓଡ଼ିଶାରେ ସରକାରୀ ସ୍ତରରେ ଧରପଗଡ଼ ଆରମ୍ଭ ହୋଇଛି । ସାରା ରାଜ୍ୟରେ ଅନ୍ୟୂନ ୧୦ ଲକ୍ଷ ହିତାଧିକାରୀଙ୍କ ନାମ ଏହି ସୂଚୀରୁ ବାଦ ଦେବାକୁ ଲକ୍ଷ୍ୟ ଯାଇଥିବା ଅସମର୍ଥିତ ସୂତ୍ରରୁ ସୂଚନା ମିଳିଛି । ବିଶ୍ୱସ୍ତ ସୂତ୍ରରୁ ମିଳିଥିବା ସୂଚନା ଅନୁସାରେ ଭୁବନେଶ୍ୱର ▶ପୃଷ୍ଠା-୭

## ବିହାର ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେଲେ ନୀତୀଶ



**୨୬ ମନ୍ତ୍ରୀ ମଧ୍ୟ ନେଲେ ଶପଥ**

**ବିଜେପିର ୧୪, ଜେଡିୟୁର ୮, ଚିରାଗଙ୍କ ୨ମନ୍ତ୍ରୀ ସାମିଲ**

**ମନ୍ତ୍ରିମଣ୍ଡଳରେ ୩ ମହିଳା, ଜଣେ ମୁସଲମାନ**

■ ପାଟନା, ୨୦।୧୧ (ଏଜେନ୍ସି): ନୀତୀଶ କୁମାର ରେକର୍ଡ କରିଛନ୍ତି । ବିଧାନସଭା ନିର୍ବାଚନରେ ବଡ଼ ବିଜୟ ପରେ ପାଟନାର ଗାନ୍ଧୀ ମୈଦାନରେ ଆଜି ଆୟୋଜିତ ଭବ୍ୟ ସମାରୋହରେ ନୀତୀଶ ୧୦ମ ଥର ପାଇଁ ବିହାର ମୁଖ୍ୟମନ୍ତ୍ରୀ ଭାବେ ଶପଥ ଗ୍ରହଣ କରିଛନ୍ତି । ଏଥିସହିତ ନୀତୀଶ ଦୀର୍ଘଦିନ ପର୍ଯ୍ୟନ୍ତ କ୍ଷମତାରେ ଥିବା ଦେଶର ଅଷ୍ଟମ ମୁଖ୍ୟମନ୍ତ୍ରୀ ହୋଇଛନ୍ତି । ଯଦି ଏହି କାର୍ଯ୍ୟକାଳ ସମ୍ପୂର୍ଣ୍ଣ କରନ୍ତି ତେବେ ସେ ଦୀର୍ଘ ସମୟ ପର୍ଯ୍ୟନ୍ତ କ୍ଷମତାରେ ଥିବା ଭାରତର ପ୍ରଥମ ମୁଖ୍ୟମନ୍ତ୍ରୀ ପାଲଟିବେ । ପୂର୍ବରୁ ଏହି ରେକର୍ଡ ସିକିମ ନେତା ପବନ ଚାମଲିଙ୍ଗଙ୍କ ନାମରେ ରହିଛି ।

ନୀତୀଶଙ୍କ ସହିତ ୨୬ ମନ୍ତ୍ରୀ ମଧ୍ୟ ଶପଥ ନେଇଛନ୍ତି । ଏମାନଙ୍କ ମଧ୍ୟରେ ବିଜେପି କୋଟାରୁ ୧୪ ଜଣ, ଜେଡିୟୁରୁ ୮, ଚିରାଗ ପାଶ୍ୱାନଙ୍କ ଏଲଜେପିଆରରୁ ୨ ଜଣ, ଜିତନ ରାମ ମାନ୍‌ଝୀଙ୍କ ହାମ୍ ଏବଂ ଉପେନ୍ଦ୍ର କୁଶ୍ୱାହଙ୍କ ଦଳରୁ ଜଣେ ଲେଖାଏଁ ମନ୍ତ୍ରୀ ହୋଇଛନ୍ତି । ଏହି ମନ୍ତ୍ରିମଣ୍ଡଳରେ ତିନି ମହିଳା ଏବଂ ଜଣେ ମୁସଲିମ ବ୍ୟକ୍ତି ସାମିଲ ଅଛନ୍ତି । ଜେଡିୟୁ ପୁଣିଥରେ ଜମା ଖାନ୍‌ଙ୍କୁ ମନ୍ତ୍ରୀ କରିଛି । ସମ୍ରାଟ ଚୌଧୁରୀ ଏବଂ ବିଜୟ ସିହ୍ନା ପୁଣି ଉପ-ମୁଖ୍ୟମନ୍ତ୍ରୀ ହେବେ ବୋଲି ଆଶା କରାଯାଉଛି । ନୀତୀଶଙ୍କ ଏହି ନୂଆ କ୍ୟାବିନେଟରେ ୧୩ ନୂଆ ମୁହଁ ସାମିଲ ହୋଇଛନ୍ତି । ନିଜର ୮ ମନ୍ତ୍ରୀଙ୍କୁ ନୀତୀଶ ପୁଣି ସୁଯୋଗ ଦେଇଛନ୍ତି । ତେବେ ବିଜେପିରୁ ୭ ଜଣ ନୂଆ କରି ମନ୍ତ୍ରୀ ହୋଇଛନ୍ତି । ▶ପୃଷ୍ଠା-୭

### ସପ୍ତାହେ ପରେ ଶୀତ ଅଧିବେଶନ

## ସରକାରଙ୍କୁ ଘେରିବାକୁ ବିରୋଧୀଙ୍କ ପାଗଭିଡ଼ା

**ଯେଉଁ ପ୍ରସଙ୍ଗକୁ ଛୁଇଁବ, ସେଥିରେ ସରକାର ବିଫଳ: ବିଜେଡି**

**ରାଜ୍ୟବାସୀଙ୍କ ସ୍ୱାର୍ଥ ପ୍ରସଙ୍ଗରେ ଦଳ ବିତର୍କ କରିବ: କଂଗ୍ରେସ**

■ ଭୁବନେଶ୍ୱର, ୨୦।୧୧ (ସମିସ): ଆଉ ସପ୍ତାହେ ପରେ ଅର୍ଥାତ୍ ୨୭ ତାରିଖରୁ ଓଡ଼ିଶା ବିଧାନସଭାର ପଞ୍ଚମ(ଶୀତକାଳୀନ) ଅଧିବେଶନ ଆରମ୍ଭ ହେବ। ବିଭିନ୍ନ ପ୍ରସଙ୍ଗ ଯୋଗୁଁ ଏହି ଅଧିବେଶନଟି ଚର୍ଚ୍ଚାରେ ରହିବାକୁ ଯାଉଥିବା ବେଳେ ସରକାରଙ୍କୁ ଘେରିବାକୁ ବିରୋଧୀ ଏବେଠାରୁ ପାଗ ଭିଡ଼ା ଆରମ୍ଭ କଲେଣି । ଅଧିବେଶନ ପ୍ରାରମ୍ଭରୁ ଗୃହରେ ବିରୋଧୀ ସକ୍ରିୟ ରହିବା ନେଇ ବିରୋଧୀ ବିଜେଡି ଓ କଂଗ୍ରେସ ସୂତ୍ରରୁ ସୂଚନା ମିଳିଛି । ଅପରପକ୍ଷେ ନୂଆପଡ଼ା ଉପନିର୍ବାଚନରେ ବିଶାଳ ବିଜୟକୁ ।।ନେଇ ଶାସକ ଦଳ ବିଜେପି ଉତ୍ସାହିତ ଥିବାବେଳେ ବିରୋଧୀଙ୍କ ସବୁ ଆକ୍ରମଣର ପ୍ରତ୍ୟୁତ୍ତର ଦିଆଯିବ ବୋଲି ଦଳ ଦୃଢ଼ୋକ୍ତି ପ୍ରକାଶ କରିଛି । ଅପରପକ୍ଷେ ଓଡ଼ିଶା ବିଧାନସଭା ଇତିହାସରେ ରାଷ୍ଟ୍ରପତି ପ୍ରଥମଥର ପାଇଁ ଉଦବୋଧନ ଦେବେ ଓ ଅଧିବେଶନରେ ଏକାଧିକ ଗୁରୁତ୍ୱପୂର୍ଣ୍ଣ ବିଲ୍ ଆସିବା ନେଇ ସୂଚନା ମିଳିଛି ।

ସୂଚନାଯୋଗ୍ୟ ଯେ ଗତ ମୌସୁମୀ ଅଧିବେଶନ ମାତ୍ର ୭ ଦିନ ଚାଲିଥିବା ବେଳେ ବିରୋଧୀ କଂଗ୍ରେସ ଏବଂ ▶ପୃଷ୍ଠା-୭






### ସୃଷ୍ଟି ହେଲା ଘୂର୍ଣ୍ଣିବଳୟ

## ୨୨ରେ ଲଘୁଚାପ, ୨୪ରେ ଅବପାତ

**୨୮ରୁ ଡିସେମ୍ବର ୪ ମଧ୍ୟରେ ଅଧିକ ବର୍ଷା**

**ଉଠିଲା ପାରଦ; କମିଲା ଶୀତର ପ୍ରଭାବ**

■ ଭୁବନେଶ୍ୱର, ୨୦।୧୧ (ସମିସ): ବଙ୍ଗୋପସାଗରରେ ସୃଷ୍ଟି ହେବାକୁ ଥିବା ଲଘୁଚାପ ପୂର୍ବରୁ ଗୁରୁବାର ସୃଷ୍ଟି ହୋଇଛି ଏକ ଘୂର୍ଣ୍ଣିବଳୟ । 'ଷ୍ଟ୍ରିଟ୍ ଅଫ୍ ମାଲାକା' ମଧ୍ୟ ଅଂଶରେ ସୃଷ୍ଟି ହୋଇଥିବା ଏହି ଘୂର୍ଣ୍ଣିବଳୟ ଧୀରେ ଧୀରେ ବଙ୍ଗୋପସାଗର ମୁହାଁ ହେବ ଏବଂ ଏହାର ପ୍ରଭାବରେ ୨୨ ତାରିଖ ବେଳକୁ ଦକ୍ଷିଣ-ପୂର୍ବ ବଙ୍ଗୋପସାଗରରେ ଗୋଟିଏ ଲଘୁଚାପ କ୍ଷେତ୍ର ସୃଷ୍ଟି ହେବ ବୋଲି ପାଣିପାଗ ବିଜ୍ଞାନୀମାନେ ଆକଳନ କରିଛନ୍ତି । ଏହି ଲଘୁଚାପପଶ୍ଚିମ-ଉତ୍ତରପଶ୍ଚିମ ଦିଗକୁ ଗତି କରି ୨୪ ତାରିଖ ବେଳକୁ ଆହୁରି ଘନୀଭୂତ ହୋଇ ଦକ୍ଷିଣ ବଙ୍ଗୋପସାଗରର ମଧ୍ୟ ଭାଗରେ ଅବପାତରେ ପରିଣତ ହେବ । ପରବର୍ତ୍ତୀ ୪୮ ଘଣ୍ଟା ମଧ୍ୟରେ ଏହା ପଶ୍ଚିମ-ଉତ୍ତରପଶ୍ଚିମ ଦିଗକୁ ଅଗ୍ରସର ହୋଇ ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଆହୁରି ଅଧିକ ଘନୀଭୂତ ହେବ । ଏହି ଲଘୁଚାପ ସୃଷ୍ଟି ପରେ ଅଧିକ ଘନୀଭୂତ ହେବା ପାଇଁ ସବୁ ପ୍ରକାର ପାଣିପାଗ ମଡେଲ ସୁହାଉ ଥିବାରୁ ଏହା ବାତ୍ୟାରେ ପରିଣତ ହୋଇପାରେ ବୋଲି ମଧ୍ୟ ପ୍ରାଥମିକ ଭାବେ ଆକଳନ କରାଯାଉଛି । ଏହାର ପ୍ରଭାବରେ ଉଭୟ ଆନ୍ଧ୍ର ଓ ଓଡ଼ିଶାର ଅନେକ ସ୍ଥାନରେ ପ୍ରବଳ ବର୍ଷା ହୋଇପାରେ ବୋଲି ପାଣିପାଗ ବିଜ୍ଞାନୀମାନେ ପୂର୍ବାନୁମାନ କରିଛନ୍ତି । ପୁନଶ୍ଚ ଏହା ଯଦି ▶ପୃଷ୍ଠା-୭

### ପୁଲିସ ଚାକିରି ବେପାର

## ଶଙ୍କର, ସୁରେଶ, ସାଗରଙ୍କ ଜାମିନ ଆବେଦନ ଖାରଜ

■ ବ୍ରହ୍ମପୁର, ୨୦।୧୧ (ସମିସ): ବହୁଚର୍ଚ୍ଚିତ ପୁଲିସ ଏସ୍‌ଆଇ କେଲେଙ୍କାରୀ ମାମଲାର ତଦନ୍ତଭାର ସିବିଆଇକୁ ଦେବା ନିମନ୍ତେ ବ୍ରହ୍ମପୁର ଜେଏମଏଫସି କୋର୍ଟରେ ପିଟିସନ୍ ଦାଖଲ କରିଛି କ୍ରାଇମବ୍ରାଞ୍ଚ । ସେପଟେ ମାମଲାର ତଦନ୍ତ ପାଇଁ ବ୍ରହ୍ମପୁରରେ ପହଞ୍ଚିଛି ସିବିଆଇ ଟିମ୍ । ଜଣେ ଓକିଲଙ୍କ ସମେତ ସିବିଆଇର ୪ ଜଣିଆ ଟିମ୍ ପ୍ରଥମେ ବ୍ରହ୍ମପୁର ସ୍ୱତନ୍ତ୍ର ଭିଜିଲାନ୍ସ କୋର୍ଟରେ ପହଞ୍ଚିଥିଲେ । କୋର୍ଟରେ ସିବିଆଇ ପକ୍ଷରୁ ଉଭୟ ରାଜ୍ୟ ଓ କେନ୍ଦ୍ର ସରକାରଙ୍କ ବିଜ୍ଞପ୍ତି ପତ୍ରକୁ ଦାଖଲ କରାଯାଇଥିଲା । ପରେ ଏସ୍‌ଆଇ ପରୀକ୍ଷା କେଲେଙ୍କାରୀର ମାଷ୍ଟରମାଇଣ୍ଡ ଶଙ୍କର ପୃଷ୍ଟି, ସିଲିକନ ଟେକ୍ ପ୍ରାଇଭେଟ୍ ଲିମିଟେଡ୍ ମାଲିକ ସୁରେଶ ଚନ୍ଦ୍ର ନାୟକ, ଦଲାଲ ଅରବିନ୍ଦ ଦାସ ଓ ଏଜେଣ୍ଟ ସାଗର ଗୌଡ଼ଙ୍କ ଜାମିନ ଆବେଦନର ଶୁଣାଣି ବେଳେ ସିବିଆଇ ଓକିଲ ଜାମିନ ଆବଦେନକୁ ବିରୋଧ କରିଥିଲେ । ଉଭୟପକ୍ଷର ଓକିଲଙ୍କଠାରୁ ଶୁଣିବା ପରେ ଭିଜିଲାନ୍ସ ଜଜ୍ ▶ପୃଷ୍ଠା-୭

### ଆଡ୍‌ମିସନ୍ ପରେ ବଦଳିଗଲା ନିଟ୍ ର୍ୟାଙ୍କ

## ଗୋଟିଏ କ୍ଲାସ୍ ପରେ ବିଦା କରିଦେଲା ଭିମସାର୍



■ ସମ୍ବଲପୁର, ୨୦।୧୧ (ସମିସ): ସେଦିନ ପୁଅର ନିଟ୍ ର୍ୟାଙ୍କ ଦେଖି ବାପାର ଛାତି କୁଣ୍ଢେମୋଟ ହୋଇଯାଇଥିଲା । ଚଷାଘର ପୁଅ ଡାକ୍ତର ହେବ, ରୋଗୀ ସେବା କରିବ, ନାଁ କମେଇବ; ଦିନ ଆଲୁଅରେ ଠିଆଠିଆ ଏମିତି କେତେ ସ୍ୱପ୍ନ ଦେଖିଯାଇଥିଲେ ବରଗଡ଼ର ସୁଦାମ ସାହୁ । ପୁଅ ମୁକେଶ ସାହୁ ସର୍ବଭାରତୀୟ ସ୍ତରରେ ନିଟ୍ ରାଙ୍କ ୨୬,୪୫୯ ରଖି ସରକାରୀ ମେଡିକାଲ କଲେଜରେ ନିଜର ସିଟ୍‌ଟିଏ ପକା କରିଦେଇଥିଲା । ଦିନ ଗଡ଼ିବା ସହ ଆଡ୍‌ମିସନ୍ ପ୍ରକ୍ରିୟା ଆଗେଇଲା । କାଉନସେଲିଂ, ଆଡ୍‌ମିସନ୍ ପ୍ରକ୍ରିୟାରେ ଯେପରି କୌଣସି ତ୍ରୁଟି-ବିଚ୍ୟୁତି ନ ରୁହେ, ସେଥିପ୍ରତି ପୂରା ଧ୍ୟାନ ଦେଇ ଭୀମସାର୍‌ରେ ପୁଅର ଆଡମିସନ୍ କରାଇଲେ ସୁଦାମ । ଏଥିପାଇଁ ସ୍ତ୍ରୀର ଗହଣାଗାଣ୍ଠିକୁ ବି ବନ୍ଧା ପକାଇଦେଲେ । କିନ୍ତୁ, ପୁଅ ସେଠି ଗୋଟିଏ ଦିନ କ୍ଲାସ୍ କରିବା ପରେ ମେଡିକାଲ କଲେଜ କର୍ତ୍ତୃପକ୍ଷ ତାଙ୍କୁ ବାହାର କରିଦେଲେ । କର୍ତ୍ତୃପକ୍ଷଙ୍କ କହିବା କଥା, ମୁକେଶଙ୍କ ଉପଯୁକ୍ତ ର୍ୟାଙ୍କ ନାହିଁ । ୱେବ୍‌ସାଇଟ୍‌ରେ ଦେଖିଲେ, ଏବେ ମୁକେଶଙ୍କ ର୍ୟାଙ୍କ ୧୭ ଲକ୍ଷ ଦେଖାଉଛି । ତେବେ ରାତାରାତି ପୁଅର ର୍ୟାଙ୍କ କିପରି ବଦଳିଗଲା, ତାହା ସୁଦାମଙ୍କ ଚାଷୀମୁଣ୍ଡରେ ପଶୁନାହିଁ । ମୁକେଶ ବି କିଛି ବୁଝିପାରୁନାହାନ୍ତି । ଏବେ ବାପ-ପୁଅ କିଂକର୍ତ୍ତବ୍ୟବିମୂଢ଼ ହୋଇପଡ଼ିଛନ୍ତି । କାହା ପାଖକୁ ଯିବେ, ଅଭିଯୋଗ କରିବେ; କିଛି ଜାଣିପାରୁନାହାନ୍ତି ।

ମୁକେଶଙ୍କ କହିବାନୁସାରେ, ସେ ଆଡମିସନ୍ ନେବା ସହ ଆଜି ବାୟୋକେମେଷ୍ଟ୍ରି କ୍ଲାସ୍ ମଧ୍ୟ କରିଥିଲେ । କିନ୍ତୁ ହଷ୍ଟେଲ ଆଡମିସନ୍ ପାଇଁ ଗଲା ବେଳକୁ ସବୁ ଓଲଟପାଲଟ ହୋଇଗଲା । ତାଙ୍କର ପର୍ଯ୍ୟାପ୍ତ ର୍ୟାଙ୍କ ନାହିଁ ଓ ପାଠପଢ଼ା ହୋଇପାରିବ ନାହିଁ ବୋଲି ତାଙ୍କୁ ଜଣାଇବା ସହ ଭିମସାରରୁ ବାହାର କରି ଦିଆଯାଇଛି । ସେପଟେ, ଏଭଳି ଘଟଣା ପରେ ବାପା ସୁଦାମ ଭାଙ୍ଗି ▶ପୃଷ୍ଠା-୭

## ୬ ମାସ ମଧ୍ୟରେ ଟ୍ରମ୍ପଙ୍କ ଶିବିରକୁ ଫେରିଲେ ମସ୍କ

ୱାସିଂଟନ, ୨୦।୧୧(ଏଜେନ୍ସି): ଟେସ୍‌ଲା ମୁଖ୍ୟ କାର୍ଯ୍ୟନିର୍ବାହୀ ଏଲନ ମସ୍କ ପୁଣିଥରେ ଆମେରିକା ରାଜନୀତିର କେନ୍ଦ୍ରକୁ ପ୍ରତ୍ୟାବର୍ତ୍ତନ କରିଛନ୍ତି। ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସହ ବିବାଦ ଓ ମୁକାବିଲାମୂଳକ ସ୍ଥିତି ପରେ ସେ ରାଜଧାନୀ ୱାସିଂଟନରେ ସାର୍ବଜନୀନ କାର୍ଯ୍ୟକ୍ରମରେ ଯୋଗ ଦେଇଛନ୍ତି। ସାଉଦି ରାଜକୁମାର ମହମ୍ମଦ ବିନ୍ ସଲମାନଙ୍କ ସମ୍ମାନରେ ଆୟୋଜିତ ଟ୍ରମ୍ପଙ୍କ ନୈଶ୍ୟଭୋଜିରେ ମସ୍କ ସାମିଲ ହୋଇଥିଲେ। ମସ୍କ ଏଥିସହ ନିଜର ନୂଆ ପାର୍ଟି ଗଢ଼ିବା ଯୋଜନାକୁ ମଧ୍ୟ ରଦ୍ଦ କରିଛନ୍ତି। ୨୦୨୬ରେ ଆୟୋଜନ ହେବାକୁ ଥିବା ମଧ୍ୟବର୍ତ୍ତୀକାଳୀନ ନିର୍ବାଚନରେ ଟ୍ରମ୍ପଙ୍କ ରିପବ୍ଲିକାନ ପାର୍ଟିର ପ୍ରାର୍ଥୀଙ୍କୁ ସମର୍ଥନ କରିବେ ଓ ଏଥିପାଇଁ ପାଣ୍ଠି ପ୍ରଦାନ କରିବେ ବୋଲି କହିଛନ୍ତି। ଟ୍ରମ୍ପଙ୍କ ସହ ସେ ଆଉ ବିବାଦ ନୁହେଁ, ବନ୍ଧୁତ୍ୱ ସ୍ଥାପନ କରିବାକୁ ଇଚ୍ଛୁକ ବୋଲି କହିଛନ୍ତି। ୬ ମାସ ତଳେ ମସ୍କ ଓ ଟ୍ରମ୍ପ ମୁହାଁମୁହିଁ ହୋଇଥିଲେ। ସେତେବେଳେ ଟ୍ରମ୍ପ ପ୍ରଶାସନର 'ବିଗ୍ ବ୍ୟୁଟିଫୁଲ ବିଲ୍' ଓ ନିଜର ନିକଟତର ଜେରେଡ ଆଇଜ୍ୟାକମ୍ୟାନଙ୍କୁ ନାସା ମୁଖ୍ୟ ନ କରିବାରୁ ମସ୍କ ଅସନ୍ତୁଷ୍ଟ ଥିଲେ। ଏହାକୁ ନେଇ ଦୁହିଁଙ୍କ ମଧ୍ୟରେ ମୁକାବିଲାମୂଳକ ସ୍ଥିତି ଉପୁଜିଥିଲା। କେବଳ ସେତିକି ନୁହେଁ, ଟ୍ରମ୍ପ ଯୌନ ଅପରାଧୀ ଜେଫ୍ରି ଏପ୍‌ଷ୍ଟିନ୍‌ଙ୍କ ସମ୍ପର୍କରେ ଥିଲେ ବୋଲି ସେ ଅଭିଯୋଗ କରିଥିଲେ। ଫଳରେ ଦୁହିଁଙ୍କ ସମ୍ପର୍କ ଆହୁରି ଖରାପ ହୋଇଥିଲା। ଏପଷ୍ଟିନଙ୍କ ସହ ଜଡିତ କାଗଜପତ୍ରକୁ ଏଥିପାଇଁ ଟ୍ରମ୍ପ ଜାରି କରିନାହାନ୍ତି। କାରଣ ସେ ମଧ୍ୟ ଜଡିତ ଅଛନ୍ତି ବୋଲି ମସ୍କ କହିଥିଲେ। ଫଳରେ ଟ୍ରମ୍ପ ଓ ମସ୍କଙ୍କ ବିବାଦ ଆହୁରି ଘନୀଭୂତ ହୋଇଥିଲା।

## ଭାରତରୁ ପ୍ରତିଦିନ ୧୫୦ ବେଆଇନ ବାଂଲାଦେଶୀ ଫେରୁଛନ୍ତି: ବିଏସ୍‌ଏଫ୍

ନୂଆଦିଲ୍ଲୀ/କୋଲକାତା, ୨୦।୧୧(ଏଜେନ୍ସି): ପଶ୍ଚିମବଙ୍ଗରେ ଭାରତ ଓ ବାଂଲାଦେଶ ସୀମାରେ ନିୟୋଜିତ ଥିବା ବର୍ଡର ସିକ୍ୟୁରିଟି ଫୋର୍ସ (ବିଏସ୍‌ଏଫ୍) ବଡ଼ ଦାବି କରିଛି। ରାଜ୍ୟରେ ସ୍ପେଶାଲ ଇଣ୍ଟେନସିଭ ରିଭିଜନ (ଏସ୍‌ଆଇଆର) ଚାଲିଥିବାରୁ ଭାରତରେ ରହୁଥିବା ବହୁ ସଂଖ୍ୟାରେ ଅବୈଧ ବାଂଲାଦେଶ ନାଗରିକ ନିଜ ଦେଶକୁ ପ୍ରତ୍ୟାବର୍ତ୍ତନ କରୁଛନ୍ତି। ଉତ୍ତର ୨୪ ପ୍ରଗଣା, ମୁର୍ଶିଦାବାଦ୍ ଓ ମାଲଦା ଜିଲ୍ଲାର ବିନା ବାଡ଼ ଥିବା ଅଞ୍ଚଳ ଦେଇ ଦିନକୁ ୧୫୦ ବାଂଲାଦେଶୀ ନିଜ ଘରକୁ ଫେରୁଛନ୍ତି। ଚେକ୍ ପୋଷ୍ଟରେ ଛୋଟ ବ୍ୟାଗ୍‌ରେ ନିଜ ଜିନିଷଧରି ଧାଡ଼ିରେ ଠିଆ ହେଉଛନ୍ତି ବୋଲି ବିଏସ୍‌ଏଫ୍‌ର ଯବାନମାନେ କହିଛନ୍ତି। ଏମାନେ ଖୋଲାଖୋଲି ଭାବେ ନିଜକୁ ବାଂଲାଦେଶୀ ଓ ବହୁ ବର୍ଷ ତଳେ ବେଆଇନ୍ ଭାବେ ଭାରତ ଆସିଥିବା କଥା ସ୍ୱୀକାର କରୁଛନ୍ତି। ସୀମାରେ ଏହି ଅବୈଧ ବାଂଲାଦେଶୀଙ୍କ ସଂଖ୍ୟା ବୃଦ୍ଧି ପାଉଥିବାରୁ ବିଏସ୍‌ଏଫ୍ ଓ ପଶ୍ଚିମବଙ୍ଗ ପୁଲିସ ଉପରେ ଚାପ ବୃଦ୍ଧି ପାଇଛି। ଏମାନଙ୍କୁ ଦୁଇପଟେ ଧରାଯାଉଥିବା ବ୍ୟକ୍ତିଙ୍କର ବାୟୋମେଟ୍ରିକ ଭେରିଫିକେଶନ, ପଚରାଉଚରା ଓ ଆପରାଧିକ ପୃଷ୍ଠଭୂମି ନେଇ ଯାଞ୍ଚ୍ କରିବାକୁ ପଡୁଛି। ଅନ୍ୟପଟେ ପଶ୍ଚିମବଙ୍ଗ ମୁଖ୍ୟମନ୍ତ୍ରୀ ଏସ୍‌ଆଇଆରକୁ ରୋକିବା ପାଇଁ ମୁଖ୍ୟ ନିର୍ବାଚନ କମିଶନଙ୍କୁ ଚିଠି ଲେଖିଛନ୍ତି। ସେ ଏହି ପ୍ରକ୍ରିୟାକୁ ବିପଜ୍ଜନକ ଏବଂ ଜୋର ଜବରଦସ୍ତି ଲଦା ଯାଇଥିବା କହିଛନ୍ତି। ଏସ୍‌ଆଇଆରକୁ ରଦ୍ଦ କରିବା ପାଇଁ ମମତା ଦାବି କରିଛନ୍ତି। ଏହି ପ୍ରକ୍ରିୟାରେ ଅନେକ ତ୍ରୁଟି ରହିଥିବା ସେ ଅଭିଯୋଗ କରିଛନ୍ତି।

## ଶିକ୍ଷିତ ଆତଙ୍କବାଦୀ ସବୁଠୁ ବିପଜ୍ଜନକ: ଦିଲ୍ଲୀ ପୁଲିସ

ନୂଆଦିଲ୍ଲୀ, ୨୦।୧୧(ଏଜେନ୍ସି): ୨୦୨୦ ଦିଲ୍ଲୀ ଦଙ୍ଗା ମାମଲାରେ ଗୁରୁବାର ସୁପ୍ରିମକୋର୍ଟରେ ଚାଲିଥିବା ଶୁଣାଣିରେ ଦିଲ୍ଲୀ ପୁଲିସ୍ ପକ୍ଷରୁ ମତ ରଖାଯାଇଛି। କୁହାଯାଇଛି, ଶିକ୍ଷିତ ଲୋକେ ଯେତେବେଳେ ଆତଙ୍କବାଦୀ ହୁଅନ୍ତି ସେମାନେ ସାଧାରଣ ଦଙ୍ଗାକାରୀଙ୍କଠାରୁ ଆହୁରି ବିପଜ୍ଜନକ ହୋଇଥାନ୍ତି। ଦେଶ ବିରୋଧୀ ଗତିବିଧି ସହ ଡାକ୍ତର ଓ ଇଞ୍ଜିନିୟରମାନେ ସାମିଲ ହେବା ଏବେ ଏକ ଟ୍ରେଣ୍ଡରେ ପରିଣତ ହୋଇଛି। ଏମାନେ ସରକାରଙ୍କ ଅର୍ଥରେ ପାଠପଢ଼ିଥାନ୍ତି ଓ ପରେ ଦେଶ ବିରୋଧରେ କାର୍ଯ୍ୟ କରିଥାନ୍ତି। ଦିଲ୍ଲୀ ପୁଲିସ ଏହି ଶୁଣାଣିରେ ସରଜିଲ ଇମାମଙ୍କ ଉତ୍ତେଜକ ଭାଷଣର ଭିଡିଓ କୋର୍ଟରେ ଉପସ୍ଥାପନ କରିଥିଲା। ଏହି ଭିଡିଓରେ ସରଜିଲ୍ ନାଗରିକତା ସଂଶୋଧନ ଆଇନ୍ (ସିଏଏ) ଓ ଏନ୍‌ଆରସି ବିରୋଧରେ ଏହି ଉତ୍ତେଜକ ଭାଷଣ ଦେଉଥିବାର ଦେଖାଯାଇଛି। ଏହି ଭାଷଣ ଦ୍ୱାରା ସ୍ଥିତି ବିଗିଡ଼ିଥିଲା ଓ ଜନତାଙ୍କୁ ଉସ୍‌କାଇବା ଭଳି କାର୍ଯ୍ୟ ହୋଇଥିଲା। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଭାରତ ଆସିବା ସମୟରେ ହିଁ ଦଙ୍ଗାସୃଷ୍ଟି କରିବାକୁ ଗଭୀର ଓ ସୁଚିନ୍ତିତ ଷଡଯନ୍ତ୍ର କରାଯାଇଥିଲା। ଏହି ଦଙ୍ଗାରେ ୫୩ ଜଣ ମୃତ୍ୟୁବରଣ କରିଥିଲେ।

## ଏଟିଏମ୍ ଭ୍ୟାନ୍‌ରୁ ୭ କୋଟି ଲୁଟ୍

ବେଙ୍ଗାଲୁରୁ, ୨୦।୧୧(ଏଜେନ୍ସି): ବେଙ୍ଗାଲୁରୁରେ ଚଳଚ୍ଚିତ୍ର ଶୈଳୀରେ ଏକ ବଡ଼ଧରଣର ଲୁଟ୍ ହୋଇଛି। ଏକ ଏଟିଏମ୍ କ୍ୟାସ ଭ୍ୟାନରୁ ଲୁଟେରାମାନେ ୭ କୋଟି ଟଙ୍କା ଲୁଟ୍ କରିଛନ୍ତି। ବୁଧବାର ଅପରାହ୍ଣ ୧୨.୩୦ରେ ଏହି ଘଟଣା ଘଟିଛି। ରିଜର୍ଭ ବ୍ୟାଙ୍କ ଅଫ୍ ଇଣ୍ଡିଆ (ଆରବିଆଇ) ଅଧିକାରୀ ପରିଚୟ ଦେବା ସହ ଲୁଟେରାମାନେ କ୍ୟାସ୍ ଭ୍ୟାନ୍‌କୁ ରାସ୍ତାରେ ଅଟକାଇ ଟଙ୍କା ନେଇ ପଳାଇଯାଇଥିଲେ। ଏହାପରେ ପୁଲିସ ଏହି ଭ୍ୟାନକୁ ଜୟଦେବ ସର୍କଲ ଫ୍ଲାଏଓଭର ପୋଲ ନିକଟରେ ଠାବ କରିଥିଲା। ପୁଲିସ ଭ୍ୟାନର ଡ୍ରାଇଭର, ଦୁଇଜଣ ସୁରକ୍ଷାକର୍ମୀ ଓ ଜଣେ କ୍ୟାସ୍ ଡିପୋଜିଟରଙ୍କୁ ପଚରାଉଚରା ପାଇଁ ଅଟକ ରଖିଛି।

## ପ୍ରଶାନ୍ତ କିଶୋରଙ୍କ ମୌନବ୍ରତ

ପାଟନା, ୨୦।୧୧ (ଏଜେନ୍ସି): ଦଶମ ଥର ପାଇଁ ନୀତୀଶ କୁମାର ଆଜି ବିହାର ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେଇଥିବାବେଳେ ନିର୍ବାଚନରେ କୌଣସି ଖାତା ଖୋଲି ପାରି ନ ଥିବା ପ୍ରଶାନ୍ତ କିଶୋର ମୌନ ବ୍ରତ କରିଛନ୍ତି। ସେ ଭିତିହାରୱା ଗାନ୍ଧୀ ଆଶ୍ରମରେ ଏହି ଦିନିକିଆ ବ୍ରତ କରି କେବେ ପଛଘୁଞ୍ଚା ଦେବେ ନାହିଁ ବୋଲି ସଙ୍କେତ ଦେଇଛନ୍ତି। ସେ ପୂର୍ବରୁ କହିଥିଲେ ଯେ ବିହାରକୁ ଉନ୍ନତ ନ କରିବା ପର୍ଯ୍ୟନ୍ତ ସଂଘର୍ଷ ଜାରି ରଖିବେ। କାହିଁକି ନୂଆ ବ୍ୟବସ୍ଥାର ଆବଶ୍ୟକତା ରହିଛି ତାହା ଲୋକଙ୍କୁ ବୁଝାଇବାରେ ସେ ବିଫଳ ହୋଇଥିବା ମଧ୍ୟ ସ୍ୱୀକାର କରିଥିଲେ।

### ୧୦୦ଥର ବସ୍‌ଉଠ କରାଇଥିବା ଶିକ୍ଷୟିତ୍ରୀ ଗିରଫ

## ଅସୁସ୍ଥ ଅନୁଭବ କରିବା ପରେ ମୃତ୍ୟୁବରଣ କରିଥିଲେ ଛାତ୍ରୀ



ପାଲ୍‌ଘର, ୨୦।୧୧(ଏଜେନ୍ସି): ମହାରାଷ୍ଟ୍ର ପାଲଘରରେ ଜଣେ ଶିକ୍ଷୟିତ୍ରୀ ତାଙ୍କର ଜଣେ ଛାତ୍ରୀଙ୍କୁ ବିଳମ୍ବରେ ସ୍କୁଲକୁ ଆସିବାରୁ ୧୦୦ ଥର ବସ୍‌ଉଠ୍ ହେବାର ଦଣ୍ଡ ପ୍ରଦାନ କରିଥିଲେ। ଏହାପରେ ଅସୁସ୍ଥ ହୋଇ ୧୨ ବର୍ଷର ଏହି ଛାତ୍ରୀ ମୃତ୍ୟୁବରଣ କରିଥିଲେ। ଗୁରୁବାର ସମ୍ପୃକ୍ତ ଶିକ୍ଷୟିତ୍ରୀଙ୍କୁ ପୁଲିସ ଗିରଫ କରିଛି। ତାଙ୍କ ବିରୋଧରେ ଉଦ୍ଦେ୍ୟଶ୍ୟମୂଳକ ହତ୍ୟା ଅଭିଯୋଗରେ ମାମଲା ରୁଜୁ କରାଯାଇଛି। ଏହି ଘଟଣା ନଭେମ୍ବର ୮ରେ ଘଟିଥିଲା। ଛାତ୍ରୀଜଣଙ୍କ ଅସୁସ୍ଥ ହେବା ପରେ ତାଙ୍କ ଚିକିତ୍ସା କରାଯାଇଥିଲା। କିନ୍ତୁ ୭ ଦିନ ପରେ ନଭେମ୍ବର ୧୩ରେ ଛାତ୍ରୀଜଣକ ମୃତ୍ୟୁବରଣ କରିଥିଲେ। ଏହି ଶିକ୍ଷୟିତ୍ରୀଙ୍କ ନାମ ହେଉଛି ମମତା। ତାଙ୍କୁ ବସଇ ଅଞ୍ଚଳରେ ଥିବା ସତୀବାଲିର ଘରୋଇ ସ୍କୁଲ୍‌ରୁ ପୂର୍ବରୁ ହଟାଇ ଦିଆଯାଇଛି। ଏହା ପରେ ପୁଲିସ ମାମଲା ରୁଜୁ କରି ମମତାଙ୍କୁ ଗିରଫ କରିଛି। ଏହି ଘଟଣା ନେଇ ବମ୍ବେ ହାଇକୋର୍ଟରେ ଏକ ଆବେଦନ ଦାଏର କରାଯାଇଥିଲା। ହାଇକୋର୍ଟ ନିଜେ ଏ ମାମଲାରେ କର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ପାଇଁ ଏସ୍‌ଆଇଟି ଯାଞ୍ଚ୍ କରିବାକୁ ଓ ସ୍କୁଲ ଓ ଶିକ୍ଷୟିତ୍ରୀଙ୍କ ବିରୋଧରେ ପଦକ୍ଷେପ ନେବାକୁ ନିର୍ଦ୍ଦେଶ ଦେଇଥିଲେ।

### ଦିଲ୍ଲୀ ଛାତ୍ର ଆତ୍ମହତ୍ୟା ମାମଲା

## ସର୍ବସାଧାରଣରେ ଶିକ୍ଷକ ଅପମାନିତ କରିଥିବା ଅଭିଯୋଗ



ନୂଆଦିଲ୍ଲୀ, ୨୦।୧୧(ଏଜେନ୍ସି): ଦିଲ୍ଲୀର ସେଣ୍ଟ କଲମ୍ବିଆ ସ୍କୁଲ୍‌ର ଛାତ୍ର ସୌର୍ଯ୍ୟଙ୍କ ଆତ୍ମହତ୍ୟା ମାମଲାକୁ ନେଇ ଏକ ନୂଆ ତଥ୍ୟ ସାମ୍ନାକୁ ଆସିଛି। ସ୍କୁଲର ଶିକ୍ଷକ ସର୍ବସାଧାରଣରେ ଛାତ୍ରଙ୍କୁ ଅପମାନିତ କରିଛନ୍ତି ବୋଲି ତାଙ୍କ ମାତାପିତା ଅଭିଯୋଗ କରିଛନ୍ତି। ସୌର୍ଯ୍ୟଙ୍କୁ ଅପମାନିତ କରାଯାଇଥିଲା ବୋଲି ତା'ର ସହପାଠୀ କହିଥିବା ପିତା ପ୍ରଦୀପ ପାଟିଲ ଉଲ୍ଲେଖ କରିଛନ୍ତି। ନଭେମ୍ବର ୧୮ରେ ଏକ ନୃତ୍ୟ ଅଭ୍ୟାସରେ ଗୋଡ଼ ଖସିଯିବା କାରଣରୁ ସୌର୍ଯ୍ୟ ତଳେ ପଡ଼ିଯାଇଥିଲେ। ଫଳରେ ଜଣେ ଶିକ୍ଷକ ତାଙ୍କୁ ଗାଳି କରିଥିଲେ। ସେ ଯେତେବେଳେ କାନ୍ଦିଥିଲା, ଶିକ୍ଷକ କହିଥିଲେ ଯେ, କାନ୍ଦେ ଯେତେ କାନ୍ଦିବୁ ମୋ ଉପରେ କୌଣସି ଫରକ ପଡ଼ିବ ନାହିଁ। ଏତିକି ବେଳେ ସ୍କୁଲ୍‌ର ପ୍ରିନସପାଲ ମଧ୍ୟ ଉପସ୍ଥିତ ଥିଲେ। କିନ୍ତୁ କେହି ତାଙ୍କୁ ସମବେଦନା ଜଣାଇ ନ ଥିଲେ। ଫଳରେ ନଭେମ୍ବର ୧୮ରେ ୧୬ ବର୍ଷୀୟ ସୌର୍ଯ୍ୟ ରାଜେନ୍ଦ୍ର ନଗର ମେଟ୍ରୋ ଷ୍ଟେସନ ଉପରୁ ତଳକୁ ଡେଇଁ ଆତ୍ମହତ୍ୟା କରିଥିଲେ। ବୁଧବାର ପ୍ରଦୀପ ପ୍ରିନ୍‌ସପାଲ, କୋର୍ଡିନେଟର ଓ ଶିକ୍ଷକମାନଙ୍କ ବିରୋଧରେ ମାମଲା ରୁଜୁ କରିଥିଲେ। ପୁଅ ଉପରେ ସ୍କୁଲ ତରଫରୁ ଲଗାତର ମାନସିକ ଚାପ ପ୍ରୟୋଗ କରାଯାଉଥିଲା। ତାଙ୍କ ପତ୍ନୀ ତଥା ସୌର୍ଯ୍ୟଙ୍କ ମା ଏ ନେଇ ପୂର୍ବରୁ ଅଭିଯୋଗ କରିଥିଲେ ମଧ୍ୟ କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ନ ଥିଲା ବୋଲି ପ୍ରଦୀପ କହିଛନ୍ତି।

# ଭାରତ ବିରୋଧରେ ଟ୍ରମ୍ପଙ୍କ ଅପପ୍ରଚାର

## ■ 'ଅପରେସନ ସିନ୍ଦୂର'ରେ ପାକିସ୍ତାନଠୁ ହାରିଛି ଭାରତ: ଆମେରିକା ରିପୋର୍ଟ

ନୂଆଦିଲ୍ଲୀ, ୨୦।୧୧ (ଏଜେନ୍ସି): ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ପ୍ରଶାସନ ପୁଣି ଭାରତ ବିରୋଧୀ ପଦକ୍ଷେପ ଗ୍ରହଣ କରିଛି। ଗୋଟିଏ ପଟେ ବନ୍ଧୁତ୍ୱର ହାତ ବଢାଉଥିବାବେଳେ ଅନ୍ୟପଟେ ବିଶ୍ୱାସଘାତ କରୁଛି। ଡୋନାଲ୍ଡ ଟ୍ରମ୍ପଙ୍କ ପ୍ରଶାସନ ଅପପ୍ରଚାର ଚଲାଇ ଭାରତକୁ ବଦନାମ କରିବାକୁ ପ୍ରୟାସ କରିଚାଲିଛି। ମେ'ରେ ଭାରତ ଏବଂ ପାକିସ୍ତାନ ମଧ୍ୟରେ ୪ ଦିନ ପର୍ଯ୍ୟନ୍ତ ହୋଇଥିବା ସଂଘର୍ଷ ତଥା 'ଅପରେସନ ସିନ୍ଦୂର'ରେ ପାକିସ୍ତାନଠାରୁ ଭାରତ ହାରି ଯାଇଥିଲା ବୋଲି ଆମେରିକା ପକ୍ଷରୁ ଜାରି ଏକ ରିପୋର୍ଟରେ ଦାବି କରାଯାଇଛି। ଏଥିରେ ପହଲଗାମ ଆକ୍ରମଣକୁ ମଧ୍ୟ ଆତଙ୍କବାଦୀ ଘଟଣା କୁହାଯାଇ ନାହିଁ। ଏହାକୁ 'ବିଦ୍ରୋହୀଙ୍କ ଆକ୍ରମଣ' ଧରାଯାଇଛି। ୮୦୦ ପୃଷ୍ଠାର ଏହି ରିପୋର୍ଟକୁ ୟୁଏସ-ଚୀନ୍ ଇକୋନମିକ ଆଣ୍ଡ ସିକ୍ୟୁରିଟି ରିଭ୍ୟୁ କମିଶନ ତଥା ୟୁଏସସିସି ପକ୍ଷରୁ ଜାରି କରାଯାଇଛି। କଂଗ୍ରେସ ନେତା ଜୟରାମ ରମେଶ ଏହି ରିପୋର୍ଟକୁ ତୀବ୍ର ବିରୋଧ କରିଛନ୍ତି। ସେ ଏହାକୁ ନେଇ କେନ୍ଦ୍ର ସରକାରଙ୍କୁ ପ୍ରଶ୍ନ କରିଛନ୍ତି। ପ୍ରଧାନମନ୍ତ୍ରୀ ଏବଂ ବିଦେଶ ମନ୍ତ୍ରୀ ଏହି ରିପୋର୍ଟକୁ ନେଇ ଆପତ୍ତି ଉଠାଇ ବିରୋଧ କରିବେ କି ବୋଲି ପଚାରିଛନ୍ତି। ଏହା ଭାରତର କୂଟନୀତି ପାଇଁ ବଡ଼ ଝଟ୍‌କା ବୋଲି ରମେଶ କହିଛନ୍ତି।



### ■ ପହଲଗାମ ଆକ୍ରମଣକୁ ଆତଙ୍କବାଦୀ ଆକ୍ରମଣ ମାନିଲାନି

ରିପୋର୍ଟରେ କୁହାଯାଇଛି ଯେ 'ଅପରେସନ ସିନ୍ଦୂର'ରେ ଭାରତର ୬ଟି ଲଢୁଆ ବିମାନକୁ ପାକିସ୍ତାନ ଖସାଇ ଥିବା ଦାବି କରିଥିଲା। ଏଥିରେ ରାଫେଲ ସାମିଲ ଥିବା ମଧ୍ୟ କୁହାଯାଇଛି। ତେବେ ପ୍ରକୃତରେ କେବଳ ତିନୋଟି ବିମାନ ଖସା ଯାଇଥିବା ସୂଚନା ମିଳିଥିବା ଉଲ୍ଲେଖ କରାଯାଇଛି। ଏହା ଦ୍ୱାରା ରାଫେଲର ଛବି ଖରାପ ହୋଇଛି। ୟୁଏସସିସି ପକ୍ଷରୁ କୁହାଯାଇଛି ଯେ ଭାରତ ଏବଂ ପାକିସ୍ତାନ ଏହି ଯୁଦ୍ଧକୁ ନିଜର ଆଧୁନିକ ଅସ୍ତ୍ରଶସ୍ତ୍ରକୁ ବିଶ୍ୱକୁ ଦେଖାଇବା ପାଇଁ ବ୍ୟବହାର କରିଥିଲେ। ସଂଘର୍ଷ ପରେ ଚୀନ୍ ଦୂତାବାସ ସାରା ବିଶ୍ୱରେ ନିଜ ଅସ୍ତ୍ରଶସ୍ତ୍ରର ପ୍ରଶଂସା କରିଥିଲା। ଭାରତୀୟ ଲଢୁଆ ବିମାନକୁ ଖସାଇବା ପାଇଁ ପାକିସ୍ତାନ ଏହାକୁ ବ୍ୟବହାର କରିଥିବା କୁହାଯାଇଥିଲା। ଭାରତ-ପାକିସ୍ତାନ ସଂଘର୍ଷର ୫ ମାସ ପରେ ଚୀନ୍ ଇଣ୍ଡୋନେସିଆକୁ ୪୨ଟି ଜେ-୧୦ସି ଲଢୁଆ ବିମାନ ବିକିବା ପାଇଁ ଚୁକ୍ତି କରିଥିଲା। ରିପୋର୍ଟ ଅନୁଯାୟୀ ପାକିସ୍ତାନ ଏହି ଲଢ଼େଇରେ ଚୀନ୍‌ର ଏଚ୍‌କ୍ୟୁ-୯ ଏୟାର ଡିଫେନ୍ସ ସିଷ୍ଟମ, ପିଏଲ-୧୫ କ୍ଷେପଣାସ୍ତ୍ର ଏବଂ ଜେ-୧୦ ଲଢୁଆ ବିମାନ ବ୍ୟବହାର କରିଥିଲା।

## ଆରବ ସାଗରରେ ଆମେରିକା ସମର୍ଥନରେ ଦ୍ୱୀପ ନିର୍ମାଣ କରିବ ପାକିସ୍ତାନ

ଇସ୍‌ଲାମାବାଦ୍, ୨୦।୧୧(ଏଜେନ୍ସି): ପାକିସ୍ତାନ ଆରବ ସାଗରରେ ଏବେ ଏକ କୃତ୍ରିମ ଦ୍ୱୀପ ସୃଷ୍ଟି କରିବାକୁ ନିଷ୍ପତ୍ତି ନେଇଛି। ସମୁଦ୍ରରେ ତୈଳ ଖୋଜିବା ପ୍ରକ୍ରିୟା ପାଇଁ ଏକ ସ୍ଥାୟୀ ପୃଷ୍ଠଭୂମି ଭଳବେ ଏହି ଦ୍ୱୀପକୁ ବ୍ୟବହାର କରାଯିବ ବୋଲି ପାକିସ୍ତାନ ସରକାର କହିଛନ୍ତି। ପାକିସ୍ତାନ ପେଟ୍ରୋଲିୟମ ଲିମିଟେଡ (ପିପିଏଲ୍) ଏହି ପ୍ରସ୍ତାବିତ ପ୍ରକଳ୍ପର ନେତୃତ୍ୱ ନେବ। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ସମର୍ଥନ ମିଳିବା ପରେ ପାକିସ୍ତାନ ଏହି ନିଷ୍ପତ୍ତି ନେଇଛି। ଗତ ଜୁଲାଇରେ ଟ୍ରମ୍ପ ଘୋଷଣା କରିଥିଲେ ଯେ, ଆମେରିକା ଓ ପାକିସ୍ତାନ ମିଳିତ ଭାବେ ତୈଳ ଭଣ୍ଡାରର ବିକାଶ କରିବେ। ଯଦି ଏଥିରେ ତୈଳ ମିଳେ ଭାରତ ମଧ୍ୟ ପାକିସ୍ତାନଠୁ କ୍ରୟ କରିବ ବୋଲି ଟ୍ରମ୍ପ କହିଥିଲେ। ଏହି କୃତ୍ରିମ ଦ୍ୱୀପ ସାହାଯ୍ୟରେ ପାକିସ୍ତାନ ୨୫ଟି ତୈଳକୂପ ଖୋଳିବାକୁ ଯୋଜନା ରଖିଛି। ସିନ୍ଧ ରାଜ୍ୟ ଉପକୂଳରୁ ୩୦କିମି ଦୂରରେ ଥିବା ସୁଜାବଲ ଅଞ୍ଚଳରେ ଏହି ଦ୍ୱୀପ ସୃଷ୍ଟି କରାଯିବ। ସୁଜାବଲ କରାଚୀଠାରୁ ପାଖାପାଖି ୧୩୦ କିମି ଦୂରରେ ଅବସ୍ଥିତ। ସୂଚନା ଯୋଗ୍ୟ ଯେ, ପାକିସ୍ତାନ ଆଶୋଧିତ ତୈଳ କ୍ରୟ କରିବାରେ ୫୦ତମ ସ୍ଥାନରେ ରହିଛି। ପାକିସ୍ତାନ ୮୦ ପ୍ରତିଶତରୁ ଅଧିକ ଆଶୋଧିତ ତୈଳ କ୍ରୟ କରୁଛି।

## ବିସ୍ଫୋରଣ ଷଡ଼ଯନ୍ତ୍ରକାରୀ ସମେତ ୫ ଗିରଫ

ନୂଆଦିଲ୍ଲୀ, ୨୦।୧୧ (ଏଜେନ୍ସି): ଦିଲ୍ଲୀ ବିସ୍ଫୋରଣର ତଦନ୍ତ କରୁଥିବା ଏନ୍‌ଆଇଏ ୫ ଜଣ ପ୍ରମୁଖ ଷଡ଼ଯନ୍ତ୍ରକାରୀଙ୍କୁ ଗିରଫ କରିଛି। ଏ ପର୍ଯ୍ୟନ୍ତ ଏହି ମାମଲାରେ ଏନଆଇଏ ୭ ଜଣଙ୍କୁ ଗିରଫ କଲାଣି। ଗିରଫ ଅଭିଯୁକ୍ତ ଅନନ୍ତନାଗ କାଜିଗୁଣ୍ଡର ବାସିନ୍ଦା ତଥା ସକ୍ରିୟ ଷଡ଼ଯନ୍ତ୍ରକାରୀ ଜସିର ବିଲାଲ ୱାନୀ ଓରଫ ଦାନିଶ ରହିଛି। ଅନ୍ୟମାନଙ୍କ ମଧ୍ୟରେ ପୁଲୱାମାର ଡ. ମୁଜାମିଲ ସକିଲ ଗନି, ଅନନ୍ତନାଗର ଡ. ଅଦିଲ ଅହମ୍ମଦ ରାଥର, ସୋପିଆନର ମୁଫ୍‌ତି ଇର୍ଫାନ ଅହମ୍ମଦ ଏବଂ ଲକ୍ଷ୍ନୌର ଡ. ସାହିନ ସୈୟିଦ ମଧ୍ୟ ଏହି ଷଡ଼ଯନ୍ତ୍ରରେ ସାମିଲ ଥିଲେ। ଏହି ଚାରି ଜଣଙ୍କୁ ପଟିଆଲା ହାଉସ କୋର୍ଟରେ ହାଜର କରାଯାଇଛି। କୋର୍ଟ ଆଜି ଏହି ଚାରି ଅଭିଯୁକ୍ତଙ୍କୁ ୧୦ ଦିନ ପାଇଁ ଏନ୍‌ଆଇଏ ହେପାଜତକୁ ପଠାଇ ଦେଇଛନ୍ତି। ପୂର୍ବରୁ ଏହି ଅଭିଯୁକ୍ତ ଜମ୍ମୁ-କଶ୍ମୀର ସହିତ ଅନ୍ୟ ରାଜ୍ୟର ପୁଲିସ ହେପାଜତରେ ଥିଲେ। ଏନଆଇଏର ସୂଚନା ଅନୁଯାୟୀ, ଜସିର ଆତ୍ମଘାତୀ ଉମର ଉନ ନବିର ଘନିଷ୍ଠ ସହଯୋଗୀ ଥିଲା। ସେ ଡ୍ରୋନ ଏବଂ ରକେଟ ମାଧ୍ୟମରେ ଆତଙ୍କବାଦୀ ଆକ୍ରମଣ ପାଇଁ ଯାନ୍ତ୍ରିକ ସହାୟତା ଦେଇଥିଲା। ରକେଟ ନିର୍ମାଣରେ ମଧ୍ୟ ସହାୟତା କରିଥିଲା। ଦିଲ୍ଲୀ ବିସ୍ଫୋରଣ ପାଇଁ ସେ ଆତ୍ମଘାତୀ ବୋମା ଉମର ନବି ସହ ମିଶି କାମ କରିଥିଲା। ସେହିପରି ଅନ୍ୟ ଚାରି ଜଣ ଡାକ୍ତର ଏହି ବିସ୍ଫୋରଣେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ ବୋଲି କୁହାଯାଇଛି।

■ ଅଲ-ଫଲାହରୁ ପାସ୍ ହୋଇଥିବା ୨୦୦ ବ୍ୟକ୍ତିଙ୍କ ତାଲିକା ନେଲା ଏଜେନ୍ସି
■ ବିଦେଶ ଯିବାକୁ ବାହାରି ଥିଲେ ଅଲ-ଫଲାହ ଅଧ୍ୟକ୍ଷ ସିଦ୍ଦିକୀ

ଅନ୍ୟପକ୍ଷରେ ଫରିଦାବାଦର ଅଲ-ଫଲାହ ୟୁନିଭର୍ସିଟିରୁ ପରିଚାଳିତ ଆତଙ୍କବାଦୀ କାର୍ଯ୍ୟରେ ସାମିଲ ଡାକ୍ତର ଗୁପ୍ତ ଭାବେ ସେମାନଙ୍କ କାମ ଜାରି ରଖିଥିଲେ। ଆତଙ୍କବାଦୀ ନେଟୱାର୍କ ପ୍ରସ୍ତୁତ କରିବା ପାଇଁ ଡ.ମୁଜାମିଲ ସକିଲକୁ ନିଯୁକ୍ତି ଦାୟିତ୍ୱ ଦିଆଯାଇଥିଲା। ନୂଆ ନିଯୁକ୍ତି ପରେ ଡ. ସାଇନ ସୈୟିଦ ଏବଂ ଡ. ଉମର ନବି ସେମାନଙ୍କୁ ଆର୍ଥିକ ସହାୟତା ଦେଇ ବ୍ରେନୱାସ କରାଉଥିଲା। ଏହି ନେଟୱର୍କରେ ସାମିଲ ଥିବା କର୍ମଚାରୀଙ୍କ ପରିବାର ସଦସ୍ୟ ଏହି ସୂଚନା ଦେଉଛନ୍ତି। ଏଠାରେ ମୁଜାମିଲ ସର୍ଜନ ଭାବେ କାର୍ଯ୍ୟ କରୁଥିଲେ ବି ପରଦା ପଛରେ ରହି ଆତଙ୍କବାଦୀ ସୃଷ୍ଟି କରୁଥିଲା। ଏହି ୟୁନିଭର୍ସିଟିରୁ ପାସ୍ କରି ବିଭିନ୍ନ ସ୍ଥାନରେ ଚାକିରି କରୁଥିବା ୨୦୦ ବ୍ୟକ୍ତିଙ୍କ ତାଲିକା ସଂଗ୍ରହ କରିଛି ଏନ୍‌ଆଇଏ। ଏମାନେ ଆତଙ୍କବାଦୀଙ୍କୁ ସହାୟତା ଏବଂ ଆତଙ୍କବାଦୀ କାର୍ଯ୍ୟକଳାପରେ ଲିପ୍ତ ଥିବା କୁହାଯାଉଛି। କିଛି ବ୍ୟକ୍ତି ବଂଲାଦେଶ ଏବଂ ଆଫଗାନିସ୍ତାନ ଯାଇଥିବା ମଧ୍ୟ ସନ୍ଦେହ କରାଯାଉଛି। ଏବେ ସେମାନଙ୍କୁ ଧରିବା ପାଇଁ ଏନଆଇଏ ପ୍ରୟାସ ଆରମ୍ଭ କରିଛି।

ଦିଲ୍ଲୀ ବିସ୍ଫୋରଣ ମାମଲାକୁ ନେଇ ଅଲ-ଫଲାହ ବିଶ୍ୱବିଦ୍ୟାଳୟ ଯାଞ୍ଚ ଏଜେନ୍ସିର ରାଡାରରେ ରହିଛି। ଆତଙ୍କବାଦୀଙ୍କ ଶିକ୍ଷାକେନ୍ଦ୍ର ପାଲଟି ଥିବା ଏହି ବିଶ୍ୱବିଦ୍ୟାଳୟର ଅନେକ ଗୁମର ଖୋଲିବାରେ ଲାଗିଛି। ଏହାର ଅଧ୍ୟକ୍ଷ ଜବାଦ ଅହମ୍ମଦ ସିଦ୍ଦିକିଙ୍କୁ ଗିରଫ କରି ଇଡି ରିମାଣ୍ଡକୁ ନେଇଛି। ତେବେ ସେ ବିଦେଶ ପଳାଇବାକୁ ଯୋଜନା କରିଥିଲେ ବୋଲି ଯାଞ୍ଚ ଏଜେନ୍ସି ପକ୍ଷରୁ କୁହାଯାଇଛି।

## କଶ୍ମୀର ଟାଇମ୍ସରେ ଏସ୍‌ଆଇଏ ଚଢ଼ଉ

ଶ୍ରୀନଗର, ୨୦।୧୧(ଏଜେନ୍ସି) ଜମ୍ମୁ-କଶ୍ମୀର ପୁଲିସର ଷ୍ଟେଟ୍ ଇନଭେଷ୍ଟିଗେସନ ଏଜେନ୍ସି (ଏସଆଇଏ) ଗୁରୁବାର 'କଶ୍ମୀର ଟାଇମ୍ସ' ଖବରକାଗଜ ଅଫିସରେ ଚଢ଼ଉ କରିଛି। ଏଠାରୁ ଏକେ-୪୭ ରାଇଫଲର କ୍ୟାଟ୍ରିଜ, ପିସ୍ତଲ ରାଉଣ୍ଡ ଏବଂ ହ୍ୟାଣ୍ଡ ଗ୍ରେନେଡ଼ ଜବତ କରାଯାଇଥିବା ପୁଲିସ ପକ୍ଷରୁ କୁହାଯାଇଛି। ଏହି ପ୍ରକାଶନ ସଂସ୍ଥା ଭାରତ ବିରୋଧୀ କାର୍ଯ୍ୟକଳାପକୁ ପ୍ରୋତ୍ସାହନ ଦେଉଛି ବୋଲି ପୁଲିସ ଅଧିକାରୀ କହିଛନ୍ତି। ତେବେ କଶ୍ମୀର ଟାଇମସ ପକ୍ଷରୁ ଏହାର ଖଣ୍ଡନ କରାଯାଇଛି। ଏହି ସମ୍ବାଦପତ୍ରର ସମ୍ପାଦକଙ୍କ ପକ୍ଷରୁ କୁହାଯାଇଛି ଯେ ବିଭିନ୍ନ ସମୟରେ ଏହାକୁ ହଇରାଣ କରାଯାଉଛି। ଯେଉଁଥିପାଇଁ ୨୦୨୨ରୁ ଏହି ସମ୍ବାଦପତ୍ରର ମୁଦ୍ରିତ ପ୍ରକାଶନ ବନ୍ଦ ରହିଛି। ତେବେ ଡିଜିଟାଲ ପ୍ରକାଶନ ଜାରି ରହିଛି। କାହାରି ନାଲି ଆଖି ଆଗରେ ସମ୍ବାଦପତ୍ରର ସ୍ୱର ଦବିଯିବ ନାହିଁ।

## ବିବାଦରେ ବ୍ରହ୍ମାଣ୍ଡ ସୁନ୍ଦରୀ ପ୍ରତିଯୋଗିତା

ବ୍ୟାଙ୍କକ୍, ୨୦।୧୧ (ଏଜେନ୍ସି): ବ୍ରହ୍ମାଣ୍ଡ ସୁନ୍ଦରୀ ପ୍ରତିଯୋଗିତା (୨୦୨୫)କୁ ନେଇ ନୂଆ ବିବାଦ ସୃଷ୍ଟି ହୋଇଛି। ଗ୍ରାଣ୍ଡ ଫିନାଲେର ଦିନକ ପୂର୍ବରୁ ବ୍ରହ୍ମାଣ୍ଡ ସୁନ୍ଦରୀ ଚୟନ କମିଟିର ଅଧ୍ୟକ୍ଷ ଏବଂ ଇଟାଲୀ ରାଜକୁମାରୀ କ୍ୟାମିଲା ଡି ବୋରବୋନ ବିଚାରକମଣ୍ଡଳୀରୁ ଇସ୍ତଫା ଦେଇଛନ୍ତି। ତୃତୀୟ ବିଚାରପତି ଭାବେ ସେ ଏଭଳି ନିଷ୍ପତ୍ତି ନେଇଛନ୍ତି। ଏହା ପୂର୍ବରୁ ସଙ୍ଗୀତକାର ଓମାର ହାରଫୁସ ଏବଂ ଫ୍ରାନ୍ସର ପୂର୍ବତନ ଫୁଟବଲର କ୍ଲାଉଡ ମାକଲେଲେ ଏହି ଜୁରିରୁ ବାହାରି ଯାଇଥିଲେ। ଏହି ଚୟନ କମିଟି ମୋଟ ୮ ସଦସ୍ୟ ଥାଆନ୍ତି। ୩ ବିଚାରକ ଛାଡିବା ପରେ ସଂଗଠନ ନତାଲୀ ଗ୍ଲୋବୋଭାଙ୍କୁ ସାମିଲ କରିଥିଲା। ଏବେ ବିଚାରକ ମଣ୍ଡଳୀରେ ମୋଟ ୬ ସଦସ୍ୟ ଅଛନ୍ତି। ଶୁକ୍ରବାର ଥାଇଲାଣ୍ଡର ରାଜଧାନୀ ବ୍ୟାଙ୍କକରେ ଗ୍ରାଣ୍ଡ ଫିନାଲେ ଅନୁଷ୍ଠିତ ହେବ। ଓମାର ଅଭିଯୋଗ ଲଗାଇ ଥିଲେ ଯେ ବିଚାରକ କମିଟି ପ୍ରସ୍ତୁତ ହେବା ପୂର୍ବରୁ ଆୟୋଜନକାରୀ ପ୍ରମୁଖ ୩୦ ପ୍ରତିଯୋଗୀଙ୍କୁ ଅଣ-ଆନୁଷ୍ଠାନିକ ଭାବେ ଚୟନ କରି ରଖିଥିଲା। ଆୟୋଜକଙ୍କ ସହ ବ୍ୟକ୍ତିଗତ ସମ୍ପର୍କ ରଖିଥିବା ପ୍ରତିଯୋଗୀଙ୍କୁ ବଛା ଯାଇଥିଲା। ଏହା ପରେ ବିଚାରପତିମାନେ ଇସ୍ତଫା ଦେବାରେ ଲାଗିଥିଲେ।

## ନେପାଳରେ ପୁଣି ଜେନ୍-ଜେଡ୍ ଆନ୍ଦୋଳନ



ସିମାରା, ୨୦।୧୧(ଏଜେନ୍ସି): ନେପାଳରେ ପୁଣି ଜେନ୍-ଜେଡ୍ ଆନ୍ଦୋଳନ ମୁଣ୍ଡ ଟେକିଛି। ମଧେଶ ରାଜ୍ୟର ବାଡ଼ାରେ ବୁଧବାର ଜେନ୍ ବିକ୍ଷୋଭକାରୀ ଓ ଶାସକ ସିପିଏନ୍-ୟୁଏମ୍‌ଏଲ୍‌ର କାର୍ଯ୍ୟକର୍ତ୍ତାଙ୍କ ମଧ୍ୟରେ ହିଂସା ଓ ସଂଘର୍ଷ ସୃଷ୍ଟି ହୋଇଥିଲା। ସ୍ଥିତି ନିୟନ୍ତ୍ରଣ ବାହରକୁ ଯିବା ପରେ ଅପରାହ୍ଣ ୧୨.୩୦ରୁ ରାତି ୮ ପର୍ଯ୍ୟନ୍ତ କର୍ଫ୍ୟୁ ଲାଗୁ କରାଯାଇଥିଲା। ଫଳରେ ସିମରା ବିମାନ ବନ୍ଦରର କାର୍ଯ୍ୟ କିଛି ସମୟ ପାଇଁ ବନ୍ଦ ରହିଥିଲା। ୟୁଏମ୍‌ଏଲ୍‌ର ଶୀର୍ଷ ନେତା ଶଙ୍କର ପୋଖରେଲ ଓ ମହୋଶ ବେସ୍ନେତ ବୁଧବାର ପାର୍ଟିର 'ଯୁବି ଜାଗରଣ ଅଭିଯାନ' କାର୍ଯ୍ୟକ୍ରମରେ ଯୋଗ ଦେବାକୁ ସିମରା ଆସିବାର ଥିଲା। କିନ୍ତୁ ଏହାକୁ ଜେନ୍-ଜେଡ୍ ବିରୋଧ କରିବାକୁ ଅପିଲ କରିଥିଲେ। ଏହାପରେ ସକାଳେ ଶହେରୁ ଦେଢ଼ଶହ ସିମରା ଛକରେ ଏକାଠି ହୋଇଥିଲେ ଓ ପାର୍ଟି କାର୍ଯ୍ୟକର୍ତ୍ତା ସହ ସେମାନଙ୍କର ମୁହାଁମୁହିଁ ସ୍ଥିତି ଉପୁଜିଥିଲା। ପଥର ଫୋପଡ଼ା ଫୋପଡ଼ି ହେବା ସହ ମାଡପିଟ୍ ମଧ୍ୟ ହୋଇଥିଲା। ଫଳରେ ବିମାନ ବନ୍ଦରର ମୁଖ୍ୟ ଦ୍ୱାର କ୍ଷତିଗ୍ରସ୍ତ ହୋଇଥିଲା। ଭିଡ଼କୁ ନିୟନ୍ତ୍ରଣ କରିବାକୁ ଲାଠିଚାର୍ଜ କରିଥିଲା। ଏବେ ଦୁଇ କକ୍ଷ ମଧ୍ୟରେ ଆରୋପ ପ୍ରତ୍ୟାରୋପ ଜାରି ରହିଛି। ୟୁଏମ୍‌ଏଲ କାର୍ଯ୍ୟକର୍ତ୍ତା ବିରୋଧରେ ଜେନ୍-ଜେଡ୍ ଯୁବକମାନେ ପୁଲିସ ଥାନାରେ ଅଭିଯୋଗ କରିଛନ୍ତି।

## କର୍ଣ୍ଣାଟକ, ମହାରାଷ୍ଟ୍ର ରାଜନୀତିରେ ହଲଚଲ: ଶିବକୁମାର, ସିନ୍ଦେଙ୍କ ଉପରେ ନଜର

ବେଙ୍ଗାଲୁରୁ/ମୁମ୍ବଇ, ୨୦।୧୧ (ଏଜେନ୍ସି): ମୁଖ୍ୟମନ୍ତ୍ରୀ ପଦ ପାଇଁ ଧାର୍ଯ୍ୟ ଅଢ଼େଇ ବର୍ଷର କଣ୍ଟ ସରିବା ପୂର୍ବରୁ ପୁଣି କର୍ଣ୍ଣାଟକ କଂଗ୍ରେସରେ କଳି ଆରମ୍ଭ ହୋଇଛି। ଉପ-ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାର ଗୋଷ୍ଠୀର ବିଧାୟକମାନେ ଖୋଲାଖୋଲି ଭାବେ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟାଙ୍କ ବିରୋଧରେ ମୁହଁ ଖୋଲିଛନ୍ତି। ତାଙ୍କର କିଛି ସମର୍ଥକ ନୂଆଦିଲ୍ଲୀରେ ମଧ୍ୟ ପହଞ୍ଚି ଯାଇଛନ୍ତି। ଏଠାରେ ସେ କଂଗ୍ରେସ ନେତୃତ୍ୱଙ୍କୁ ଭେଟି ଶିବକୁମାରଙ୍କ ପାଇଁ ଲବି କରିବେ ବୋଲି କୁହାଯାଉଛି। ଡିକେ ଶିବକୁମାର ରାଜ୍ୟ କଂଗ୍ରେସ ଅଧ୍ୟକ୍ଷ ପଦ ଛାଡ଼ିବା ନେଇ କହିବାର କିଛି ଘଣ୍ଟା ପରେ ଏଭଳି ହୋଇଛି। ସେ ଖୁବଶୀଘ୍ର ଅଧ୍ୟକ୍ଷ ପଦ ଛାଡିବେ ବୋଲି କହିଥିଲେ। ସେ କହିଥିଲେ ଯେ ଏହି ପଦରେ ସବୁବେଳେ ରହିବେ ନାହିଁ। ଏବେ ଅନ୍ୟ ନେତାଙ୍କୁ ବି ସୁଯୋଗ ମିଳିବା ଉଚିତ। ତେବେ ନେତୃତ୍ୱରେ ନ ରହିଲେ ମଧ୍ୟ ସମ୍ମୁଖରେ ରହିବି। ଶିବକୁମାରଙ୍କ ଏହି ବୟାନ ମୁଖ୍ୟମନ୍ତ୍ରୀଙ୍କ ସହ ଚାଲିଥିବା ତାଙ୍କ ଟଣାଓଟରା ଚର୍ଚ୍ଚାକୁ ଖୋରାକ ଯୋଗାଇଛି। ଆଜି ରାଜ୍ୟରେ କଂଗ୍ରେସ ସରକାରକୁ ଅଢେଇ ବର୍ଷ ପୂରଣ ହେବାକୁ ଯାଉଥିବାବେଳେ ମ୍ୟୁମନ୍ତ୍ରୀ ବଦଳାଇବା ନେଇ ପୁଣି ଚର୍ଚ୍ଚା ଆରମ୍ଭ ହୋଇଛି।

ମହାରାଷ୍ଟ୍ରରେ ମଧ୍ୟ ଶାସକ ମେଣ୍ଟରେ କଳି ଆରମ୍ଭ ହୋଇଗଲାଣି। ରାଜ୍ୟରେ ବିଜେପିର ଅନ୍ୟତମ ପ୍ରମୁଖ ଅଂଶୀଦାର ଶିବସେନାର ମନ୍ତ୍ରୀ ଓ ବିଧାୟକ ମୁଖ୍ୟମନ୍ତ୍ରୀଙ୍କ ଉପରେ ଭୀଷଣ କ୍ଷୁବ୍ଧ ଥିବା ଜଣାପଡ଼ିଛି। କ୍ୟାବନେଟ ବୈଠକରେ ଶିବସେନା ମନ୍ତ୍ରୀମାନେ ଯୋଗ ଦେଉ ନାହାନ୍ତି। ସେମାନେ ଅଭିଯୋଗ କରିଛନ୍ତି ଯେ ସେମାନେ ମନ୍ତ୍ରୀ ଥିଲେ ମଧ୍ୟ ସେମାନଙ୍କ ହାତରେ କ୍ଷମତା ନାହିଁ। ଅଫିସରମାନେ ସେମାନଙ୍କ କଥା ଶୁଣୁ ନାହାନ୍ତି। ଏଭଳି ଅଭିଯୋଗ ନେଇ ଶିବ ସେନା ମୁଖ୍ୟ ତଥା ଉପମୁଖ୍ୟମନ୍ତ୍ରୀ ଏକନାଥ ସିନ୍ଦେ ଦୁଇ ଦିନ ତଳେ ଦିଲ୍ଲୀ ଯାଇ ସ୍ୱରାଷ୍ଟ୍ର ମନ୍ତ୍ରୀ ଅମିତ ଶାହଙ୍କୁ ଭେଟିଛନ୍ତି। ରାଜ୍ୟ ସରକାରରେ ସେମାନଙ୍କୁ ଏକପ୍ରକାର ଏକଘରିକିଆ କରିଦିଆଯାଇଛି। ସେ ଅଭିଯୋଗ କରିଛନ୍ତି ଯେ ଆଉ କିଛି ଦିନ ପରେ ରାଜ୍ୟରେ ପୌର ନିର୍ବାଚନ ହେବାକୁ ଯାଉଛି। ଏହାପୂର୍ବରୁ ଶିବ ସେନାର ନେତାମାନଙ୍କୁ ନିଜ ଆଡ଼କୁ ନେବା ଲାଗି ସ୍ଥାନୀୟ ବିଜେପି ନେତାମାନେ ସ୍ୱତନ୍ତ୍ର ଅଭିଯାନ ଚଳାଇଛନ୍ତି। ମୁଖ୍ୟମନ୍ତ୍ରୀ ଫଡନାଭିସଙ୍କୁ ଜଣାଇଲେ ମଧ୍ୟ ସେ ଶୁଣୁ ନାହାନ୍ତି।

# ଶପଥ ନେଲେ ଜୟ ଢୋଲକିଆ



ଭୁବନେଶ୍ୱର,୨୦।୧୧(ସମିସ): ନୂଆପଡ଼ାର ନବନିର୍ବାଚିତ ବିଧାୟକ ଜୟ ଢୋଲକିଆ ଆଜି ବିଧାନସଭାରେ ଶପଥ ଗ୍ରହଣ କରିଛନ୍ତି। ବାଚସ୍ପତି ସୁରମା ପାଢ଼ୀ ତାଙ୍କୁ ପଦ ଓ ଗୋପନୀୟତାର ଶପଥ ପାଠ କରାଇଛନ୍ତି। ଏହି ଅବସରରେ ସଂସଦୀୟ ବ୍ୟାପାର ମନ୍ତ୍ରୀ ମୁକେଶ ମହାଲିଙ୍ଗ, ସରକାରୀ ଦଳ ମୁଖ୍ୟ ସଚେତକ ସରୋଜ ପ୍ରଧାନ, ବିଧାନସଭା ସଚିବ ସତ୍ୟବ୍ରତ ରାଉତ ପ୍ରମୁଖ ଉପସ୍ଥିତ ଥିଲେ। ସୂଚନାଯୋଗ୍ୟ, ସଦ୍ୟସମାପ୍ତ ନୂଆପଡ଼ା ଉପନିର୍ବାଚନରେ ଶ୍ରୀ ଢୋଲକିଆ ୮୩ ହଜାରରୁ ଅଧିକ ଭୋଟ୍‌ରେ ବିଜୟୀ ହୋଇଥିଲେ।

# ବାପା ଦଶାହରେ ଚାଲିଗଲା ପୁଅର ଜୀବନ

ଆସିକା, ୨୦।୧୧(ସମିସ): 'ଦୁଃଖ' ସାଙ୍ଗସାଥୀ, ଭାଇ-ବନ୍ଧୁ-କୁଟୁମ୍ବକୁ ସାଙ୍ଗରେ ଆଣି ଆସେ। ବାପା ମୃତ୍ୟୁକୁ ଦିନ ୧୦ଟା ନବିତୁଣୁ ପୁଅର ଜୀବନ ଚାଲିଯାଇଛି। ଗଞ୍ଜାମ ଜିଲ୍ଲା ଆସିକା ବ୍ଲକ୍ ଅତରଙ୍ଗ ଗ୍ରାମର ଉଦୟ ଗୌଡ଼ (୭୦)ଙ୍କ ପରିବାର ଉପରେ ଏବେ ଏମିତି ଦୁଃଖର ପାହାଡ଼ ଅଜାଡ଼ି ହୋଇପଡ଼ିଛି।

ସୂଚନାନୁଯାୟୀ, ଗତ ୧୧ ତାରିଖରେ ଉଦୟଙ୍କ ମୃତ୍ୟୁ ହୋଇଯାଇଥିଲା। ଆଜି ତାଙ୍କର ଦଶାହ କର୍ମ ଥିଲା। ଏଥିପାଇଁ ପୁଅ ରାଜେନ୍ଦ୍ର ଗୌଡ଼ ସବୁ ଯୋଗାଡ଼ଯନ୍ତ୍ର ସାରିଥିଲେ। କିନ୍ତୁ ଆଜି ହଠାତ୍ ସେ ଗୁରୁତର ଅସୁସ୍ଥ ହୋଇପଡ଼ିଥିଲେ। ପରିବାରଲୋକେ ତାଙ୍କୁ ଆସିକା ହସ୍ପିଟାଲରେ ଭର୍ତ୍ତି କରାଇଥିଲେ। ସେଠାରେ ଚିକିତ୍ସାଧୀନ ଅବସ୍ଥାରେ ତାଙ୍କର ମୃତ୍ୟୁ ହୋଇଯାଇଥିଲା। ଏହି ଖବର ପଦାକୁ ଆସିବା ପରେ ଗାଁରେ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ରାଜେନ୍ଦ୍ରଙ୍କ ଶବ ପହଞ୍ଚିବା ପରେ କାନ୍ଦବୋବାଳିରେ ଗାଁ ଦାଣ୍ଡ ଫାଟି ପଡ଼ିଥିଲା। ରାଜେନ୍ଦ୍ର ତାଙ୍କ ପରିବାରର ଏକମାତ୍ର ରୋଜଗାରିଆ ବ୍ୟକ୍ତି ଥିଲେ। ବାପାଙ୍କ ଅନ୍ତେ ସେ ଦୁଃଖରେ ଭାଙ୍ଗି ପଡ଼ିଥିଲେ। ବାପାଙ୍କୁ ଝୁରିଝୁରି ତାଙ୍କ ଜୀବନ ଯାଇଥିବା ନେଇ ଚର୍ଚ୍ଚା ହେଉଛି। ଅପରପକ୍ଷେ, ରାଜେନ୍ଦ୍ରଙ୍କ ମୃତ୍ୟୁ ପରେ ତାଙ୍କ ପୂରା ପରିବାର ବେସାହାରା ହୋଇଯାଇଛି। ଉଦୟଙ୍କ ଦଶାହ ଓ ରାଜେନ୍ଦ୍ରଙ୍କ ଅନ୍ତ୍ୟେଷ୍ଟିକ୍ରିୟା କେମିତି ସଂପନ୍ନ ହେବ, ତାକୁ ନେଇ ପରିବାରଲୋକ, ବନ୍ଧୁବାନ୍ଧବ ଚିନ୍ତାରେ ପଡ଼ିଛନ୍ତି। ତେଣୁ, ତାଙ୍କ ପରିବାରକୁ ସରକାରୀ ସହାୟତା ଯୋଗାଇ ଦେବାକୁ ଗ୍ରାମବାସୀ ଦାବି କରିଛନ୍ତି।

### ଅପରେଶନ 'ଚକ୍ର'

# ୧୦ ଦୁର୍ଦ୍ଦାନ୍ତ ଅପରାଧୀ ଗିରଫ, ୩ ବନ୍ଧୁକ ଓ ୪ ଗୁଳି ଜବତ

ପୁରୀ, ୨୦।୧୧(ସମିସ): ପୁରୀ ପୁଲିସ୍ ପଞ୍ଝାରେ ୨ ଗ୍ୟାଙ୍ଗ୍‌ର ୧୦ଦୁର୍ଦ୍ଦାନ୍ତ ଅପରାଧୀ। ବଡ଼ଧରଣର ଅପରାଧ ଘଟାଇବା ପାଇଁ ବ୍ଲୁ-ପ୍ରିଣ୍ଟ ତିଆରି କରୁଥିବା ବେଳେ ଟାଉନ୍ ଥାନା ଓ ତାଳବଣିଆ ଥାନା ଏମାନଙ୍କୁ ପୃଥକ୍ ପୃଥକ୍ ଜାଗାରୁ ଧରିଛି। ଅଭିଯୁକ୍ତମାନେ ହେଲେ, ତଲୁଛ ସାହିର ଲୋକନାଥ ମିଶ୍ର, ବାସେଳିସାହି ଥାନା ମିଶ୍ର ସାହିର ସନ୍ତୋଷ କୁମାର ମିଶ୍ର, ସିଦ୍ଧମହାବୀର ବେହେରା ସାହିରେ ରହୁଥିବା ଛଇତନାର କାଳିଆ ପ୍ରଧାନ, ପୁରୀ ସଦର ଥାନା ଖଣ୍ଡିଆବନ୍ଧର ଦୁଃଶାସନ ସାହୁ, ସିପସରୁବାଲିରେ ରହୁଥିବା ଚନ୍ଦନପୁର ଗୋପୀନାଥପୁର ମାନସ କୁମାର ଭୋଇ। ତାଳବଣିଆ ଥାନା ପୁଲିସ ଭୂଦାନ ଜଙ୍ଗଲରୁ ଏମାନଙ୍କୁ ଗିରଫ କରିଛି। ସେହିପରି, ଟାଉନ୍ ଥାନା ପୁଲିସ ହାତରେ ଧରାପଡ଼ିଥିବା ଅଭିଯୁକ୍ତମାନେ ହେଲେ, ବାଲିକୁଦ ରାମଚଣ୍ଡୀ ସାହିର ଶବି ନାୟକ, ବାପିନା ନାୟକ, ବାଲିସାହି ବଡ଼ଲମଠ ଗଳିର ସତ୍ୟପ୍ରିୟ ପ୍ରତିହାରୀ, ଘୋଡ଼ାବଜାର ଅଞ୍ଚଳରେ ରହୁଥିବା ଗଞ୍ଜାମ ସୁରେଖାଦେଇପୁରର ପ୍ରଫୁଲ୍ଲ ସ୍ୱାଇଁ ଏବଂ ପାରାନୋଳିଆ ସାହି ବାରବାଟୀ ଜାଗାର ସୁକାନ୍ତ ନାୟକ। ଏମାନଙ୍କୁ ପୁଲିସ ଲୋକନାଥ ରୋଡ୍ କୁସୁନୁ ଖୁଣ୍ଟିଆରୁ ଗିରଫ କରିଛି। ଅଭିଯୁକ୍ତମାନଙ୍କଠାରୁ ୩ଟି ବନ୍ଧୁକ, ୪ଟି ଗୁଳି, ୩ଟି କଟୁରୀ, ଗୋଟିଏ ଲୁହାରଡ୍, ମୋବାଇଲ ଫୋନ ଏବଂ ୮୦୦ ଟଙ୍କା ଜବତ କରାଯାଇଛି। ଗୁରୁବାର ଜିଲ୍ଲା ପୁଲିସ ମୁଖ୍ୟାଳୟରେ ଆୟୋଜିତ ଏକ ସାମ୍ବାଦିକ ସମ୍ମିଳନୀରେ ଏସ୍‌ପି ପ୍ରତୀକ ସିଂ ଏନେଇ ବିସ୍ତୃତ ସୂଚନା ଦେଇଛନ୍ତି। ଗିରଫ ଅଭିଯୁକ୍ତମାନେ ହତ୍ୟା, ଚୋରି, ଡକାୟତି, ଛିନ୍‌ତାଇ, ରାହାଜାନି ଆଦି ଅପରାଧରେ ସଂପୃକ୍ତ ବୋଲି ଏସ୍‌ପି ଶ୍ରୀ ସିଂ କହିଛନ୍ତି। ଉଲ୍ଲେଖଯୋଗ୍ୟ, ପୁରୀ ସହରକୁ ଅପରାଧମୁକ୍ତ ଓ ନିଶାମୁକ୍ତ କରିବା ପାଇଁ ଏସ୍‌ପି ପ୍ରତୀକ୍ ସିଂଙ୍କ ତତ୍ତ୍ୱାବଧାନରେ 'ଅପରେଶନ ଚକ୍ର' ଜାରି ରହିଛି। ବିଭିନ୍ନ ଥାନାର ବରିଷ୍ଠ ପୁଲିସ ଅଧିକାରୀଙ୍କୁ ନେଇ ସ୍ୱତନ୍ତ୍ର ଟିମ୍ ଗଠନ କରାଯାଇଛି। ସଞ୍ଜ ନଇଁଲେ ପ୍ରମୁଖ ସ୍ଥାନରେ ଚାଲିଛି ନାକାବନ୍ଦୀ। ଗାଡିମୋଟର ଯାଞ୍ଚ ସାଙ୍ଗକୁ ଅପରାଧୀଙ୍କ ଗତିବିଧି ଉପରେ ତୀକ୍ଷ୍ଣ ନଜର ରଖିଛି ପୁଲିସ।

### ■ ଦେବ ଦୀପାବଳି ଉତ୍ସବ

# କୌଶଲ୍ୟା, ଦଶରଥଙ୍କୁ ଦୀପଦାନ

ପୁରୀ, ୨୦।୧୧(ସମିସ): ମାର୍ଗଶିର ଅମାବାସ୍ୟା ତିଥିରେ ମହାପ୍ରଭୁ ଶ୍ରୀଜଗନ୍ନାଥ ପିତୃପୁରୁଷ ଦଶରଥ ଓ କୌଶଲ୍ୟାଙ୍କୁ ଦୀପଦାନ କରିଛନ୍ତି। ଗୁରୁବାର ସନ୍ଧ୍ୟାଧୂପ ନୀତି ବଢ଼ିବା ପରେ ଦେବ ଦୀପାବଳି ନୀତି ଆରମ୍ଭ ହୋଇଥିଲା। ମାର୍ଗଶିର କୃଷ୍ଣ ଚତୁର୍ଦ୍ଦଶୀ ନୀତି ଭଳି ସମାନ ନୀତି କରାଯାଇଥିଲା। ଠାକୁର ଶ୍ରାଦ୍ଧ ବେଶରେ ବିଭୂଷିତ ହୋଇଥିଲେ। ଅପରପକ୍ଷେ, ମନ୍ଦିରରେ ଦୀପ ଲଗାଯାଇଥିଲା। ଶ୍ରୀମନ୍ଦିରରେ ତିନିଦିନ ଧରି ପାଳିତ ହେଉଥିବା ଦେବଦୀପାବଳି ଉତ୍ସବର ସୋମବାର ଶେଷ ଦିବସ। ଏହି ଶୁକ୍ଳ ପ୍ରତିପଦା ତିଥିରେ ଠାକୁର ବାସୁଦେବ ଓ ଦେବକୀ, ନନ୍ଦ ଓ ଯଶୋଦା, ଇନ୍ଦ୍ରଦ୍ୟୁମ୍ନ ଓ ଗୁଣ୍ଡିଚାଙ୍କୁ ଦୀପଦାନ କରିବେ।



ଲକ୍ଷେ ଦୀପରେ ଝଲସୁଛି ବଡ଼ଦାଣ

# ଅମାବାସ୍ୟା ନାରାୟଣଙ୍କ ସାଗର ବିଜେ

ପୁରୀ, ୨୦।୧୧ (ସମିସ): ପ୍ରତି ଅମାବାସ୍ୟାରେ ଶ୍ରୀମନ୍ଦିରରୁ ଅମାବାସ୍ୟା ନାରାୟଣ ସାଗର ବିଜେ କରିଥାନ୍ତି। ଗୁରୁବାର ମାର୍ଗଶିର ଅମାବାସ୍ୟା ତିଥିରେ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କ ସକାଳ ଧୂପ ପରେ ଅମାବାସ୍ୟା ନାରାୟଣ ସାଗର ବିଜେ କରିଥିଲେ। ମହାଜନ ସେବକ ଅମାବାସ୍ୟା ନାରାୟଣଙ୍କୁ ହାତରେ ଧରି ପାଲିଙ୍କିରେ ବିଜେ କରାଇଥିଲେ। ପାଲିଙ୍କି ସିଂହଦ୍ୱାର ଦେଇ ସ୍ୱର୍ଗଦ୍ୱାର ସମୁଦ୍ରକୂଳରେ ବିଜେ କରାଯାଇଥିଲା। ସେଠାରେ ସାଗର ବିଜେ ନୀତି ଅନୁଷ୍ଠିତ ହୋଇଥିଲା। ଗରାବଡୁ ସେବକ ରୁପା ପିଙ୍ଗଣରେ ସମୁଦ୍ର ଜଳ ଆଣି ପଣ୍ଡାଙ୍କୁ ଦେବା ପରେ ତାହାକୁ ସଂସ୍କାର କରାଯାଇ ଠାକୁରଙ୍କୁ ଲାଗି କରାଯାଇଥିଲା। ସାବତ ନିଯୋଗ ପକ୍ଷରୁ ପଣା ଭୋଗ, କର୍ପୂର ଆଳତି, ବନ୍ଦାପନା, ସଞ୍ଜ କାହାଳୀ ଆଳତି ପରେ ବିମାନବଡୁ ସେବକମାନେ ଠାକୁରଙ୍କୁ ପାଲିଙ୍କିରେ ନେଇ ଯମେଶ୍ୱର ମହାଦେବଙ୍କ ମନ୍ଦିର ଦେଇ ଶ୍ରୀମନ୍ଦିରକୁ ପ୍ରତ୍ୟାବର୍ତ୍ତନ କରିଥିଲେ। ଏହାପରେ ଠାକୁରଙ୍କ ଅନ୍ୟାନ୍ୟ ନୀତି ବଢ଼ିଥିଲା।

### ଜାତୀୟ ରାଜପଥରେ ମୁଖାପିନ୍ଧା ଲୁଟେରାଙ୍କ ଆତଙ୍କ

# ଲୁଟିନେଲେ ଦେଢ଼କେଜି ସୁନା, ୩୩ ଲକ୍ଷ ଟଙ୍କା

ପୁରୀ, ୨୦।୧୧(ସମିସ): ପୁରୀ-ଭୁବନେଶ୍ୱର ଜାତୀୟ ରାଜପଥରୁ ଆଜି ଏକ ବଡ଼ଧରଣର ଲୁଟ୍ ହୋଇଛି। କାର୍ ଚାଳକଙ୍କ ମୁଣ୍ଡରେ ବନ୍ଧୁକ ଲଗାଇ ଦୁର୍ବୃତ୍ତମାନେ ଦେଢ଼କେଜି ସୁନା, ୩୩କେଜି ରୁପା ଓ ୩୩ଲକ୍ଷ ଟଙ୍କା ଭର୍ତ୍ତି ଏକ ବ୍ୟାଗ୍ ଛଡ଼ାଇ ନେଇଛନ୍ତି। ଚନ୍ଦନପୁର ଥାନା ଅନ୍ତର୍ଗତ ସମଯାଜପୁର ଓଭରବ୍ରିଜ୍ ଉପରେ ସ୍ୱଷ୍ଟ ଦିବାଲୋକରେ ଆଜି ଏହି ଆପରାଧିକ ଘଟଣା ଘଟିଛି। ଏନେଇ ଚନ୍ଦନପୁରସ୍ଥିତ ରାଧାକାନ୍ତ ଜୁଏଲର୍ସର ମାଲିକ ସଞ୍ଜୟ କୁମାର ଦାଶ ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ଏକ ମାମଲା ରୁଜୁ କରି ଖୋଳତାଡ଼ କରିଥିଲେ ହେଁ ଲୁଟେରାଙ୍କ ସୁରାକ୍ ପାଇପାରି ନାହିଁ।

ପୁଲିସ ସୂଚନାନୁଯାୟୀ, ଗୁରୁବାର ସକାଳ ପ୍ରାୟ ସାଢ଼େ ୯ଟାରେ ରାଧାକାନ୍ତ ଜୁଏଲର୍ସ ମାଲିକଙ୍କ ଶଳା, ଜଣେ ସୁନା କାରିଗର ଏବଂ କାର୍ ଚାଳକ ଭୁବନେଶ୍ୱର ଅଭିମୁଖେ ବାହାରିଥିଲେ। ସେମାନେ ୧,୫୩୬ ଗ୍ରାମ୍ ସୁନା, ୩୩ କେଜି ରୁପା ଏବଂ ୩୩ଲକ୍ଷ ଟଙ୍କା ଏକ ବ୍ୟାଗ୍‌ରେ ଧରି ଜାତୀୟ ରାଜପଥ ଯାଉଥିଲେ। ସମଯାଜପୁର ଓଭରବ୍ରିଜ୍ ଉପରେ ଏକ କେଟିଏମ୍ ବାଇକ୍‌ରେ ତିନିଜଣ ଦୁର୍ବୃତ୍ତ ତାଙ୍କ କାର୍ ଆଗକୁ ଚାଲି ଆସି ବାଟ ଓଗାଳିଥିଲେ। ବାଇକ୍ ଚାଳକ ହେଲ୍‌ମେଟ ପିନ୍ଧିଥିବା ବେଳେ ଅନ୍ୟ ଦୁଇଜଣ ମୁଖା ପିନ୍ଧିଥିଲେ। କେହି କିଛି ବୁଝିବା ପୂର୍ବରୁ ଜଣେ ଦୁର୍ବୃତ୍ତ

### ମୁଣ୍ଡରେ ବନ୍ଧୁକ ଲଗାଇ ୩୩କେଜି ରୁପା ବି ନେଇଗଲେ

କାର୍ ଚାଳକଙ୍କ ମୁଣ୍ଡରେ ବନ୍ଧୁକ ଲଗାଇ ଦେଇଥିଲା। ପରେ ଅନ୍ୟ ଜଣେ କାର୍ ପଛ ସିଟ୍‌ରେ ରଖାଯାଇଥିବା ଟଙ୍କା, ସୁନା ଓ ରୁପା ବ୍ୟାଗ୍‌କୁ ଧରି ଚନ୍ଦନପୁର ଦେଇ ନୂଆ ଜଗନ୍ନାଥ ସଡ଼କରେ ପଳାଇ ଯାଇଥିଲେ। ୩୩ ଲକ୍ଷ ଟଙ୍କା ସତ୍ୟବାଦୀସ୍ଥିତ ଆଇଆଇସି ବ୍ୟାଙ୍କରେ ଡିପୋଜିଟ୍ କରିଥା'ନ୍ତେ ଏବଂ ସୁନା, ରୁପା ଭୁବନେଶ୍ୱର ବଦଳ ପାଇଁ ଯାଉଥିବା ବେଳେ ଏଭଳି ବଡ଼ଧରଣର ଲୁଟ୍ ହୋଇଛି ବୋଲି ଆଇଆଇସି ଭୁବନମୋହନ ସାମନ୍ତରାୟ କହିଛନ୍ତି।

ଖବର ପାଇବା ପରେ ଚନ୍ଦନପୁର ଥାନା ପୁଲିସ ସାଇଣ୍ଟିଫିକ୍ ଟିମ୍ ସହ ଘଟଣାସ୍ଥଳକୁ ଯାଇ ଛାନ୍‌ଭିନ କରିଥିଲା। ଏଥିସହ ସିସିଟିଭି ଫୁଟେଜ ମଧ୍ୟ ଯାଞ୍ଚ କରିଛି ପୁଲିସ। ପୁରୀ ସଦର ଏସ୍‌ଡିପିଓ ଓ ସ୍ପେଶାଲ ସ୍କ୍ୱାଡ୍ ଏଥିସହ ଜୁଏଲର୍ସକୁ ଯାଇ ତଦନ୍ତ କରିଛନ୍ତି। କାର୍ ଚାଳକ ଏବଂ ସେଥିରେ ଥିବା ଅନ୍ୟ ଦୁଇଜଣଙ୍କୁ ମଧ୍ୟ ପଚରାଉଚା କରିଛି ପୁଲିସ। ସ୍ୱଷ୍ଟ ଦିବାଲୋକରେ ଗାଡିମୋଟର ଯାତାୟାତ କରୁଥିବା ରାସ୍ତାରେ ଏଭଳି ଲୁଟ୍‌କୁ ନେଇ ଏବେ ସବୁଆଡ଼େ ଚର୍ଚ୍ଚା ଚାଲିଥିବା ବେଳେ ଜୁଏଲର୍ସ ମାଲିକ ଶ୍ରୀ ଦାଶ ସନ୍ଧ୍ୟାରେ ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ ଏକ ମାମଲା ନଂ.୨୬୪/୨୫ ରୁଜୁ କରି ଲୁଟେରାଙ୍କୁ କାବୁ କରିବା ଲାଗି ଉଦ୍ୟମ ଚଳାଇଛି। ଏଭଳି ଏକ ଲୁଟ୍‌କୁ ନେଇ ପୁରୀ ପୁଲିସର ଚିନ୍ତା ବଢ଼ିଯାଇଛି। ଦୁର୍ବୃତ୍ତଙ୍କୁ ଧରିବା ପାଇଁ ଆଇଆଇସିଙ୍କ ନେତୃତ୍ୱରେ ୩ଟି ଟିମ୍ ଗଠନ କରାଯାଇଛି ବୋଲି ଆଇଆଇସି ସୂଚନା ଦେଇଛନ୍ତି।

# ଶଙ୍ଖ ଭବନରେ ବିଜେଡିର ସାଂଗଠନିକ ବୈଠକ

ଭୁବନେଶ୍ୱର,୨୦।୧୧(ସମିସ): ବିଜେଡି ସଭାପତି ତଥା ବିରୋଧୀ ଦଳ ନେତା ନବୀନ ପଟ୍ଟନାୟକଙ୍କ ନିର୍ଦ୍ଦେଶକ୍ରମେ ଶଙ୍ଖ ଭବନରେ ବରିଷ୍ଠ ଉପସଭାପତି ଦେବୀ ପ୍ରସାଦ ମିଶ୍ରଙ୍କ ଅଧ୍ୟକ୍ଷତାରେ ଦଳର ସାଂଗଠନିକ ବୈଠକ

- ■ ଭାଗନେଲେ ୩୩ଟି ସାଂଗଠନିକ ଜିଲ୍ଲାର ସଭାପତି
- ■ ଆଗାମୀ ଦିନର ସାଂଗଠନିକ କାର୍ଯ୍ୟକ୍ରମ ସମ୍ପର୍କରେ ଆଲୋଚନା

ଅନୁଷ୍ଠିତ ହୋଇଯାଇଛି। ବୈଠକରେ ପ୍ରତ୍ୟକ୍ଷ ଓ ଭିଡିଓ କନଫରେନ୍ସିଂ ମାଧ୍ୟମରେ ୩୩ଟି ସାଂଗଠନିକ ଜିଲ୍ଲାର ସଭାପତିମାନଙ୍କ ସହିତ ଆଗାମୀ ଦିନର ସାଂଗଠନିକ କାର୍ଯ୍ୟକ୍ରମ ଉପରେ ଆଲୋଚନା ହୋଇଥିବା ଜଣାପଡ଼ିଛି।

ବୈଠକରେ ପ୍ରତ୍ୟେକ୍ଷ ଭାବରେ କନ୍ଧମାଳ ଜିଲ୍ଲାର ସାଂଗଠନିକ ସ୍ଥିତି ବିଷୟରେ ଆଲୋଚନା ହୋଇଥିଲା। ଏଥିରେ ଜିଲ୍ଲା ସଭାପତି ପଦ୍ମନାଭ ବେହେରା, ବିଧାୟକ ଚନ୍ଦ୍ରମଣୀ କହଁର, ପୂର୍ବତନ ବିଧାୟକ ସାଲୁଗା ପ୍ରଧାନ, ପୂର୍ବତନ ଜିଲ୍ଲା ସଭାପତି ସରୋଜ କର୍ଣ୍ଣ ଓ ଫୁଲବାଣୀ ବିଧାୟକ ପ୍ରାର୍ଥୀ ଜୟଶ୍ରୀ କହଁରଙ୍କ ଉପସ୍ଥିତିରେ ଆଗାମୀ ଦିନରେ କନ୍ଧମାଳ ଜିଲ୍ଲାରେ ଦଳୀୟ ସଂଗଠନକୁ ଅଧିକ ମଜଭୁତ ଓ କ୍ରିୟାଶୀଳ କରାଯିବା ଉପରେ ଆଲୋଚନା କରାଯାଇଥିଲା।

ସେହିଭଳି ବୌଦ୍ଧ ଜିଲ୍ଲାର ସଭାପତି ମହିଧର ରଣା ଓ ପୂର୍ବତନ ମନ୍ତ୍ରୀ ପ୍ରଦୀପ ଅମାତଙ୍କ ସହିତ ଶ୍ରୀ ମିଶ୍ର ପ୍ରତ୍ୟକ୍ଷ ଭାବରେ ଆଲୋଚନା କରିଥିଲେ। ଭିଡିଓ କନ୍‌ଫରେନ୍ସିଂ ଜରିଆରେ ବିଭିନ୍ନ ଜିଲ୍ଲାର ସଭାପତି ଅନୁଗୁଳର ବ୍ରଜ



କିଶୋର ପ୍ରଧାନ, ବରଗଡ଼ର ସୁଶାନ୍ତ କୁମାର ମହାପାତ୍ର, ଭଦ୍ରକର ଜଗନ୍ନାଥ ସ୍ୱାଇଁ, ବଲାଙ୍ଗିରର ସରୋଜ କୁମାର ମେହେର, କଟକର ପ୍ରଫୁଲ୍ଲ ସିଂ, ଦେବଗଡ଼ର ରୋମାଞ୍ଚ ରଞ୍ଜନ ବିଶ୍ୱାଳ, ଢେଙ୍କାନାଳର କାର୍ଯ୍ୟକାରୀ ସଭାପତି ସନ୍ଦୀପ ଷଡ଼ଙ୍ଗୀ, ଗଜପତିର ପ୍ରଦୀପ ନାୟକ, ଝାରସୁଗୁଡାର ହରିଶ ଗଣତ୍ରା, କଳହାଣ୍ଡିର ପ୍ରଦୀପ କୁମାର ଦିଶାରୀ, କେନ୍ଦ୍ରାପଡ଼ାର ଶିବ ପ୍ରସାଦ ଭୋଇ, କେନ୍ଦୁଝରର ଆଶିଷ ଚକ୍ରବର୍ତ୍ତୀ, କୋରାପୁଟର କାର୍ଯ୍ୟକାରୀ ସଭାପତି ପ୍ରଶାନ୍ତ ବିଡିକା ଓ ଦୁର୍ଗା ମିଶ୍ର, ମାଲକାନଗିରିର ମାନସ ମାଡକାମୀ, ମୟୂରଭଞ୍ଜ-୧ର ସୁଦାମ ମାରାଣ୍ଡି, ମୟୂରଭଞ୍ଜ-୨ର ଦେବାଶିଷ ମାରାଣ୍ଡି, ନବରଙ୍ଗପୁରର ମନୋହର ରନ୍ଧାରୀ, ନୟାଗ?ର ରମେଶ ବେହେରା, ନୂଆପଡାର ଅବନୀ ରଞ୍ଜନ ଯୋଶୀ, ରାଉରକେଲାର ପ୍ରଦ୍ୟୁମ୍ନ ତ୍ରିପାଠୀ, ସମ୍ବଲପୁରର ରୋହିତ ପୂଜାରୀ, ସୁବର୍ଣ୍ଣପୁରର ସରୋଜ କୁମାର କର୍ଣ୍ଣ, ସୁନ୍ଦରଗଡର ଯୋଗେଶ ସିଂ, ରାୟଗଡାର ଜଗନ୍ନାଥ ସାରକାଙ୍କ ସହ ସାଙ୍ଗଠନିକ ବିଷୟରେ ଆଲୋଚନା କରାଯିବା ସହିତ ବାକି ଥିବା ଜିଲ୍ଲା କମିଟି ଓ ବିଏଲ୍‌ଓଙ୍କ ନାମ ଦଳର ମୁଖ୍ୟାଳୟ (ଶଙ୍ଖ ଭବନ)ରେ ତୁରନ୍ତ ଦାଖଲ କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଥିଲା । ପ୍ରତ୍ୟେକ୍ଷ ଭାବରେ ଜଗତସିଂହପୁର ଜିଲ୍ଲା ସଭାପତି ପ୍ରଶାନ୍ତ ମୁଦୁଲିଙ୍କ ସହ ଦଳର ସାଧାରଣ ସମ୍ପାଦକ ଦେବେଶ ଆଚାର୍ଯ୍ୟ ଓ ବିଜୟ ନାୟକ ପ୍ରମୁଖ ଆଲୋଚନାରେ ଭାଗ ନେଇଥିଲେ।

### ■ ଅଧା ରହିଗଲା ନାତୁଣୀର ଜନ୍ମଦିନ ପାଳନ

# ଦୁର୍ଘଟଣାରେ ଚାଲିଗଲା ଅଜାଙ୍କ ଜୀବନ

ଆନନ୍ଦପୁର, ୨୦।୧୧ (ସମିସ): ଅଧା ରହିଗଲା ନାତୁଣୀର ଜନ୍ମଦିନ ପାଳନ। ବାଟ ମଝିରେ ଟ୍ରକ୍ ଧକ୍କାରେ ଚାଲିଗଲା ଅଜାଙ୍କ ଜୀବନ। କେନ୍ଦୁଝର ଜିଲ୍ଲା ଆନନ୍ଦପୁର ଉପଖଣ୍ଡ ୨୦ ନଂ ଜାତୀୟ ରାଜପଥର କୋଳିମାଟି ଛକ ନିକଟରେ ଆଜି ଏପରି ଏକ ଦୁଃଖଦ ଘଟଣା ଘଟିଛି। ମୃତକ ହେଲେ, ମୟୂରଭଞ୍ଜ ଜିଲ୍ଲା କରଞ୍ଜିଆ ଥାନା ଖାଲୁର୍ ଗାଁର ଶରତ ଚନ୍ଦ୍ର ନାୟକ। ଏହି ଦୁର୍ଘଟଣାରେ ଶରତଙ୍କ ପତ୍ନୀ ମମତା ଗୁରୁତର ଆହତ ହୋଇଛନ୍ତି। ତାଙ୍କୁ ଚିକିତ୍ସା ଲାଗି ହସ୍ପିଟାଲରେ ଭର୍ତ୍ତି କରାଯାଇଛି। ସୂଚନାନୁଯାୟୀ, ନାତୁଣୀର ଜନ୍ମଦିନ ପାଳନ ପାଇଁ ଶରତ ଓ ମମତା ଏକ ବାଇକ୍‌ରେ ଯାଜପୁରରୋଡ୍‌ସ୍ଥିତ ନିଜ ଝିଅ ଘରକୁ ଯାଉଥିଲେ। କୋଳିମାଟି ଛକ ନିକଟରେ ଶରତ ଏକ ବସ୍‌କୁ ଓଭଟେକ୍ କରୁଥିବା ସମୟରେ ପଛପଟୁ ଆସୁଥିବା ଏକ ଟ୍ରକ୍ ତାଙ୍କୁ ଧକ୍କା ଦେଇଥିଲା। ଘଷିପୁରା ପୁଲିସ୍ ଉଭୟଙ୍କୁ ଉଦ୍ଧାର କରି ଆନନ୍ଦପୁର ମେଡିକାଲରେ ଭର୍ତ୍ତି କରାଇଥିଲା। ସେଠାରେ ଶତରଙ୍କୁ ଡାକ୍ତର ମୃତ ଘୋଷଣା କରିଥିଲେ। ସେପଟେ ଦୁର୍ଘଟଣା ଘଟାଇଥିବା ଟ୍ରକ୍‌କୁ ଅଟକ ରଖି ତଦନ୍ତ ଚଳାଇଛି ପୁଲିସ୍।

### ମାଟ୍ରିକ୍ ପରୀକ୍ଷାକୁ ଆଉ ୨ ମାସ

# ଇଂରାଜୀ ବହିରେ ହାତ ମାରିନାହାନ୍ତି ସାର୍



ଉଦଳା, ୨୦।୧୧ (ସମିସ): ୨ ମାସ ପରେ ବୋର୍ଡ ପରୀକ୍ଷା। କିନ୍ତୁ ଏଯାଏ ଇଂରାଜୀ ବହିରେ ହାତ ମରା ହୋଇନି। ଅଭିଯୋଗ କରି କରି ଥକିଯିବା ପରେ ଶିକ୍ଷକ ଶୁଣୁନାହାନ୍ତି। ଏପରି ଅଭିଯୋଗ ନେଇ ଆଜି ୨୪ ଜଣ ଛାତ୍ରଛାତ୍ରୀ ଉପଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଛନ୍ତି। ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ବଡ଼ଖମଣ ସରକାରୀ ହାଇସ୍କୁଲର ଏହି ଘଟଣା ଆଜି ଜିଲ୍ଲାବ୍ୟାପୀ ଚର୍ଚ୍ଚାର ବିଷୟ ହୋଇଛି।

ଅଭିଯୋଗ ଅନୁଯାୟୀ, ଦାୟିତ୍ୱରେ ଥିବା ଭାରପ୍ରାପ୍ତ ପ୍ରଧାନ ଶିକ୍ଷକ ନବମ ଏବଂ ଦଶମ ଶ୍ରେଣୀ ଛାତ୍ରଛାତ୍ରୀଙ୍କୁ ଇଂରାଜୀ ପଢ଼ାଉ ନାହାନ୍ତି। ଏନେଇ ଛାତ୍ରଛାତ୍ରୀମାନେ ବାରମ୍ବାର ଗୁହାରି କରିବା ପରେ ମଧ୍ୟ ସେ ଶୁଣୁନାହାନ୍ତି। ଫଳରେ ନିଜ ଭବିଷ୍ୟତକୁ ନେଇ ଛାତ୍ରଛାତ୍ରୀମାନେ ଆଶଙ୍କାରେ ପଡ଼ିଛନ୍ତି। ଏହାର ପ୍ରତିବଦରେ ଆଜି ସକାଳେ ସ୍କୁଲର ୨୪ଜଣ ଛାତ୍ରଛାତ୍ରୀ ବସ୍‌ରେ ଉଦଳାରେ ପହଞ୍ଚି ଉପଜିଲ୍ଲାପାଳଙ୍କୁ ସାକ୍ଷାତ କରି ଇଂରାଜୀ ପଢ଼ା ହେଉନଥିବା କହିଛନ୍ତି। ଉପଜିଲ୍ଲାପାଳଙ୍କୁ ଭେଟି ନିଜର ଗୁହାରି ଜଣାଇବା ସହିତ ଇଂରାଜୀ ବିଷୟ ପଢ଼ାଇବା ଅନୁରୋଧ କରିଛନ୍ତି ଛାତ୍ରଛାତ୍ରୀ। ସେପଟେ, ଏଭଳି ସାଙ୍ଘାତିକ

### ଉପଜିଲ୍ଲାପାଳଙ୍କୁ ଭେଟି ଅଭିଯୋଗ କଲେ ଛାତ୍ରଛାତ୍ରୀ

ଅଭିଯୋଗ ଆସିବା ପରେ ଉପଜିଲ୍ଲାପାଳଙ୍କ କାର୍ଯ୍ୟାଳୟକୁ ସମ୍ପୃକ୍ତ ଭାରପ୍ରାପ୍ତ ପ୍ରଧାନଶିକ୍ଷକଙ୍କୁ ଡକାଇ ତାଗିଦ୍ କରିଛନ୍ତି। ଇଂରାଜୀ କ୍ଲାସ କରିବାକୁ ତାଗିଦ କରିଛନ୍ତି। ଏ ସଂପର୍କରେ ଜିଲ୍ଲା ଶିକ୍ଷା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀ କହିଛନ୍ତି ଯେ ଏହି ଘଟଣାର ତଦନ୍ତ କରାଯିବା ସହ କ୍ଲାସ୍ ନକରି ଶିକ୍ଷାରେ ବାଧା ସୃଷ୍ଟି କରିଥିଲେ, ସମ୍ପୃକ୍ତ ଶିକ୍ଷକଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ନିଆଯିବ।

# ଋଷିକୂଲ୍ୟା ମୁହାଣରେ ଅଲିଭ ରିଡଲେଙ୍କ ମିଳନ ଆରମ୍ଭ

ଗଞ୍ଜାମ, ୨୦।୧୧(ସମିସ): ଗଞ୍ଜାମ ବ୍ଲକ୍‌ର ଋଷିକୂଲ୍ୟା ମୁହାଣରେ ଅଲିଭ ରିଡଲେଙ୍କ ମିଳନ ପ୍ରକ୍ରିୟା ଆରମ୍ଭ ହୋଇଯାଇଛି। ଏହାକୁ ନେଇ ସ୍ଥାନୀୟ ଅଞ୍ଚଳବାସୀ, ପରିବେଶବିତ୍, ପର୍ଯ୍ୟଟକ ଖୁସି ବ୍ୟକ୍ତ କରିଛନ୍ତି। ଅନ୍ୟପଟେ, ଏହାକୁ ନେଇ ବନ ବିଭାଗ ପକ୍ଷରୁ ତତ୍ପରତା ପ୍ରକାଶ ପାଇଛି। ସମୁଦ୍ରର ନୀଳ ଜଳରାଶି ମଧ୍ୟରେ ସାମୁଦ୍ରିକ କଇଁଛମାନଙ୍କ ସୁରକ୍ଷାକୁ ନେଇ ପାଟ୍ରୋଲିଂ ବ୍ୟବସ୍ଥାକୁ କଡ଼ାକଡ଼ି କରାଯାଇଛି। ସମୁଦ୍ରର ନୀଳ ଜଳରାଶି ମଧ୍ୟରେ ଯୋଡ଼ା ଯୋଡ଼ା ହୋଇ ମାଈ ଓ ଅଣ୍ଡିରା



କଇଁଚମାନଙ୍କ ମିଳନ ହେଉଥିବା ସ୍ଥାନୀୟ ସାମୁଦ୍ରିକ ମତ୍ସ୍ୟଜୀବୀ ଓ ବନବିଭାଗର ଦୃଷ୍ଟିଗୋଚର ହୋଇଛି। ବଙ୍ଗୋପସାଗରରେ ଦେଖାଯାଉଥିବା ବିରଳ ପ୍ରଜାତିର କଇଁଛ ସାରା ପୃଥିବୀର ୬୦ ପ୍ରତିଶତ ଭାରତରେ ଦେଖାଯାଇଥାନ୍ତି। ଓଡ଼ିଶାରେ ଏହି ବିରଳ ପ୍ରଜାତିର ସାମୁଦ୍ରିକ ଜିବ ୯୦ ପ୍ରତିଶତ ଦେଖିବାକୁ ମିଳିଥା'ନ୍ତି। ଓଡ଼ିଶା ଉପକୂଳର ଗଞ୍ଜାମର ଋଷିକୂଲ୍ୟା ମୁହାଣ, କେନ୍ଦ୍ରାପଡ଼ାର ଗହୀରମଥା ଓ ପୁରୀର ଦେବୀମୁହାଣ ଆଦି ସ୍ଥାନମାନଙ୍କରେ ନଭେମ୍ବରରୁ ଆରମ୍ଭ ହୋଇଥାଏ ମିଳନ ଋତୁ। କଲମ୍ବୋ, ଜାଫନା, କାଲମୋନାଇ କୋଷ୍ଟରେ ଏମାନେ ଖାଦ୍ୟ ଅନ୍ୱେଷଣରେ ଜୁନ ମାସରୁ ଅକ୍ଟୋବର ମାସ ପର୍ଯ୍ୟନ୍ତ ରହିଥାନ୍ତି।

# ୮ ମତ୍ସ୍ୟଜୀବୀ ଗିରଫ; ଟ୍ରଲର ଜବତ

ରାଜନଗର,୨୦।୧୧(ସମିସ): ଗହୀରମଥା ସାମୁଦ୍ରିକ ଅଭୟାରଣ୍ୟ ମଧ୍ୟରେ ବେଆଇନ ଭାବେ ମାଛ ମାରୁଥିବା ବେଳେ ବନ ବିଭାଗ ପାଟ୍ରୋଲିଂ ଟିମ ଚଢ଼ଉ କରି ୮ ଜଣ ମତ୍ସ୍ୟଜୀବୀଙ୍କୁ ଗିରଫ କରିବା ସହ ଏକ ଟ୍ରଲର ଜବତ କରିଛି। ଗହୀରମଥା ସାମୁଦ୍ରିକ ଅଭୟାରଣ୍ୟର ବରୁଣେଇ ନିକଟରେ ବାଲେଶ୍ୱର ଅଞ୍ଚଳର




ଲୋହା ତାରିଣୀ-୧ ନାମକ ଟ୍ରଲର ଦ୍ୱାରା ମତ୍ସ୍ୟଜୀବୀମାନେ ମାଛ ଧରୁଥିବା ସମୟରେ ବନ ବିଭାଗ ଟିମ୍ ଚଢ଼ଉ କରିଥିଲା। ଟ୍ରଲରରେ ଥିବା ତାୟବ ଅଲି ଖାଁ, ଉତ୍ତମ ଧଳ, ଚକ୍ରଧର ତରାଇ, ନିର୍ମଳ ସେଠୀ, ବାସୁଦେବ ସେଠୀ, ସଞ୍ଜୟ ସିଂ, ରାଜେଶ ନାୟକ, ଶରତ ଧଳଙ୍କୁ ଗିରଫ କରି କୋର୍ଟ ଚାଲାଣ କରାଯାଇଛି। ସମସ୍ତ ଅଭିଯୁକ୍ତ ବାଲେଶ୍ୱର ଅଞ୍ଚଳର ବୋଲି ଜଣାପଡ଼ିଛି। ଏଥିସହ ଟ୍ରଲରରେ ଥିବା ଗୋଟିଏ ଜିପିଏସ, ୨ଟି ଭିଏଚ୍‌ଏଫ୍, ୧୧ଟି ଟ୍ରଲିଂ ନେଟ୍, ୧୪.୬୦ କୁଇଣ୍ଟାଲ ମାଛ ଜବତ କରାଯାଇଛି। ଏସିଏଫ ମାନସ କୁମାର ଦାସଙ୍କ ନିର୍ଦ୍ଦେଶକ୍ରମେ ଡେପୁଟି ରେଞ୍ଜର କପିଳେନ୍ଦ୍ର ପ୍ରଧାନ, ଫରେଷ୍ଟର୍ ମହାନ୍ତ କୁମାର ମଲ୍ଲିକଙ୍କ ନେତୃତ୍ୱରେ ବନବିଭାଗ ପାଟ୍ରୋଲିଂ ଟିମ ଗଭୀର ସମୁଦ୍ରରେ ପଇଁତରା ମାରୁଥିବା ବେଳେ ଟ୍ରଲରକୁ ଦେଖି ଚଢ଼ଉ କରିଥିଲେ।

ସ୍ୱର୍ଗତ ପୀତବାସଙ୍କ ପରିବାର ସଦସ୍ୟଙ୍କ ହାବଭାବକୁ ନେଇ ପ୍ରଶ୍ନବାଚୀ

# ପୁଣି ସୁରକ୍ଷା ହଟାଇବାକୁ ଥାନାରେ ନିବେଦନ

ବ୍ରହ୍ମପୁର,୨୦।୧୧(ସମିସ)

ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ମୋଟ ୧୬ଜଣ ଅଭିଯୁକ୍ତ ଗିରଫ ହୋଇଛନ୍ତି। ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ନାମ ନେଇ ପୀତବାସଙ୍କ ପୁଅ ସୌରଭଙ୍କୁ ମାମଲା ଉଠାଇବାକୁ କହିବା ସହ କୁଆଡ଼େ ଧମକପୂର୍ଣ୍ଣ ଫୋନ୍ କଲ ଆସିଥିଲା। ଯାହା ଫଳରେ ପୀତବାସଙ୍କ ବିଧବା ପତ୍ନୀ ସୁସ୍ମିତା ଓ ପୁଅ ସୌରଭଙ୍କ ଜୀବନ ପ୍ରତି ବିପଦ ଥିବା ଦର୍ଶାଇ ପୁଲିସକୁ ସୁରକ୍ଷା ମାଗିଥିଲେ। ସୁରକ୍ଷା ମାଗିବାର କିଛି ଘଣ୍ଟା ମଧ୍ୟରେ ସ୍ୱର୍ଗତ ପୀତବାସଙ୍କ ପରିବାରକୁ ଜଣେ ପିଏସ୍‌ଓଙ୍କ ସହ ବାସଭବନ ନିକଟରେ ଜଣେ ହାବିଲଦାର ଓ ୪ଜଣ ପୁଲିସ କନେଷ୍ଟବଲଙ୍କୁ ମୁତୟନ କରାଯାଇଥିଲା। ଘଟଣାକୁ ଦୀର୍ଘଦିନ ବିତି ଯାଇଥିବା ବେଳେ ଧମକ ଦେଇଥିବା ଯୁବକ ଜଣକୁ ପୁଲିସ ଏପର୍ଯ୍ୟନ୍ତ ଚିହ୍ନଟ କରିପାରିନାହିଁ। ଅର୍ଥାତ୍ ପୀତବାସଙ୍କ ପରିବାର ଉପରୁ ବିପଦ ସମ୍ପୂର୍ଣ୍ଣ ଟଳିନାହିଁ। ଏହି ଦୃଷ୍ଟିରୁ ପୁଲିସର ସୁରକ୍ଷା ବଳବତ୍ତର ରହିଛି। ଏଭଳି ସ୍ଥିତିରେ ପୀତବାସଙ୍କ ପତ୍ନୀ ସୁସ୍ମିତା ପୁଣି ଥରେ ସୁରକ୍ଷା ହଟାଇ ନେବାକୁ ବୈଦ୍ୟନାଥପୁର ଥାନାରେ ଲିଖିତ ନିବେଦନ କରିଥିବା ଜଣାପଡିଛି। ପୂର୍ବରୁ ମଧ୍ୟ ଅନୁରୂପ ଭାବେ ଅର୍ଥାତ୍ ହତ୍ୟାକାଣ୍ଡ ପରେ ପୀତବାସଙ୍କ ପରିବାରକୁ ପୁଲିସ ପକ୍ଷରୁ ସୁରକ୍ଷା ଯୋଗାଇ ଦେଇଥିବାବେଳେ କିଛିଦିନ ପରେ ସୁରକ୍ଷା ହଟାଇବାକୁ ପୀତବାସଙ୍କ ପରିବାର ପକ୍ଷରୁ ପୁଲିସକୁ କୁହାଯାଇଥିଲା। ଏଭଳି ସ୍ଥିତିରେ ସାଧାରଣରେ ପ୍ରଶ୍ନ ଉଠୁଛି

**ଏଯାଏ ଚିହ୍ନଟ ହୋଇନାହାନ୍ତି ସୌରଭଙ୍କୁ ଧମକପୂର୍ଣ୍ଣ ଫୋନ୍‌କଲ୍‌ର ଅଭିଯୁକ୍ତ**

ବିକ୍ରମ ପଣ୍ଡାଙ୍କ ଜାମିନ ଆବେଦନକୁ ଦୃଷ୍ଟିରେ ରଖି ତଥା ତାହାକୁ ଖାରଜ କରିବାକୁ ଧମକପୂର୍ଣ୍ଣ ଫୋନ୍‌କଲ ଓ ସୁରକ୍ଷା ଦାବି କରାଯାଇଥିଲା କି? ପୁଲିସ ପକ୍ଷରୁ ଯୋଗାଇ ଦିଆଯାଇଥିବା ସୁରକ୍ଷା ବ୍ୟବସ୍ଥାକୁ ନେଇ ପୀତବାସଙ୍କ ପରିବାର ସଦସ୍ୟ ପୁଲିସକୁ କୃତଜ୍ଞତା ଜଣାଇବା ସହ ବର୍ତ୍ତମାନ ସେମାନେ ଭୟଭୀତ ନଥିବା ଦର୍ଶାଇ ପୁଲିସ ସୁରକ୍ଷା ହଟାଇନେବାକୁ ବୈଦ୍ୟନାଥପୁର ଥାନାରେ ଲିଖିତ ଭାବେ ଜଣାଇଛନ୍ତି। ଏପରିକି ଆବଶ୍ୟକ ସ୍ଥଳେ ପରିବାର ସଦସ୍ୟ ପୁଲିସ ଅଧିକାରୀଙ୍କ ଯୋଗାଯୋଗରେ ରହିବେ ବୋଲି କହିଛନ୍ତି।

ପୀତବାସଙ୍କ ପରିବାର ସଦସ୍ୟଙ୍କୁ ଧମକ ଅଭିଯୋଗ ପରେ ପୁଲିସ ପକ୍ଷରୁ ୨୪ଘଣ୍ଟିଆ ସୁରକ୍ଷା ଯୋଗାଇ ଦିଆଯାଇଥିଲା। ଏପରିକି ବୈକୁଣ୍ଠନଗର ଅଞ୍ଚଳରେ ପାଟ୍ରୋଲିଂକୁ ମଧ୍ୟ କଡ଼ାକଡ଼ି କରାଯାଇଥିଲା। ସବୁଠାରୁ ବଡ଼ କଥା ହେଲା ଧମକ ଦେଇଥିବା ଯୁବକ ଗିରଫ ହୋଇନଥିବା ବେଳେ ପୀତବାସଙ୍କ ପରିବାରକୁ ଧମକପୂର୍ଣ୍ଣ ଫୋନକଲ ଆସିବା ବି ବନ୍ଦ ହୋଇଯାଇଛି। ଯେଉଁ ନମ୍ବରରୁ ଫୋନକଲ ଆସିଥିଲା ଉକ୍ତ ନମ୍ବର ଓ କେଉଁ ମୋବାଇଲ ବ୍ୟବହାର କରାଯାଇଛି ସବୁ ତଥ୍ୟ ପୁଲିସ ନିକଟରେ ନିଶ୍ଚୟ ଥିବ। ଧମକ ଦେଇଥିବା ବ୍ୟକ୍ତିର ଲୋକେସନ ଟ୍ରାକିଂ କରାଯାଇଛି କି ନାହିଁ ତାହା ମଧ୍ୟ ସ୍ପଷ୍ଟ ହୋଇନାହିଁ। ଏଭଳି ସ୍ଥିତିରେ ପୀତବାସଙ୍କ ପରିବାର ପୁଣି କାହାରି ସ୍କ୍ରିପ୍ଟରେ ଅଥବା ଇଙ୍ଗିତରେ ପରିଚାଳିତ ହେଉଛନ୍ତି କି ବୋଲି ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହେଉଛି।

ଆଇନଜୀବୀ ପୀତବାସ ହତ୍ୟା ମାମଲା

# ମଦନ ଦଳେଇଙ୍କୁ ସର୍ତ୍ତମୂଳକ ଖଲାସ ଆବେଦନ ଖାରଜ

ବ୍ରହ୍ମପୁର, ୨୦।୧୧(ସମିସ): ଆଇନଜୀବୀ ପୀତବାସ ପଣ୍ଡା ହତ୍ୟା ମାମଲାରେ ପୁଲିସ ପୁଣି ୪ଜଣ ମୁଖ୍ୟ ଅଭିଯୁକ୍ତଙ୍କୁ ରିମାଣ୍ଡରେ ଆଣି ପଚରାଉଚରା କରୁଥିବା ସୂଚନା ମିଳିଛି। ଉମା ବିଷୋୟୀ, ଯୋଗୀ ରାଉତ, ଚିଣ୍ଟୁ ପ୍ରଧାନ ଓ କୁରୁପତି ଭୂୟାଁଙ୍କୁ ଦୁଇଦିନିଆ ରିମାଣ୍ଡରେ ଆଣିଥିବା ଜଣାପଡିଛି। ସେପଟେ ଘଟଣାରେ ପୁଲିସ ପୂର୍ବରୁ ଦୁଇଥର ଡ଼ାକି ପଚରାଉଚରା କରି ଛାଡିଥିବା ଅନ୍ୟ ଜଣେ ବ୍ୟକ୍ତିଙ୍କୁ ପୁଣି ଥାନାକୁ ଡ଼ାକି ପଚରାଉଚରା କରି ଛାଡ଼ିଥିବା ସୂଚନା ମିଳିଛି। ରିପୋର୍ଟ ଲେଖାହେବା ବେଳକୁ ଅଭିଯୁକ୍ତଙ୍କୁ ବ୍ରହ୍ମପୁର ଏସ୍‌ପି ଡ଼ାକ୍ତର ସର୍ବଣା ବିବେକ ଏମ୍ ବୈଦ୍ୟନାଥପୁର ଥାନରେ ପୃଥକ ପୃଥକ ଓ ପରେ ମୁହାଁମୁହିଁ ଜେରା କରିଛନ୍ତି। ଏହି ସମୟରେ ଅତିରିକ୍ତ ଏସ୍‌ପି ଆଲୋକ ଜେନା, ତଦନ୍ତ ଅଧିକାରୀ ପ୍ରିୟସ୍ ରଞ୍ଜନ ଛୋଟରାୟ ଓ ବୈଦ୍ୟନାଥପୁର ଇନ୍ସପେକଟର ଉପସ୍ଥିତ ଥିଲେ। ରିମାଣ୍ଡରେ ନେଇ ଅଧିକ ଖୋଳତାଡ଼ କରିବାକୁ ତଦନ୍ତ ଅଧିକାରୀ ଟାଉନ ଏସଡିପିଓ ପ୍ରିୟସ ରଞ୍ଜନ ଛୋଟରାୟ ସ୍ଥାନୀୟ ଏସଡିଜେଏମଙ୍କ କୋର୍ଟରେ ଆବେଦନ କରିଥିଲେ। ଆବେଦନ ମଞ୍ଜୁର ପରେ ୪ଜଣ ଅଭିଯୁକ୍ତଙ୍କୁ ରିମାଣ୍ଡରେ ନେଇଛି ପୁଲିସ।

**● ଉମା, ଚିଣ୍ଟୁ, କୁରୁପତି ଓ ଯୋଗୀଙ୍କୁ ପୁଣି ରିମାଣ୍ଡରେ ଆଣି ମୁହାଁମୁହିଁ ଜେରା**
**● ଅନ୍ୟଜଣଙ୍କୁ ଥାନାକୁ ଡ଼ାକି ପଚରାଉଚରା ପରେ ଛାଡିଥିବା ସୂଚନା**

ସେହିଭଳି ଏହି ମାମଲାରେ ଗିରଫ ହୋଇଥିବା ଆଇନଜୀବୀ ମଦନ ଦଳେଇଙ୍କୁ ବିନା କୌଣସି କାରଣରେ ବିନା ତଥ୍ୟରେ ବେଆଇନ ଭାବେ ଗିରଫ କରାଯାଇଥିବା ଦର୍ଶାଇ ତାଙ୍କ ଓକିଲ ଦୀପକ ପଟ୍ଟନାୟକ ସର୍ତ୍ତମୂଳକ ଭାବେ ଖଲାସ କରିବାକୁ କରିଥିବା ଆବେଦନର ଶୁଣାଣି କରି ଏହି ଆବେଦନକୁ ଏସ୍‌ଡିଜେଏମ ଖାରଜ କରିଥିବା ଜଣାପଡ଼ିଛି। ତେବେ ଏସ୍‌ଡିଜେଏମ ପୂର୍ବରୁ ମଦନଙ୍କୁ ରିମାଣ୍ଡ ଦେଇଥିବାରୁ ରିମାଣ୍ଡ ରିକଲ କ୍ଷମତା ତାଙ୍କର ନଥିବା ଦର୍ଶାଇ ଆବେଦନକୁ ଖାରଜ କରିଥିବା ଜଣାପଡ଼ିଛି। ପୂର୍ବରୁ ଅନୁରୂପ ଆବେଦନରେ ପୂର୍ବତନ ବିଧାୟକ ବିକ୍ରମ ପଣ୍ଡାଙ୍କ ପିଟିସନକୁ ମଧ୍ୟ କୋର୍ଟ ଖାରଜ କରିଥିଲେ।

# ନିପାଣିଆ ମହିଳା ଗୋଷ୍ଠୀକୁ ଧାନମଣ୍ଡି ଦାୟିତ୍ୱରୁ ବାଦ୍ ଦାବି

ଛତ୍ରପୁର,୨୦।୧୧(ସମିସ): ଗତବର୍ଷ ଧାନ ମଣ୍ଡି ଦାୟିତ୍ୱ ନେଇଥିବା ମା' ନିପାଣିଆ ଏସ୍‌ଏଚ୍‌ଜି ଗ୍ରୁପ ଦୁର୍ନୀତି କରିଥିବାରୁ ତାଙ୍କୁ ବାଦ ଦେବା ନିମନ୍ତେ ଗୁରୁବାର ଖଲ୍ଲିକୋଟ ବ୍ଲକ ଅନ୍ତର୍ଗତ ଆଇତିପୁର ଗ୍ରାମର ଚାଷୀ ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହୋଇଛନ୍ତି। ଏହା ସହିତ ଚଳିତ ବର୍ଷ ଧାନ କିଣା ସୁରୁଖୁରରେ ହେବା ନିମନ୍ତେ ଗ୍ରାମର ରାଧାକୃଷ୍ଣ ଏସଏଚଜି ଗ୍ରୁପକୁ ମଣ୍ଡି ଦାୟିତ୍ୱ ପରିଚାଳନା ନିମନ୍ତେ ଦେବାକୁ ସେମାନେ ଅନୁରୋଧ କରିଛନ୍ତି। ଏନେଇ ଗ୍ରାମର ପ୍ରକାଶ ପଲାଇ, ଭାସ୍କର ପ୍ରଧାନ, ରାଘବ ପ୍ରଧାନ ଓ ଯୋଗେନ୍ଦ୍ର ପ୍ରଧାନଙ୍କ ସମେତ ବହୁ ଚାଷୀ ସେମାନେ ଲିଖିତ

**ଜିଲ୍ଲା ପ୍ରଶାସନର ଦ୍ୱାରସ୍ଥ ହେଲେ ଚାଷୀ**

ଭାବେ ଗଞ୍ଜାମ ଜିଲ୍ଲାପାଳ, ଛତ୍ରପୁର ଉପଜିଲ୍ଲାପାଳ, ମିଶନ ଶକ୍ତି ଡିପିସି, ସିଏସଓ ଏବଂ ଏଆରସିଏସଙ୍କୁ ପତ୍ର ମାଧ୍ୟମରେ ଜଣାଇଛନ୍ତି। ଖଲ୍ଲିକୋଟ ବ୍ଲକ ଅନ୍ତର୍ଗତ ଆଇତିପୁର ଗ୍ରାମର ଚାଷୀ ଅଭିଯୋଗ କରିଛନ୍ତି ଯେ ଗତ ବର୍ଷ ଗ୍ରାମର ଧାନ ମଣ୍ଡି ଦାୟିତ୍ୱ ମା'ନିପାଣିଆ ଏସ୍‌ଏଚ୍‌ଜି ଗ୍ରୁପ ନେଇଥିଲେ। ମାତ୍ର( ସେ ଗ୍ରୁପର ଡିଇଓ) ସୁଜତା ସାହୁ ନିଜ ସହିତ ତାଙ୍କ ବନ୍ଧୁବାନ୍ଧବଙ୍କ ନାମରେ ୪୮୦ କୁଇଣ୍ଟାଲ ଧାନ କିଣିଛନ୍ତି। ପ୍ରକୃତରେ ସେମାନଙ୍କର ଏକରରୁ ଦୁଇ ଏକର ଜମି ନାହିଁ । ଅନ୍ୟ ଚାଷୀ ମାଟିଆ ସାହୁ, ଅଳିଆ ସ୍ୱାଇଁ, ରଜନି ସାହୁ, ବାବୁଲା ଜେନାଙ୍କର ଅଧିକ ଜମି ଥିଲେ ମଧ୍ୟ କମ ଟାର୍ଗେଟ ଆସିଥିଲା। ଗ୍ରୁପର ଡିଇଓ ସମ୍ପାଦିକା ଓ ସଭାନେତ୍ରୀ ମିଶି ଚଞ୍ଚକତା କରି ଲକ୍ଷ ଲକ୍ଷ ଟଙ୍କା ଦୁର୍ନୀତି କରିଛନ୍ତି। ଏ ବିଷୟରେ ଗ୍ରାମବାସୀଙ୍କ ତରଫରୁ ଜିଲ୍ଲା ପ୍ରଶାସନଙ୍କୁ ବହୁବାର ଅବଗତ କରାଇ ତଦନ୍ତ ପାଇଁ ଅନୁରୋଧ କରିଛନ୍ତି। ଏଣୁ ଚଳିତ ବର୍ଷ ଧାନ କିଣା ସୁରୁଖୁରୁରେ ହେବା ନିମନ୍ତେ ଗ୍ରାମର ରାଧାକୃଷ୍ଣ ଏସ୍.ଏଚ୍.ଜି ଗ୍ରୁପକୁ ମଣ୍ଡି ପରିଚାଳନା ଦାୟିତ୍ୱ ପ୍ରଦାନ କରିବାକୁ ସେମାନେ ଅନୁରୋଧ କରୁଛନ୍ତି। ଏହା ସହିତ ଖଲିକୋଟ ବିଧାୟକ ମଧ୍ୟ ଏକ ଚିଠି ମାଧ୍ୟମରେ ପ୍ରଶାସନଙ୍କୁ ଅବଗତ କରାଇଛନ୍ତି।

● ଗୋପାଳପୁର ବେଳାଭୂମିରେ ମାତିଛନ୍ତି ଲୁଟେରା

## ପୁଲିସ କହି ପର୍ଯ୍ୟଟକଙ୍କ ମୋବାଇଲ ଝାମ୍ପିନେଲେ

ବ୍ରହ୍ମପୁର,୨୦।୧୧(ସମିସ): ଗୋପାଳପୁର ବେଳାଭୂମିରେ ନିଜକୁ ପୁଲିସ ପରିଚୟ ଦେଇ ଗୁରୁବାର ପୂର୍ବାହ୍ନରେ ଜଣେ ପର୍ଯ୍ୟଟକଙ୍କ ଠାରୁ ମୋବାଇଲ ଝାମ୍ପି ନେଇଛନ୍ତି ଦୁର୍ବୃତ୍ତ। ସୂଚନା ପ୍ରକାରେ ଉତ୍ତରପ୍ରଦେଶ ଭୋରୀଛପରା ଗ୍ରାମର ଧନଞ୍ଜୟ କୁମାର ପ୍ରସାଦ ନାମକ ଜଣେ ପର୍ଯ୍ୟଟକ ପୂର୍ବାହ୍ନ ପ୍ରାୟ ୧୧ଟା ସମୟରେ ଗୋପାଳପୁର ବେଳାଭୂମିରେ ବୁଲୁଥିବା ବେଳେ ଦୁଇଜଣ ଅଜଣା ବ୍ୟକ୍ତି ଆସି ନିଜକୁ ପୁଲିସ କର୍ମଚାରୀ ବୋଲି ପରିଚୟ ଦେଇ ତାଙ୍କୁ ଗାଡ଼ିରେ ବସାଇ ସ୍ଥାନୀୟ ପୋଷ୍ଟ ଅଫିସ ଛକକୁ ନେଇଯାଇଥିଲେ। ସେଠାରେ ତାଙ୍କର ଦାମୀ ମୋବାଇଲ ସହିତ ନଗଦ କିଛି ଟଙ୍କା ଝାମ୍ପି ନେଇଥିଲେ। ଏନେଇ ପର୍ଯ୍ୟଟକ ଧନଞ୍ଜୟ କୁମାର ଗୋପାଳପୁର ଥାନାରେ ଲିଖିତ ଅଭିଯୋଗ କରିଥିବା ଜଣାପଡିଛି। ଅଭିଯୋଗ ପ୍ରକାରେ ପୁଲିସ ମାମଲା ରୁଜୁ କରି ତଦନ୍ତ ଚଳାଇଛି।

● ଚା' ଦୋକାନରେ ଅଗ୍ନିକାଣ୍ଡ

## ଜଳିଗଲା ଫ୍ରିଜ୍, ଫ୍ୟାନ୍ ସହ ଟଙ୍କା

ଖଲ୍ଲିକୋଟ,୨୦।୧୧(ସମିସ): ବୁଧବାର ବିଳମ୍ବିତ ରାତିରେ ଖଲ୍ଲିକୋଟ ଏନ୍‌ଏସିର ୧୧ ନମ୍ବର ୱାର୍ଡ ତୋଟାଗାଁର ଏକ ଚା'ଦୋକାନରେ ନିଆଁ ଲାଗି ଦୋକାନ ସହ ଫ୍ରିଜ୍, ଫ୍ୟାନ, ନଗଦ ପ୍ରାୟ ୧୯ ହଜାର ଟଙ୍କା ଜଳିଯାଇଛି। ଗାଁର ଜୟ ପାହାନ ତାଙ୍କ ଚା' ଦୋକାନ ବୁଧବାର ରାତି ପ୍ରାୟ ୧୦ଟାରେ ବନ୍ଦ କରି ଯାଇଥିଲେ। ଗୁରୁବାର ଭୋର ୩ଟାରେ ଦୋକାନ ଖୋଲିବାକୁ ଆସୁଥିବାବେଳେ ଦୋକାନ ଜଳୁଥିବା ଦେଖିବାକୁ ପାଇଥିଲେ। ବିଳମ୍ବିତ ରାତିରେ କୌଣସି କାରଣବଶତଃ ଦୋକାନରେ ନିଆଁ ଲାଗି ଯାଇଥିଲା। ଫଳରେ ଦୋକାନରେ ଥିବା ଫ୍ରିଜ୍, ଫ୍ୟାନ, ଦୋକାନ ସାମଗ୍ରୀ ସହ ନଗଦ




ପ୍ରାୟ ୧୯ ହଜାର ଟଙ୍କା ଏବଂ ଗୋଟିଏ ଏକ୍ସଏଲ ଗାଡ଼ି ଜଳି ପୋଡ଼ି ଛାରଖାର ହୋଇଯାଇଛି। ଅଗ୍ନିଶମ ବାହିନୀ ନିଆଁକୁ ଆୟତ୍ତ କରିଥିଲେ। ଦୋକାନରେ ନିଆଁ କେମିତି ଲାଗିଲା ତାହାର କାରଣ ଅସ୍ପଷ୍ଟ ରହି ଥିବା ବେଳେ କେହି ଦୁର୍ବୃତ୍ତ ଦୋକାନରେ ନିଆଁ ଲଗାଇ ଦେଇଥିବା ନେଇ ଜୟ ଅଭିଯୋଗ କରିଛନ୍ତି। ପୁଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରି ଫେରିଛନ୍ତି।

## ମହିଳାଙ୍କୁ ଆକ୍ରମଣ କରି ଟଙ୍କା ଲୁଟ୍; ୩ ଗିରଫ

ରଙ୍ଗେଇଲୁଣ୍ଡା,୨୦।୧୧(ସମିସ): ଗୋଳନ୍ଥରା ଥାନା ଅନ୍ତର୍ଗତ ଦୁମୁଦୁମି ଗ୍ରାମର ଜଣେ ମହିଳା ଦୋକାନୀଙ୍କୁ ଆକ୍ରମଣ ସହ ଟଙ୍କା ଲୁଟ୍ ହୋଇଥିବା ଅଭିଯୋଗ ହୋଇଛି। ଏହି ମାମଲାରେ ପୁଲିସ ତିନି ଜଣଙ୍କୁ ଗିରଫ କରି କୋର୍ଟଚାଲାଣ କରିଛି। ସେମାନେ ହେଲେ ଗୋଳନ୍ଥରା ଥାନା ଅଧିନସ୍ଥ ମେଲକଡୁରୁ ଗ୍ରାମର ବି. ସନ୍ତୋଷ ରାଓ (୩୧), ରଣ୍ଡା ଗ୍ରାମର ଓମ ସାମନ୍ତରାୟ(୨୨) ଓ ପୋଲସରା ଗ୍ରାମର କାହ୍ନୁ ବେହେରା (୩୦) ବୋଲି ଥାନା ଅଧିକାରୀ ବିବେକାନନ୍ଦ ସ୍ୱାଇଁ ସୂଚନା ଦେଇଛନ୍ତି। ଦୁମିଦୁମୀ ଗ୍ରାମର ପାର୍ବତୀ ସାହୁ ପାନ ଦୋକାନ କରିଛନ୍ତି। ଗତ ମଙ୍ଗଳବାର ରାତି ୮ଟାବେଳେ ସନ୍ତୋଷ, ଓମ ଓ କାହ୍ନୁ ମିଶି ପାର୍ବତୀଙ୍କ ଦୋକାନକୁ ଖାଇବାକୁ ଆସିଥିଲେ। ଖାଇ ସାରିବା ପରେ ଟଙ୍କା ଦେଇ ନ ଥିଲେ ପାର୍ବତୀ ଟଙ୍କା ମାଗିବାରୁ ଗାଳି ଗୁଲଜ କରିବା ସହ ଧମକ ଦେବା ସହ ଦୋକାନରେ ଥିବା ଆସବାବପତ୍ରକୁ ଫିଙ୍ଗା ଫୋପଡା କରି ନିସ୍ତୁକ ମାଡ଼ ମାରିଥିଲେ। ଏଥିସହ ଗଲାବେଳେ ୧୦ ହଜାର ଟଙ୍କା ନେଇ ଯାଇଥିଲେ। ଏନେଇ ପାର୍ବତୀ ଥାନାରେ ଅଭିଯୋଗ କରିଥିଲେ। ପୁଲିସ ଏକ ମାମଲା ରୁଜୁ କରି ତଦନ୍ତ କରିବା ସହ ଗୁରୁବାର ସକାଳେ ତିନି ଅଭିଯୁକ୍ତଙ୍କୁ ଉଠାଇ ଆଣି ପଚରା ଉଚରା କରିଥିଲା। ଲୁଟ କରିବା ଟଙ୍କା ଖର୍ଚ୍ଚ କରିଥିବା ନେଇ ଅଭିଯୁକ୍ତ ମାନେ କହିଥିଲେ। ସନ୍ଧ୍ୟାରେ ସେମାନଙ୍କୁ କୋର୍ଟଚାଲାଣ କରାଯାଇଛି। ପୂର୍ବରୁ ସନ୍ତୋଷଙ୍କ ନାଁରେ ୨୮ଟି ମାମଲା, କାହ୍ନୁ ନାଁରେ ୧୨ଟି ଓ ଓମ୍‌ଙ୍କ ନାଁରେ ଗୋଟିଏ ମାମଲା ରହିଥିବା ସୂଚନା ମିଳିଛି।

# ବ୍ରହ୍ମାକୁମାରୀସ୍ ଶାନ୍ତିକୁଣ୍ଡ ପକ୍ଷରୁ ଆଧ୍ୟାତ୍ମିକ ପ୍ରବଚନ

ବ୍ରହ୍ମପୁର,୨୦।୧୧(ସମିସ): ଗିରିରୋଡ ସ୍ଥିତ ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ଶାନ୍ତିକୁଣ୍ଡ ସେବାକେନ୍ଦ୍ର ଅନିଲ କୁମାର ଯୋଗ ଦେଇ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ଏଥିରେ ଅନ୍ତଃରାଷ୍ଟ୍ରୀୟ ପ୍ରେରଣାଦାୟକ




ପକ୍ଷରୁ ଏକକ ବିଶ୍ୱବିଦ୍ୟାଳୟ ଖେଳ ପଡ଼ିଆରେ ଆଧ୍ୟାତ୍ମିକ ପ୍ରବଚନ ଆୟୋଜିତ ହୋଇଯାଇଛି। ଏଥିରେ ଅତିଥି ଭାବେ ଖଣି ମନ୍ତ୍ରୀ ବିଭୂତି ଭୂଷଣ ଜେନା ଓ ବ୍ରହ୍ମପୁର ବିଧାୟକ କେ. ଅଭିଭାଷିକା ତଥା ବରିଷ୍ଠ ରାଜଯୋଗ ଶିକ୍ଷିକା, ରାଜଯୋଗିନୀ ବ୍ରହ୍ମାକୁମାରୀ ଶିବାନୀ ଦିଦିଙ୍କ ଯୋଗଦେଇ ଆଧୁନିକ ଜଗତରେ ଭାବନାତ୍ମକ ବ୍ୟକ୍ତିତ୍ୱ ସମ୍ପର୍କରେ ପ୍ରବଚନ ପ୍ରଦାନ କରିଥିଲେ। ବିଭିନ୍ନ ଦୃଷ୍ଟାନ୍ତ ଏବଂ ଉଦାହରଣ ମାଧ୍ୟମରେ ପ୍ରତ୍ୟେକଙ୍କୁ ସତ୍ୟଯୁଗ ସ୍ଥାପନାରେ ସହାୟକ ହେବା ସକାଶେ ପ୍ରେରଣା ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମରେ ବ୍ରହ୍ମପୁର ସବଜୋନ ସଞ୍ଚାଳିକା ରାଜଯୋଗିନୀ ବ୍ରହ୍ମାକୁମାରୀ ଭଗିନୀ ମାଳା ଶିବାନୀ ଦିଦିଙ୍କୁ ଦିବ୍ୟ ଆଧ୍ୟାତ୍ମିକ ବ୍ୟକ୍ତିତ୍ୱ ସମ୍ପର୍କରେ ବର୍ଣ୍ଣନା କରି ତାଙ୍କୁ ସ୍ୱାଗତ କରିଥିଲେ। କାର୍ଯ୍ୟକ୍ରମରେ ଗୋଳାବନ୍ଧ ଆର୍ମି ଏଡି କଲେଜର ଲେପଟେନାଣ୍ଟ ଜେନାରାଲ ଆର୍‌ସି ଶ୍ରୀକାନ୍ତ, ଡା. ବନାରଶୀ, ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ କୁଳପତି ଗୀତାଞ୍ଜଳୀ ଦାଶ, ପ୍ରଫେସର ପ୍ରିୟଦର୍ଶନ ପାତ୍ର, ଅଜୟ ଗୁପ୍ତା, ଜୟନ୍ତ ତ୍ରିପାଠୀ, ଦୀପକ ରାଓ, ଏମକେସିଜି ଅଧ୍ୟକ୍ଷ ପ୍ରଫେସର ଡା. ସୁଚିତ୍ରା ଦାଶ, ମହେନ୍ଦ୍ର ମହନ୍ତ, ଆର୍. କେ. ମହାନ୍ତି, ପୂର୍ବତନ ବ୍ରହ୍ମପୁର ବିଧାୟକ ରମେଶ ଚନ୍ଦ୍ର ଚ୍ୟାଉ ପଟ୍ଟନାୟକ, ଅତିରିକ୍ତ ଜିଲ୍ଲାପାଳ ପ୍ରିୟ ରଞ୍ଜନ ପୃଷ୍ଟି, ବରିଷ୍ଠ ଭେଷଜ ତଥା ମଧୁମେହ ବିଶେଷଜ୍ଞ ଡା. ପ୍ରକାଶ ଚନ୍ଦ୍ର ପାତ୍ରଙ୍କ ସମେତ ପ୍ରତିଷ୍ଠିତ ବ୍ୟକ୍ତିଗଣ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ବ୍ରହ୍ମାକୁମାରୀ ଭଗିନୀ ସଂଘମିତ୍ରା ସଞ୍ଚାଳନ କରିଥିଲେ।

## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର





କୁକୁଡାଖଣ୍ଡି,୨୦।୧୧(ସମିସ): କୁକୁଡାଖଣ୍ଡି ବ୍ଲକ ପରିସରରେ ଗୁରୁବାର ଭୀମଭୋଇ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ବିଡ଼ିଓ ତଥା ପ୍ରୋବେସନାରୀ ଆଇଏଏସ୍ ଅଫିସର ମୃଣାଳିକା ରାଠୋରଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଶିବିରର ପରିଚାଳନା ଗୋଷ୍ଠୀ ସାମାଜିକ ସୁରକ୍ଷା ଅଧିକାରୀ ମନୋଜ ପ୍ରଧାନ କରିଥିଲେ। ମୁଖ୍ୟ ଅତିଥି ଭାବେ ଦିଗପହଣ୍ଡି ବିଧାୟକ ସିଦ୍ଧାନ୍ତ ମହାପାତ୍ର ଯୋଗଦେଇଥିଲେ। ସମ୍ମାନିତ ଅତିଥି ଭାବେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ପଲ୍ଲବୀ ସ୍ୱାଇଁ, ବ୍ଲକ ଭାରପ୍ରାପ୍ତ ଅଧ୍ୟକ୍ଷା ବିଷ୍ଣୁପ୍ରିୟା ପାତ୍ର, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ କୃଷ୍ଣଚନ୍ଦ୍ର ବେହେରା, ସାଂସଦ ପ୍ରତିନିଧି ସନ୍ତୋଷ କୁମାର ଚୌଧୁରୀ, ବିଭିନ୍ନ ବିଭାଗର ଅଧିକାରୀ ଓ ଜିଲ୍ଲା ଭିନ୍ନକ୍ଷମ ନେତା କେ.ମଣିବାବୁ ଉପସ୍ଥିତ ଥିଲେ। ଶିବିରରେ ବିଭିନ୍ନ ପଞ୍ଚାୟତରୁ ପ୍ରାୟ ୫୦୦ରୁ ଅଧିକ ଦିବ୍ୟାଙ୍ଗ ଉପସ୍ଥିତ ଥିଲେ। ବିଧାୟକ ମହାପାତ୍ର ଦିବ୍ୟାଙ୍ଗ ମାନଙ୍କ ପାଇଁ ଚାଲୁଥିବା ବିଭିନ୍ନ ସରକାରୀ ଯୋଜନା ସମ୍ପର୍କରେ ସଚେତନତା ଓ ସହାୟତାର ଆଶ୍ୱାସନା ଦେଇଥିଲେ। ଶିବିରରେ ୨୫ରୁ ଅଧିକ ଦିବ୍ୟାଙ୍ଗଙ୍କୁ ଭତ୍ତା କାର୍ଡ, ଭତ୍ତା ଟଙ୍କା, ଦିବ୍ୟାଙ୍ଗ ସାଇକେଲ୍, ଆଶାବାଡି ଓ ବସ୍ ପାସ୍ ବଣ୍ଟନ କରାଯାଇଥିଲା। ସେହିପରି, ବାର୍ଷିକ ଆୟ, ଜାତି, ଆବାସିକ ପ୍ରମାଣପତ୍ର, ଜମିପଟ୍ଟା, ଡି.ଆର୍.ଆଇ ଋଣ, ମୁଖ୍ୟମନ୍ତ୍ରୀ ସାହାଯ୍ୟ ପାଣ୍ଠି, ଗ୍ରାମୀଣ ଆବାସ, ମିସନ କ୍ଷମତା, ବସ୍ ପାସ୍, ରାସନ୍ କାର୍ଡ, ଭିନ୍ନକ୍ଷମ ଭତ୍ତା, ପ୍ରାଥମିକ ସହାୟତା, ପଞ୍ଜିକରଣ ପତ୍ର, ଆଧାର କାର୍ଡ ଇତ୍ୟାଦି ପାଇଁ ସ୍ୱତନ୍ତ୍ର ଷ୍ଟଲ୍ ଖୋଲାଯାଇଥିଲା।

## ଗଞ୍ଜାମ ଜିଲ୍ଲାକୁ ମିଳିଲା 'ଜଳ ସଞ୍ଚୟ' ପୁରସ୍କାର

ଛତ୍ରପୁର,୨୦।୧୧(ସମିସ): ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ନୂଆଦିଲ୍ଲୀର ବିଜ୍ଞାନ ଭବନରେ ମଙ୍ଗଳବାର ଷଷ୍ଠ ଜାତୀୟ ଜଳ ପୁରସ୍କାର-୨୦୨୪ ଏବଂ ପ୍ରଥମ ଜଳ ସଞ୍ଚୟ ଜନ ଭାଗୀଦାରୀ ପୁରସ୍କାର ପ୍ରଦାନ କରିଛନ୍ତି। ଜଳ ସଂରକ୍ଷଣ ଏବଂ ପରିଚାଳନା କ୍ଷେତ୍ରରେ ଅନୁକରଣୀୟ କାର୍ଯ୍ୟ ପାଇଁ ବିଭିନ୍ନ ବର୍ଗର ବିଜେତାଙ୍କୁ ପୁରସ୍କୃତ କରାଯାଇଥିଲା। ଶ୍ରେଷ୍ଠ ପ୍ରଦର୍ଶନକାରୀ ଜିଲ୍ଲା ମଧ୍ୟରେ ଓଡିଶାର ଗଞ୍ଜାମ ଜିଲ୍ଲାକୁ ତୃତୀୟ ବର୍ଗର ୪ର୍ଥ ରେଙ୍କରେ ପୁରସ୍କୃତ କରାଯାଇଛି।

ଏହି ଅବସରରେ ଗଞ୍ଜାମ ଜିଲ୍ଲା ପରିଷଦର ଭାରପ୍ରାପ୍ତ ମୁଖ୍ୟ ଉନ୍ନୟନ ଅଧିକାରୀ ବିଜୟ କୁମାର ବେହେରା ଟ୍ରଫି ସହ ପୁରସ୍କାର ଗ୍ରହଣ କରିଛନ୍ତି। ଜଳ ସଞ୍ଚୟ ଜନ ଭାଗୀଦାରୀ (ଜେଏସଜେବି) ପ୍ରୟାସରେ ଭୂତଳ ଜଳ ପୁନଃଚାର୍ଜ ଢାଞ୍ଚା ବିକାଶରେ ଅନୁକରଣୀୟ ଅବଦାନ ପାଇଁ ଏହି ପୁରସ୍କୃତପ୍ରଦାନ କରାଯାଇଛି। ଗଞ୍ଜାମ ଜିଲ୍ଲାରେ ୯,୪୦୨ଟି କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇଥିବା ସୂଚନା ମିଳିଛି। ଏହି ପୁରସ୍କୃତ ସମାରୋହରେ କେନ୍ଦ୍ର ଜଳ ଶକ୍ତି ମନ୍ତ୍ରୀ ସି. ଆର. ପାଟିଲ, କେନ୍ଦ୍ର ଶକ୍ତି ମନ୍ତ୍ରଣାଳୟର ଜଳ ସମ୍ପଦ, ଆରଡ଼ି ଏବଂ ଜିଆର ବିଭାଗ ସଚିବ ଭି.ଏଲ. କଣ୍ଠ ରାଓ, ଜଳ ଶକ୍ତି ମନ୍ତ୍ରଣାଳୟର ପାନୀୟ ଜଳ ଏବଂ ପରିମଳ ବିଭାଗ ସଚିବ ଅଶୋକ କେ. କେ. ମିନାଙ୍କ ସମେତ ବହୁ ବରିଷ୍ଠ ଅଧିକାରୀ ମାନେ ଉପସ୍ଥିତ ଥିଲେ। ଏହି ପୁରସ୍କାର ମିଳିବା ପରେ ଗଞ୍ଜାମ ଜିଲ୍ଲାପାଳ ଭି. କୀର୍ତ୍ତୀ ଭାସନ ସମସ୍ତ ଟିମକୁ ଶୁଭେଚ୍ଛା ଜଣାଇବା ସହିତ ଜିଲ୍ଲା ରେ କିପରି ଏଭଳି ବିକାଶ କାର୍ଯ୍ୟକ୍ରମ ଜାରି ରହିବ ସେଥିପାଇଁ ପରାମର୍ଶ ଦେଇଥିଲେ। ସୂଚନା ଯୋଗ୍ୟ ଗଞ୍ଜାମ, ମୟୂରଭଞ୍ଜ, କଳାହାଣ୍ଡି, ରାୟଗଡା, କଟକ ତୃତୀୟ ବର୍ଗରେ ପୁରସ୍କୃତ ହୋଇଛନ୍ତି। ଜିଲ୍ଲାରେ ବିଭିନ୍ନ ଜଳପ୍ରକଳ୍ପକୁ ସଫଳତାର ପୂର୍ବକ କାର୍ଯ୍ୟକାରୀ କରିବା ଲାଗି ପ୍ରତ୍ୟେକ ଜିଲ୍ଲାକୁ ୨୫ ଲକ୍ଷ ଟଙ୍କା ଲେଖାଏଁ ପୁରସ୍କାର ରାଶି ପ୍ରଦାନ କରାଯାଇଛି।

## ବ୍ଲକସ୍ତରୀୟ ବିଜ୍ଞାନ ମେଳା



ସୋରଡ଼ା,୨୦।୧୧(ସମିସ): ସୋରଡ଼ା ଟେକନିକାଲ ହାଇସ୍କୁଲ ପ୍ରାଙ୍ଗଣ ବ୍ଲକସ୍ତରୀୟ ବିଜ୍ଞାନ ପ୍ରଦର୍ଶନୀ ମେଳା ଅନୁଷ୍ଠିତ ହୋଇଯାଇଛି। ଉଦଘାଟକ ଭାବେ ସୋରଡା ବିଧାୟକ ନୀଳମଣି ବିଷୋୟୀଙ୍କ ସହ ଏନଏସି ଅଧ୍ୟକ୍ଷ ଶିବଶଙ୍କର ପଣ୍ଡା, ନିର୍ବାହୀ ଅଧିକାରୀ ଉମେଶ ଚନ୍ଦ୍ର ସାହୁ ଯୋଗଦେଇଥିଲେ। ମୁଖ୍ୟ ଅତିଥି ଭାବେ ଅତିରିକ୍ତ ତହସିଲଦାର ତଥା ବିଡିଓ ତନ୍ମୟ ପାତ୍ର, ସମ୍ମାନିତ ଅତିଥି ଭାବେ ଗୋଷ୍ଠୀ ଶିକ୍ଷା ଅଧିକାରୀ ରମେଶ ଚନ୍ଦ୍ର ସାହୁ, କାଉନସିଲର ରଜନୀ କାନ୍ତ ମହାପାତ୍ର, ଜୋସେଫ ପଙ୍ଗବିଲି, ଅତିରିକ୍ତ ଗୋଷ୍ଠୀ ଶିକ୍ଷାଅଧିକାରୀ ସୁଶିଳା ପାତ୍ର, ପିତାମ୍ବର ନାୟକ ଏହି ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସୁରେଶ ବେହେରା ପ୍ରମୁଖ ଯୋଗ ଦେଇଥିଲେ। ୧୨୫ ଗୋଟି ପ୍ରକଳ୍ପ ଛାତ୍ରଛାତ୍ରୀଙ୍କ ଦ୍ୱାରା ପ୍ରଦର୍ଶିତ କରାଯାଇଥିଲା। କାର୍ଯ୍ୟକ୍ରମକୁ କାଳୁ ଚରଣ ପାଢ଼ୀ, ସନ୍ତୋଷ ମହାନ୍ତି, କାହ୍ନୁଚରଣ ପ୍ରଧାନ ପରିଚାଳନା କରିଥିବା ବେଳେ ହୃଦାନନ୍ଦ ବେହେରା, ରାଜେନ୍ଦ୍ର ବିଷୋୟୀ ପ୍ରାରମ୍ଭିକ ସଙ୍ଗୀତ ଗାନ କରିଥିଲେ।

# ୭୫ ବର୍ଷ ପରେ ପଟ୍ଟା ପାଇଲେ ଗ୍ରାମବାସୀ

ପୋଲସରା,୨୦।୧୧(ସମିସ)

ପୋଲସରା ତହସିଲ ଅନ୍ତର୍ଗତ ବର୍ତ୍ତିନି ଗ୍ରାମରେ ଗୁରୁବାର ଜନ ଅଭିଯୋଗ ଶୁଣାଣି ଓ ଘରପଟ୍ଟା ବଣ୍ଟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ପୋଲସରା ତହସିଲଦାର ଦିପ୍ତିମୟୀ ପାତ୍ରଙ୍କ ପୌରହିତ୍ୟରେ ଆୟୋଜିତ କାର୍ଯ୍ୟକ୍ରମରେ ମତ୍ସ୍ୟ ଓ ପଶୁସମ୍ପଦ ମନ୍ତ୍ରୀ ଗୋକୁଳନନ୍ଦ ମଳିକ ଯୋଗଦେଇ ବର୍ତ୍ତିନି ଗ୍ରାମର ୧୩୨ ଜଣଙ୍କୁ ଘର ପଟ୍ଟା ପ୍ରଦାନ କରିଥିଲେ। ଦୀର୍ଘ ଦିନର ଦାବିପରେ ଆଜି ଗ୍ରାମବାସୀଙ୍କ ଆଶା ପୁରା ହେଇଥିବାରୁ ଗ୍ରାମବାସୀଙ୍କ ମଧ୍ୟରେ ଖୁସି ଦେଖିବାକୁ ମିଳିଥିଲା। ବର୍ତ୍ତିନି ଗ୍ରାମର ପ୍ରାୟ ୨୦୦ ରୁ ଉର୍ଦ୍ଧ ପରିବାର ୭୫




ବର୍ଷରୁ ଉର୍ଦ୍ଧ ସମୟ ଧରି ପଟ୍ଟା ପାଇବା ପାଇଁ ବାରମ୍ବାର ତହସିଲ କାର୍ଯ୍ୟାଳୟ ଠୁ ଆରମ୍ଭ କରି ଜିଲ୍ଲା ରାଜସ୍ୱ ବିଭାଗ କାର୍ଯ୍ୟାଳୟ ପର୍ଯ୍ୟନ୍ତ ଦୌଡ଼ିଦୌଡ଼ି ହତାଶ ହୋଇଥିଲେ। ଏପରିକି ୧୯୭୬ ମସିହାରେ ହୋଇଥିବା ସେଟେଲମେଣ୍ଟରେ ମଧ୍ୟ କୌଣସି ଲୋକଙ୍କୁ ପଟ୍ଟା ମିଳିନଥିଲା। ଯାହା ଫଳରେ ଏହି ଗ୍ରାମର ଲୋକମାନେ ବିଭିନ୍ନ ପ୍ରକାର ଅସୁବିଧାର ସମ୍ମୁଖୀନ ହେଉଥିଲେ। ତେଣୁ ପ୍ରଶାସନ ପକ୍ଷରୁ ସେମାନଙ୍କୁ ପଟ୍ଟା କିପରି ଯୋଗାଇ ଦିଆଯିବ ସେନେଇ ପ୍ରୟାସ କରାଯାଇଥିଲା। କାର୍ଯ୍ୟକ୍ରମରେ ଅତିରିକ୍ତ ତହସିଲଦାର ରମେଶ ଚନ୍ଦ୍ର ମଳିକ, ସ୍ଥାନୀୟ ସରପଞ୍ଚ ସଞ୍ଜୁଲତା ଡାକୁଆ, ତହସିଲ କାର୍ଯ୍ୟାଳୟର ବରିଷ୍ଠ କିରାଣୀ ଗିରିଜା ଶଙ୍କର ମିଶ୍ର, କନିଷ୍ଠ କିରାଣୀ ଜିତେନ୍ଦ୍ର କୁମାର ସାହୁ, ସହକାରୀ ରାଜସ୍ୱ ନିରୀକ୍ଷକ ପ୍ରକାଶ ଚନ୍ଦ୍ର ବେହେରା, ଜନକ ଦାଶ, ନାରାୟଣ ମହାରଣା, ଉଜ୍ୱଳ ବିଷୋୟୀ, ପଞ୍ଚାନନ ସାହୁଙ୍କ ସମେତ ସମସ୍ତ କର୍ମଚାରୀ ଓ ଗ୍ରାମବାସୀ ଉପସ୍ଥିତ ଥିଲେ। ଅଧ୍ୟାପକ ଦେବାଶିଷ ସ୍ୱାଇଁ ସହଯୋଗ କରିଥିଲେ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar. Contact Gadhwal Group.
9437015112

ଅଶ୍ରୁଳ ଶ୍ରଦ୍ଧାଞ୍ଜଳି
"ନୈନଂ ଛିନ୍ଦନ୍ତି ଶସ୍ତ୍ରାଣି, ନୈନଂ ଦହତି ପାବକଃ ।
ନ ଚୈନଂ କ୍ଲେଦୟନ୍ତ୍ୟାପୋ, ନ ଶୋଷୟତି ମାରୁତଃ ॥"



୰ ଲକ୍ଷ୍ମୀ ପୃଷ୍ଟି
ସ୍ୱା: ୰ ଅର୍ଜୁନ ପୃଷ୍ଟି
ଆବିର୍ଭାବ : ୨୪.୦୯.୧୯୪୦, ତିରୋଧାନ : ୦୮.୧୧.୨୦୨୫
ଆପଙ୍କ ଅମର ଆତ୍ମାର ଶାନ୍ତି ଓ ସଦ୍‌ଗତି ପାଇଁ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ନିକଟରେ ପ୍ରାର୍ଥନା କରୁଅଛୁ।
କନ୍ୟା-ମମତା, ଜ୍ୱାଇଁ- ରାମେଶ୍ୱର, ପୁତ୍ର- ପ୍ରମୋଦ, ବସନ୍ତ, ସୁମନ୍ତ, ପ୍ରଶାନ୍ତ, ପୁତ୍ରବଧୂ, କନ୍ୟାକୁମାରୀ, ମାମୁନି, ମୁନକୀରାଣୀ, ରୂପାସିଲ୍ଲା, ନାତି-ଓମ୍, ଗୋପାଳ, ସାଧୀନ, କାହ୍ନା, ନାତୁଣୀ ଜ୍ୱାଇଁ-ସାଧିନ, ନାତୁଣୀ- ମାମା, ସୋମା, ଶୁଭ, ଦିପି, ଲିପି, ଲିଙ୍କି, ପିଙ୍କି, ରଣପୁର ଓ ଚାନ୍ଦପୁର କୋଣାର୍କ କୁଏଲାରୀ ପରିବାର ସମତେ ବନ୍ଧୁ ତଥା ଆତ୍ମୀୟ ସଜନଙ୍କ ଭକ୍ତିପୂତ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି

# ଚିରସ୍ରୋତା ଋଷିକୁଲ୍ୟାରୁ ବଢୁଛି ବାଲି ଚୋରି

- ମୁଖ୍ୟମନ୍ତ୍ରୀଙ୍କ ତାଗିଦ୍‌କୁ ଖଣିମନ୍ତ୍ରୀଙ୍କ ଜିଲ୍ଲାରେ ବେଖାତିର
- ମାଫିଆଙ୍କ ନାଲିଆଖି ଓ ପ୍ରଶାସନର ନୀରବତାକୁ ନେଇ ଆନ୍ଦୋଳନ ଚେତାବନୀ

ବ୍ରହ୍ମପୁର,୨୦।୧୧(ସମିସ): ଲଘୁ ଖଣିଜ ସମ୍ପଦର ଲୁଟକୁ ରୋକିବା ପାଇଁ ମୁଖ୍ୟମନ୍ତ୍ରୀ ଦେଇଥିବା କଡା ତାଗିଦକୁ ଖୋଦ୍ ଖଣିମନ୍ତ୍ରୀଙ୍କ ଜିଲ୍ଲାରେ ବେଖାତିର କରାଯାଉଥିବା ଅଭିଯୋଗ ହୋଇଛି। ବିଳମ୍ବିତ ରାତି ହେଉ କି ଦିନ ଦ୍ୱିପହରରେ ଅବାଧରେ ଚାଲିଛି ବାଲି, ପଥର ଓ ମୋରମ ଭଳି ଲଘୁ ଖଣିଜ ସମ୍ପଦର ଚୋରା ଚାଲାଣ। ଉଭୟ ଖଣିବିଭାଗ ଓ ରାଜସ୍ୱ ବିଭାଗ ପରସ୍ପରକୁ ଅଙ୍ଗୁଳି ନିର୍ଦ୍ଦେଶ କରି ଚୁପ ବସିଥିବାରୁ ଗଞ୍ଜାମ ଜିଲ୍ଲାରେ ଦିନକୁ ଦିନ ମାଫିଆଙ୍କ ଦୌରାତ୍ମ୍ୟ ବୃଦ୍ଧି ପାଉଥିବା ଅଭିଯୋଗ ହୋଇଛି। ମାଫିଆମାନେ ବିନା ଦ୍ୱିଧାରେ ଚିରସ୍ରୋତା ଋଷିକୂଲ୍ୟା ନଦୀର ବିଭିନ୍ନ ସ୍ଥାନରୁ ବାଲି ଖନନ ଓ ଉତ୍ତୋଳନ କରି ଚାଲାଣ କରୁଛନ୍ତି। ଫଳରେ ରାଜ୍ୟ ସରକାର କୋଟି କୋଟି ଟଙ୍କାର ରାଜସ୍ୱ କ୍ଷତି ସହୁଛନ୍ତି। ଏଭଳି ଏକ ଘଟଣା ନଜରକୁ ଆସିଛି ପୁରୁଷୋତ୍ତମପୁର ବ୍ଲକ ଅନ୍ତର୍ଗତ ରାଇପୁର ଗ୍ରାମ ନିକଟରେ। ଋଷିକୂଲ୍ୟା ନଦୀକୁ ରାସ୍ତା ନିର୍ମାଣ କରି ରାତିଅଧିଆ ବାଲି ଚୋରା ଚାଲାଣ ଚାଲିଥିବା ବେଳେ ପ୍ରଶାସନ ନୀରବଦ୍ରଷ୍ଟା ସାଜିଥିବା ଅଭିଯୋଗ ହୋଇଛି। ଯାହାକୁ ନେଇ ଗ୍ରାମବାସୀଙ୍କ ମଧ୍ୟରେ ତୀବ୍ର ଅସନ୍ତୋଷ ଦେଖିବାକୁ ମିଳିଛି। ନଦୀକୁ ରାସ୍ତା ସଂଯୋଗ କରିବାକୁ କିଏ ଅନୁମତି ଦେଇଛି ବୋଲି ଗ୍ରାମବାସୀ ପ୍ରଶ୍ନ କରିଛନ୍ତି। ଫଳରେ ଘଟଣାକୁ ନେଇ ରାଇପୁର ଗ୍ରାମରେ ଚାପା ଉତ୍ତେଜନା ପରିସ୍ଥିତି ସୃଷ୍ଟି ହେବା ସହିତ ଅସନ୍ତୋଷ କୁହୁଳିବାରେ ଲାଗିଛି। କୃତ୍ରିମ ତଥା ବେଆଇନ ବାଲିଘାଟକୁ ବିରୋଧ କରି ରାଇପୁର ଗ୍ରାମବାସୀ ପୁରୁଷୋତ୍ତମପୁର ତହସିଲ କାର୍ଯ୍ୟାଳୟରେ ଫେରାଦ ହୋଇ ରାସ୍ତାନିର୍ମାଣ ପ୍ରତିବାଦରେ ଫେରାଦ ହୋଇ ସ୍ମାରକପତ୍ର ପ୍ରଦାନ କରିଥିଲେ। ଏପରିକି ତୁରନ୍ତ କିଛି ପଦକ୍ଷେପ ଗ୍ରହଣ କରାନଗଲେ ଆଗାମୀ ଦିନରେ ଆନ୍ଦୋଳନାତ୍ମକ ପନ୍ଥା ଗ୍ରହଣ କରିବାକୁ ବାଧ ହେବେ ବୋଲି ଚେତାବନୀ ଦେଇଛନ୍ତି। ବେଆଇନ ବାଲି ଉଠାଣ ଯୋଗୁଁ ଜନବସତି, ଚାଷ ଜମି ଓ ନଦୀକୂଳ କ୍ଷୟ ଘଟୁଥିବା ଅଭିଯୋଗ କରିଛନ୍ତି। ପୂର୍ବରୁ ୨୦୦୭ମସିହାରେ ଉକ୍ତ ସ୍ଥାନରେ ବାଲିଘାଟ କରାଯାଉଥିବା ବେଳେ ଗ୍ରାମବାସୀମାନେ ବିରୋଧ କରି ଆନ୍ଦୋଳନକୁ ଓହ୍ଲାଇଥିଲେ। ଫଳରେ ସମ୍ପୃକ୍ତ ସ୍ଥାନରେ ବାଲିଘାଟ ସହିତ ବାଲି ଉତ୍ତୋଳନକୁ ବନ୍ଦ ରଖିବାକୁ ପ୍ରଶାସନ ବାଧ୍ୟ ହୋଇଥିଲା।


ତେବେ ବର୍ତ୍ତମାନ ପୁଣି ଉକ୍ତ ସ୍ଥାନରେ ନଦୀକୁ ରାସ୍ତା ନିର୍ମାଣ ସହିତ ବାଲି ଉଠାଣ କରାଯାଉଥିବାରୁ ତୁରନ୍ତ ପଦକ୍ଷେପ ନେବାକୁ ଗ୍ରାମବାସୀ ଦାବି କରିଛନ୍ତି। ଏନେଇ ଖଣି ଅଧିକାରୀ କୀର୍ତ୍ତି ରଂଜନ ସେଠଙ୍କ ସହିତ ଯୋଗାଯୋଗ କରାଯିବାରେ ସେ ଏଭଳି ଅଭିଯୋଗ ସମ୍ପର୍କରେ ଅବଗତ ଥିବା କହିଛନ୍ତି। ଉକ୍ତ ସ୍ଥାନରୁ ବାଲି ଉଠାଣ ପାଇଁ ବା ବାଲିଘାଟ ପାଇଁ କୌଣସି ପ୍ରକାରର ଟେଣ୍ଡର ହୋଇନଥିବା ସ୍ପଷ୍ଟ କରିଛନ୍ତି। ଅଭିଯୋଗ ପାଇ ଘଟଣା ସ୍ଥଳ ପରିଦର୍ଶନ କରିବା ପରେ ସେଠାରୁ ବାଲି ଉଠାଣ ହୋଇଥଇବା ସ୍ୱୀକାର ମଧ୍ୟ କରିଛନ୍ତି। ତେବେ ଆଗକୁ କିଭଳି ସେଠାରୁ ବାଲି ଉଠାଣ ବା ଚାଲାଣ ନହେବ ସେଥିପାଇଁ ଉକ୍ତ ରାସ୍ତାକୁ ବନ୍ଦ କରି ଦିଆଯାଇଥିବା ସେ ସୂଚନା ଦେଇଛନ୍ତି। ସେହିଭଳି ପୁରୁଷୋତ୍ତମପୁର ତହସିଲଦାର ବିନୋଦ ବେହେରାଙ୍କ ସହ ଯୋଗାଯୋଗ କରାଯିବାରେ ତାଙ୍କର ଅନୁପସ୍ଥିତିରେ ରାଇପୁର ଗ୍ରାମବାସୀ ବାଂଲି ଉଠାଣକୁ ବିରୋଧ କରି ଅଭିଯୋଗ ପତ୍ର ଦେଇଥିବା କହିଛନ୍ତି। ଖଣି ବିଭାଗ ଅଧିକାରୀଙ୍କ ସହିତ ଘଟଣା ସ୍ଥଳକୁ ଯାଇ ସ୍ଥିତି ଅନୁଧ୍ୟାନ କରିବା ପରେ ଏନେଇ ଆବଶ୍ୟକ ପଦକ୍ଷେପ ତଥା କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ତହସିଲଦାର ଶ୍ରୀ ବେହେରା କହିଛନ୍ତି।

## ତେରଗଉଞ୍ଜୁ ଗ୍ରାମରେ ମାର୍‌ପିଟ୍; ପୃଥକ ମାମଲା ରୁଜୁ

ବ୍ରହ୍ମପୁର,୨୦।୧୧(ସମିସ): ଗୋପାଳପୁର ଥାନା ଅନ୍ତର୍ଗତ ତେର ଗଉଞ୍ଜୁ ଗ୍ରାମରେ ଆଜି ସକାଳେ ଏକ ମାରପିଟ ମାମଲାରେ ପୁଲିସ ପୃଥକ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଛି। ସୂଚନା ପ୍ରକାରେ ସକାଳ ପ୍ରାୟ ୯ ଟା ସମୟରେ ହୃଷିକେଶ ବେହେରା ଘରକୁ ଆସୁଥିବା ବେଳେ ପୂର୍ବରୁ ବିଭିନ୍ନ ମାରଣାସ୍ତ୍ର ଧରି ସାହିର ପ୍ରୀତବାସ ବେହେରା, ଦୀପକ ବେହେରା, ଭଗବାନ ବେହେରା ଓ ନିରଞ୍ଜନ ବେହେରା ସମସ୍ତେ ମିଶି ଆକ୍ରମଣ କରିଥିଲେ। ଶାଶୁ ମନାସ ବେହେରା ସେହି ରାସ୍ତାରେ ଗଲା ବେଳେ ମାରପିଟ ହେଉଥିବା ଦେଖି ପ୍ରତିବାଦ କରିଥିଲେ। ପରେ ଗ୍ରାମର ଲୋକେ ଆସିବା ଦେଖି ସେଠାରୁ ଚାଲି ଯାଇଥିବା ଆରତୀ ବେହେରା ଗୋପାଳପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ହୃଷିକେଶଙ୍କ ଆଖୀ ଉପର ଭାଗରେ ମାଡ଼ ହୋଇ ପ୍ରବଳ ରକ୍ତସ୍ରାବ ହୋଇଥିବା ଦେଖି ଚିକିତ୍ସା ନିମନ୍ତେ ବ୍ରହ୍ମପୁର ମେଡିକାଲରେ ଭର୍ତ୍ତି କରାଯାଇଛି। ଆରତୀଙ୍କ ଅଭିଯୋଗ ପ୍ରକାରେ ପୁଲିସ କେସ ନମ୍ବର ୪୦୨/୨୫ ମାମଲା ରୁଜୁ କରି ସମ୍ପୃକ୍ତ ଥିବା ଚାରି ଜଣକୁ ଥାନାକୁ ଆଣି ପଚରା ଉଚରା ଜାରି ରଖିଛି। ସେହିପରି ଦୀପକ ବେହେରାଙ୍କ ଅଭିଯୋଗ ପ୍ରକାରେ ଆଜି ସକାଳ ୧୦ ଘଣ୍ଟା ସମୟରେ ନିଜ ବାଇକରେ ଘରୁ ବାହାରି ଯାଉଥିବା ସମୟରେ ବିପରିତ ପଟୁ ଆସୁଥିବା ହୃଷିକେଶ ବେହେରାଙ୍କ ବାଇକ ସହ ମୁହାଁ ମୁହିଁ ହୋଇଥିବାରୁ ହୃଷିକେଶ ଅସଭ୍ୟ ଭାଷାରେ ଗାଳି ଗୁଲଜ କରିବା ସହ ଚାପୁଡ଼ା ମାରିଥିଲା। ଏହାକୁ ନେଇ ଉଭୟଙ୍କ ମଧ୍ୟରେ ପାଟିତୁଣ୍ଡ ଚାଲିଥିବା ସମୟରେ ବଡ଼ ଭାଇ ଭଗବାନ ସେଠାରେ ପହଞ୍ଚି ପ୍ରତିବାଦ କରିବାରୁ ତାକୁ ମଧ୍ୟ ମାଡ଼ ମାରିବା ସହ ଆମ ଦୁଇ ଭାଇକୁ ଜୀବନରେ ମାରିଦେବାକୁ ଧମକ ଦେଇଥିବା ନେଇ ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ପ୍ରକାରେ ପୁଲିସ କେସ ନମ୍ବର ୪୦୩/୨୫ ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଥିବା ପୁଲିସ କହିଛି।

## ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟରେ ବିଶ୍ୱ ଦର୍ଶନ ଦିବସ ପାଳନ

ବ୍ରହ୍ମପୁର,୨୦।୧୧(ସମିସ): ଖଲ୍ଲିକୋଟ ଏକକ ବିଶ୍ୱବିଦ୍ୟାଳୟର ଦର୍ଶନ ବିଭାଗ ପକ୍ଷରୁ ବିଶ୍ୱ ଦର୍ଶନ ଦିବସ ପାଳିତ ହୋଇଯାଇଛି। ଦାର୍ଶନିକ ସକ୍ରେଟିସ୍‌ଙ୍କ ଜନ୍ମ ଦିବସକୁ ମନେ ରଖିବା ପାଇଁ ପ୍ରତିବର୍ଷ ନଭେମ୍ବର ମାସ ତୃତୀୟ ଗୁରୁବାର ଦିନ ଏହି ଦିବସ ପାଳନ କରାଯାଇଥାଏ। ଦର୍ଶନ ଶାସ୍ତ୍ର ବିଭାଗର ମୁଖ୍ୟ ଡ. ଯତିନ୍ ବିଷୋୟୀଙ୍କ ତତ୍ତ୍ୱାବଧାନରେ ଅଯୋଜିତ କାର୍ଯ୍ୟକ୍ରମରେ ବିଶ୍ୱବିଦ୍ୟାଳୟର ସ୍ନାତକୋତ୍ତର ପରିଷଦର ଅଧ୍ୟକ୍ଷ ତଥା ପରୀକ୍ଷା ନିୟନ୍ତ୍ରକ ଡ. ମନୋଜ କୁମାର ପଟ୍ଟନାୟକ ଯୋଗ ଦେଇ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ଏହା ସହ ନୂତନ ଶିକ୍ଷାନୀତିରେ ଦର୍ଶନ ଶାସ୍ତ୍ରର ଭୂମିକା ସମ୍ପର୍କରେ ଉଲ୍ଲେଖ କରିଥିଲେ। କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଯୋଗଦେଇଥିବା ଦକ୍ଷିଣାଞ୍ଚଳ ଶିକ୍ଷା ନିର୍ଦ୍ଦେଶକ ପ୍ରଫେସର ନାରାୟଣ ବେହେରା ଦର୍ଶନ ଶାସ୍ତ୍ରର ଉପାଦେୟତା ପ୍ରକାଶ କରିଥିଲେ। ସେହିପରି ସମ୍ମାନିତ ଅତିଥି ଶଶିଭୂଷଣ ରଥ ସ୍ୱୟଂଶାସିତ ମହିଳା ମହାବିଦ୍ୟାଳୟର ଦର୍ଶନ ବିଭାଗୀୟ ମୁଖ୍ୟ ଡ. ଗୌରାଙ୍ଗ ଚରଣ ବେହେରା ଓ ନିରଞ୍ଜନ ମହିଳା ମହାବିଦ୍ୟାଳୟର ବିଭାଗୀୟ ମୁଖ୍ୟ ଡ. କେ, ଓମ୍




ନାରାୟଣ ରାଓ ଯୋଗ ଦେଇଥିଲେ। ଏ ଅବସରରେ ବିଭାଗ ପକ୍ଷରୁ କୁଇଜ୍, ଦର୍ଶନ ବିତର୍କ, ଦର୍ଶନ ରଚନା ଏବଂ ବକ୍ତୃତା ପ୍ରତିଯୋଗିତାରେ ଆୟୋଜିତ କରାଯାଇଥିଲା। ଏଥିରେ କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନଙ୍କ ଦ୍ୱାରା ପୁରସ୍କାର ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ ବିଭାଗର ଅଧ୍ୟାପକ ପିଙ୍କୁ କୁମାର ସାହୁ ମଞ୍ଚାସୀନ ଅତିଥିମାନଙ୍କ ପରିଚୟ ପ୍ରଦାନ କରିଥିଲେ। ଅନ୍ୟମାନଙ୍କ ମଧ୍ୟରେ ବିଭାଗୀୟ ଅଧ୍ୟାପକ ଆକାଶ କୁମାର ଜେନା, ଅଧ୍ୟାପିକା ଭି. ସ୍ନେହାଙ୍କ ସମେତ ବହୁ ଛାତ୍ରଛାତ୍ରୀଙ୍କ ଉପସ୍ଥିତି ଥିଲା।

## କବିତା ସଂକଳନ 'କବିତା କହେ କଥା' ଲୋକାର୍ପିତ

ବ୍ରହ୍ମପୁର,୨୦।୧୧(ସମିସ): କବି ଶ୍ରୀ ନାରାୟଣ ମିଶ୍ରଙ୍କ ଦ୍ୱାରା ରଚିତ ୬୦ଟି କବିତାର ସମାହାର ତଥା ସଙ୍କଳନ 'କବିତା କହେ କଥା' ଲୋକାର୍ପିତ ହୋଇଯାଇଛି। ସ୍ଥାନୀୟ ନୀଳାଚଳ ନଗର କଲ୍ୟାଣ ମଣ୍ଡପରେ ଆୟୋଜିତ ନିରଡ଼ମ୍ବର ଉତ୍ସବରେ ଏହି କବିତା ସଙ୍କଳନ ଉନ୍ମୋଚନ ସହିତ ଲୋକାର୍ପିତ ହୋଇଥିଲା। ପ୍ରଭାତ ନଳୀନି ମିଶ୍ରଙ୍କ ଦ୍ୱାରା ପ୍ରକାଶିତ ପ୍ରଥମ ସଂସ୍କରଣରେ ମୋଟ ୬୦ଟି ଭିନ୍ନଭିନ୍ନ ସ୍ୱାଦର କବିତା ରହିଛି। ଏଥିରେ ପ୍ରେମ ଠାରୁ ଆରମ୍ଭ କରି ଆଧ୍ୟାତ୍ମିକ, ପ୍ରକୃତି, ସାମାଜଧର୍ମି ଓ ଉପଦେଶପୂର୍ଣ୍ଣ କବିତା



ସ୍ଥାନିତ ହୋଇଥିବା କହିଛନ୍ତି କବି ନାରାୟଣ ମିଶ୍ର। ଏହି ଅବସରରେ କବି ନାରାୟଣ ମିଶ୍ରଙ୍କ ସମେତ ପ୍ରକାଶିକା ପ୍ରଭାତ ନଳୀନି ମିଶ୍ର, ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ଶିବ ପ୍ରସାଦ ତ୍ରିପାଠୀ, ଅବସରପ୍ରାପ୍ତ ଅଧ୍ୟକ୍ଷ ଡଃ ବିପ୍ର ଚରଣ ମହାଙ୍କୁଡ, ମାଧବାନନ୍ଦ ଜେନା, ସୁନୀଲ ଚକ୍ର ମିଶ୍ର, ଶୀବାନି ଦତ୍ତ ମିଶ୍ର, ବାମଦେବ ମିଶ୍ର ଓ ଶରତ ମହାପାତ୍ର ପ୍ରମୁଖଙ୍କ ସହିତ ବହୁ ବୁଦ୍ଧିଜୀବୀ ଉପସ୍ଥିତ ଥିଲେ।

## ସାମୂହିକ ଗୀତା ଆବୃତ୍ତି ଓ ଧ୍ୟାନ ସମାବେଶ




ବ୍ରହ୍ମପୁର,୨୦।୧୧(ସମିସ): ସ୍ଥାନୀୟ ଉମାଚରଣ ପଟ୍ଟନାୟକ ଇଞ୍ଜିନିୟରିଂ ସ୍କୁଲ ଖେଳ ପଡ଼ିଆରେ ଚିନ୍ମୟ ମିଶନ ବ୍ରହ୍ମପୁର (ନଗର) କେନ୍ଦ୍ର ପକ୍ଷରୁ ସାମୂହିକ ଗୀତା ଆବୃତ୍ତି ଓ ଧ୍ୟାନ ସମାବେଶର ଆୟୋଜନ କରାଯାଇଛି। କେନ୍ଦ୍ରର ଅଧ୍ୟକ୍ଷ ତଥା ସ୍ୱାମୀ ସଦାଶିବାନନ୍ଦଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଆଧ୍ୟାତ୍ମିକ ସମାବେଶରେ ବ୍ରହ୍ମପୁର ବିଧାୟକ କେ. ଅନୀଲ କୁମାର ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। କାର୍ଯ୍ୟକ୍ରମରେ ଶ୍ରୀମଦ୍ ଭଗବତ ଗୀତାର ୬ଷ୍ଠ ଅଧ୍ୟାୟରେ ପ୍ରଭୁ ଶ୍ରୀକୃଷ୍ଣ କହିଥିବା ୨୯ଟି ଶ୍ଳୋକକୁ ଆବୃତ୍ତି ସହିତ ଧ୍ୟାନ କରାଯାଇଥିଲା। ଏଥିରେ ବ୍ରହ୍ମପୁର ସହର ତଥା ହିଞ୍ଜିଳି, ଦିଗପହଣ୍ଡି, ପୁରୁଷୋତ୍ତମପୁର ଆଦି ଉପକଣ୍ଠରୁ ୧୩୬ଟି ବିଦ୍ୟାଳୟ ଓ ମହାବିଦ୍ୟାଳୟରୁ ପ୍ରାୟ ୩୦ହଜାରରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ, ଶିକ୍ଷକ ଓ ଶିକ୍ଷୟିତ୍ରୀ ସାମିଲ ହୋଇଥିଲେ। ଗତବର୍ଷ ଏଭଳି ଏକ କାର୍ଯ୍ୟକ୍ରମରେ ପ୍ରାୟ ୨୫ହଜାରରୁ ଉର୍ଦ୍ଧ୍ୱ ଛାତ୍ରଛାତ୍ରୀ ସାମିଲ ହୋଇ ଇଣ୍ଡିଆ ବୁକ ଅଫ ରେକର୍ଡ୍ସରେ ସ୍ଥାନିତ ହୋଇଥିବା ଆୟୋଜକ ଚିନ୍ମୟ ମିଶନ ପକ୍ଷରୁ କୁହାଯାଇଛି। ଏଥିରେ ଅନ୍ୟମାନଙ୍କ ମଧ୍ୟରେ ପୂଜ୍ୟ ଭାଇ ଆନନ୍ଦ ଚୈତନ୍ୟଜୀ, ପୂଜ୍ୟ ସ୍ୱାମୀ ପ୍ରକାଶନନ୍ଦଜୀ, ଡାକ୍ତର ଅନୀଲ ମିଶ୍ର ଓ ପୂଜ୍ୟ ସ୍ୱାମୀ ନିରୁପାନନ୍ଦଜୀ ପ୍ରମୁଖ ଉପସ୍ଥିତ ରହି ଗୀତା ଉପରେ ଆଧାରିତ ନିଜନିଜର ବକ୍ତବ୍ୟ ରଖିଥିଲେ।

## ମରଣଯନ୍ତା ପାଲଟିଛି ଖାଜାସାହି ପ୍ରବେଶ ପଥ

ବ୍ରହ୍ମପୁର,୨୦।୧୧(ସମିସ): ଆସିକା ରୋଡ୍‌ରୁ ଖାଜା ସାହିକୁ ସଂଯୋଗ ପ୍ରବେଶ ପଥ ଏବେ ମରଣଯନ୍ତା ପାଲଟିଛି। ଦୁଇବର୍ଷ ହେବ ରାସ୍ତାର ଉଭୟ ପାଶ୍ୱର୍ରେ ନାଳର ଗାର୍ଡ ୱାଲ ନଥିବାରୁ ରାସ୍ତାର ମାଟି ନାଳରେ ପଶୁଛି। ଏହି ରାସ୍ତା ଦେଇ ଯାତାୟତ କରୁଥିବା ଲୋକଙ୍କ ନିମନ୍ତେ ରାସ୍ତା ବିପଦ ସାଯିଛି। ରାସ୍ତା ମରାମତି କରିବାକୁ ବାରମ୍ବାର ସ୍ଥାନୀୟ ଲୋକେ ଦାବି କରିଥିବା ବେଳେ ଏହି ରାସ୍ତା ମରାମତି ନିମନ୍ତେ କୌଣସି ପଦକ୍ଷେପ ଗ୍ରହଣ କରାଯାଉ ନାହିଁ। ଫଳରେ ପ୍ରତିଦିନ ଛୋଟ ମୋଟ ଦୁର୍ଘଟଣା ଦେଖିବାକୁ ମିଳୁଛି। ଯାହାକୁ ନେଇ ସ୍ଥାନୀୟ ବାସିନ୍ଦାଙ୍କ ମଧ୍ୟରେ ଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ଆସିକା ରୋଡ଼ରୁ ୧୯ ନମ୍ବର ୱାର୍ଡର ଖାଜା ସାହି ଛକ ଦେଇ ଭାପୁର ବଜାର, ଅନ୍ନପୂର୍ଣ୍ଣା ମାର୍କେଟ୍, ମିଲିଟାରୀ ଲାଇନ୍ ଆଦି ଅଞ୍ଚଳକୁ ଯିବା ନିମନ୍ତେ ଶତାଧିକ ବ୍ୟବସାୟି



ଏହି ରାସ୍ତାକୁ ବ୍ୟବହାର କରୁଛନ୍ତି। ସେହିପରି ଭାପୁର ବଜାର, ମିଲିଟାରୀ ଲାଇନ, ଭୀମାରାଓ ପେଟା, ପାତ୍ର ପେଟା, ମୋଚି ସାହି, ତ୍ରିନାଥ ନଗର ଅଞ୍ଚଳର ଲୋକେ ଦୈନଦିନ ଏହି ରାସ୍ତା ଦେଇ ଯାତାୟତ କରୁଛନ୍ତି। ଅଞ୍ଚଳର ଶତାଧିକ ଛାତ୍ରଛାତ୍ରୀ ଏହି ରାସ୍ତା ଦେଇ ସ୍କୁଲ ଓ କଲେଜକୁ ଯାଉଛନ୍ତି। କିନ୍ତୁ ରାସ୍ତ କଡ଼ରେ ଥିବା ନାଳର ଗାର୍ଡ ୱାଲ ନଥୁବାରୁ ରାସ୍ତର ମାଟି ନାଳରେ ଧସେଇ ପସିଛି। ଫଳରେ ରାସ୍ତାର ୪୦ଭାଗ ନାଳରେ ମିଶିଗଲାଣି। ଏଭଳି ଭାବେ ରାସ୍ତା ପାଶ୍ୱର୍ର ମୁକୁଳା ନାଳରେ ଅଞ୍ଚଳବାସିଙ୍କ ନିମନ୍ତେ ବିପଦ ସୃଷ୍ଟି କରିଛି। ତେଣୁ ନାଳ ଓ ରାସ୍ତାର ପୁନରୁଦ୍ଧାର କରିବା ସମେତ ନାଳ ଉପରେ ନୂତନ କଲଭର୍ଟ ଓ ଗାର୍ଡଓ୍ୱାଲ ତିଆରି କରିବା ବିଭିନ୍ନ ମହଲରେ ଦାବି ହୋଇଛି।

### ପ୍ରଧାନମନ୍ତ୍ରୀ ଆବାସ ଯୋଜନା କାର୍ଯ୍ୟାଦେଶ ବଣ୍ଟନ

## ବିଇଏମ୍‌ସିର ୩୧୦ ହିତାଧିକାରୀଙ୍କୁ କାର୍ଯ୍ୟାଦେଶ ବଣ୍ଟନ

- ୪ ମାସରେ କାମ ସାରିଲେ ୨୦ହଜାର ଟଙ୍କାର ଆର୍ଥିକ ପୁରସ୍କାର
- ପୂର୍ବ ସରକାର ଅମଳରେ ୧୩୨୫ କାର୍ଯ୍ୟାଦେଶରୁ ୧୨୩୦ଟି ଘର ନିର୍ମାଣ ଶେଷ

ବ୍ରହ୍ମପୁର,୨୦।୧୧(ସମିସ): ବିଇଏମ୍‌ସି ସମ୍ମିଳନୀ କକ୍ଷରେ ରାଜ୍ୟ ସରକାରଙ୍କ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗ ପକ୍ଷରୁ ପ୍ରଧାନମନ୍ତ୍ରୀ ଆବାସଯୋଜନା (ସହରୀ) ଦ୍ୱିତୀୟ ପର୍ଯ୍ୟାୟରେ କାର୍ଯ୍ୟାଦେଶ ବଣ୍ଟନ କରାଯାଇଛି। ନିଗମର ୪୨ଟି ୱାର୍ଡରୁ ମୋଟ ୩୧୦ଜଣ ହିତାଧିକାରୀଙ୍କୁ କାର୍ଯ୍ୟାଦେଶ ବଣ୍ଟନ କରାଯାଇଛି। ଡେପୁଟି କମିଶନର କଲ୍ୟାଣୀ ସଂଘମିତ୍ରାଙ୍କ ସଂଯୋଜନାରେ ଆୟୋଜିତ କାର୍ଯ୍ୟକ୍ରମରେ ମେୟର ସଂଘମିତ୍ରା ଦଳେଇ, ବ୍ରହ୍ମପୁର ବିଧାୟକ କେ. ଅନୀଲ କୁମାର, ଡେପୁଟି ମେୟର ଇ. ବିବେକ ରେଡ୍ଡୀ, କମିଶନର ପ୍ରଥମେଷ ଅରବିନ୍ଦ ରାଜେଶିର୍କେ, ବିଧାୟକଙ୍କ ପ୍ରତିନିଧି ଅଶୋକ କୁମାର ଶୁକ୍ଳ, ସାଂସଦଙ୍କ ପ୍ରତିନିଧି ବାଳକୃଷ୍ଣ ସାମନ୍ତରାୟ ଓ ଡେପୁଟି କମିଶନର ଆଶିର୍ବାଦ ପରିଡା ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟାଦେଶ ବାଣ୍ଟିଥିଲେ।




ପୂର୍ବରୁ ଏହି ଯୋଜନାରେ ୩ଶହ ବର୍ଗ ଫୁଟର ନିଜସ୍ୱ ଜମିରେ ଗୃହ ନିର୍ମାଣ ପାଇଁ ୨ଲକ୍ଷ ଟଙ୍କାର ଆର୍ଥିକ ସହାୟତା ପ୍ରଦାନ କରାଯାଉଥିବା ବେଳେ ବର୍ତ୍ତମାନ ୫୦ହଜାର ଟଙ୍କା ବୃଦ୍ଧି ପାଇ ଅଢେଇ ଲକ୍ଷ କରାଯାଇଛି। ୫ଟି କିସ୍ତିରେ ସମସ୍ତ ଅନୁଦାନ ଅର୍ଥ ହିତାଧିକାରୀଙ୍କୁ ପ୍ରଦାନ କରାଯିବ। ତେବେ କାର୍ଯ୍ୟାଦେଶ ଗ୍ରହଣର ୪ମାସ ମଧ୍ୟରେ ଗୃହନିର୍ମାଣ ସମ୍ପୂର୍ଣ୍ଣ ହେଲେ ପ୍ରୋତ୍ସାହନ ରାଶି ଅଧିକ ୨୦ହଜାର ଏବଂ ୧୦ମାସ ମଧ୍ୟରେ କାମ ସାରିଲେ ଅତିରିକ୍ତ ୧୦ହଜାର ଟଙ୍କାର ପୁରସ୍କାର ପ୍ରଦାନର ବ୍ୟବସ୍ଥା ଥିବା ମେୟର ଓ ବିଧାୟକ ସୂଚନା ଦେଇଥିଲେ।

ପୂର୍ବ ସରକାର ଅମଳରେ ବିଇଏମସିର ସମସ୍ତ ୪୨ଟି ୱାର୍ଡରେ ମୋଟ ୧୩୨୫ଜଣ ହିତାଧିକାରୀଙ୍କୁ ପ୍ରଧାନମନ୍ତ୍ରୀ ଆବାସ ଯୋଜନାରେ କାର୍ଯ୍ୟାଦେଶ ପ୍ରଦାନ କରାଯାଇଥିବା ବେଳେ ସେଥିମଧ୍ୟରୁ ୧୨୩୦ଟି ଗୃହନିର୍ମାଣ ଶେଷ ହୋଇଥିବା ଜଣାପଡିଛି। ପରବର୍ତ୍ତି ସମୟରେ ପୁଣି ସର୍ଭେ ଓ ଚିହ୍ନଟ ହିତାଧିକାରୀଙ୍କ ଆବେଦନ ପରେ ପୁନଃ ଦ୍ୱିତୀୟ ପର୍ଯ୍ୟାୟରେ ପିଏମଏୱାଇ ଯୋଜନାରେ କାର୍ଯ୍ୟାଦେଶ ସହିତ ଆର୍ଥିକ ସହାୟତା ପ୍ରଦାନ କରାଯିବ ବୋଲି କମିଶନର କହିଛନ୍ତି।

## ଇନ୍‌ସ୍ପେକ୍ଟର ସ୍ତରରେ ଅଦଳବଦଳ

ବ୍ରହ୍ମପୁର,୨୦।୧୧(ସମିସ): ପୁଲିସ ଏସଆଇରୁ ନୂତନ ଭାବେ ପଦୋନ୍ନତି ପାଇ ଇନ୍ସପେକ୍ଟର ହୋଇଥିବା ବ୍ରହ୍ମପୁର ପୁଲିସ ଜିଲ୍ଲାରେ କାର୍ଯ୍ୟରତ ୧୩ ଜଣ ଇନ୍ସପେକ୍ଟରଙ୍କ ବଦଳି ହୋଇଛି। ଏହି ୧୩ ଜଣଙ୍କ ମଧ୍ୟରୁ ୧୧ଜଣଙ୍କୁ ବାହାର ଜିଲ୍ଲାକୁ ପଠାଯାଇଥିବା ବେଳେ ଆଉ ୨ଜଣଙ୍କୁ ବ୍ରହ୍ମପୁର ପୁଲିସ ଜିଲ୍ଲାରେ ହିଁ ନିଯୁକ୍ତି ଦିଆଯାଇଛି। ସେହିପରି ବାହାର ଜିଲ୍ଲାରୁ ନୂତନଭାବେ ଇନ୍ସପେକ୍ଟର ହୋଇଥିବା ୧୫ଜଣ ପୁଲିସ ଅଧିକାରୀଙ୍କୁ ବ୍ରହ୍ମପୁର ପୁଲିସ ଜିଲ୍ଲାକୁ ଆସିଛନ୍ତି। ରାଜ୍ୟ ପୁଲିସ ମୁଖ୍ୟାଳୟରୁ ଗତକାଲି ପ୍ରକାଶିତ ବିଜ୍ଞପ୍ତି ଅନୁସାରେ ବ୍ରହ୍ମପୁର ପୁଲିସ ଜିଲ୍ଲାରେ କାର୍ଯ୍ୟରତ ଇନ୍ସପେକ୍ଟର ଜ୍ଞାନରଞ୍ଜନ ବେହେରାଙ୍କ ଏସଓଜି ଭୁବନେଶ୍ୱରକୁ ବଦଳି ହୋଇଥିବା ବେଳେ ଜ୍ୟୋତିରଞ୍ଜନ ବେହେରାଙ୍କୁ ଗଞ୍ଜାମ ପୁଲିସ ଜିଲ୍ଲା, ଅଞ୍ଜଳି ବେହେରାଙ୍କୁ ଗଞ୍ଜାମ ପୁଲିସ ଜିଲ୍ଲା, ବିଭୂତିଭୂଷଣ ସେଠୀଙ୍କୁ ଏସଓଜି ଭୁବନେଶ୍ୱର, ସ୍ମିତା ଜେନାଙ୍କୁ କନ୍ଧମାଳ ପୁଲିସ ଜିଲ୍ଲା, କୁମାରୀ ପ୍ରଣତୀ ନାୟକଙ୍କୁ ବୌଦ୍ଧ ପୁଲିସ ଜିଲ୍ଲା, ଜୟନାଥ ପ୍ରଧାନ ନୟାଗଡ ପୁଲିସ ତାଲିମ କେନ୍ଦ୍ର, ଜଗବନ୍ଧୁ ବରାଳଙ୍କୁ ଅନୁଗୁଳ ପୁଲିସ ଜିଲ୍ଲା, ଅଭିନାଶ ନାୟକଙ୍କୁ ଏସଓଜି ଭୁବନେଶ୍ୱର, ଜ୍ଞାନରଞ୍ଜନ ସୁହୁଙ୍କୁ ଭୁବନେଶ୍ୱର ସ୍ଥିତ ପୁଲିସ ଟ୍ରେନିଂ ଏକାଡେମୀକୁ ବଦଳି ହୋଇଛି। ଅନ୍ୟପକ୍ଷରେ ରାଜ୍ୟ ବିଭିନ୍ନ ପୁଲିସ ଜିଲ୍ଲାରୁ ୧୩ଜଣ ବ୍ରହ୍ମପୁର ପୁଲିସ ଜିଲ୍ଲାକୁ ଆସିଥିବା ବେଳେ ବ୍ରହ୍ମପୁରରେ କାର୍ଯ୍ୟରତ ୨ଜଣ ଇନ୍ସପେକ୍ଟରଙ୍କୁ ବ୍ରହ୍ମପୁରରେ ହିଁ ନିଯୁକ୍ତି କରାଯାଇଛି। ସସ୍ମିତା ମଲିକଙ୍କୁ ବାଲେଶ୍ୱର ପୁଲିସ ଜିଲ୍ଲାରୁ ବ୍ରହ୍ମପୁର ଆଇଜି ଅଫିସ ବଦଳି ହୋଇଥିବା ବେଳେ ଗାୟତ୍ରୀ ଗନ୍ତାୟତଙ୍କ ଖୋର୍ଦ୍ଧା ପୁଲିସ ଜିଲାରୁ ବ୍ରହ୍ମପୁରକୁ ବଦଳି ହୋଇଛି। ପ୍ରତାପ କୁମାର ଦାସ ଜଗତସିଂହପୁରରୁ ଆସିଥିବା ବେଳେ ଆଶିଷ କୁମାର ସ୍ୱାଇଁ ଅନୁଗୁଳରୁ, ସୁବ୍ରତ କୁମାର ବେଉରା କମିଶନରେଟ ପୁଲିସରୁ, ନାରାୟଣ ପ୍ରଧାନ ପୁରୀରୁ, ବିଶ୍ୱଜିତ ନାୟକ ଗଞ୍ଜାମରୁ ବ୍ରହ୍ମପୁର ପୁଲିସ ଜିଲ୍ଲାକୁ ଆସିଛନ୍ତି। ସଂଗ୍ରାମ କେଶରୀ ସ୍ୱାଇଁ ପୁରୀରୁ, ସୌମ୍ୟରଞ୍ଜନ ଜାଲି କେନ୍ଦ୍ରାପଡାରୁ, କୃଷ୍ଣମୟୀ ବରାଳ କମିସନେରେଟ ପୁଲିସରୁ, ମନ୍ଦାକିନୀ କଅଁର ବୌଦ୍ଧରୁ, ବିପ୍ଳବ କୁମାର ପ୍ରଧାନ ପୁରୀରୁ, ଓ ସତ୍ୟରଞ୍ଜନ ଲେଙ୍କା ଅନୁଗୁଳରୁ ବ୍ରହ୍ମପୁର ଆସିଛନ୍ତି। ପୂର୍ବରୁ ବ୍ରହ୍ମପୁରରେ ଥିବା ସୁଜତା କୁଅଁର ଓ ମିନାକ୍ଷୀ ଦଳବେହେରାଙ୍କୁ ବ୍ରହ୍ମପୁରରେ ହିଁ ନିଯୁକ୍ତି ଦିଆଯାଇଛି।

### ଅପରୂପ 'ଅରୂପା'ର ବାଣିଜ୍ୟ ମେଳା

## ବିଭିନ୍ନ ରାଜ୍ୟର ଶାଢ଼ି ଓ ପଟ୍ଟଚିତ୍ରର ସମ୍ଭାର

ବ୍ରହ୍ମପୁର,୨୦।୧୧(ସମିସ): ସ୍ଥାନୀୟ ଚର୍ଚ୍ଚ ପଡ଼ିଆରେ ସାମାଜିକ ଅନୁଷ୍ଠାନ 'ଅରୂପା'ର ଜାତୀୟସ୍ତରୀୟ ବାଣିଜ୍ୟ ମେଳା ଧୁମଧାମରେ ଚାଲିଛି। ପ୍ରତିଦିନ ଏଠାରେ ହଜାର ହଜାର ସଂଖ୍ୟକ ଲୋକଙ୍କ ଭିଡ଼ ଜମୁଛି। ଶୀତୁଆ ସନ୍ଧ୍ୟାରେ ଅପରୂପ ସାମଗ୍ରୀର ଆସର ସମସ୍ତଙ୍କୁ ଆସିବାକୁ ବାଧ କରୁଛି। ଏହି ମେଳାରେ ବିଭିନ୍ନ ରାଜ୍ୟର ଭଳିକି ଭଳି ଶାଢି ଦେଖିବାକୁ ମିଳିଛି। ଏକା ସ୍ଥାନରେ ବନାରସ, ଆନ୍ଧ୍ର ସମେତ ଓଡ଼ିଶାର ବିଭିନ୍ନ ପ୍ରାନ୍ତର ଶାଢୀ,






### ମିଳୁଛି ଭଳିକି ଭଳି ମନଲୋଭା ସାମଗ୍ରୀ; ଜମୁଛି ପର୍ଯ୍ୟଟକଙ୍କ ଭିଡ଼

ଲୁଗା, ଡ୍ରେସ, କପଡ଼ା ଅନ୍ୟାନ୍ୟ ସାମଗ୍ରୀ ମିଳୁଛି। ସେହିଭଳି ଭିନ୍ନ ଭିନ୍ନ ନକ୍ସା ଓ ରୂପାଙ୍କନର ଚିତ୍ର ଏବଂ କଣ୍ଢେଇ ମନମୁଗ୍ଧ କରୁଛି। ଏ ସବୁ ଦେଖିବାକୁ ଓ କିଣିବାକୁ ଲୋକଙ୍କ ଭିଡ଼ ଜମୁଛି। ବିଗତ ବର୍ଷ ଭଳି ଚଳିତବର୍ଷ ମଧ୍ୟ ଏହି ମେଳାରେ ବହୁ ଷ୍ଟଲ ପଡ଼ିଛି। ବିଶେଷ କରି ଶାଢୀ ଓ କଣ୍ଢେଇ ଷ୍ଟଲରେ ପ୍ରବଳ ଭିଡ଼ ଦେଖାଦେଉଛି। ତତସହିତ ଅନ୍ୟାନ୍ୟ ସାମଗ୍ରୀର ମଧ ଚାହିଦା ବେଶ ଅଧିକା ରହିଛି। ନୟାଗଡ଼ ଜିଲ୍ଲା ନୂଆଗାଁ ବ୍ଲକ ମଧୁବନା ଗ୍ରାମର ରଞ୍ଜୁବାଳା ମୁଦୁଲି ଓ ତାଙ୍କ ସାଥିମାନେ ଅତି ସୁନ୍ଦର ଭାବେ କପଡ଼ାରେ ତିଆରି ଫୁଲଦାନୀ ତିଆରି କରିଛନ୍ତି। ପ୍ଲାଷ୍ଟିକ ଫୁଲ ଭଳି ଏଗୁଡ଼ିକ ଦିଶୁଥିଲେ ହେଁ ବେଶ ପରିବେଶ ଉପଯୋଗୀ। ରଞ୍ଜୁବାଳା ୨ବର୍ଷ ହେବ ରାଜ୍ୟର ବିଭିନ୍ନ ସ୍ଥାନରେ ଅନୁଷ୍ଠିତ ମେଳାକୁ ଯାଇ ନିଜ ହାତ ତିଆରି ସାମଗ୍ରୀ ବିକ୍ରୀ ବଟା କରନ୍ତି। ଓରମାସ, ହେଣ୍ଡକ୍ରାଫ୍ଟ ଓ ଏମଏସଏମଇ ମେଳା ଅନେକବାର ଯାଇଛନ୍ତି। ସେ ହାତରେ ସୁନ୍ଦର ସୁନ୍ଦର ଫୁଲଦାନୀ ମଧ୍ୟ ତିଆରି କରିଛନ୍ତି। ନିଜେ ରୋଜଗାରକ୍ଷମ ହେବା ସହିତ ୭ରୁ ୮ଜଣଙ୍କ ରୋଜଗାର ପ୍ରଦାନ କରିବାରେ ସକ୍ଷମ ହୋଇଛନ୍ତି। ତାଙ୍କ ହାତ ତିଆରି ସାମଗ୍ରୀ କିଣିବାକୁ ଲୋକଙ୍କ ଭିଡ଼ ଜମୁଥିବା ଦେଖିବାକୁ ମିଳିଛି। ସେହିଭଳି ରାମେଶ୍ୱର ମହାଦେବ ଉଡ଼ କ୍ରାଫ୍ଟ ଗ୍ରୁପ ପକ୍ଷରୁ କାଠରେ ନିର୍ମିତ ବିଭିନ୍ନ ସାମଗ୍ରୀର ମାହୋଲ ଜମୁଛି। ଏହି ଗ୍ରୁପରେ ୨୫ଜଣ କାମ କରୁଥିବା ବେଳେ ମୁଖ୍ୟ ଭାବେ ପ୍ରମିଳା ମହାରଣା ଦେଶର ବିଭିନ୍ନ ସ୍ଥାନରେ ହେଉଥିବା ମେଳାରେ ଯୋଗଦେଇ ନିଜ ସାମଗ୍ରୀ ବିକ୍ରିବଟା କରୁଛନ୍ତି। ସେ କାଠରେ ବିଭିନ୍ନ କଣ୍ଢେଇ ସାଙ୍ଗକୁ ଖେଳନା ଆଦି ବିକ୍ରି କରନ୍ତି।

ସେହିଭଳି ଜାମୁ କାଶ୍ମିରର ଶାଢୀ, ଟପ୍, ଶାଲ ଇତ୍ୟାଦିର ଚାହିଦା ସର୍ବାଗେ ରହିଛି। ନାନାପ୍ରକାରର ସାମଗ୍ରୀ ଏଠାରେ ରହିଛି। ଯୁବତୀଠାରୁ ଆରମ୍ଭ କରି ବୟସ୍କ ପର୍ଯ୍ୟନ୍ତ ସମସ୍ତେ ଏଠାକାର ଶାଢୀକୁ ବେଶ ପସନ୍ଦ କରନ୍ତି। ସେହିଭଳି ଆନ୍ଧ୍ର ଓଡ଼ିଶାର ସୀମାନ୍ତବାସୀ ତେଲେଙ୍ଗାନର ପଚମପଲ୍ଲୀରୁ ଆସିଥିବା ବିଭିନ୍ନ ପାଟ ଓ ଶାଢୀ କିଣୁଛନ୍ତି। ଅନୁରୂପ ଭାବେ ବିଭିନ୍ନ ଭେରାଇଟିର ବନାରସ ଶାଢୀ, ସୋନପୁର ଲୁଗା, ଫୁଲବାଣୀ ହଳଦୀ, ବୌଦ୍ଧର ଆୟୁର୍ବେଦ ସାମଗ୍ରୀ ସମେତ ନାନାଦି ପ୍ରକାରର ଷ୍ଟଲ ପଡ଼ିଛି। ଏହି ମେଳା ପରଦର୍ଶନ କରି ଉତ୍ସାହିତ କରିବାକୁ ଅରୂପାର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଅଶୋକ କୁମାର ସାହୁ କହିଛନ୍ତି।

# ସମ୍ପାଦକୀୟ



ଶିକ୍ଷା ଯଦି ଚରିତ୍ର ନିର୍ମାଣରେ ସହାୟ ନହୁଏ, ତେବେ ତାହା ସମ୍ପୂର୍ଣ୍ଣ ବୃଥା !
-ମହାତ୍ମା ଗାନ୍ଧୀ

ସକାଳ
THE SAKALA

## ତଥ୍ୟ ସୁରକ୍ଷା ସର୍ବୋପରି

ବହୁଳ ବ୍ୟବହୃତ ସାମାଜିକ ଗଣମାଧ୍ୟମ ମଞ୍ଚ ହ୍ୱାଟ୍‌ସ୍‌ଆପ୍‌ରେ କେତେକ ବୈଷୟିକ ତ୍ରୁଟି ଯୋଗୁଁ ଏହାର ବ୍ୟବହାରକାରୀଙ୍କ ଗୋପନୀୟ ଓ ଗୁରୁତ୍ୱପୂର୍ଣ୍ଣ ତଥ୍ୟ ପ୍ରଘଟ ହେବାର ଆଶଙ୍କା ସୃଷ୍ଟି ହୋଇଛି । ସମଗ୍ର ବିଶ୍ୱରେ ପ୍ରାୟ ୩୫୦ କୋଟି ହ୍ୱାଟ୍‌ସ୍‌ଆପ୍ ବ୍ୟବହାରକାରୀଙ୍କ ମଧ୍ୟରୁ ଭାରତର ସର୍ବାଧିକ ୭୪.୯ କୋଟି ବା ୨୧% ଥିବାରୁ ହ୍ୟାକରଙ୍କ ହାତକୁ ଏହି ତଥ୍ୟ ଚାଲିଗଲେ ଭାରତୀୟ ଓ ଭାରତର ବଜାର ସର୍ବାଧିକ କ୍ଷତିଗ୍ରସ୍ତ ହୋଇପାରେ ।

ଅଧୁନା ସାମାଜିକ ଗଣମାଧ୍ୟମର ବିଭିନ୍ନ ମଞ୍ଚ ଉପରେ ଲୋକମାନଙ୍କର ନିର୍ଭରଶୀଳତା ବଢ଼ିବା ସହିତ ଗୋପନୀୟତାକୁ ନେଇ ବିପଦ ଆଶଙ୍କା ମଧ୍ୟ ବଢ଼ିବାରେ ଲାଗିଛି । ଏହା ସହିତ ଯୋଡ଼ି ହୋଇଯାଇଛି ଆଧାର । ଅତୀତରେ ଆଧାରରେ ଥିବା ଭାରତୀୟଙ୍କ ତଥ୍ୟ ବିଦେଶର ତୃତୀୟ ପକ୍ଷ ସଂସ୍ଥା ହାତରେ ପଡ଼ିଥିବା ଅଭିଯୋଗ ଆସିବା ପରେ ଏହା ଆଉ ସୁରକ୍ଷିତ ନୁହେଁ ବୋଲି ଧାରଣା ସୃଷ୍ଟି ହୋଇଥିଲା । କିନ୍ତୁ ଭାରତୀୟ ନାଗରିକଙ୍କ ତଥ୍ୟ ସୁରକ୍ଷା ଏ ପର୍ଯ୍ୟନ୍ତ ଭରସାଯୋଗ୍ୟ ହୋଇପାରିନାହିଁ । ଦେଶର ସର୍ବୋଚ୍ଚ ନ୍ୟାୟାଳୟଙ୍କ କଟକଣା ସତ୍ତ୍ୱେ ଆଧାରକୁ ବିଭିନ୍ନ ସେବା ପାଇଁ ଏକ ଅପରିହାର୍ଯ୍ୟ ଦସ୍ତାବେଜ୍ ଓ ପ୍ରମାଣପତ୍ର ରୂପେ ବ୍ୟବହାର କରାଯାଉଛି । ଯେମିତି ଏବେ ବିନା ଇଣ୍ଟରନେଟ୍ ଓ ସ୍ମାର୍ଟଫୋନ୍‌ରେ ଜୀବନଯାତ୍ରା ଏକପ୍ରକାର ଅଚଳ, ଆଧାର ବିନା ସେବା ସେଭଳି ଅସମ୍ଭବ ଓ ଅସମ୍ପୂର୍ଣ୍ଣ । ଆଧାର ସଂଲଗ୍ନ ଇ-କେୱାଇସି ନଥିବାରୁ ସାଧାରଣ ବଣ୍ଟନ ବ୍ୟବସ୍ଥା ଓ ଖାଦ୍ୟ ନିରାପତ୍ତା ଆଇନରୁ ବାଦ୍ ପଡ଼ି ଜୀବନ ହାରିବା ଭଳି ଉଦାହରଣ ମଧ୍ୟ ଦେଖିବାକୁ ମିଳୁଛି । ବୋଧହୁଏ ଆଉ କିଛିଦିନ ପରେ ବିନା ଆଧାରରେ ହାଟ ବଜାରରୁ ପରିବା ମଧ୍ୟ ମିଳିବ ନାହିଁ । ଏଭଳି ପରିସ୍ଥିତିରେ ତଥ୍ୟ ଚୋରି ହେବା ସ୍ୱାଭାବିକ ।

ବିଳମ୍ବରେ ହେଲେ ମଧ୍ୟ ସରକାର ଏ ଦିଗରେ ଚେତିଛନ୍ତି ଏବଂ ଆଧାର କାର୍ଡରୁ ନାମ, ଠିକଣା, ଫଟୋ ଆଦି ବାଦ୍ ଦେଇ କେବଳ କ୍ୟୁଆର କୋଡ୍ ପ୍ରଚଳନ ପାଇଁ ଯୋଜନା କରୁଛନ୍ତି । କିନ୍ତୁ ଏହା ଯଥେଷ୍ଟ ନୁହେଁ । ଆଧାର ନମ୍ବରର ଆବଶ୍ୟକତାକୁ କାଣ୍ଟଛାଣ୍ଟ, ବିଶେଷକରି ଘରୋଇ ସେବା କ୍ଷେତ୍ରରେ ନିଷିଦ୍ଧ ନ କରିବା ଯାଏଁ ନାଗରିକଙ୍କ ତଥ୍ୟ ଚୋରି ଆଶଙ୍କା ସବୁବେଳେ ଲାଗି ରହିଥିବ । ଦେଶର ପ୍ରତିରକ୍ଷା ସହିତ ଆଧାରକୁ ଯୋଡ଼ା ଯାଉଛି; କିନ୍ତୁ ନିକଟରେ କାର ବୋମା ବିସ୍ଫୋରଣରେ ଜଡ଼ିତ ଏବଂ ତା'ପୂର୍ବରୁ ଗିରଫ ଆତଙ୍କବାଦୀ ଡାକ୍ତରମାନେ ମଧ୍ୟ ଭାରତୀୟ ଆଧାର କାର୍ଡଧାରୀ ଥିଲେ । ଆତଙ୍କବାଦୀମାନେ ଏକାଧିକ ଆଧାର କାର୍ଡ ପ୍ରସ୍ତୁତି ଓ ବ୍ୟବହାର କରି ନିଶ୍ଚିନ୍ତରେ ରହିଆସୁଥିବା ବେଳେ ବିଚରା ଗରିବ ସାଧାସିଧା ଜନତା ଅଧିକ ହଇରାଣ ହରକତ ହେଉଛନ୍ତି । ତଥ୍ୟ ଚୋରିକୁ ପ୍ରତିହତ କରିବା ପାଇଁ ସରକାର ଯେଉଁ କେତେକ ପଦକ୍ଷେପ ନେଉଛନ୍ତି ତାହା ପ୍ରଭାବଶାଳୀ କିମ୍ବା ସମୟୋପଯୋଗୀ ନ ହେବାରୁ ଦାନ୍ତ ଓ ନଖ ନଥିବା ବାଘ ଭଳି ହେଉଛି । କୋଟି କୋଟି ଭାରତୀୟଙ୍କ ଆଧାର କାର୍ଡ କିମ୍ବା ଅନ୍ୟ ବ୍ୟକ୍ତିଗତ ତଥ୍ୟ ପ୍ରଘଟ ହେଲେ କେବଳ ସେହି ବ୍ୟକ୍ତିବିଶେଷ କ୍ଷତିଗ୍ରସ୍ତ ହେବେ ନାହିଁ, ସମଗ୍ର ଦେଶର ଅର୍ଥ ବ୍ୟବସ୍ଥା ଉପରେ ଏହାର ପ୍ରଭାବ ପଡ଼ିବ । ତେଣୁ ତଥ୍ୟ ସୁରକ୍ଷା ଆଇନ ଓ ନିୟମାବଳୀକୁ ଅଧିକ କଠୋର ଓ ପ୍ରଭାବଶାଳୀ କରିବା ଆଜିର ଆହ୍ୱାନ ।

## ସମ୍ବିଧାନର ଗରିମାକୁ ସମ୍ମାନ

ରାଜ୍ୟ ବିଧାନସଭା ଦ୍ୱାରା ପାରିତ ଏବଂ ସମ୍ପୃକ୍ତ ରାଜ୍ୟପାଳମାନଙ୍କ ଦ୍ୱାରା ପ୍ରେରିତ ବିଧେୟକଗୁଡ଼ିକୁ ରାଷ୍ଟ୍ରପତି ନିର୍ଦ୍ଦିଷ୍ଟ କେତେ ଦିନ ମଧ୍ୟରେ ଅନୁମୋଦନ କରିବେ ସେଥିପାଇଁ କୌଣସି ସମୟସୀମା ନିର୍ଦ୍ଧାରଣ କରାଯାଇପାରିବ ନାହିଁ । ଏହା ସମ୍ପୂର୍ଣ୍ଣ ରୂପେ ରାଷ୍ଟ୍ରପତିଙ୍କ ବ୍ୟକ୍ତିଗତ ବ୍ୟାପାର । ସର୍ବୋଚ୍ଚ ନ୍ୟାୟାଳୟଙ୍କ ୫ ଜଣିଆ ସମ୍ବିଧାନ ଖଣ୍ଡପୀଠ ଉପରୋକ୍ତ ରାୟ ଦେବା ପରେ ଦୀର୍ଘଦିନ ଧରି ଲାଗି ରହିଥିବା ସାମ୍ବିଧାନିକ ସଙ୍କଟ ଓ ବିବାଦର ଅବସାନ ଘଟିଛି । ଏଥିସହିତ ସାମ୍ବିଧାନିକ ଗରିମା ଏବଂ ରାଷ୍ଟ୍ରପତିଙ୍କ ପଦମର୍ଯ୍ୟାଦା ଅତୁଟ ରହିଛି । ଏକ ସାର୍ବଭୌମ ରାଷ୍ଟ୍ରରେ ରାଷ୍ଟ୍ରପତି ସର୍ବୋଚ୍ଚ ଶାସନକର୍ତ୍ତା ହୋଇଥିବାରୁ ତାଙ୍କ ଉପରେ ଶୃଙ୍ଖଳା ବା କଟକଣା ଲଦି ଦେବା ଅଶୋଭନୀୟ ଏବଂ ସମ୍ବିଧାନର ମୂଲ୍ୟବୋଧ ପ୍ରତି ଅସମ୍ମାନ ଭଳି । ଖଣ୍ଡପୀଠଙ୍କ ରାୟ ଏ ଦୃଷ୍ଟିରୁ ସ୍ୱାଗତଯୋଗ୍ୟ ।

ଭାରତୀୟ ସଂଘୀୟ ଶାସନ ବ୍ୟବସ୍ଥାରେ ରାଜ୍ୟପାଳମାନେ କେନ୍ଦ୍ର ଓ ରାଜ୍ୟ ମଧ୍ୟରେ ସେତୁ ସଦୃଶ । ସେମାନେ କେନ୍ଦ୍ର ସରକାରଙ୍କ ଦ୍ୱାରା ନିଯୁକ୍ତ ହେଲେ ମଧ୍ୟ ରାଜ୍ୟ ଶାସନରେ ଅଯଥା ହସ୍ତକ୍ଷେପ କରିପାରିବେ ନାହିଁ । କେବଳ ପରାମର୍ଶ ଦେଇପାରିବେ । ରାଜ୍ୟ ବିଧାନସଭାରେ ପାରିତ ବିଧେୟକଗୁଡ଼ିକୁ ଅନୁମୋଦନ କରିପାରିବେ, ରାଷ୍ଟ୍ରପତିଙ୍କ ଅନୁମୋଦନ ପାଇଁ ପଠାଇପାରିବେ କିମ୍ବା ଅନୁପଯୁକ୍ତ ମନେ ହେଲେ ବିଧାନସଭାକୁ ଫେରାଇ ପାରିବେ । ଯଦି ଦ୍ୱିତୀୟ ବାର ସମାନ ବିଧେୟକ ପାରିତ ହୁଏ ତେବେ ରାଜ୍ୟପାଳ ତାହାକୁ ଅନୁମୋଦନ କରିବାକୁ କିମ୍ବା ରାଷ୍ଟ୍ରପତିଙ୍କ ପାଖକୁ ପଠାଇବାକୁ ସାମ୍ବିଧାନିକ ବ୍ୟବସ୍ଥାରେ ବାଧ୍ୟ । କିନ୍ତୁ ରାଜନୈତିକ ଅସୂୟାର ବଶବର୍ତ୍ତୀ ହୋଇ କେତେକ ରଜ୍ୟର ରାଜ୍ୟପାଳ ଜାଣିଶୁଣି ବିଧେୟକଗୁଡ଼ିକୁ ପକେଇ ରଖୁଛନ୍ତି । ଏଥିରେ ରାଜ୍ୟ ଶାସନ ପ୍ରକ୍ରିୟାରେ ବାଧା ସୃଷ୍ଟି ହେଉଛି । ରାଜ୍ୟପାଳମାନଙ୍କର ଏଭଳି ଉଦ୍ଦେଶ୍ୟମୂଳକ ବାଛବିଚାର ନିଷ୍ପତ୍ତିର ସର୍ବାଧିକ କ୍ଷତିଗ୍ରସ୍ତ ରାଜ୍ୟ ମଧ୍ୟରେ ତାମିଲନାଡୁ, କେରଳ ଓ ପଞ୍ଜାବ ରହିଛନ୍ତି । ରାଜ୍ୟପାଳଙ୍କ ଏଭଳି ମନମୁଖି କାର୍ଯ୍ୟ ବିରୋଧରେ ତାମିଲ୍‌ନାଡୁ ସରକାର ସର୍ବୋଚ୍ଚ ନ୍ୟାୟାଳୟର ଦ୍ୱାରସ୍ଥ ହେବା ପରେ ଦୁଇଜଣିଆ ଖଣ୍ଡପୀଠ ବିଧେୟକଗୁଡ଼ିକୁ ଅନୁମୋଦନ କରିବା ସହିତ ରାଜ୍ୟପାଳମାନେ ସର୍ବାଧିକ କେତେ ସମୟ ମଧ୍ୟରେ ନିଷ୍ପତ୍ତି ନେବେ ତାହା ଧାର୍ଯ୍ୟ କରିଥିଲେ । ଏଥିସହିତ ରାଷ୍ଟ୍ରପତିଙ୍କୁ ମଧ୍ୟ ପ୍ରସଙ୍ଗକୁ ଆଣି ସେ ସର୍ବାଧିକ ତିନିମାସ ଭିତରେ ବିଧେୟକଗୁଡ଼ିକୁ ଅନୁମୋଦନ କରିବାକୁ ବାଧ୍ୟ ବୋଲି ରାୟ ଦେଇଥିଲେ । ଏହା ସାମ୍ବିଧାନିକ ଅଧିକାରଗତ ଜଟିଳତା ସୃଷ୍ଟି କରିବାରୁ ମାମଲା ୫ ଜଣିଆ ସମ୍ବିଧାନ ଖଣ୍ଡପୀଠକୁ ଯାଇଥିଲା ।

ମାମଲାର ବିଚାର କରି ଖଣ୍ଡପୀଠ ରାଷ୍ଟ୍ରପତିଙ୍କ ଉଦ୍ଦେଶ୍ୟରେ ଦୁଇଜଣିଆ ଖଣ୍ଡପୀଠ ଦେଇଥିବା ସମୟସୀମା ହଟାଇ ଦେବା ସହିତ ସାମ୍ବିଧାନିକ ପଦରେ ଅଧିଷ୍ଠିତ ବ୍ୟକ୍ତିବିଶେଷଙ୍କ କାର୍ଯ୍ୟଧାରାରେ ସମୟସୀମା କିମ୍ବା ଶୃଙ୍ଖଳା ଲାଗୁ କରିବାର ଅଧିକାର ନ୍ୟାୟାଳୟଙ୍କର ନାହିଁ ବୋଲି ସ୍ପଷ୍ଟ କରିଛନ୍ତି । ଏଥିସହିତ ରାଜ୍ୟପାଳମାନେ ଅନିର୍ଦ୍ଦିଷ୍ଟ ସମୟ ପର୍ଯ୍ୟନ୍ତ ବିଧେୟକଗୁଡ଼ିକୁ ପକେଇ ରଖିବା ଅନୁଚିତ ବୋଲି ଯଥୋଚିତ ରାୟ ଦେଇଛନ୍ତି । ସାମ୍ବିଧାନିକ ଗରିମାର ସୁରକ୍ଷା ଓ ଲକ୍ଷ୍ମଣରେଖାର ମାନ୍ୟତା ବଜାୟ ରଖିବାକୁ ଯାଇ ଖଣ୍ଡପୀଠଙ୍କ ଏହି ସଂଶୋଧିତ ରାୟକୁ ଯଦି ସକାରାତ୍ମକ ରୂପେ ରାଜ୍ୟପାଳମାନେ ଗ୍ରହଣ କରନ୍ତି ତେବେ ଗଣତନ୍ତ୍ର ପାଇଁ ଶୁଭଙ୍କର ହେବ ।

# ବୟୋବୃଦ୍ଧ: ଆଇନରେ ସୁରକ୍ଷିତ, ସମାଜରେ ଅବହେଳିତ

ଡକ୍ଟର ଅବଶ ପରିଡ଼ା

ବୟୋବୃଦ୍ଧଙ୍କ ଭରଣପୋଷଣ କରୁନାହାନ୍ତି, କିନ୍ତୁ ପିଲାମାନେ ସମ୍ପତ୍ତି ପାଇଁ ନ୍ୟାୟାଳୟର ଦ୍ୱାରସ୍ଥ ହେଉଛନ୍ତି । ପିଲାମାନଙ୍କ ଦ୍ୱାରା ବାପାଙ୍କ ସମ୍ପତ୍ତିରେ ଅଧିକାରୀ ଜାହିର କରିବା ପାଇଁ ମାମଲା କରିବା ବୟସ୍କଙ୍କ ପ୍ରତି ଏକ ଅତ୍ୟାଚାର । ଚଳିତ ମାସରେ ରାଜସ୍ଥାନ ଉଚ୍ଚ ନ୍ୟାୟାଳୟ ଏହି ଐତିହାସିକ ରାୟ ଦେଇଛନ୍ତି । ସେହିପରି ପିତାମାତାଙ୍କର ଭରଣପୋଷଣରେ ଅବହେଳା କରୁଥିବା ପିଲାଙ୍କୁ ସମ୍ପତ୍ତିରୁ ବେଦଖଲ ମାମଲାର ସଂଖ୍ୟା ଭାରତରେ ଏବେ ବୃଦ୍ଧି ପାଉଛି । ଉଭୟ ଭରଣପୋଷଣ ଏବଂ ତେଜ୍ୟ ପାଇଁ ହେଉଥିବା ଆବେଦନ କେବଳ ପିଲାମାନଙ୍କର ବ୍ୟକ୍ତିଗତ ଅବହେଳାର ପ୍ରତିଫଳନ ନୁହେଁ, ବରଂ ଏକ ସାମାଜିକ ପରିବର୍ତ୍ତନର ଆଭାସ । ବୟୋବୃଦ୍ଧ ପିତାମାତାଙ୍କ ସେବା ପିଲାମାନଙ୍କ ପାଇଁ ଏକଦା ନୈତିକ କର୍ତ୍ତବ୍ୟ ଥିଲା; କିନ୍ତୁ ତାହା ଏବେ ଆଇନଗତ ବାଧ୍ୟବାଧକତା ପାଲଟିଛି ।

ରାଷ୍ଟ୍ରୀୟସ୍ତରର ଅନେକ ସମୀକ୍ଷା ଓ ତଥ୍ୟ ଅନୁଯାୟୀ ଭାରତର ଜନସଂଖ୍ୟାରେ ତିନୋଟି ପରିବର୍ତ୍ତନ ଦେଖାଯାଉଛି । ପ୍ରଥମ ଦୁଇଟି ହେଉଛି, ବୟୋବୃଦ୍ଧଙ୍କ ସଂଖ୍ୟା ଏବଂ ଯୁବବର୍ଗଙ୍କ ଭୌଗୋଳିକ ଗତିଶୀଳତା ବଢ଼ୁଛି । ଶେଷଟି ହେଉଛି ପିଲାମାନଙ୍କ ଉପରେ ଆର୍ଥିକ ଭାବରେ ନିର୍ଭର କରୁଥିବା ବୟସ୍କଙ୍କ ସଂଖ୍ୟା ମଧ୍ୟ ସେହି ଅନୁପାତରେ ବୃଦ୍ଧି ପାଉଛି । 'ଇଣ୍ଡିଆ ଏଜିଂ ରିପୋର୍ଟ' ଏହାକୁ ନେଇ ଏକ ଆହ୍ୱାନ କଥା ଉଲ୍ଲେଖ କରିଛି । ତାହା ହେଉଛି, ନୂତନ ଜୀବନଶୈଳୀ ଏବଂ ସମ୍ବଳର ଅଭାବ ଯୋଗୁଁ ଆଧୁନିକ ପରିବାରଗୁଡ଼ିକ ନିଜ ଭାବପ୍ରବଣ ଦାୟିତ୍ୱ ମୁଖ୍ୟତଃ ବୃଦ୍ଧ ପିତାମାତାଙ୍କ ଭରଣପୋଷଣ, ଚିକିତ୍ସା ଓ ସେବାକୁ ନେଇ ଚାପରେ ଅଛନ୍ତି । ବୟସ୍କଙ୍କ ସେବା ଏକ ବୋଝ, ଏକ ଆଇନଗତ ଭୟ ଓ ଦାୟିତ୍ୱର ଚାପ ଭଳି ଧାରଣା ଏବେ ବିଶ୍ୱବ୍ୟାପୀ ବ୍ୟାପକ ହେବାରେ ଲାଗିଛି ।

ପାରମ୍ପରିକ ଭାରତୀୟ ସମାଜରେ ପିତାମାତାଙ୍କ ଯତ୍ନ, ସେବା, ଶ୍ରଦ୍ଧା ଓ ସମ୍ମାନ ହେଉଛି ମୂଲ୍ୟବୋଧ ସନ୍ନିହିତ । କିନ୍ତୁ ଦ୍ରୁତ ସହରୀକରଣ, ପ୍ରବାସ ଏବଂ ଅଣୁ ପରିବାରର ଉତ୍ଥାନ ଇତ୍ୟାଦି ଆମ ନୈତିକ କର୍ତ୍ତବ୍ୟଗୁଡ଼ିକୁ ଏକପ୍ରକାରର ଅସ୍ପଷ୍ଟ ଦାୟିତ୍ୱରେ ପରିଣତ କରିଛି । ସମ୍ଭବତଃ, ସେଥିପାଇଁ ବୟୋବୃଦ୍ଧମାନେ ନିର୍ଯାତନା, ହିଂସା, ଅବହେଳାର ଶିକାର ହେଉଛନ୍ତି । ସମାଜଶାସ୍ତ୍ରରେ ଏହାକୁ 'ନୈତିକ ନିରନ୍ତରତାର ସଙ୍କଟ' ବୋଲି କୁହାଯାଏ । ସରଳରେ କହିଲେ, ବ୍ୟକ୍ତିଗତ କିମ୍ବା ସାମାଜିକ ନୈତିକ ଢାଞ୍ଚାର ଅଧୋପତନ ଏବଂ ଠିକ୍ କିମ୍ବା ଭୁଲକୁ ନେଇ ଆମ ଭିତରେ ବ୍ୟାପକ ଅନିଶ୍ଚିତତାର ଏହା ହେଉଛି ଏକ ପରିସ୍ଥିତି । କ୍ରମାଗତ ଭାବେ ଏହା ଯୋଗୁଁ ପରିବାର ଏକ ଆବେଗପୂର୍ଣ୍ଣ ଅନୁଷ୍ଠାନରୁ ପାରସ୍ପରିକ ଲାଭ ଚାଳିତ ପ୍ରତିଷ୍ଠାନ ଏବଂ ଆଇନଗତ ଚୁକ୍ତିରେ ପରିବର୍ତ୍ତନ ହୋଇସାରିଛି । ଅନେକ ପିଲାଙ୍କ ପାଇଁ ବୃଦ୍ଧ ପିତାମାତାଙ୍କ ଯତ୍ନ ନେବା ଆଉ ଏକ ଆନ୍ତରିକ ଆଚରଣ ନୁହେଁ । ସମାଜବିଜ୍ଞାନୀ ୱେବରଙ୍କ ତତ୍ତ୍ୱ ଅନୁସାରେ ଆମର ସାମାଜିକ ଜୀବନ ଏକ ପ୍ରକ୍ରିୟାରେ ପାରମ୍ପରିକ ଢାଞ୍ଚାରୁ ଆଇନଗତ-ଯୌକ୍ତିକ କର୍ତ୍ତୃପକ୍ଷକୁ ଆଡ଼କୁ ଗତି କରେ । ଉଦାହରଣ ସ୍ୱରୂପ, ସନ୍ତାନର ଧର୍ମ, କର୍ତ୍ତବ୍ୟ ଏବଂ ନୈତିକ କ୍ରମକୁ ଅମଲାତାନ୍ତ୍ରିକ ପ୍ରକ୍ରିୟା, ଯେପରିକି ଆଧିକାରିକ ସୂଚନା, ଟ୍ରିବ୍ୟୁନାଲ୍ ଶୁଣାଣି, ବହିଷ୍କାର ଆଦେଶ ଦ୍ୱାରା ଆକାର ଦିଆଯାଉଛି । ତେଣୁ ଅବହେଳିତ ପିତାମାତାମାନେ ଆଉ ସ୍ନେହ ବନ୍ଧନ ଆଶା କରୁନାହାନ୍ତି । ପ୍ରତିବାଦରେ ଦୁଃଖ ଓ ନିର୍ଯାତନାର ଆଇନଗତ ସ୍ୱୀକୃତି ପାଇଁ ସେମାନେ ଅଦାଲତର ଆଶ୍ରୟ ନେଉଛନ୍ତି ।

ବୃଦ୍ଧ ପିତାମାତାଙ୍କୁ ନିଃସହାୟ ନ କରିବା ପାଇଁ 'ପିତାମାତା ଓ ବରିଷ୍ଠ ନାଗରିକଙ୍କ ଭରଣପୋଷଣ ଏବଂ କଲ୍ୟାଣ ଆଇନ'- ୨୦୦୭ ପ୍ରଣୟନ କରାଯାଇଥିଲା । ବୃଦ୍ଧ ପିତାମାତାଙ୍କ ମୌଳିକ ଆବଶ୍ୟକତା, ଆଶ୍ରୟ ଓ ମାସିକ ଭତ୍ତା ପ୍ରଦାନ କରିବାକୁ ଏହା ପିଲାମାନଙ୍କୁ କିମ୍ବା ଉତ୍ତରାଧିକାରୀମାନଙ୍କୁ ଆଦେଶ କରିଥାଏ । ଏଥିରେ ନିୟମ ଅଛି ଯେ ଯଦି ଅବହେଳିତ ହୁଅନ୍ତି ତେବେ ପିତାମାତାମାନେ ଏକ ଭରଣପୋଷଣ ଟ୍ରିବ୍ୟୁନାଲରେ ଏହା ବିରୁଦ୍ଧରେ ଆବେଦନ ଦାଖଲ କରିପାରିବେ । ଟ୍ରିବ୍ୟୁନାଲ ମାସିକ ଭରଣପୋଷଣ ୧୦, ୦୦୦ ଟଙ୍କା ପର୍ଯ୍ୟନ୍ତ ଦେବାକୁ ନିର୍ଦ୍ଦେଶ ଦେଇପାରିବେ କିମ୍ବା ପିଲାମାନଙ୍କୁ ପିତାମାତାଙ୍କ ସମ୍ପତ୍ତିର ଅଧିକାରରୁ ବାଦ୍ ଦେଇପାରିବେ ।

ମିଳିତ ଜାତିସଂଘର ଏକ ରିପୋର୍ଟ ଅନୁଯାୟୀ ଭାରତୀୟ ବୟସ୍କମାନେ ନିଜ ଭରଣପୋଷଣ ପାଇଁ ପିଲାମାନଙ୍କ ମଧ୍ୟରେ ବାଣ୍ଟି ହୋଇଯାଇଛନ୍ତି । ପିତାମାତାଙ୍କୁ ପିଲାମାନେ ଭାଗରେ ରଖିବାକୁ କିଛି ଆଧାର ଅଛି । ଯଥା ପିଲାମାନଙ୍କ ରହୁଥିବା ସ୍ଥାନ, ଚାକିରି ଓ ଆର୍ଥିକ କ୍ଷମତା ଇତ୍ୟାଦି । ଏକ ଘରୋଇ ଗବେଷଣାର ତଥ୍ୟ ଅନୁଯାୟୀ ବୟସ୍କଙ୍କ ଦ୍ୱାରା ନ୍ୟାୟାଳୟରେ ଆବେଦନର ସଂଖ୍ୟା ବଢ଼ିବାର ଦୁଇଟି କାରଣ ଅଛି । ପ୍ରଥମଟି, କେଉଁ ପିଲା ସେମାନଙ୍କୁ କେତେଦିନ ଭାଗରେ ରଖିବେ ଏବଂ ଦ୍ୱିତୀୟ, ପିଲାମାନଙ୍କ ମଧ୍ୟରେ ଜରୁରିକାଳୀନ ଖର୍ଚ୍ଚ ବହନର ଦ୍ୱନ୍ଦ୍ୱ । ଦିଲ୍ଲୀ ବରିଷ୍ଠ ନାଗରିକ ଟ୍ରିବ୍ୟୁନାଲ୍‌ର ଏକ ଆବେଦନର ଉଦାହରଣ ଏଠାରେ ନେବା । ୮୨ ବର୍ଷୀୟ ଦମ୍ପତି ତାଙ୍କ ପୁଅ ଓ ବୋହୂଙ୍କୁ ସମ୍ପତ୍ତିରୁ ବାସନ୍ଦ କରିବା ପାଇଁ ଏକ ଆବେଦନ ଦାଖଲ କରିଥିଲେ । ଯୁକ୍ତି ଥିଲା ଯେ ପୁଅ-ବୋହୂ ରକ୍ଷଣାବେକ୍ଷଣ ଓ ଭରଣପୋଷଣ କରୁନାହାନ୍ତି, ବରଂ ସମ୍ପତ୍ତି ଉପଭୋଗ ଓ ଦଖଲ କରି ରଖିଛନ୍ତି । ଦିଲ୍ଲୀ ଟ୍ରିବ୍ୟୁନାଲ୍ ଏମ୍‌ଡବ୍ଲୁପିଏସ୍‌ସି ଆଇନ ଅନୁଯାୟୀ ପୁଅକୁ ସମ୍ପତ୍ତିରୁ ବେଦଖଲ କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ । ଅପରପକ୍ଷରେ ପୁଅର ଯୁକ୍ତି ଥିଲା ଯେ ତାଙ୍କ ଭାଇ ମଧ୍ୟ ସମାନ ଦାୟିତ୍ୱ ବାଣ୍ଟିବା ଉଚିତ । ବିଡ଼ମ୍ବନା ଯେ ଦୁଇ ଭାଇ ମିଳିତ ଯତ୍ନ ଗ୍ରହଣ କରିବାକୁ ମନା କରିଥିଲେ । ସୂଚାଇ ଦେବାକୁ ଚାହେଁ ଯେ ପିଲାମାନଙ୍କ ଏହି ନିଷ୍ପତ୍ତିରେ ଟ୍ରିବ୍ୟୁନାଲ୍ ବିଶେଷ କିଛି ସାହାଯ୍ୟ କରିପାରିବେ ନାହିଁ ।

ଟ୍ରିବ୍ୟୁନାଲ୍ ଦେଉଥିବା ରାୟ ମଧ୍ୟ ସମାନ ପ୍ରକାରର ନୁହେଁ । ବୟସ୍କଙ୍କ ଭରଣପୋଷଣ ଆଇନର ନ୍ୟାୟିକ ବ୍ୟାଖ୍ୟା ବିବାଦୀୟ ବୋଲି ସଦ୍ୟ ପ୍ରକାଶିତ ଏକ ଅଧ୍ୟୟନ ପ୍ରକାଶ କରିଛି । ଏହା ଅନୁଯାୟୀ ପିତାମାତାଙ୍କ ସମ୍ପତ୍ତିରୁ ପିଲାଙ୍କୁ ବେଦଖଲ କରିବାର ପ୍ରଶାସନିକ କର୍ତ୍ତୃପକ୍ଷଙ୍କ କ୍ଷମତାକୁ କିଛି ଖଣ୍ଡପୀଠ ସୀମିତ ରଖିଛନ୍ତି । କେଉଁଠି ବେଦଖଲ ମଧ୍ୟ କରିଛନ୍ତି । ଅନ୍ୟ କିଛି ପରିସ୍ଥିତିରେ ଟ୍ରିବ୍ୟୁନାଲ୍ ବେଦଖଲ ନିର୍ଦ୍ଦେଶ ଜାରି କରିଛନ୍ତି କିନ୍ତୁ ଅପବ୍ୟବହାର କିମ୍ବା ଦଖଲ ପ୍ରମାଣିତ ହୋଇନାହିଁ । ତେଣୁ ଏହା ଦର୍ଶାଉଛି ଯେ ବୟସ୍କ ବ୍ୟକ୍ତିଙ୍କ ପାଇଁ ଆଇନକୁ ଉଭୟ ଢାଲ ଭାବରେ ଏବଂ ପରିବାର ମଧ୍ୟରେ ଦ୍ୱନ୍ଦ୍ୱର ଏକ ବିବାଦୀୟ ଉପକରଣ ଭାବରେ ବ୍ୟବହାର କରାଯିବାର ସମ୍ଭାବନା ଅଛି । କିଛିଦିନ ତଳେ ଆଲ୍ଲାହାବାଦ ହାଇକୋର୍ଟର ଲକ୍ଷ୍ନୌ ଖଣ୍ଡପୀଠ କହିଛନ୍ତି ଯେ ଭରଣପୋଷଣ ଟ୍ରିବ୍ୟୁନାଲ୍, ଆପିଲେଟ୍ ଟ୍ରିବ୍ୟୁନାଲ୍ କିମ୍ବା ଜିଲ୍ଲା ମାଜିଷ୍ଟ୍ରେଟ୍‌ଙ୍କର ପିତାମାତା ଓ ବରିଷ୍ଠ ନାଗରିକଙ୍କ ଭରଣପୋଷଣ ଏବଂ କଲ୍ୟାଣ ଆଇନ ୨୦୦୭ ଅନୁଯାୟୀ ଆବେଦନ ଉପରେ କୌଣସି ସନ୍ତାନ କିମ୍ବା ସମ୍ପର୍କୀୟଙ୍କୁ ବାହାର କରିବା ପାଇଁ କୌଣସି ବହିଷ୍କାର ଆଦେଶ ପ୍ରଦାନ କରିବାର କ୍ଷମତା ନାହିଁ । ସେହିପରି ଚଳିତ ବର୍ଷର ଏକ ମିଡିଆ ରିପୋର୍ଟ କୁହେ ଯେ ବୃଦ୍ଧ ପିତାମାତା ଉପହାର କିମ୍ବା ଉତ୍ତରାଧିକାର ପ୍ରତିଶ୍ରୁତି ମାଧ୍ୟମରେ ସମ୍ପତ୍ତି ହସ୍ତାନ୍ତର ପରେ ମଧ୍ୟ ସେମାନେ ଅବହେଳାର ଶିକାର ହେଉଛନ୍ତି । ତେଣୁ ମାସିକ ଅନେକ ଆବେଦନ ଆସୁଛି । ବିହାର, ଛତିଶଗଡ଼ର ଟ୍ରିବ୍ୟୁନାଲ୍ ଏବଂ କିଛି ପ୍ରଶାସନିକ ନିର୍ଦ୍ଦେଶ ଦ୍ୱାରା ବହୁତ ସମ୍ପତ୍ତି ସ୍ଥାନାନ୍ତରକୁ ବାତିଲ କରାଯାଇଛି ।

ତେଣୁ ଏଥିରୁ ଗୋଟିଏ କଥା ସ୍ପଷ୍ଟ ହେଉଛି ଯେ ଆଇନ କିମ୍ବା ସ୍ୱେଚ୍ଛାକୃତ ସମ୍ପତ୍ତି ସ୍ଥାନାନ୍ତର ବୟସ୍କମାନଙ୍କୁ ଆଶ୍ୱସ୍ତି ଦେଇପାରିବ ନାହିଁ । ପିତାମାତା ଓ ବରିଷ୍ଠ ନାଗରିକଙ୍କ ଭରଣପୋଷଣ ଏବଂ କଲ୍ୟାଣ ଆଇନ ଏକ ଗୁରୁତ୍ୱପୂର୍ଣ୍ଣ ପଦକ୍ଷେପ । କିନ୍ତୁ ଏହି ଆଇନ ପୂର୍ଣ୍ଣ ସୁରକ୍ଷା ପ୍ରଦାନ କରିବାରେ ଅସମର୍ଥ ବୋଲି ଅନେକ ଯୁକ୍ତି ବାଢୁଛନ୍ତି । ପ୍ରଥମ କାରଣ ହେଉଛି ଏହା କଲ୍ୟାଣ ଉପରେ ନୁହେଁ, ଭରଣପୋଷଣ ଉପରେ ଧ୍ୟାନ ଦେଉଛି । ଚିକିତ୍ସା ଖର୍ଚ୍ଚ, ଔଷଧ, ସହାୟକ ଉପକରଣ, ପରିବହନ ଓ ବର୍ଦ୍ଧିତ ସହରାଞ୍ଚଳ ଜୀବନଯାପନ ଖର୍ଚ୍ଚ ପାଇଁ ଏହା ପର୍ଯ୍ୟାପ୍ତ ନୁହେଁ । ଦ୍ୱିତୀୟଟି ହେଉଛି ଆଦେଶ କାର୍ଯ୍ୟକାରିତା କରିବାରେ ସମସ୍ୟା । ଯଦି ପିଲାମାନେ ଦେୟ ଦେବାକୁ ମନା କରନ୍ତି, ତେବେ ଟ୍ରିବ୍ୟୁନାଲ୍‌ର ଅନୁପାଳନକୁ ବଳବତ୍ତର କରିବା ପାଇଁ ସେମିତି କିଛି ଶକ୍ତ ଉପାୟ ନାହିଁ । ଅବଶ୍ୟ ଏକମାତ୍ର ଯତ୍ନ ନେଉଥିବା ପିଲା ବା ଆର୍ଥିକ ଦୁର୍ବଳ ପିଲାମାନଙ୍କ ଉପରେ ଚାପ ହ୍ରାସ କରିବା ପାଇଁ ରାଷ୍ଟ୍ର ଦ୍ୱାରା ପେନସନ, ସମ୍ପ୍ରଦାୟ-ଭିତ୍ତିକ ବୃଦ୍ଧାଶ୍ରମ ଏବଂ ସୁଲଭ ବାର୍ଦ୍ଧକ୍ୟ ସେବାକୁ ବିସ୍ତାର କରାଯାଉଛି ।

ପିଲାମାନଙ୍କ ଦ୍ୱାରା ଅବହେଳିତ କିମ୍ବା କୌଣସି ଭରଣପୋଷଣ ପାଉ ନଥିବା ବୃଦ୍ଧମାନଙ୍କ ଉପରେ ଆର୍ଥିକ ଚାପ ପର୍ଯ୍ୟବସିତ ନିଜସ୍ୱ ଗବେଷଣାରୁ ଜଣାପଡ଼ିଛି ଯେ ବୟୋବୃଦ୍ଧମାନେ ଆର୍ଥିକ ସାହାଯ୍ୟ ବିନା ଆଶ୍ରୟ, ସ୍ୱାସ୍ଥ୍ୟସେବା ଓ ଦୈନନ୍ଦିନ ଖର୍ଚ୍ଚ ଭଳି ମୌଳିକ ଆବଶ୍ୟକତା ଠାରୁ ଖୁବ ଦୂରରେ । ଯାହା ଫଳରେ ତୀବ୍ର ଦାରିଦ୍ର୍ୟ ଓ ସ୍ୱାସ୍ଥ୍ୟର ଅବନତି ଘଟୁଛି । ପୁରୁଷଙ୍କ ଅପେକ୍ଷା ଭାରତୀୟ ବୃଦ୍ଧା ମହିଳା, ମୁଖ୍ୟତଃ ବୃଦ୍ଧା ବିଧବା ମହିଳାମାନେ ଆର୍ଥିକ ଚାପ ଓ କମ୍ ଆର୍ଥିକ ସୁରକ୍ଷା ଦ୍ୱାରା ଅଧିକ ପ୍ରଭାବିତ ହେଉଛନ୍ତି । ରାଷ୍ଟ୍ର କିମ୍ବା ଆଇନ ଦ୍ୱାରା ଶ୍ରଦ୍ଧା, ସେବା ଓ ସମ୍ମାନ ଥିବା ସମ୍ପର୍କକୁ ପୁନଃ ସୃଷ୍ଟି କରିବା ଅସମ୍ଭବ । ତେଣୁ ଏକ ସ୍ଥାୟୀ ଆଇନଗତ ସୁରକ୍ଷା ଓ ସୁସ୍ଥ ସାମାଜିକ ନୀତି ସହିତ ଆନ୍ତଃପିଢ଼ିଗତ ଦାୟିତ୍ୱକୁ ପୁନଃପରିଭାଷିତ କରିବାର ଆବଶ୍ୟକତା ଅଛି ।

ଭୁବନେଶ୍ୱର, ମୋ: ୮୪୫୬୮୭୯୫୨୨

# ବିଜ୍ଞାନ ଅଧ୍ୟୟନ ଓ ବୈଜ୍ଞାନିକ ମନୋଭାବ

ପ୍ରଶାନ୍ତ ମିଶ୍ର

ମଣିଷ ଚିରକାଳ ଏକ ଜିଜ୍ଞାସୁ, କୌତୂହଳୀ ଓ ଅନୁସନ୍ଧିତ୍ସୁ ସତ୍ତା । ଅନ୍ଧ ଭାବେ ସେ କୌଣସି କଥାକୁ ମାନି ନିଏ ନାହିଁ । ପ୍ରଶ୍ନ କରେ, ତର୍କ ରଖେ, ପ୍ରମାଣ ଲୋଡ଼େ ଓ ଯଥାର୍ଥତା ଉପରେ ଗୁରୁତ୍ୱ ଦିଏ । ମହାଜନମାନଙ୍କ ଦ୍ୱାରା ନିର୍ଦ୍ଦେଶିତ ପନ୍ଥାରେ ନିରପେକ୍ଷତାର ଉପାଦାନ ଖୋଜେ । ନୋବେଲ ବିଜେତା ଅମର୍ତ୍ତ୍ୟ ସେନଙ୍କ 'ଯୁକ୍ତିପ୍ରିୟ ଭାରତୀୟ' ଅନୁଯାୟୀ ବୈଜ୍ଞାନିକ ମନୋଭାବ (ସାଇଣ୍ଟିଫିକ୍ ଟେମ୍ପର) ଆମ ଆଦର୍ଶବାଦର ଏକ ଅବିଚ୍ଛେଦ୍ୟ ଅଂଶ । ଉପନିଷଦ ରଚନା କାଳରୁ ଏହା ଭାରତରେ ରହି ଆସିଛି । ବୌଦ୍ଧ ସୂତ୍ରସାହିତ୍ୟରୁ ବି ଜଣାପଡ଼େ ଯେ ବୁଦ୍ଧ କୌଣସି କଥାକୁ ଅନ୍ଧ ଭାବେ ମାନିନେବା ସପକ୍ଷରେ ନଥିଲେ । କେବଳ ଗୁରୁଙ୍କୁ ସମ୍ମାନ ଦେବା ଉଦ୍ଦେଶ୍ୟରେ ଗୁରୁ ଯାହା କହିଛନ୍ତି, ତାହା ସତ୍ୟ ଓ ଅକାଟ୍ୟ ବୋଲି ବିଶ୍ୱାସ କରିଯିବା ତାଙ୍କ ପାଇଁ ଗ୍ରହଣୀୟ ନଥିଲା ।

ପାଶ୍ଚାତ୍ୟରେ ଊନବିଂଶ ଶତାବ୍ଦୀର ପ୍ରାୟ ମଧ୍ୟଭାଗରୁ 'ବୈଜ୍ଞାନିକ ମନୋଭାବ' ବାକ୍ୟାଂଶଟିର ବ୍ୟବହାର ବଢ଼ିଥିବା ଜଣାପଡ଼େ । ଏକଦା ଜଣେ ଖ୍ରୀଷ୍ଟୀୟ କ୍ୟାଥୋଲିକ୍ ବିଦ୍ୱାନ ଥୋମାସ୍ ଏ ହକ୍ସ୍ ଏହାର ବିଶ୍ଳେଷଣ କରି କହିଥିଲେ - ବୈଜ୍ଞାନିକ ମନୋଭାବ ଏକ ତ୍ରୁଟି-ବିରୋଧୀ ଯତ୍ନଶୀଳତା ଓ ଅନମନୀୟ ସଠିକତା । ବର୍ଟାଣ୍ଡ ରସେଲ୍ 'ଫ୍ରି ଥଟ୍ ଆଣ୍ଡ ଅଫିସିଆଲ୍ ପ୍ରୋପାଗଣ୍ଡା' ଶୀର୍ଷକ 'କନୱେ ମେମୋରିଆଲ୍ ଲେକ୍‌ଚର୍' ଅବସରରେ ଆଇନଷ୍ଟାଇନଙ୍କ 'ଥିଓରି ଅଫ୍ ରିଲେଟିଭିଟି' ବିଶ୍ୱସ୍ତରରେ ଗୃହୀତ ହେବା ବୈଜ୍ଞାନିକ ମନୋଭାବର ଏକ ଉଜ୍ଜ୍ୱଳ ଉଦାହରଣ ବୋଲି ମତ ଦେଇଥିଲେ । ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ନେହେରୁଙ୍କ ବୈଜ୍ଞାନିକ ମନୋଭାବ ପ୍ରତି ଗଭୀର ଶ୍ରଦ୍ଧା ଓ ସମ୍ମାନ ଥିଲା । ତାଙ୍କ 'ଭାରତ ଆବିଷ୍କାର' (ଡିସ୍କଭରି ଅଫ୍ ଇଣ୍ଡିଆ) ଜରିଆରେ ସେ ବୈଜ୍ଞାନିକ ମନୋଭାବକୁ ଜନପ୍ରିୟ କରାଇବା ପାଇଁ ଉଦ୍ୟମ କରିଥିଲେ ।

ଧର୍ମ ସ୍ୱତଃପ୍ରବୃତ୍ତ ଆବେଗ, ଉତ୍କଣ୍ଠା ଓ ସ୍ୱତଃସ୍ଫୂର୍ତ୍ତ ଅବବୋଧ ଉପରେ ଆସ୍ଥା ରଖେ ଏବଂ ଜୀବନର ପ୍ରତ୍ୟେକ କ୍ଷେତ୍ର ସକାଶେ ଏହାର ବ୍ୟବହାରଯୋଗ୍ୟତା ରହିଛି ବୋଲି ନିଶ୍ଚିତ ଥାଏ । ଏପରିକି ବୌଦ୍ଧିକ ପର୍ଯ୍ୟବେକ୍ଷଣ ଓ ଅନୁସନ୍ଧାନ ପାଇଁ ଯେଉଁ କ୍ଷେତ୍ରଗୁଡ଼ିକ ଅନୁକୂଳ, ସେହି କ୍ଷେତ୍ରଗୁଡ଼ିକୁ ବି ବାଦ ଦେବାକୁ ଚାହେଁନାହିଁ । ମନ ମସ୍ତିଷ୍କର ବାତାୟନକୁ ବନ୍ଦ ରଖି ଅନ୍ଧତ୍ୱ, ଅସହନଶୀଳତା, ଅସଙ୍ଗତି ଓ ଅଯୌକ୍ତିକତା ପ୍ରଭୃତିକୁ ଉତ୍ସାହିତ କରେ । ତେଣୁ କୁହାଯାଇପାରେ ଧର୍ମ ନିର୍ଭରଶୀଳ ଓ ଅମୁକ୍ତ ମଣିଷର ବିଶ୍ୱାସପ୍ରବଣତା-ଆଧାରିତ ଏକ ମନୋଭାବ । ଅନ୍ୟପକ୍ଷରେ ବିଜ୍ଞାନ ଓ ବୈଜ୍ଞାନିକ ମନୋଭାବ କ୍ଷୁଧା, ଦାରିଦ୍ର୍ୟ, ଅସ୍ୱାସ୍ଥ୍ୟକର ପରିବେଶ ଓ ନିରକ୍ଷରତା, ଅନ୍ଧବିଶ୍ୱାସ ଓ ନିଶ୍ଚେତକ ପ୍ରଥା ପରମ୍ପରା ଏବଂ ଅଯଥାର୍ଥ ସମ୍ବଳକ୍ଷୟ ଜନିତ ସମସ୍ୟାସବୁର ସମାଧାନ ପାଇଁ ସାମର୍ଥ୍ୟ ରଖେ । ଆମ ସମ୍ବିଧାନ ଅନୁଯାୟୀ ବି ବୈଜ୍ଞାନିକ ମନୋଭାବ, ମାନବତାବାଦ ଓ ଅନୁସନ୍ଧିତ୍ସୁ ଚିତ୍ତବୃତ୍ତିର ବିକାଶ ଘଟାଇବା ନାଗରିକର ଅନ୍ୟତମ ମୌଳିକ କର୍ତ୍ତବ୍ୟ ।

ତୃଣମୂଳ ସ୍ତରରେ ବୈଜ୍ଞାନିକ ମନୋଭାବକୁ ଆଦୃତ କରାଇବା ପାଇଁ ୧୯୫୨ -୫୩ ରେ ଭାରତ ସରକାରଙ୍କ ଦ୍ୱାରା ପ୍ରଥମ ବଳିଷ୍ଠ ପଦକ୍ଷେପ ନିଆ ଯାଇଥିଲା । ତତ୍କାଳୀନ 'କାଉନ୍‌ସିଲ୍ ଅଫ୍ ସାଇଣ୍ଟିଫିକ୍ ଆଣ୍ଡ ଇଣ୍ଡଷ୍ଟ୍ରିଆଲ୍ ରିସର୍ଚ୍ଚ'(ସିଏସ୍‌ଆଇଆର୍) ମୁଖ୍ୟ ତଥା 'ଫାଦର୍ ଅଫ୍ ରିସର୍ଚ୍ଚ ଲାବୋରଟାରିଜ୍' ନାମରେ ପରିଚିତ ଶାନ୍ତି ସ୍ୱରୂପ ଭଟ୍ଟନାଗର ଏହାର ନେତୃତ୍ୱ ନେବା ସହ ବିଜ୍ଞାନ, ଟେକ୍ନୋଲୋଜି ଭିତ୍ତିଭୂମିର ବିକାଶ କ୍ଷେତ୍ରରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିର୍ବାହ କରିଥିଲେ । ହୋମି ଜାହାଙ୍ଗୀର ଭାବା, ବିକ୍ରମ ସରାଭାଇ ଓ ସମଶ୍ରେଣୀୟ ଅନ୍ୟ ବୈଜ୍ଞାନିକମାନଙ୍କର ବି ସ୍ୱାଧୀନତାପ୍ରାପ୍ତି ପରବର୍ତ୍ତୀ ଭାରତର ବିକାଶ ପାଇଁ ଉଲ୍ଲେଖନୀୟ ଅବଦାନ ରହିଥିଲା ।

ଅନ୍ୟପକ୍ଷରେ ବୈଜ୍ଞାନିକ ମନୋଭାବର ବିକାଶକୁ ପ୍ରତିହତ କରିବା ପାଇଁ ସେତେବେଳେ ଉଦ୍ୟମ ଚାଲିଥିଲା ଏବଂ ଏବେ ବି ଉଦ୍ୟମ ଜାରି ରହିଛି । ନିଜକୁ ସ୍ୱାମୀ, ବାବା, ମାତା, ଗୁରୁ, ତାନ୍ତ୍ରିକ, ଫକୀର ପ୍ରଭୃତି ରୂପେ ପରିଚିତ କରାଇ ବହୁ ଭଣ୍ଡ ଏ ଦିଗରେ କାର୍ଯ୍ୟ କରିଚାଲିଛନ୍ତି । ବିଜ୍ଞାପନ ଜରିଆରେ ଲୋକଙ୍କୁ ଆକର୍ଷିତ କରି ବିଭିନ୍ନ ବ୍ୟକ୍ତିଗତ ସମସ୍ୟାର ସମାଧାନ ଓ ବ୍ୟାଧି ନିବାରଣ ପାଇଁ କର୍ମକାଣ୍ଡୀୟ ଉପଦେଶ ଦେଉଛନ୍ତି ଓ ଉତ୍ପାଦ ବିକ୍ରି କରୁଛନ୍ତି । ସେମାନଙ୍କ ଜାଲରେ ଧରା ଦେବାକୁ ଦୌଡୁଛନ୍ତି ତଥାକଥିତ ଶିକ୍ଷିତ ଓ ପ୍ରଭାବଶାଳୀ ଲୋକ । ରାଜନୈତିକ ପୃଷ୍ଠପୋଷକତା ବି ସେମାନଙ୍କୁ ମିଳୁଛି ।

ବିଜ୍ଞାନ ଅଧ୍ୟୟନ ସହିତ ବୈଜ୍ଞାନିକ ମନୋଭାବର ବିଶେଷ ସମ୍ପର୍କ ନାହିଁ । ଯଦି ଥା'ନ୍ତା, ତେବେ ବୈଜ୍ଞାନିକ ମହାକାଶକୁ ଯାନ ପଠାଇବା ପୂର୍ବରୁ ସଫଳତା ପାଇବା ଆଶାରେ ଉପାସନା ସ୍ଥଳକୁ ଯାଇ ପୂଜାର୍ଚ୍ଚନା କରନ୍ତେ ନାହିଁ କି ଧର୍ମଗୁରୁମାନଙ୍କ ଆଶୀର୍ବାଦ ଲୋଡ଼ନ୍ତେ ନାହିଁ । ବୈଜ୍ଞାନିକ ମନୋଭାବର ଅଗ୍ରଗାମୀତ୍ୱକୁ ବଜାୟ ରଖିବା ପାଇଁ ତେଣୁ ବିଜ୍ଞାନ ପଢ଼ିବା ଅପେକ୍ଷା ଅଧିକ ଜରୁରୀ, ହେଲା ନିଷ୍କପଟ ସନ୍ଦେହ ପୋଷଣ, ପକ୍ଷପାତିତା ଓ ଘୃଣା ବିଦ୍ୱେଷରୁ ମୁକ୍ତି, ବାସ୍ତବତା ଉପରେ ଗୁରୁତ୍ୱ ଆରୋପ, ଅପ୍ରମାଣ-ଆଧାରିତ ନିଷ୍ପତ୍ତି ବା ସିଦ୍ଧାନ୍ତକୁ ନାକଚ କରିବାର ସାମର୍ଥ୍ୟ ।

କାଶୀନଗର(ଗଜପତି), ମୋ: ୭୮୭୩୫୭୩୫୬୯

# ଶକୁନି ମନ୍ଦିର

ଓଜସ୍ୱିନୀ

ମହାଭାରତର ମୁଖ୍ୟ ଖଳନାୟକ ଶକୁନିଙ୍କ ଚତୁରତା ଓ ଚକ୍ରାନ୍ତ ଅତୁଳନୀୟ । ଆଜି ମଧ୍ୟ କୌଣସି କୁବୁଦ୍ଧି ବା କୁଚକ୍ରାନ୍ତକାରୀଙ୍କୁ ଶକୁନିଙ୍କ ସହ ତୁଳନା ଓ ଭର୍ତ୍ସନା କରାଯାଏ । ଶକୁନି ଖଳ ଓ ଦୁରାଚାରୀ ଚରିତ୍ରଯୁକ୍ତ ହୋଇଥିଲେ ମଧ୍ୟ ଦକ୍ଷିଣ ଭାରତରେ ତାଙ୍କର ଏକ ମନ୍ଦିର ଅଛି । ଶୁଣିବାକୁ ଆଶ୍ଚର୍ଯ୍ୟ ଲାଗୁଥିଲେ ମଧ୍ୟ କେତେକ ପୌରାଣିକ କଥାବସ୍ତୁକୁ ଆଧାର କରି ଶକୁନିଙ୍କୁ ଦେବତୁଲ୍ୟ ବିଚାର କରାଯାଇଛି । ଯଥା - ଅଧର୍ମର ବିନାଶ ଓ ଧର୍ମର ସଂସ୍ଥାପନ ପାଇଁ ଦେବତାଙ୍କ କ୍ରୋଧରୁ ସୃଷ୍ଟି ଶକୁନି ଦ୍ୱାପର ଯୁଗରେ ଧରାପୃଷ୍ଠରେ ଜନ୍ମ ନେଇଥିଲେ । କାଳକ୍ରମେ ସେ ପାଣ୍ଡବ ଓ କୌରବଙ୍କ ମଧ୍ୟରେ ବିଭାଜନ କରାଇ ଯୁଦ୍ଧର ତାଣ୍ଡବ ରଚନା କଲେ । ମହାଭାରତ ଯୁଦ୍ଧ ଦ୍ୱାରା ଅଧର୍ମର ବିନାଶ ଓ ଧର୍ମର ଜୟଗାନ ହେଲା ।

କେରଳର କୋଲ୍ଲମ ଜିଲ୍ଲାରେ ଶକୁନିଙ୍କୁ ସମର୍ପିତ ଏହି ମନ୍ଦିରକୁ 'ମଲନାଡ ମନ୍ଦିର' କୁହାଯାଉଛି । ଏହି ମନ୍ଦିର 'ମାୟମକୋଟ୍ଟୁ ମଲଂଚାରୁବୁ ମଲନାଡ ମନ୍ଦିର' ଭାବେ ମଧ୍ୟ ଜଣାଶୁଣା । ଯେଉଁଠାରେ ଶକୁନି ମହାଦେବଙ୍କୁ ତପସ୍ୟା କରି ପ୍ରସନ୍ନ କରିଥିଲେ ସେଠାରେ ଏହି ମନ୍ଦିର

## ବିଚିତ୍ର ବିଶ୍ୱାସ

ନିର୍ମାଣ କରାଯାଇଛି । ସ୍ଥାନୀୟ ଜନଶ୍ରୁତି ଅନୁସାରେ ଏଠାରେ ମହାଦେବ ଶକୁନିଙ୍କୁ ସାକ୍ଷାତ ଦର୍ଶନ ଦେଇ ମୁକ୍ତି ପ୍ରଦାନ କରିଥିଲେ । ଯେଉଁ ଶିଳା ଉପରେ ଶକୁନି ତପସ୍ୟାରତ ଥିଲେ, ତାହା ଆଜି ମଧ୍ୟ ବିଦ୍ୟମାନ ଅଛି, ଯାହା 'ପବିତ୍ରେଶ୍ୱରମ୍' ଭାବେ ପରିଚିତ । ତେଣୁ ଏହି ମନ୍ଦିର ଶକୁନିଙ୍କର ପଶ୍ଚାତାପ ଏବଂ ମହାଦେବଙ୍କ ଆଶୀର୍ବାଦର ପ୍ରତୀକ ଭାବେ ରହିଛି । ଭକ୍ତମାନଙ୍କର ଅତୁଟ ବିଶ୍ୱାସ ରହିଆସିଛି ଯେ, ଏହି ମନ୍ଦିରରେ ବିଧିବିଧାନର ସହ ଶକୁନିଙ୍କ ପୂଜା କଲେ ସମସ୍ତ ମନସ୍କାମନା ପୂର୍ଣ୍ଣ ହୋଇଥାଏ । ଏହି ମନ୍ଦିରକୁ ଗୋଟିଏ ତନ୍ତ୍ରପୀଠ ଭାବରେ ମଧ୍ୟ ଖ୍ୟାତି ମିଳିଛି । ଗୁପ୍ତ ସିଦ୍ଧି ପ୍ରାପ୍ତ କରିବା ପାଇଁ ଏଠାରେ ତାନ୍ତ୍ରିକମାନଙ୍କର ଭିଡ଼ ଅନେକ ସମୟରେ ଦେଖିବାକୁ ମିଳେ । ଏଠାରେ ଶକୁନିଙ୍କ ସହିତ ମା' ନାଗଦେବୀ, କିରାତମୂର୍ତ୍ତି ଓ ନାଗରାଜଙ୍କୁ ମଧ୍ୟ ପୂଜା କରାଯାଉଛି । ପ୍ରତିବର୍ଷ ଏଠାରେ 'ମଲକୁଡ୍ଡା ମହୋଲସବମ୍' ନାମକ ଉତ୍ସବ ପାଳନ କରାଯାଏ । ଏହି ଉତ୍ସବରେ ପାରମ୍ପରିକ ରୀତିନୀତି ଅନୁସାରେ ଶକୁନିଙ୍କର ବିଶେଷ ପୂଜାର୍ଚ୍ଚନା ଅନୁଷ୍ଠିତ ହୋଇଥାଏ ଏବଂ ହଜାର ହଜାର ଶ୍ରଦ୍ଧାଳୁ ଉକ୍ତ ପୂଜାରେ ଯୋଗ ଦେଇଥା'ନ୍ତି । ସ୍ଥାନୀୟ ଲୋକଙ୍କ ବ୍ୟତୀତ ଭାରତର ଅନେକ ସ୍ଥାନରୁ ମଧ୍ୟ ଭକ୍ତମାନେ ଏହି ଭବ୍ୟ ଉତ୍ସବରେ ଯୋଗ ଦେଇ ଶକୁନିଙ୍କ ସହିତ ମା' ନାଗଦେବୀ, କିରାତମୂର୍ତ୍ତି ଓ ନାଗରାଜଙ୍କୁ ପୂଜା କରି ଆଶିଷ ଭିକ୍ଷା କରିଥା'ନ୍ତି ।

କେବଳ କେରଳରେ ଶକୁନି ମନ୍ଦିର କାହିଁକି ପ୍ରତିଷ୍ଠା ହେଲା, ସେ ସମ୍ପର୍କରେ ଗୋଟିଏ ଲୋକକଥା ଅଛି । କଥା ଅନୁସାରେ, ଯୁଦ୍ଧଭୂମିରେ ଆତ୍ମୀୟସ୍ୱଜନଙ୍କ ମୃତ୍ୟୁ, ଅଗଣିତ ସୈନିକଙ୍କର ରକ୍ତରଞ୍ଜିତ ମୃତ ଶରୀର, ରାଜ୍ୟଗୁଡ଼ିକର ବିଭାଜନ, ହାହାକାର ଓ ଶିଶୁଙ୍କ ଆର୍ତ୍ତନାଦ ଦେଖିବା ପରେ ଶକୁନି ପଶ୍ଚାତାପର ଅଗ୍ନିରେ ଜଳିବାକୁ ଲାଗିଲେ । ନିଜକୁ ବହୁବାର ଧିକ୍କାର କରିବା ପରେ ସେ ପଶ୍ଚାତାପ ମନସ୍କ ହୋଇ ବାନପ୍ରସ୍ଥରେ ବାହାରିଲେ । ତପସ୍ୟା କରିବା ପାଇଁ ଶାନ୍ତିର ସନ୍ଧାନରେ ସେ ଆସି ପହଞ୍ଚିଲେ କେରଳର କୋଲ୍ଲମଠାରେ । ଏଠାରେ ସେ ମହାଦେବଙ୍କୁ ତପସ୍ୟା କରି ପ୍ରାୟଶ୍ଚିତ କରିବା ପାଇଁ ସ୍ଥିର କଲେ ଏବଂ ଶତାଧିକ ବର୍ଷ ତପସ୍ୟା କରିବା ପରେ ମହାଦେବ ସ୍ୱୟଂ ଶକୁନିଙ୍କୁ ଦର୍ଶନ ଦେଇ ତାଙ୍କର ମନସ୍କାମନା ପୂର୍ଣ୍ଣ କରିବା ସହ ତାଙ୍କୁ ମୁକ୍ତି ପ୍ରଦାନ କଲେ । ତେଣୁ ସମୟକ୍ରମେ ଏହି ସ୍ଥାନରେ ଶକୁନିଙ୍କ ମନ୍ଦିର ନିର୍ମାଣ ହେଲା ଏବଂ ଉକ୍ତ ତପସ୍ୟା ଶିଳା ମହାଦେବଙ୍କ ଆଶିଷପ୍ରାପ୍ତ ହୋଇ 'ପବିତ୍ରେଶ୍ୱରମ୍' ନାମରେ ଖ୍ୟାତ ହେଲା ।

କୋଲ୍ଲମଠାରେ କେବଳ ଶକୁନିଙ୍କ ମନ୍ଦିର ସହିତ ଦୁର୍ଯ୍ୟୋଧନ ଓ କୌରବ ୧୦୦ ଭାଇ ଓ ଭଗ୍ନୀ ଦୁଶଳାଙ୍କ ମନ୍ଦିର ମଧ୍ୟ ୫୦ ମିଟର ବ୍ୟବଧାନ ଭିତରେ ରହିଛି । କେରଳର ରହୁଥିବା 'କୁରାଭାର' ନାମକ ପ୍ରାଚୀନ ସମୁଦାୟର ଲୋକମାନେ ନିଜକୁ କୌରବଙ୍କ ବଂଶଧର ବୋଲି କହିଥା'ନ୍ତି । ତେଣୁ ଏହି ସମୁଦାୟର ଲୋକମାନେ ଶକୁନି ମନ୍ଦିର, ଦୁର୍ଯ୍ୟୋଧନ ମନ୍ଦିର ଓ ଅନ୍ୟ କୌରବ ମନ୍ଦିରଗୁଡ଼ିକରେ ପୂଜାର୍ଚ୍ଚନା କରିଥା'ନ୍ତି । ଏହି ମନ୍ଦିରଗୁଡ଼ିକରେ ବୈଦିକ ପୂଜାର୍ଚ୍ଚନା ପରିବର୍ତ୍ତେ ଲୋକଗୀତ, ଲୋକପ୍ରଥା, ଆଦିବାସୀ ପରମ୍ପରାର ଝଲକ ଅଧିକ ଦେଖିବାକୁ ମିଳେ । ତଥାପି ଶକୁନି ମନ୍ଦିରରେ ହେଉଥିବା ବାର୍ଷିକ ମେଳାରେ ଜାତିଧର୍ମବର୍ଣ୍ଣ ନିର୍ବିଶେଷରେ ଲୋକମାନେ ଅଂଶଗ୍ରହଣ କରିଥା'ନ୍ତି । ଶ୍ରଦ୍ଧାଳୁଙ୍କର ଅତୁଟ ବିଶ୍ୱାସ ଏହିସବୁ ମନ୍ଦିର ସହିତ ଜଡ଼ିତ ହୋଇ ରହିଛି ଏବଂ ଏହି ବିଶ୍ୱାସ ଯୋଗୁଁ ସେମାନଙ୍କ ମନୋସ୍କାମନା ଅବିଳମ୍ବେ ପୂର୍ଣ୍ଣ ହୋଇଛି ବୋଲି ଶୁଣିବାକୁ ମିଳେ ।

ଭୁବନେଶ୍ୱର, ମୋ: ୯୦୯୦୧୯୪୯୪୩

ସକାଳ
THE SAKALA
ଯୋଗାଯୋଗ ଠିକଣା
NEWS & INFO
news@thesakala.com
CIRCULATION
circulation@thesakala.com
ADVERTISEMENT
advt@thesakala.com
THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ । ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ ।

## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ବିଳମ୍ବ ହେଲେ...

ହେବ । ଏଭଳି କ୍ଷେତ୍ରରେ ଅଦାଲତ ହସ୍ତକ୍ଷେପ କରିପାରିବେ ଏବଂ ଯୁକ୍ତିଯୁକ୍ତ ସମୟମଧ୍ୟରେ ନିଷ୍ପତ୍ତି ନେବା ନିମନ୍ତେ ରାଜ୍ୟପାଳଙ୍କୁ ନିର୍ଦ୍ଦେଶ ଦେଇପାରିବେ । କୋର୍ଟ କହିଲେ ଯେ ରାଷ୍ଟ୍ରପତି/ରାଜ୍ୟପାଳଙ୍କ କ୍ଷମତାକୁ ସଙ୍କୁଚିତ କରାଯିବା ହେଉଛି ସମ୍ବିଧାନ-ବିରୋଧୀ । ତେବେ ବିନା କାରଣରେ ବିଲ୍ ଉପରେ ନିଷ୍ପତ୍ତିରେ ଅହେତୁକ ବିଳମ୍ବ ହେଲେ କୋର୍ଟ ହସ୍ତକ୍ଷେପ କରିପାରିବେ । ସେହିଭଳି ଆଉ ଏକ ପ୍ରଶ୍ନର ଉତ୍ତର ଦେବାକୁ ଯାଇ ସୁପ୍ରିମ କୋର୍ଟ କହିଛନ୍ତି ଯେ ରାଷ୍ଟ୍ରପତି/ରାଜ୍ୟପାଳ ଅନୁମୋଦନ ନଦେଲେ ବିଧାନସଭା ଦ୍ୱାରା ପାରିତ ବିଲ୍ ଅନୁମୋଦିତ ହେଲା ବୋଲି ଧରି ନିଆଯିବା ଭଳି ସମ୍ବିଧାନରେ ବ୍ୟବସ୍ଥା ନାହିଁ କି ସମ୍ବିଧାନ ଏହାପାଇଁ ଅନୁମତି ମଧ୍ୟ ଦେଉନାହିଁ ।

ସୂଚନାଯୋଗ୍ୟ ଗତ ଏପ୍ରିଲ ମାସରେ ସୁପ୍ରିମ କୋର୍ଟଙ୍କ ଦୁଇ ଜଣିଆ ବେଞ୍ଚ ତାମିଲନାଡୁ ରାଜ୍ୟପାଳ ଆରଏନ୍ ରବି ବନାମ ତାମିଲନାଡୁ ସରକାର ମାମଲାରେ ଐତିହାସିକ ରାୟ ଦେଇ ବିଲ୍ ଉପରେ ନିଷ୍ପତ୍ତି ନେବାଲାଗି ରାଷ୍ଟ୍ରପତି ଓ ରାଜ୍ୟପାଳଙ୍କ ଲାଗି ୬ ମାସର ସମୟସୀମା ଧାର୍ଯ୍ୟ କରିଥିଲେ । ଏହି ପ୍ରଶ୍ନ ଉପରେ ଗତ ମେ ମାସରେ ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ପ୍ରେସିଡେନସିଆଲ ରେଫରେନ୍ସ ଜରିଆରେ ସୁପ୍ରିମ କୋର୍ଟଙ୍କ ମତାମତ ଲୋଡ଼ିଥିଲେ । ତେବେ ମାମଲାର ଶୁଣାଣି ଚାଲିଥିବା ବେଳେ ସମ୍ବିଧାନ ବେଞ୍ଚ ସ୍ପଷ୍ଟ କରିଦେଇଥିଲେ ଯେ ଏହି ମାମଲାରେ କୋର୍ଟ କେବଳ ତାଙ୍କର ମତାମତ ଦେବେ । ଏପ୍ରିଲ ମାସରେ ସୁପ୍ରିମ କୋର୍ଟ ଦେଇଥିବା ରାୟ ଉପରେ ଏହାକୁ ପୁନର୍ବିଚାର ବୋଲି କୁହାଯାଇପାରିବ ନାହିଁ । ସେହି ରାୟକୁ ରଦ୍ଦ କରିବା ଲାଗି ବେଞ୍ଚ ମନା କରିଦେଇଥିଲେ । ଶୁଣାଣି ବେ ।।ଳେ ପ୍ରଧାନ ବିଚାରପତି ଆହୁରି ସ୍ପଷ୍ଟ କରିଦେଇଥିଲେ ଯେ ସାମ୍ବିଧାନିକ କର୍ତ୍ତୃପକ୍ଷ ନିଜ ଦାୟିତ୍ୱ ତୁଲାଇବାରେ ବିଫଳ ହେଲେ ସୁପ୍ରିମ କୋର୍ଟ ଚୁପ ହୋଇ ବସିପାରି ।।ବେ ନାହିଁ ।

### ହିତାଧିକାରୀଙ୍କୁ ରାସନ...

ବିଏମ୍ସି ଅଞ୍ଚଳ ପାଇଁ ୩୬ ହଜାର ହିତାଧିକାରୀଙ୍କ ନାମରେ ଥିବା ରାସନ କାର୍ଡ କଟାଯିବା ଲକ୍ଷ୍ୟ ରଖାଯାଇଛି । ସେହିପରି ଆଠଗଡ଼ ବ୍ଲକ୍ ପାଇଁ ପ୍ରାୟ ୫ ହଜାରରୁ ଅଧିକ, ଭଦ୍ରକ ବ୍ଲକରେ ୨୭ ହଜାର ୯୭୦ ଟି କାର୍ଡ କଟାଯିବ । ସେହିପରି ଯାଜପୁର ଜିଲ୍ଲାର ବିଭିନ୍ନ ବ୍ଲକ୍‌ରୁ ପ୍ରାୟ ୪୨ ହଜାର, ନୟାଗଡ଼ ଜିଲ୍ଲାରୁ ୩୫ ହଜାର, ସମ୍ବଲପୁର ଜିଲ୍ଲାରୁ ୫୧ ହଜାର ହିତାଧିକାରୀଙ୍କ ନାମ ସନ୍ଦିଗ୍ଧ ସୂଚୀରେ ରହିଛି ଏବଂ ଏମାନଙ୍କ ରାସନ କାର୍ଡ ରଦ୍ଦ ହୋଇପାରେ ବୋଲି କୁହାଯାଉଛି । ଯଦିଓ ରାଜ୍ୟସ୍ତରରେ ଯୋଗାଣ ବିଭାଗ ଏ ସମ୍ପର୍କରେ ମୁହଁ ବନ୍ଦ ରଖିଛି, ତଥାପି ସାରା ରାଜ୍ୟରେ ରାସନ୍ କାର୍ଡ କଟିବାକୁ ନେଇ ଲୋକେ ଭୟଭୀତ ଅବସ୍ଥାରେ ରହିଛନ୍ତି । ଅନ୍ୟପକ୍ଷରେ ଯେଉଁମାନେ ଅନେକ ଦିନ ପର୍ଯ୍ୟନ୍ତ କାର୍ଡରେ ଚାଉଳ ନେଇ ନାହାନ୍ତି ସେମାନଙ୍କ ନାମ ମଧ୍ୟ ରାସନକାଡର୍ଡ ସୂଚୀରୁ ବାଦ ପଡ଼ିବ । ରାଜ୍ୟରେ ଜାରି ରହିଥିବା ଇ-କେୱାଇସି ପ୍ରକ୍ରିୟାରେ ପ୍ରାୟ ୧୫ ଲକ୍ଷ ହିତାଧିକାରୀ ଏଯାଏଁ କେୱାଇସି କରି ନାହାନ୍ତି । ଏମାନଙ୍କ ମଧ୍ୟରେ ଅନେକ ଯୋଗ୍ୟ ହିତାଧିକାରୀ ଇ-କେୱାଇସି କରି ପାରି ନ ଥିବା ଅଭିଯୋଗ ହୋଇ ଆସୁଛି । ଏମିତି କି ଇ କେୱାଇସି ଯୋଗୁଁ ଯାଜପୁରରେ ଜଣେ ମାଙ୍କିଡିଆ ସମ୍ପ୍ରଦାୟର ଲୋକଙ୍କୁ ଚାଉଳ ନ ମିଳିବ ହେତୁ ଅନାହାରରେ ତାଙ୍କର ମୃତ୍ୟୁ ହୋଇଥିବା ଭଳି ଘଟଣା ମଧ୍ୟ ଘଟିଛି । ଏହି ସ୍ଥିତିରେ ପୁଣି ରାସ୍‌ନ କାର୍ଡ କାଟିବାକୁ ନେଇ ଯୋଜନା ହେବା ପରେ ରାଜ୍ୟରେ ଥିବା ଖାଦ୍ୟ ସୁରକ୍ଷା ହିତାଧିକାରୀଙ୍କ ପାଇଁ ଚିନ୍ତା ବଢ଼ିଛି । ଜିଲ୍ଲା ଓ ବ୍ଲକ୍ ସ୍ତରରେ ଯୋଗାଣ ବିଭାଗ ଅଧିକାରୀମାନେ ଏବେ ହାତରେ ସନ୍ଦିଗ୍ଧ (ସସ୍‌ପେକ୍ଟ) ତାଲିକା ଧରି କ୍ଷେତ୍ରସ୍ତରରେ ଯାଞ୍ଚ ଆରମ୍ଭ କରିଛନ୍ତି । ଇ-କେୱାସି ପରେ ପରେ ଏଭଳି ଯାଞ୍ଚ ଆରମ୍ଭ ହୋଇଥିବାରୁ ଅନେକ ହିତାଧିକାରୀଙ୍କୁ କାର୍ଡ କଟିଯିବାର ଭୟ ଘାରିଛି ।

### ବିହାର ମୁଖ୍ୟମନ୍ତ୍ରୀ...

ଶପଥ ଗ୍ରହଣ ପରେ ପ୍ରଧାନମନ୍ତ୍ରୀ ମୋଦୀ ଗାମୁଛା ହଲାଇ ଲୋକଙ୍କୁ ଅଭିବାଦନ ଜଣାଇଥିଲେ । ମଞ୍ଚରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ, ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା, ବିଜେପି ଅଧ୍ୟକ୍ଷ ଜେପି ନଡ୍ଡାଙ୍କ ସମେତ ଅନେକ ବଡ଼ ନେତା ସାମିଲ ହୋଇଥିଲେ । ସମାରୋହରେ ହରିୟାଣା, ଆସାମ, ଗୁଜରାଟ, ମେଘାଳୟ, ଉତ୍ତର ପ୍ରଦେଶ, ନାଗାଲାଣ୍ଡ, ଓଡ଼ିଶା, ଦିଲ୍ଲୀ, ମଧ୍ୟପ୍ରଦେଶ ଏବଂ ରାଜସ୍ଥାନ ମୁଖ୍ୟମନ୍ତ୍ରୀ ଉପସ୍ଥିତ ଥିଲେ ।

### ସରକାରଙ୍କୁ ଘେରିବାକୁ...

ବିଜେଡିର ହଟ୍ଟଗୋଳ କାରଣରୁ ଅଧିବେଶନଟି ଏକପ୍ରକାର ଧୋଇ ହୋଇଯାଇଥିଲା । କଂଗ୍ରେସର ଅନାସ୍ଥା ପ୍ରସ୍ତାବ ସେତେବେଳେ ରାଜ୍ୟ ରାଜନୀତିକୁ ସରଗରମ କରିଥିବାବେଳେ ଏକାଧିକ ପ୍ରସଙ୍ଗକୁ ନେଇ ସରକାରଙ୍କୁ ଅଡୁଆରେ ପକାଇଥିଲା ବିଜେଡି । ଆସନ୍ତା ଅଧିବେଶନରେ ସମାନ ଢଙ୍ଗରେ ସରକାରଙ୍କୁ ଘେରରଉ କରାଯିବ ବୋଲି କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ ସୂଚନା ଦେଇଛନ୍ତି । ରାଜ୍ୟ ସରକାରଙ୍କ ବିରୋଧରେ ପୁଳାପୁଳା ପ୍ରସଙ୍ଗ ରହିଛି । ଆସନ୍ତା ୨୬ ତାରିଖରେ ଆମର ବିଧାୟକ ଦଳ ବୈଠକ ଅନୁଷ୍ଠିତ ହେବ । ବୈଠକରେ ବିଧାନସଭାରେ କେଉଁ ପ୍ରସଙ୍ଗ ଉତ୍ଥାପନ କରାଯିବ, ତାହା ସ୍ଥିର କରାଯିବ ବୋଲି ସେ କହିଛନ୍ତି ।

ସେହିପରି ବିଜେଡିର ବରିଷ୍ଠ ବିଧାୟକ ଡ. ଅରୁଣ କୁମାର ସାହୁ କହିଛନ୍ତି ଯେ ଲୋକଙ୍କ ମତକୁ ଯେ କୌଣସି ଉପାୟରେ ବିଜେପି ଯେମିତି ନେଇପାରିଛି, ସେହିପରି ଭାବେ ପ୍ରତିଦାନ କିନ୍ତୁ ଦେଇପାରୁ ନାହିଁ । ଯାହାଫଳରେ ରାଜ୍ୟରେ ବେକାରୀ, ଦରଦାମ, ଦାଦନ, ମହିଳା ଅତ୍ୟାଚାର ବୃଦ୍ଧି ପାଇବାରେ ଲାଗିଛି । ଚାଷୀକୁଳ ହତାଦାର, ପ୍ରତାରିତ ହେଉଥିବା ବେଳେ ଶିକ୍ଷା ଏବଂ ସ୍ୱାସ୍ଥ୍ୟ କ୍ଷେତ୍ରରେ କ୍ରମାଗତ ଭାବେ ଅବନତି ଦେଖା ଦେଇଛି । ଯେଉଁ ପ୍ରସଙ୍ଗ ଛୁଇଁବ, ସେହି ପ୍ରସଙ୍ଗରେ ସରକାର ବିଫଳ ବୋଲି କ୍ଷୋଭ ପ୍ରକାଶ କରିଛନ୍ତି ଅରୁଣ । ଉପରୋକ୍ତ ପ୍ରସଙ୍ଗଗୁଡ଼ିକୁ ନେଇ ଆମେ ସରକାରଙ୍କୁ ଜବାବ୍ ମାଗିବୁ ବୋଲି ସେ କହିଛନ୍ତି । ଏତଦ୍ ବ୍ୟତୀତ ମହାନଦୀଠାରୁ ଆରମ୍ଭ କରି ପୋଲାଭରମ୍ ପର୍ଯ୍ୟନ୍ତ ସମସ୍ତ ରାଜ୍ୟସ୍ୱାର୍ଥ ସମ୍ବଳିତ ପ୍ରସଙ୍ଗକୁ ବିଜେଡି ଦୃଢ଼ଭାବେ ବିଧାନସଭାରେ ଉତ୍ଥାପନ କରିବ ବୋଲି ସେ ସୂଚନା ଦେଇଛନ୍ତି ।

ସୂଚନାଯୋଗ୍ୟ ଯେ ଡିସେମ୍ବର ୩୧ ତାରିଖ ଯାଏଁ ଚାଲିବାକୁ ସ୍ଥିର ହୋଇଛି ଏବଂ ଅଧିବେଶନରେ ମୋଟ ୨୯ ଟି କାର୍ଯ୍ୟ ଦିବସ ରହିଛି । ପ୍ରମୁଖ କାର୍ଯ୍ୟଦିବସ ମଧ୍ୟରେ ପ୍ରଥମ ଦିନରେ ଅପରାହ୍ଣରେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁଙ୍କ ସମ୍ବୋଧନ ସହ ୨୮ ତାରିଖରେ ୨୦୨୫-୨୬ ଆର୍ଥିକ ବର୍ଷ ପାଇଁ ପ୍ରଥମ ଅତିରିକ୍ତ ବଜେଟ ଆଗତ ହେବାକୁ କାର୍ଯ୍ୟ ଧାର୍ଯ୍ୟ କରାଯାଇଛି । ଡିସେମ୍ବର ୪, ୫ ଓ ୬ ତାରିଖ ତିନିଦିନ ଧରି ଅତିରିକ୍ତ ଖର୍ଚ୍ଚଦାବୀ ଆଲୋଚନା ହେବା ପରେ ୮ ତାରିଖରେ ବ୍ୟୟମଞ୍ଜୁରୀ ବିଧେୟକ ଆଗତ ହେବ ।

### ୨୨ରେ ଲଘୁଚାପ...

ବାତ୍ୟାରେ ପରିଣତ ହୁଏ, ତେବେ ପବନର ବେଗ ମଧ୍ୟ ବୃଦ୍ଧି ପାଇବାର ଆଶଙ୍କା ରହିଛି । ଏହି ଘୂର୍ଣ୍ଣିବଳୟ ଓ ଲଘୁଚାପ ଯୋଗୁଁ ରାଜ୍ୟରେ ବର୍ଷା ପରିମାଣ ବୃଦ୍ଧି ପାଇବା ସେ ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ କୌଣସି ସୂଚନା ଜାରି କରାଯାଇନାହିଁ । ତେବେ ଲଘୁଚାପ ପ୍ରଭାବରେ ଉପକୂଳ ଓଡ଼ିଶା ସହ ଏହାର ଆଖପାଖ ଜିଲ୍ଲାଗୁଡ଼ିକରେ ବର୍ଷା ହେବାର ସମ୍ଭାବନା ରହିଛି । ସମ୍ଭବତଃ ୨୫ ତାରିଖରୁ ରାଜ୍ୟରେ ପାଗରେ ପରିବର୍ତ୍ତନ ଆସିବା ସହ ବର୍ଷାର ପରିମାଣ ବଢ଼ିବାର ଆଶଙ୍କା କରାଯାଉଛି । ବର୍ଷାକୁ ପ୍ରାଥମିକ ଭାବେ ଆଇଏମ୍ଡି ବିସ୍ତାରିତ ପରିସର ଆକଳନ ଜାରି କରିଛି । ଏଥିରେ ୨୮ ତାରିଖରୁ ଡିସେମ୍ବର ୪ ତାରିଖ ମଧ୍ୟରେ ଆନ୍ଧ୍ର ପ୍ରଦେଶ ଓ ଓଡ଼ିଶାରେ ସର୍ବାଧିକ ପରିମାଣର ବର୍ଷା ହୋଇପାରେ ବୋଲି ବିଭାଗ ଆକଳନ କରିଛି । ଅନ୍ୟପଟେ ସମ୍ଭାବ୍ୟ ଲଘୁଚାପ ଯୋଗୁଁ ରାଜ୍ୟରେ ଶୀତର ପରିମାଣ କମିବାରେ ଲାଗିଛି । ସାରା ରାଜ୍ୟରେ ତାପମାତ୍ରା ରାତିର ତାପମାତ୍ରାରେ କିଛି କିଛି ବଢ଼ିଛି । ଗତ ୨୪ ଘଣ୍ଟାରେ ସର୍ବନିମ୍ନ ତାପମାତ୍ରା ଫୁଲବାଣୀରେ ୧୧.୫ ଡିଗ୍ରୀ ରେକର୍ଡ ହୋଇଛି । ଏହା ସହିତ ଦାରିଙ୍ଗବାଡ଼ିରେ ମଧ୍ୟ ତାପମାତ୍ରା ୧୧.୫ ଡିଗ୍ରୀ ସେଲ୍ସିୟସ୍ ରହିଛି । ୧୨ ଡିଗ୍ରୀ କିମ୍ବା ଏହାଠାରୁ କମ୍ ତାପମାତ୍ରା ଓଡ଼ିଶାର ୪ଟି ଜାଗାରେ ରେକର୍ଡ କରାଯାଇଥିବା ବେଳେ ୧୫ ଡିଗ୍ରୀ କିମ୍ବା ଏହାଠାରୁ କମ୍ ତାପମାତ୍ରା ୧୫ଟି ଜାଗାରେ ରେକର୍ଡ କରାଯାଇଛି । ବର୍ତ୍ତମାନ ପବନ ପ୍ରବାହର ଦିଗ ବଦଳିଛି । ରାଜ୍ୟରେ ଏବେ ବଙ୍ଗୋପସାଗରରୁ ଜଳୀୟବାଷ୍ପ ପୂର୍ଣ୍ଣ ବାୟୁ ପ୍ରବାହିତ ହେଉଛି । ଫଳରେ ରାଜ୍ୟରେ ତାପମାତ୍ରା ବଢ଼ିବାରେ ଲାଗିଛି । ଆଗକୁ ତାପମାତ୍ରାରେ ବୃଦ୍ଧି ଯୋଗୁଁ ଶୀତର ମାତ୍ରା କମିବା ନେଇ ସମ୍ଭାବନା ରହିଛି ।

### ଗୋଟିଏ କ୍ଲାସ୍ ପରେ...

ପଢ଼ିଛନ୍ତି । ସେ କହିଛନ୍ତି, ଯଦି ପୁଅର ର୍ୟାଙ୍କ ନଥିଲା, ନିଟ୍ ସେଲ୍ କାହିଁକି ଓ କେମିତି କଲେଜ ଲିଭିଂ ସାର୍ଟିଫିକେଟ୍ (ସିଏଲ୍‌ସି) ରଖିବା ସହ ଆଡମିସନ୍ ବାବଦକୁ ୩୭, ୯୪୦ ଟଙ୍କା ନେଇ ଭିମସାର୍‌ରେ କ୍ଲାସ୍ କରିବାକୁ ଅନୁମତି ଦେଲା ?

ସୂଚନାନୁଯାୟୀ, ମୁକେଶଙ୍କ ଘର ବରଗଡ଼ ଜିଲ୍ଲା ବିଜେପୁର ରଙ୍ଗମଟିଆରେ । ଗତ ନିଟ୍ ପରୀକ୍ଷାରେ ସେ ସର୍ବଭାରତୀୟସ୍ତରରେ ସାଧାରଣ ବର୍ଗରେ ୨୬୪୫୯ ରାଙ୍କ ପାଇଥିଲେ । ସେ ନିଟ୍ ପରୀକ୍ଷାରେ ୫୨୯ ମାର୍କ ରଖିଥିବା ବେଳେ ଷ୍ଟେଟ୍ ରାଙ୍କ ତାଙ୍କର ୯୧୧ ରହିଥିଲା । ତାଙ୍କୁ ଗତ ୨୧ ଅଗଷ୍ଟରେ ବୁର୍ଲାସ୍ଥିତ ବୀରସୁରେନ୍ଦ୍ର ସାଏ ମେଡିକାଲ କଲେଜ ଓ ହସପିଟାଲ (ଭିମସାର୍) ରେ ସିଟ୍ ଆଲଟ୍ କରାଯାଇଥିଲା । ଆଡମିସନ୍ ଫି' ବାବଦକୁ ସେ ୩୭ ୯୪୦ ଟଙ୍କା ଅନ୍‌ଲାଇନ୍‌ରେ ଜମା କରିଥିଲେ । ସେହିମାସ ୨୪ ତାରିଖରେ ଭୁବନେଶ୍ୱର ଗଣ୍ଡମୁଣ୍ଡାସ୍ଥିତ ଓଜେଇଇ କାର୍ଯ୍ୟାଳୟରେ ଧାର୍ଯ୍ୟ ସମୟରେ ତାଙ୍କର ଭିମସାରରେ ଏମ୍‌ବିବିଏସ୍ ଆଡମିସନ୍ ବି ହୋଇଥିଲା । କିନ୍ତୁ ଭିମସାରରେ ଗୋଟିଏ କ୍ଲାସ କଲା ପରେ ରାତାରାତି କିପରି ତାଙ୍କର ନିଟ୍ ରାଙ୍କ ବଦଳିଗଲା, ତାହା କେହି ବୁଝିପାରୁନାହାନ୍ତି । ତାଙ୍କ ରାଙ୍କ ଏବେ ୨୬୪୫୯ ରୁ ସିଧା ୧୭ ଲକ୍ଷ ରାଙ୍କକୁ ଖସି ଆସିଛି ।

ମୁକେଶ ଓ ତାଙ୍କ ବାପା ସୁଦାମ ଏ ସଂପର୍କରେ ଭିମସାର ସହକାରୀ ପ୍ରଫେସର ଡା. ଶଙ୍କର ରାମଚନ୍ଦାନୀଙ୍କ ନିକଟରେ ଅଭିଯୋଗ କରିଥିଲେ । ଡା. ରାମଚନ୍ଦାନୀ ସେମାନଙ୍କ କାଗଜପତ୍ର ଦେଖିବା ପରେ ଏପରି ଏକ ଠକେଇ ଘଟଣା ଘଟିଛି ବୋଲି ସାମାଜିକ ଗଣମାଧ୍ୟମରେ ଉଲ୍ଲେଖ କରିଛନ୍ତି । ଡା. ରାମଚନ୍ଦାନୀଙ୍କ କହିବା ଅନୁଯାୟୀ, ଯେହେତୁ ମୁକେଶ କହୁଛନ୍ତି, ଏହା ଠକେଇ ଭଳି ଲାଗୁଛି । ସବିଶେଷ ତଦନ୍ତ ହେବା ଆବଶ୍ୟକ । ସେପଟେ, ଘଟଣାକୁ ନେଇ ଭିମସାର ଡିନ୍ କହିଛନ୍ତି, ଆମ ପାଖକୁ ଓଜେଇଇର ଯେଉଁ ଲିଷ୍ଟ ଆସେ, ସେହି ଅନୁସାରେ ଆମେ ଆଡମିଶନ୍ ଦେଉ । ଯେଉଁ ୧୭୦ଜଣଙ୍କ ଲିଷ୍ଟ ଆସିଛି, ସେଥିରେ ମୁକେଶ ପୁରୋହିତ ବୋଲି ଗୋଟିଏ ନାଁ ଅଛି । କିନ୍ତୁ, ମୁକେଶ ସାହୁ ବୋଲି କେହିନାହାନ୍ତି । ଓଜେଇଇର ଯେଉଁ ଲିଷ୍ଟ ଆସିଛି ସେହିମାନଙ୍କୁ ଆମେ ଆଡମିଶନ ଦେଇପାରିବୁ, ଅନ୍ୟମାନଙ୍କୁ ଦେଇପାରିବୁନି ବୋଲି କହିଛନ୍ତି ।

### ଶଙ୍କର, ସୁରେଶ...

ଅଭିଯୁକ୍ତ ଶଙ୍କର, ସୁରେଶ ଓ ସାଗରଙ୍କ ଜାମିନ ଆବେଦନକୁ ଖାରଜ କରିଦେଇଥିବା ଗଞ୍ଜାମ ଜିଲ୍ଲା ପିପି ବିଶ୍ୱଜିତ ବରାଳ ସୂଚନା ଦେଇଛନ୍ତି । ଅନ୍ୟପକ୍ଷରେ, ଗିରଫ ଅଭିଯୁକ୍ତ ଅରବିନ୍ଦ ଦାସଙ୍କ ଜାମିନ ଆବେଦନକୁ ତାଙ୍କ ଓକିଲ ପ୍ରତ୍ୟାହାର କରିନେଇଥିବା ଜଣାପଡ଼ିଛି ।

ଅଭିଯୁକ୍ତମାନେ ବାହାରକୁ ଆସିଲେ ସାକ୍ଷୀଙ୍କୁ ପ୍ରଭାବିତ କରିବା ଓ ପ୍ରମାଣ ନଷ୍ଟ କରିବାର ଆଶଙ୍କା ଥିବା ସିବିଆଇ ପକ୍ଷରୁ ଦର୍ଶାଯାଇଥିଲା । ଅଢ଼େଇ ଘଣ୍ଟାରୁ ଊର୍ଦ୍ଧ୍ୱ ସମୟ ଧରି ଏହାକୁ ନେଇ ଉଭୟପକ୍ଷଙ୍କ ମଧ୍ୟରେ ଯୁକ୍ତି ହୋଇଥିଲା । ପରେ ଅଦାଲତ ମାମଲାର ଶୁଣାଣି କରି ଶଙ୍କର, ସୁରେଶ ଓ ସାଗରଙ୍କ ଜାମିନ ଆବେଦନକୁ ଖାରଜ କରିଥିଲେ ।

**AFFIDAVIT**

**I, Basanti Majhi,** W/o.: Bulu Majhi, Permanent resident of At/PO.: Nuahata, P.S.: Banarpal, Dist.: Angul, Odisha-759128 declare by this Affidavit No.: 6060, sworn before Executive Magistrate, Angul on Dt.19.11.2025 that from now onwards my name Basnti Majhi will be known as **Basanti Majhi** for all future legal purposes.

**LOST**

By Virtue of an Affidavit sworn before the Executive Magistrate, Bhubaneswar **Dtd. 15/11/2025**, I, **Sitaram Satapathy** S/o: Santanu Kumar Satapathy, have lost my Matric Certificate and Mark sheet (Roll No. 17PB328), +2 Certificate and Mark sheet (Roll No. 321EA265), B.Tech Certificate and Grade sheet (Regd. No. 1101109050), and M.Tech Certificate and Grade sheet (Regd. No. 1607106100) somewhere near Tamando on **17th August 2025**. If found, kindly Contact: **7381654085**.

**AFFIDAVIT**

By virtue of an affidavit sworn before the Executive Magistrate Jharbandh of District Bargarh dated 17th November 2025, CF No.- 01, I Hitanjali Kushal aged about 27 years, W/o- Abhilas Kushal, resident of Village- Loharsingh, Po.- Bhainsadarha PS./Block- Jharbandh, Dist.- Bargarh, Pin-768042 hereby declares that, for myself I have changed my name from **Hitanjali Luhar** to **Hitanjali Kushal**. Hence I will be known as **Hitanjali Kushal** for all future purposes.

**AFFIDAVIT**

By virtue of an affidavit before the Tahasildar & Executive Magistrate, Boudh, on 19th November 2025, I, Shobhagini Padhi, Vill- Sanabutupali, PO- Butupali, PS/Dist.: Boudh-762014 have changed my name from Sobhagini Padhi to Shobhagini Padhi. Henceforth I shall be known as **Shobhagini Padhi** for all purposes.

**Sd/- Shobhagini Padhi**

**AFFIDAVIT**

I, Ambika Malla, aged about 44 years, W/o- Bipin Bihari Bhuyan, resident of At- Nahan, Po- Haripur, Ps- Bari Ramachandrapur, Dist- Jajpur, Odisha, PIN- 755005 declare by this affidavit No. 2353, dtd- 20/11/2025, that now onwards I shall be known as **AMBIKA BHUYAN** for all future purposes.

**NOTICE**
**(above 18 years of age)**

By virtue of an affidavit sworn before Executive Magistrate, Garadpur, dated 17th November 2025. I, Shrabani Mohanty, Village- Solpat, PO–Bedari, PS- Patkora, Dist.- Kendrapara, Pin- 754233, declare that I have changed my name from Shrabani Ray to Shrabani Mohanty. Henceforth, I shall be known as **Shrabani Mohanty** for all purposes.

**Sd/- Shrabani Mohanty**

**AFFIDAVIT**

**By virtue of an affidavit sworn before Notary Public, Bhubaneswar, on dated 17.11.2025, I Mini Parida W/o- Sudarsan Parida, resident at/ po- Siruli, Sub-Dist- Chandanpur, Dist- Puri, Odisha, PIN- 752012, declare that I have changed my son's name from Bishal Nayak to Bishal Parida. Henceforth, He shall be known as BISHAL PARIDA for all future purposes.**

**NAME CHANGE**

By virtue of an affidavit sworn before Notary Public, Bhubaneswar on 22/09/2025, it is declared and informed that my name has been changed from '**SANJAY KUMAR MOHAPATRA**' to "**DEVETANANDA"** as I voluntarily renounced to the mundane world to join Ramakrishna Mission Sevashrama as a brahmachari. After rigorous test and training ordained as sanyasi (monk) I have been christened as "**Swami Devetananda**" son of **Swami Gahanananda** and henceforth known as "**SWAMI DEVETANANDA**"
Furthermore, it declared that Sri Sanjay Kumar Mohapatra and Devetananda is one and same person.

**AFFIDAVIT**

By virtue of an affidavit sworn before The Executive Magistrate, Kendrapara on Dt.24.10.2025 I Dhruba Charan Das, S/o-Gangadhar Das of Vill-Artamul, P.O.-Chandol, P.S./ Dist-Kendrapara declare that my actual name is Dhruba Charan Das mentioned in my Adhar and Voter ID. But my name has been entered in my Driving License as Ramesh Das. Both the names Dhruba Charan Das and Ramesh Das one and same person. Hence forth I shall be known as Dhruba Charan Das for all purpose.

**AFFIDAVIT**

By virtue of an affidavit (CF No. 3217) sworn before The Executive Magistrate, Sambalpur on dated- 06/11/2025. I, **Kshirodra Suna,** S/o Late Parsuram Suna, permanent resident of At/Po/Ps- Baraipali, Dist- Sambalpur, PIN- 768006, Odisha declare that I have changed my minor daughter's name from **Sukruti Suna** to **C S Sukriti.** Henceforth, she shall be known as **C S Sukriti** (new name) for all purposes.

**Kshirodra Suna**

**AFFIDAVIT**

**I, Rajanikanta Paramanik, Age-55, S/o- Gouranga Paramanik, of permanent resident ,vill/Post- Chandakusumi Ps-Kamarda, Dist- Balasore, Odisha, declared by affidavit before In the Court of Executive Magistrate, Bhograi No.5699, dtd-14/11/2025. That, all the valuable records of my self Aadhar card No-6015xxx5740 & qualification certificate, Bank a/c, etc prepare my surname as Paramanik but in SBI, Dehurda vide a/c No-35866285673 prepared my surname as Barik . Hence this affidavit I shall be known as Rajanikanta Paramanik S/o- Gouranga Paramanik & Rajanikanta Barik ,S/o- Gouranga Barik same and one person for all future purposes.**

**" ଆପଣଙ୍କ ପୁଞ୍ଜି ଆପଣଙ୍କ ଅଧିକାର"**
**ସଚେତନତା ଶିବିର**

କେନ୍ଦ୍ର ସରକାରଙ୍କ ଆର୍ଥିକ ସେବା ବିଭାଗର ନିର୍ଦ୍ଦେଶ କ୍ରମେ ଲିଡ଼ ବ୍ୟାଙ୍କ ବଲାଙ୍ଗୀର ଆନୁକୂଲ୍ୟରେ " ଆପଣଙ୍କ ପୁଞ୍ଜି ଆପଣଙ୍କ ଅଧିକାର" ଶୀର୍ଷକ ଏକ ସଚେତନତା ଶିବିର ଆଜି ୨୧ ନଭେମ୍ବର ୨୦୨୫ ପୂର୍ବାହ୍ନ ୧୦.୩୦ ସମୟରେ ଅନୁଷ୍ଠିତ ହେବ । ଏହି ଶିବିରରେ ଦାବିହୀନ ଖାତାର ଅର୍ଥରାଶି ପ୍ରଦାନ ସହିତ ବ୍ୟାଙ୍କ ଗୁଡିକରେ ଦାବିହୀନ ଖାତା ସମ୍ବନ୍ଧୀୟ ସବିଶେଷ ସୂଚନା ଜନସାଧାରଣଙ୍କୁ ପ୍ରଦାନ କରାଯିବ । ଏଥିରେ ବହୁ ସଂଖ୍ୟାରେ ଯୋଗ ଦେବାକୁ ଲିଡ଼ ବ୍ୟାଙ୍କ ବଲାଙ୍ଗୀର ତରଫରୁ ଅନୁରୋଧ କରାଯାଇଛି ।

**ସ୍ଥାନ: ପ୍ରତିମା ମଣ୍ଡପ, ପ୍ୟାଲେସ ଲାଇନ, ବଲାଙ୍ଗୀର**

**PUBLIC NOTICE**

This notice is hereby given that my client Mr. Balakrushna Paikaray, S/O Brundaban Paikaray has Original ROR bearing Khata No-81, Mouza- Ranasinghpur, Tahsil-Chilika, Dist- Khurda, State-Odisha in favour of Brundaban Paikaray and an FIR (Complaint No-24483001072500020) for the same has been lodged at Balugaon Police Station on 16th Nov. 2025. All person/persons are hereby informed to put their claims or interest of objection about the said property or any part thereof, within a period of 15 days along with the sufficient evidence from appearance of this notice. If ROR not found within 15 days, then certified copy of the document obtained from the registry office will be considered as the original document.

Samir Kumar Paikaray (Advocate)
Bhubanrswar Court, Mob:7008005419

**AFFIDAVIT**

By virtue of an affidavit before the Executive Magistrate : Sambalpur, I, Dipti Nanda, resident of Nandapada, Baulunkeswar Lane, Near Bariha Temple, PO Jharupada, PS Town, Dist. Sambalpur – 768001, do hereby state My maiden name was Sunanda Panda, as recorded in my HSE Certificate. After my marriage on 09-03-1985, I have been known as Dipti Nanda. My correct date of birth is 04-06-1964 as per HSE Certificate and PPO records. In my Aadhaar (No. 4532 6471 2582), my date of birth has been wrongly mentioned as 04-06-1959. I declare that both names refer to me.

**Sd/- Dipti Nanda**

Leadership and beyond
दि न्यू इन्डिया एश्योरन्स कंपनी लिमिटेड
The New India Assurance Co. Ltd
India's Premier Multinational General Insurance Company

ଭୁବନେଶ୍ୱର କ୍ଷେତ୍ରୀୟ କାର୍ଯ୍ୟାଳୟ (୫୫୦୦୦୦)
ପ୍ରଥମ ମହଲା, ଆଲୋକ ଭାରତୀ ଟାୱାର, ଶହୀଦ ନଗର, ଭୁବନେଶ୍ୱର-୭୫୧୦୦୭, ଫୋନ୍:୦୬୭୪-୨୫୪୫୪୬୭

**ଲିଜ୍ ସୂତ୍ରରେ ବ୍ୟବସାୟିକ ଗୃହ ଆବଶ୍ୟକ**

ଟେଣ୍ଡର ରେଫ. ସଂ: ବିବିଏସ୍ଆରଓ/କଟକ ଡିଓ୨ ସ୍ଥାନାନ୍ତର/ସନ୍ଧାନ/ଚୟନ/୫୫୦୪୦୦/୦୦୧

ଦି ନ୍ୟୁ ଇଣ୍ଡିଆ ଆସ୍ୟୁରାନ୍ସ କମ୍ପାନୀ ଲିମିଟେଡ୍, କ୍ଷେତ୍ରୀୟ କାର୍ଯ୍ୟାଳୟ, ଏହାର କଟକ ଡିଓ୨ ଅପରେଟିଂ କାର୍ଯ୍ୟାଳୟ ନିମନ୍ତେ ନିମ୍ନଲିଖିତ ସ୍ଥାନରେ ୧୦୦୦-୧୩୦୦ ବର୍ଗଫୁଟ କାର୍ପେଟ ଏରିଆ ବିଶିଷ୍ଟ ତଳ କିମ୍ବା ପ୍ରଥମ ମହଲାରେ ଥିବା ବ୍ୟବସାୟିକ ଗୃହ ଲିଜ୍ ଭିତ୍ତିରେ ଜଉମୁଦ ଦିଆ ଲଫାପାରେ (ବୈଷୟିକ ବିଡ୍ ଏବଂ ଆର୍ଥିକ ବିଡ୍ ନିମନ୍ତେ ପୃଥକ) ପ୍ରସ୍ତାବମାନ ଆମନ୍ତ୍ରିତ କରୁଛି ।

**ଅବସ୍ଥିତି:** ଆବଶ୍ୟକୀୟ ପାର୍କିଂ ଏରିଆ ସହିତ ଏହି ଗୃହ ମୁଖ୍ୟତଃ ସିଡିଏ ସେକ୍ଟର-୫ ରୁ ସିଡିଏ ସେକ୍ଟର-୮, କଟକରେ ହୋଇଥିବା ଆବଶ୍ୟକ ।

ଟେଣ୍ଡର କାଗଜପତ୍ର (କଟକ ଡିଓ୨ ଅପରେଟିଂ କାର୍ଯ୍ୟାଳୟ, ୧ମ ମହଲା, ମହାଶ୍ରମଣ, କ୍ୟାଣ୍ଟନ୍‌ମେଣ୍ଟ ରୋଡ, କଟକ) କାର୍ଯ୍ୟାଳୟରୁ ପୂର୍ବାହ୍ନ ୧୦.୦୦ ରୁ ଅପରାହ୍ନ ୫.୩୦ ମଧ୍ୟରେ ସୋମବାରରୁ ଶୁକ୍ରବାର ସମସ୍ତ କାର୍ଯ୍ୟ ଦିବସରେ ସଂଗ୍ରହ କରିପାରିବେ । ଏହି ଟେଣ୍ଡର ସୂଚନା କଂପାନୀର ୱେବସାଇଟ୍: **www.newindia.co.in (public notice section)**ରୁ ମଧ୍ୟ ଡାଉନ୍‌ଲୋଡ୍ କରାଯାଇପାରିବ ।

**ଟେଣ୍ଡର ଦାଖଲ କରିବାର ଅନ୍ତିମ ତାରିଖ: ୧୦.୧୨.୨୦୨୫ ଅପରାହ୍ନ ୫.୦୦ ଘଟିକା** ପର୍ଯ୍ୟନ୍ତ ।

ସ୍ୱା/- ଉପ ମହା-ପ୍ରବନ୍ଧକ

**ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ**
ସା/ପୋ.: ଘଟଗାଁ, ଜିଲ୍ଲା- କେନ୍ଦୁଝର-୭୫୮୦୨୭ (ଓଡ଼ିଶା)

ନୋଟିସ୍ ନଂ. ୩୧୩ | ତା. ୧୯.୧୧.୨୦୨୫

**ଟେଣ୍ଡର ବିଜ୍ଞାପନ**

ଏତଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି କି ୨୦୨୫-୨୬ ବର୍ଷ (ତା.୨୧.୧୨.୨୦୨୫ରିଖ ଠାରୁ ତା. ୨୦.୧୨.୨୦୨୬ରିଖ ପର୍ଯ୍ୟନ୍ତ) ପାଇଁ ନିମ୍ନଲିଖିତ ଜଉମୁଦ ଟେଣ୍ଡର ପ୍ରକ୍ରିୟା ତିନୋଟି ପର୍ଯ୍ୟାୟରେ କରାଯିବ । ଏଣୁ ଇଚ୍ଛୁକ ବ୍ୟକ୍ତି, ମନ୍ଦିର ଟ୍ରଷ୍ଟ କାର୍ଯ୍ୟାଳୟରୁ ନିୟମାବଳୀ ଯୁକ୍ତ ଆବେଦନ ଫର୍ମ କ୍ରୟ ବାବଦକୁ **ଟ.୧୫୦୦/- (ଏକ ହଜାର ପାଞ୍ଚ ଶହ)** ଟଙ୍କା ନଗଦ ଦାଖଲ କରି ନିୟମାବଳୀ ଅନୁଯାୟୀ ନିର୍ଦ୍ଧାରିତ ତାରିଖ ସୁଦ୍ଧା ଏହି ଟେଣ୍ଡରରେ ଅଂଶ ଗ୍ରହଣ କରିପାରିବେ । ସମସ୍ତ କାର୍ଯ୍ୟଦିବସରେ ପ୍ରଥମ ପର୍ଯ୍ୟାୟ ପାଇଁ **ଦିବା ୧୧ ଘ. ଠାରୁ ଦିବା ୧ଘ. ଓ ଦିବା ୫ଘ. ଠାରୁ ସନ୍ଧ୍ୟା ୬ଘ. ମଧ୍ୟରେ ତା.୧୩.୧୧.୨୦୨୫ରିଖ ଠାରୁ ତା.୩୦.୧୧.୨୦୨୫ରିଖ** ସୁଦ୍ଧା ଟେଣ୍ଡର ଫର୍ମ କ୍ରୟ କରିପାରିବେ । ଟେଣ୍ଡର ସମ୍ବନ୍ଧୀୟ ନିୟମାବଳୀ ଓ ଅନ୍ୟାନ୍ୟ ତଥ୍ୟ ମନ୍ଦିର ଟ୍ରଷ୍ଟ କାର୍ଯ୍ୟାଳୟକୁ ଆସି ବୁଝିପାରିବେ । ହେବାକୁ ଥିବା ଟେଣ୍ଡର ମଧ୍ୟରୁ ଯେଉଁ ଟେଣ୍ଡର ପାଇଁ ପ୍ରଥମ ପର୍ଯ୍ୟାୟରେ ଆବେଦନ ହୋଇନଥିବ ବା ଆବେଦନ ହୋଇଥିବା ଟେଣ୍ଡର ନାକଚ ହୋଇଥିବ ସେହି ଟେଣ୍ଡର ପାଇଁ ଦ୍ୱିତୀୟ ପର୍ଯ୍ୟାୟରେ ଆବେଦନ କରିପାରିବେ । ସେହିପରି ଦ୍ୱିତୀୟ ପର୍ଯ୍ୟାୟରେ ଆବେଦନ ହୋଇନଥିବ ବା ଆବେଦନ ହୋଇଥିବା ଟେଣ୍ଡର ନାକଚ କରାଯାଇଥିବ ସେହି ଟେଣ୍ଡର ପାଇଁ ତୃତୀୟ ପର୍ଯ୍ୟାୟରେ ଆବେଦନ କରିପାରିବେ । ପରିଚାଳନା କମିଟି ଚାହିଁଲେ ବିନା କାରଣରେ ଏହି ଟେଣ୍ଡର ନାକଚ ବା ପରିବର୍ତ୍ତନ କରିପାରିବେ । ପ୍ରଥମ ପର୍ଯ୍ୟାୟ ପାଇଁ କ୍ରୟ କରିଥିବା ଟେଣ୍ଡର ଫର୍ମ ଦ୍ୱିତୀୟ ଓ ତୃତୀୟ ପର୍ଯ୍ୟାୟରେ ଏବଂ ଦ୍ୱିତୀୟ ପର୍ଯ୍ୟାୟ ପାଇଁ କ୍ରୟ କରିଥିବା ଟେଣ୍ଡର ଫର୍ମ ତୃତୀୟ ପର୍ଯ୍ୟାୟରେ ଗ୍ରହଣ ଯୋଗ୍ୟ ନୁହେଁ । ଏହି ଟେଣ୍ଡର ସମ୍ବନ୍ଧୀୟ ନୋଟିସ୍ www.maatarini.co.in ୱେବସାଇଟରେ ଦେଖିପାରିବେ ।

| ଟେଣ୍ଡର ପର୍ଯ୍ୟାୟ | ଟେଣ୍ଡର ଗ୍ରହଣ ତାରିଖ ଓ ସମୟ | ଟେଣ୍ଡର ଖୋଲାଯିବା ତାରିଖ ଓ ସମୟ |
|---|---|---|
| ପ୍ରଥମ ପର୍ଯ୍ୟାୟ | ତା.୦୧.୧୨.୨୦୨୫ରିଖ ୧୧ ଘଟିକା | ତା.୦୧.୧୨.୨୦୨୫ରିଖ ୧୨.୦୦ ଘଟିକା |
| ଦ୍ୱିତୀୟ ପର୍ଯ୍ୟାୟ | ତା.୦୮.୧୨.୨୦୨୫ରିଖ ୧୧ ଘଟିକା | ତା.୦୮.୧୨.୨୦୨୫ରିଖ ୧୨.୦୦ ଘଟିକା |
| ତୃତୀୟ ପର୍ଯ୍ୟାୟ | ତା.୧୫.୧୨.୨୦୨୫ରିଖ ୧୧ ଘଟିକା | ତା.୧୫.୧୨.୨୦୨୫ରିଖ ୧୨.୦୦ ଘଟିକା |

| କ୍ର.ନଂ. | ଟେଣ୍ଡରର ନାମ | ଧାର୍ଯ୍ୟ ମୂଲ୍ୟ | ଅମାନତ ଦେୟ |
|---|---|---|---|
| ୧ | ପୂଜା ସାମଗ୍ରୀ ଦୋକାନ ନଂ.୧ (ସ୍ଥାନ- ମୁଖଶାଳା ଡାହାଣ ପାର୍ଶ୍ୱ) | ଟ.୨୯,୨୫,୫୫୪/- | ଟ.୨,୯୨,୫୫୫/- |
| ୨ | ପୂଜା ସାମଗ୍ରୀ ଦୋକାନ ନଂ.୨ (ସ୍ଥାନ- ଚୂଳ ପକା ମଣ୍ଡପ ପାର୍ଶ୍ୱ) | ଟ.୨୨,୫୬,୭୧୦/- | ଟ.୨,୨୫,୬୭୧/- |
| ୩ | ପୂଜା ସାମଗ୍ରୀ ଦୋକାନ ନଂ.୩ (ସ୍ଥାନ- ଗାଡି ପୂଜା) | ଟ.୨୫,୯୪,୮୮୮/- | ଟ.୨,୫୯,୪୮୮/- |
| ୪ | ଚୂଳ ପକା | ଟ.୪୮,୬୮,୧୪୩/- | ଟ.୪,୮୬,୮୧୪/- |
| ୫ | ତେଜରାତି ସାମଗ୍ରୀ ଯୋଗାଇବା | | ଟ.୧,୯୯,୬୫୦/- |
| ୬ | ସିକ୍ୟୁରିଟି ଗାର୍ଡ ଯୋଗାଇବା | | ଟ.୧,୭୬,୦୦୦/- |

ସ୍ୱା/- କାର୍ଯ୍ୟନିର୍ବାହୀ ଅଧିକାରୀ
ମା' ତାରିଣୀ ଠାକୁରାଣୀ ମନ୍ଦିର ଟ୍ରଷ୍ଟ
ଘଟଗାଁ, କେନ୍ଦୁଝର

**ODISHA CONSTRUCTION CORPORATION LTD.** CAD-2393
(A Govt. of Odisha Undertaking)
**CENTRAL WORKSHOP, RASULGARH,**
Bhubaneswar-751010 (Odisha)
Tel- 0674 : 2580107,
Email : smppmcws@gmail.com
(GSTIN-21AAACO2571K2ZM)

**Tender call Notice No. OCC/CWS/PROC/KIP-17(V-II)/60/2025-26 dtd.20.11.2025.**

Type of work : Supply of labour for assembly of fabricated Hoist bridge of 130T rope drum hoist of Kanupur Irrigation Project at Kanupur site.
Total No. of work : 01(One).
Period of supply : 1 (One) month.

| Procurement Officer | Tender Call Notice No. | Cost of Tender document (Including GST) | Sale of tender document | Submission of tender document (as per TCN) |
|---|---|---|---|---|
| Senior Manager (Mech.), OCC Ltd., Central Workshop, Rasulgarh, Bhubaneswar | OCC/ CWS/ PROC/KIP-17(V-II) /60 / 2025-26 dtd.20.11.2025 | Rs.4720/- (Non-refundable) | 20.11.2025 10.00AM to 01.12.2025 1.00 PM | 20.11.2025 10.00AM to 01.12.2025 3.30 PM |

Date of opening of the Tender : 01.12.2025 at 4.00 P.M.
Further details can be seen from the website (www.odishaconstruction.com)
Amendment/corrigendum/cancellation, if any shall be posted on-line only (OCCL website).

Sd/-
Senior Manager (Mech.)-I
OCC Ltd., Bhubaneswar

OIPR-

**GOVERNMENT OF ODISHA**
**PANCHAYAT SAMITI: NARAYANPATNA**
**PR & DW DEPARTMENT, ODISHA**
EMAIL ID- ori-narayanpatna@nic.in
Letter No. 3938 / 2025/TCN.08/2025-26, Dated 18.11.2025
**NOTICE INVITING TENDER**
**Bid Identification No. 08 of 2025-26 of B.D.O , Narayanpatna**

1. Bid documents consisting of specification the Bill of Quality and the Tender Call Notice can be seen in the Govt. website http://tendersorissa.gov.in/nicgep/app.

| Sl. No | Name of the Work | Amount put to Tender (Approx. In Lakhs) | Class of Contractor | Cost of Tender Paper | E.M.D. (Bid Security) in Rs | Period of completion (Calendar Month) |
|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 |
| 1 | Construction of Additional Classroom at Bari PS | 7,88,971.00 | "C" & "D" | 6000/- | 7900/- | 06 Months |
| 2 | Construction of Additional Classroom at Kondaborigi PS | 8,91,723.00 | "C" & "D" | 6000/- | 9000/- | 06 Months |

**03 (Three) No. of works only**

| | |
|---|---|
| Tender documents are available on website | Can be downloaded from Website (http://www.tendersodisha.gov.in) |
| Bid documents available date and time | From **24.11.2025** at 11.00 Hours to **08.12.2025** up to 17.30 Hours |
| Bid clarification start date & closing date | **24.11.2025 to 08.12.2025** during office hours |
| Offline documents received through Speed Post/ Registered Post | **From 24.11.2025 at 17.30Hours to 12.12.2025 at 11.00 Hours** |
| Date, time and venue of opening of bid online | (**12.12.2025 at 11.00 Hours**), Office of the Block Development Officer, Panchayat Samiti, Narayanpatna |
| Offline documents shall be opened in presence of participate, bidders in chamber of BDO Narayanpatna | **12.12.2025 at 11.00** Hours onwords. |
| If stipulation arises the tender will be decided through Lottery System | (**12.12.2025 at 02.30 Hours**) Office of the Block Development Officer, Panchayat Samiti, Narayanpatna |

Block Development Officer
Narayanpatna

यूनियन बैंक Union Bank of India

**କ୍ଷେତ୍ରୀୟ କାର୍ଯ୍ୟାଳୟ: ବାଲେଶ୍ୱର**
ମାଣିଖମ୍ବ, ଓଟି ରୋଡ଼, ପୋଲିସ୍ ଲାଇନ୍, ଭାସ୍କରଗଞ୍ଜ, ଜିଲ୍ଲା: ବାଲେଶ୍ୱର, ପିନ୍-୭୫୬୦୦୧, ମୋ.: ୮୯୨୮୯୧୭୪୧୧/୯୬୮୭୬୯୭୫୪୮

**ସୁନା ନିଲାମ ବିଜ୍ଞପ୍ତି**

ଏତଦ୍ଦ୍ୱାରା ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଛି ଯେ ନିମ୍ନଲିଖିତ ସୁନା ଋଣଗ୍ରହୀତାମାନଙ୍କୁ ବ୍ୟାଙ୍କ ବାରମ୍ବାର ନୋଟିସ୍ ଦ୍ୱାରା ସୂଚାଇ ଦେଇଥିବା ସତ୍ତ୍ୱେ ସେମାନେ ଋଣ ପରିଶୋଧ କରୁନାହାଁନ୍ତି । ଯଦି ସେମାନେ ନିଲାମ ତାରିଖ ପୂର୍ବରୁ ସେମାନଙ୍କର ବକେୟା ଋଣ ପରିଶୋଧ ନ କରନ୍ତି, ତାହା ହେଲେ **ଆମର ସମ୍ପୃକ୍ତ ଶାଖା ପରିସରରେ ତା.୨୮.୧୧.୨୦୨୫ରିଖ ଅପରାହ୍ନ ୧୨.୩୦ ଘଟିକା** ସମୟରେ ସେମାନଙ୍କରୁ ବନ୍ଧକଥିବା ସୁନା ଅଳଙ୍କାରଗୁଡିକୁ ନିଲାମ କରାଯିବ । ଋଣଗ୍ରହୀତାମାନଙ୍କର କୌଣସି ଅସୁବିଧା ବା କ୍ଷୟ କ୍ଷତି ପାଇଁ ବ୍ୟାଙ୍କ ଦାୟୀ ହେବ ନାହିଁ ଓ ଆବଶ୍ୟକ ସ୍ଥଳେ ବ୍ୟାଙ୍କର କ୍ଷୟ କ୍ଷତି ଘଟିଲେ ବ୍ୟାଙ୍କ ସେମାନଙ୍କ ବିରୁଦ୍ଧରେ ଅଦାଲତରେ ଆଶ୍ରୟ ନେବ । ଋଣଗ୍ରହୀତାମାନେ ନିଲାମ ସମୟ ପୂର୍ବରୁ ବକେୟା ରାଶି ପରିଶୋଧ କରି ଅଳଙ୍କାରଗୁଡିକ ନେଇପାରିବେ ।

| କ୍ର.ନଂ. | ଋଣଗ୍ରହୀତାମାନଙ୍କ ନାମ ଓ ଠିକଣା / ସୁନା ଋଣ ଆକାଉଣ୍ଟ ନଂ. | ବକେୟା ରାଶି | ନେଟ୍ ଓଜନ (ଗ୍ରାମରେ) | ମୋଟ ଓଜନ (ଗ୍ରାମରେ) |
|---|---|---|---|---|
| **ଉଦଳା ଶାଖା, ୱାର୍ଡ ନଂ. ୫, ସିନେମା ହଲ୍ ରୋଡ୍, ଉଦଳା, ମୟୂରଭଞ୍ଜ-୭୫୭୦୪୧, ମୋ.: ୮୪୫୬୮୮୧୦୯୫, ୮୬୩୭୨୬୧୮୪୪** | | | | |
| ୧. | **ଶ୍ରୀ କୃଷ୍ଣ ଚନ୍ଦ୍ର ମହାନ୍ତ,** ଦୁଗୁଧା, ଉଦଳା, ମୟୂରଭଞ୍ଜ-୭୫୭୦୪୧ / **୨୫୫୪୧୬୬୩୦୦୦୦୨୦୪** | ଟ.୧,୨୫,୬୪୭.୦୦ | ୨୧.୭ | ୨୭.୪୬ |
| ୨. | **ଶ୍ରୀ ସଞ୍ଜୟ ଦେହୁରୀ,** କାଲାଡାହି, ଭାଲୁବସା, ଉଦଳା, ମୟୂରଭଞ୍ଜ-୭୫୭୦୪୦ / **୨୫୫୪୧୬୫୪୦୦୦୦୫୫୭** | ଟ.୨୩,୦୨୨.୧୬ | ୪.୯୬ | ୭.୮୫ |
| ୩. | **ଶ୍ରୀ ସଞ୍ଜୟ ଦେହୁରୀ,** କାଲାଡାହି, ଭାଲୁବସା, ଉଦଳା, ମୟୂରଭଞ୍ଜ-୭୫୭୦୪୦ / **୨୫୫୪୧୬୫୪୦୦୦୦୬୮୧** | ଟ.୩୪,୦୭୫.୦୦ | ୬.୦୭ | ୭.୪୩ |
| ୪. | **ଶ୍ରୀ ପୁରଷ୍ତମ ମାଝୀ,** ମାର୍ଫତ: ରମେଶ ଚନ୍ଦ୍ର ମାଝୀ, ସା: ବଡ଼ବିଶୋଳ, ପୋ: ସାନବିଶୋଳ, ଥାନା: କପ୍ତିପଦା, ମୟୂରଭଞ୍ଜ-୭୫୭୦୪୦ / **୨୫୫୪୧୬୫୪୦୦୦୦୨୫୬** | ଟ.୫୧,୯୬୩.୦୦ | ୧୨.୮ | ୧୩.୯୮ |
| **ଯାଜପୁର ମୁଖ୍ୟ ଶାଖା, ସା: ୟୁନିଟ୍ ନଂ. ୮, ୧ମ ମହଲା, ଯଯାତିନଗର, ଯାଜପୁର ଟାଉନ୍, ଯାଜପୁର-୭୫୫୦୦୧, ମୋ.: ୯୮୫୧୩୦୧୬୬୧** | | | | |
| ୧. | **ଶ୍ରୀ ରାକେଶ କୁମାର ଓଝା,** ସା: ଇଞ୍ଜନପୁର, ପୋ: ଗୁହାଳି, ଯାଜପୁର, ପିନ୍-୭୫୫୦୨୭/ **୩୭୦୮୦୬୫୪୦୦୦୦୮୧୬** | ଟ.୧୮,୫୫୧.୦୦ | ୩.୪ | ୩.୯ |
| ୨. | **ଶ୍ରୀ ରାକେଶ କୁମାର ଓଝା,** ସା: ଇଞ୍ଜନପୁର, ପୋ: ଗୁହାଳି, ଯାଜପୁର, ପିନ୍-୭୫୫୦୨୭/ **୩୭୦୮୦୬୫୪୦୦୦୦୮୧୭** | ଟ.୫୧,୬୭୨.୬୬ | ୯.୯୯ | ୧୧.୧ |
| **ମାଷ୍ଟର ବାବୁ କମ୍ପ୍ଲେକ୍ସ ଶାଖା, ପ୍ଲଟ୍ ନଂ.: ୧୯୧/୩୭୮୬ ଏବଂ ୧୯୨, ମୌଜା: କୁଆଁଶ, ଭଦ୍ରକ ବାଏପାସ୍ ରୋଡ୍, ଭଦ୍ରକ, ପିନ୍-୭୫୬୧୦୦, ମୋ.: ୯୧୧୦୧୧୦୬୯୬** | | | | |
| ୧. | **ଶ୍ରୀମତୀ ଅରୁଣା ରାଣୀ ବେହେରା,** ସ୍ୱାମୀ: ରତନ କୁମାର ବେହେରା, ସା: ସାଳନ୍ଦୀ କଲୋନୀ ବାଏପାସ୍, ଭଦ୍ରକ-୭୫୬୧୦୦ / **୩୩୫୬୨୬୫୪୦୦୦୧୧୧୧** | ଟ.୨,୦୮,୮୯୯.୪୨ | ୪୦.୪ | ୮୩.୧ |
| **ରକ୍ସି ରୋଡ୍ ଶାଖା, ହୋଲ୍ଡିଂ ନଂ. ୫୩୩, ରକ୍ସି ମେନ୍ ରୋଡ୍, ବାରିପଦା-୭୫୭୦୦୧, ମୋ.: ୭୦୦୪୮୭୯୦୯୩** | | | | |
| ୧. | **ଶ୍ରୀ ସିଦ୍ଧାର୍ଥ କୁମାର ନାଏକ,** ମାର୍ଫତ: ଶୁକଦେବ ନାଏକ, ପ୍ଲଟ୍ ନଂ.: ୪୫୯/୩୭୨୬, ନୂଆସାହି, ବରଜୁପୁର, ମୟୂରଭଞ୍ଜ-୭୫୭୦୩୩ / **୩୪୭୯୨୬୫୪୦୦୦୦୩୯୯** | ଟ.୧,୪୬,୨୦୧.୭୬ | ୨୭.୭୨ | ୨୯.୧୮ |
| **ବଡବିଲ-୧ ଶାଖା, ଷ୍ଟେସନ୍ ରୋଡ୍, ବଡବିଲ, କେନ୍ଦୁଝର, ପିନ୍-୭୫୮୦୩୫, ମୋ.: ୯୧୭୮୬୫୪୮୬୪** | | | | |
| ୧. | **ଶ୍ରୀ ଶ୍ରୀବସ୍ତ କୁମାର ବିଦ୍ୟାଧର,** ସା/ପୋ: ବଡ଼ନୂଆଗାଁ, ଥାନା: ହରିଚନ୍ଦନପୁର, ବଡବିଲ-୭୫୮୦୨୮ / **୫୫୪୧୦୬୫୪୦୦୦୦୧୮୦** | ଟ.୧,୦୭,୧୦୦.୮୯ | ୧୯.୮୨ | ୨୨.୭୮ |
| **ଦାମୋଦରପୁର ଶାଖା, ସା/ପୋ: ଦାମୋଦରପୁର, ମେନ୍ ରୋଡ୍, ମୟୂରଭଞ୍ଜ, ପିନ୍-୭୫୭୦୦୩, ମୋ.: ୯୯୮୭୧୯୩୮୪୬** | | | | |
| ୧. | **ଶ୍ରୀ ଟୁଲୁ ଦିଗାର,** ବିପିଡ଼ି, ଇନ୍ଦପାହି, ଦାମୋଦରପୁର-୭୫୭୧୦୭ / **୬୫୩୨୦୬୫୪୦୦୦୦୧୮୧** | ଟ.୭୩,୩୬୬.୦୦ | ୧୪.୨ | ୧୫.୪୭ |
| **ରେମୁଣା-ଜାନୁଗଞ୍ଜ ଶାଖା, ଗଣେଶ୍ୱରପୁର, ଜାନୁଗଞ୍ଜ, ରେମୁଣା ଗୋଲେଇ, ବାଲେଶ୍ୱର, ପିନ୍-୭୫୬୦୧୯, ମୋ.: ୯୯୭୩୨୬୧୦୩୩** | | | | |
| ୧. | **ଶ୍ରୀ ପ୍ରକାଶ ସାହୁ,** ପିତା: ହରେକୃଷ୍ଣ ସାହୁ, ଜାନୁଗଞ୍ଜ, ରେମୁଣା, ଗୋଲେଇ ରେମୁଣା, ବାଲେଶ୍ୱର-୭୫୬୦୧୯ / **୭୨୩୭୦୬୫୪୦୦୦୦୭୩୨** | ଟ.୭୨,୬୨୦.୦୦ | ୧୨.୭୮ | ୧୪.୨ |

ନିଲାମ ଧରିବା ପାଇଁ ଇଚ୍ଛୁକ ବ୍ୟକ୍ତି ବ୍ୟାଙ୍କର ନିମ୍ନଲିଖିତ ନିୟମ ଗୁଡିକ ପାଳନ କରି ନିଲାମରେ ଅଂଶଗ୍ରହଣ କରିପାରିବେ ।

୧) ନିଲାମ ଡାକିବା ପାଇଁ ଇଚ୍ଛୁକ ବ୍ୟକ୍ତିଙ୍କୁ ନିଲାମର ନିର୍ଦ୍ଧାରିତ ସମୟର ୨ ଘଣ୍ଟା ପୂର୍ବରୁ **ଟ.୫,୦୦୦/-** ଅମାନତ ଆକାରରେ ଜମା ଏବଂ ବୈଧ କେୱାଇସି (KYC) ଦେବାକୁ ହେବ ।
୨) ଅମାନତ ଦାଖଲ ପରେ, ନିଲାମରେ ଅଂଶଗ୍ରହଣ କରିବାକୁ ଚାହୁଁଥିବା ବ୍ୟକ୍ତିମାନେ ଅଳଙ୍କାରଗୁଡିକୁ ଯାଞ୍ଚ କରିପାରିବେ ।
୩) ସର୍ବୋଚ୍ଚ ନିଲାମ ଡାକ ଡାକିଥିବା ବ୍ୟକ୍ତିଙ୍କୁ ଉକ୍ତ ଡାକର ସମ୍ପୂର୍ଣ୍ଣ ରାଶି ସଙ୍ଗେ ସଙ୍ଗେ ବ୍ୟାଙ୍କରେ ଜମା କରିବାକୁ ପଡିବ । ଯଦି କୌଣସି ବ୍ୟକ୍ତି ସର୍ବୋଚ୍ଚ ଡାକ ଡାକିଲା ପରେ, ସମ୍ପୂର୍ଣ୍ଣ ରାଶି ଜମା କରିବାକୁ ଅସମର୍ଥ ହୁଅନ୍ତି, ତେବେ ତାଙ୍କର ଅମାନତ ଟଙ୍କା ବାଜ୍ୟାପ୍ତି ହୋଇଯିବ ଓ ଉକ୍ତ ବ୍ୟକ୍ତିଙ୍କୁ ଆଉ ଥରେ ନିଲାମ ଡାକିବାକୁ ଅନୁମତି ଦିଆଯିବ ନାହିଁ ।
୪) ଗୋଟିଏ ଆକାଉଣ୍ଟର ନିଲାମ ଡାକ ଓ ଟଙ୍କା ଜମା ଇତ୍ୟାଦି ସରିଲା ପରେ ହିଁ ଅନ୍ୟ ଆକାଉଣ୍ଟ ପାଇଁ ନିଲାମ କାର୍ଯ୍ୟ ଆରମ୍ଭ ହେବ ।
୫) ବ୍ୟାଙ୍କ କୌଣସି ନିଲାମ ଡାକ ମାନିନେବାକୁ ବାଧ୍ୟ ନୁହେଁ । କୌଣସି କାରଣ ନ ଦର୍ଶାଇ ବ୍ୟାଙ୍କ ନିଲାମକୁ ରଦ୍ଦ କରିପାରେ ।
୬) ଯେଉଁ ବ୍ୟକ୍ତିଙ୍କ ସର୍ବୋଚ୍ଚ ଡାକ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ଶାଖା କାର୍ଯ୍ୟାଳୟ ଦ୍ୱାରା ଗ୍ରହଣୀୟ ହେବ ଉକ୍ତ ବ୍ୟକ୍ତି ନିଲାମ ଦୃଢ଼ୀକରଣ ହେବା ସୂଚନା ପାଇବା ପରେ ସମ୍ପୂର୍ଣ୍ଣ ନିଲାମ ରାଶି ସଙ୍ଗେସଙ୍ଗେ ବ୍ୟାଙ୍କରେ ଜମା କରିବାକୁ ବାଧ୍ୟ ହେବେ । ନଚେତ୍ ପୂର୍ବରୁ ଜମା ଦେଇଥିବା ଅମାନତ ରାଶି ବାଜ୍ୟାପ୍ତ ହେବ ।
୭) ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ ଶାଖା କାର୍ଯ୍ୟାଳୟ ଯଦି କୌଣସି ଉଚ୍ଚ ନିଲାମ ଡାକକୁ ନାକଚ କରନ୍ତି / ସ୍ଥଗିତ ରଖନ୍ତି, ତେବେ ଜମା ହୋଇଥିବା ଅମାନତ ରାଶି ଉକ୍ତ ଜମାକାରୀଙ୍କୁ ବିନା ସୁଧରେ ଫେରାଇ ଦିଆଯିବ ।
୮) ନିଲାମରେ ରଖାଯାଇଥିବା ଅଳଙ୍କାରଗୁଡିକର ଗୁଣ, ଓଜନ ଓ ବିଶୁଦ୍ଧତା ପାଇଁ ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ କୌଣସି ପ୍ରକାର ଦାୟୀ ହେବେ ନାହିଁ ।
୯) ନିଲାମରେ ଭାଗ ନେଇଥିବା କୌଣସି ବ୍ୟକ୍ତି ଉପରୋକ୍ତ ନିୟମକୁ ନ ମାନିଲେ ବ୍ୟାଙ୍କ ତାଙ୍କର ଅମାନତ ଟଙ୍କା ବାଜ୍ୟାପ୍ତ କରିବ ।

**ସ୍ଥାନ : ବାଲେଶ୍ୱର, ତାରିଖ : ୨୦.୧୧.୨୦୨୫** | **ଶାଖା ପ୍ରବନ୍ଧକ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ**

# ଗଜପତିରୁ ପୋଷ୍ୟ ସନ୍ତାନ ଗ୍ରହଣ କଲେ ୟୁପି ଦମ୍ପତି

ପାରଳାଖେମୁଣ୍ଡି, ୨୦।୧୧ (ସମିସ): ଗଜପତି ଜିଲ୍ଲାରୁ ୭୫ ଓ ୭୬ ତମ ଶିଶୁଙ୍କୁ ଜିଲ୍ଲାପାଳ ମଧୁମିତା ପୋଷ୍ୟ ସନ୍ତାନ ଭାବେ ଉତ୍ତର ପ୍ରଦେଶର ଏକ ଦମ୍ପତିଙ୍କୁ ହସ୍ତାନ୍ତର କରିଛନ୍ତି। ପିତୃମାତୃ ହୀନ ଏହି ଶିଶୁଦ୍ୱୟଙ୍କୁ ଶିଶୁ ମଙ୍ଗଳ ସମିତିଙ୍କ ନିର୍ଦ୍ଦେଶ କ୍ରମେ ଯତ୍ନ ଓ ସୁରକ୍ଷା ନିମନ୍ତେ ସ୍ୱତନ୍ତ୍ର ପୋଷ୍ୟ ସନ୍ତାନ ଗ୍ରହଣ କେନ୍ଦ୍ର ନିଶାନ ଶାଲୋମ, ରାଣୀପେଣ୍ଠରେ ରଖାଯାଇଥିଲା। ପରେ ଶିଶୁ ମଙ୍ଗଳ ସମିତି ଶିଶୁଙ୍କୁ ଆଇନତଃ ମୁକ୍ତ ଭାବେ ଘୋଷଣା କରିଥିଲେ ଏବଂ ଏହାପରେ ଶିଶୁଦ୍ୱୟଙ୍କର ତଥ୍ୟ କେନ୍ଦ୍ରୀୟ ପୋଷ୍ୟ ସନ୍ତାନ ଗ୍ରହଣ ପୋର୍ଟାଲ୍‌ରେ ଅପଲୋଡ୍ କରାଯାଇଥିଲା। ପୋଷ୍ୟ ସନ୍ତାନ ଗ୍ରହଣ ନିମନ୍ତେ ପ୍ରାୟ ୨ବର୍ଷରୁ ଅଧିକ ସମୟ ଧରି ଉକ୍ତ ଦମ୍ପତିଙ୍କୁ କେନ୍ଦ୍ରୀୟ ପୋଷ୍ୟ ସନ୍ତାନ ସମ୍ବଳ କେନ୍ଦ୍ର ଅନୁମୋଦନ କରିଥିଲେ। ଦମ୍ପତି ଶାରିରୀକ ସ୍ତରରେ ଶିଶୁଦ୍ୱୟଙ୍କୁ ପସନ୍ଦ କରି ନେବାପାଇଁ ସ୍ଥିର କରିଥିଲେ। ତାପରେ ଆବଶ୍ୟକ ହେଉଥିବା ଦସ୍ତାବିଜ ସ୍ୱତନ୍ତ୍ର ପୋଷ୍ୟ ସନ୍ତାନ ଗ୍ରହଣ କେନ୍ଦ୍ର ଏବଂ ଜିଲ୍ଲା ଶିଶୁ ସୁରକ୍ଷା କାର୍ଯ୍ୟାଳୟ ପ୍ରସ୍ତୁତ କରିଥିଲା। ସମସ୍ତ ଦସ୍ତାବିଜକୁ ଜିଲ୍ଲାପାଳ ଯାଞ୍ଚ କରିବା ପରେ ଆଜି ଦୁଇ ଶିଶୁଙ୍କୁ ଦମ୍ପତିଙ୍କୁ ହସ୍ତାନ୍ତର କରାଯାଇଛି। ଉଭୟେ ଶିଶୁପୁତ୍ର ହୋଇଥିବା ବେଳେ ସେମାନଙ୍କ ବୟସ ୩ ଓ ୪ ବର୍ଷ ଓ ସେମାନଙ୍କୁ ପାଇ ଉକ୍ତ ଦମ୍ପତି ବେଶ ଖୁସି ଥିବା ଲକ୍ଷ୍ୟ କରାଯାଇଥିଲା। ହସ୍ତାନ୍ତର ସମୟରେ ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଅରୁଣ କୁମାର ତ୍ରିପାଠୀ, ସ୍ୱତନ୍ତ୍ର ପୋଷ୍ୟ ସନ୍ତାନ ଗ୍ରହଣ କେନ୍ଦ୍ରର ପରିଚାଳକ ପ୍ରତ୍ୟୁଷ କୁମାର ସୂର୍ଯ୍ୟ ଏବଂ ସମସ୍ତ କର୍ମକର୍ତ୍ତା ଉପସ୍ଥିତ ଥିଲେ।

# ବ୍ୟବସାୟୀଙ୍କ ଘରେ କଳାକନା ବୁଲାଇଲେ ଦୁର୍ବୃତ୍ତ

ପାରଳାଖେମୁଣ୍ଡି,୨୦।୧୧(ସମିସ): ଗଜପତି ଜିଲ୍ଲା ଗୋଷାଣି ବ୍ଲକ ଗୁରାଣ୍ଡି ଥାନା ଅନ୍ତର୍ଗତ ମଧୁରନାରାୟଣପେଟା ଗ୍ରାମରେ ଦୁର୍ବୃତ୍ତ ଜଣେ ବ୍ୟବସାୟୀଙ୍କ ଘରେ ପଶି କଳାକନା ବୁଲାଇଛନ୍ତି। ଦୁର୍ବୃତ୍ତଙ୍କ କାରନାମା ସିସିଟିଭିରେ କଏଦ ହୋଇଛି।

ପ୍ରକାଶ ଯେ, ଟି. ଲବକୁମାର ସପରିବାର ଗତ ୧୪ ତାରିଖରେ ତିରୁପତି ଦର୍ଶନ ପାଇଁ ଯାଇଥିଲେ। ଗତ ୧୭ ତାରିଖ ସନ୍ଧ୍ୟାରେ ଦୁଇ ଜଣ ଦୁର୍ବୃତ୍ତ ତାଙ୍କ ଦୋକାନ ଘରେ ପଶି ୨ ତୋଳା ଓଜନର ସୁନା, ୩୦୦ ଗ୍ରାମ ରୁପା, ବଡ଼ ତମ୍ବା ପାତ୍ର ସହ ନଗଦ ୧ ଲକ୍ଷ ଟଙ୍କା ଚୋରି କରି ନେଇଥିଲେ। ତେବେ ୧୮ ତାରିଖ ଦିନ ଗ୍ରାମବାସୀ ଘରର ତାଲା ଭଙ୍ଗାଥିବା ଦେଖି ତାଙ୍କୁ ଖବର ଦେଇଥିଲେ ବୋଲି ଲବକୁମାର କହିଛନ୍ତି। ଗ୍ରାମବାସୀ ଗୁରାଣ୍ଡି ପୁଲିସକୁ ମଧ୍ୟ ଜଣାଇଥିଲେ। ଲବକୁମାର ସପରିବାର ଗତକାଲି ନିଜ ଗ୍ରାମରେ ପହଞ୍ଚିଥିଲେ। ଆଜି ଏନେଇ ଗୁରାଣ୍ଡି ଥାନାରେ ଲିଖିତ ଅଭିଯୋଗ କରିବା ପରେ ପୁଲିସ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଦୁର୍ବୃତ୍ତମାନେ ଚୋରି କରିବା ଦୃଶ୍ୟ ଲବକୁମାରଙ୍କ ଘର ନିକଟରେ ଲାଗିଥିବା ଏକ ସିସିଟିଭିରେ କଏଦ ହୋଇଛି। ଯେଉଁଥିରେ ଦୁଇ ଦୁର୍ବୃତ୍ତ ସିସିଟିଭି କ୍ୟାମେରାର ଦିଗ ବଦଳାଇବା ସହ ଘରର କାନ୍ଥ ଚଢୁଥିବାର ଦେଖିବାକୁ ମିଳୁଛି।

# ଜିଲ୍ଲାସ୍ତରୀୟ ସମବାୟ ସପ୍ତାହ ପାଳିତ



ପାରଳାଖେମୁଣ୍ଡି, ୨୦।୧୧ (ସମିସ): ଗଜପତି ଜିଲ୍ଲା ସଦରମହକୁମା ପାରଳାଖେମୁଣ୍ଡି ସହରର ଏସ୍ଏ ଫଙ୍କସନ୍ ହଲରେ ଜିଲ୍ଲାସ୍ତରୀୟ ୭୨ତମ ସର୍ବଭାରତୀୟ ସମବାୟ ସପ୍ତାହ ପାଳିତ ହୋଇଛି। ଗଜପତି ସମବାୟ ସମିତି ବିଭାଜନ ଉପନିବନ୍ଧକ ହରିହର ସେଠଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଅତିରିକ୍ତ ଜିଲ୍ଲାପାଳ ମୁନିନ୍ଦ୍ର ହୋନାଗା ଯୋଗ ଦେଇଥିବା ବେଳେ ପାରଳାଖେମୁଣ୍ଡି ଉପଜିଲ୍ଲାପାଳ ଅନୁପ ପଣ୍ଡା, ଜିଲ୍ଲା କୃଷି ଅଧିକାରୀ ରବୀନ୍ଦ୍ର କୁମାର ଆଡେକ୍, ଆରଏମସି ସମ୍ପାଦକ ରେବତୀମୋହନ ରାଉତ, ସମବାୟ ସମିତି ସମୀକ୍ଷା ଅଧିକାରୀ ଜିତେନ୍ଦ୍ର ପ୍ରସାଦ ମିଶ୍ର, ଜିଲ୍ଲାପରିଷଦ ସଭ୍ୟ ତଥା କୃଷକ ନେତା ଏସ୍.ବାଲାରାଜୁ ଏବଂ ଜିଲ୍ଲା ବିଜେପି କୃଷକମୋର୍ଚ୍ଚା ସଭାପତି ପ୍ରଶାନ୍ତ ପାଳ ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ଉକ୍ତ କାର୍ଯ୍ୟକ୍ରମ ଉପଲକ୍ଷେ ବିଦ୍ୟାଳୟ ଓ କଲେଜ ସ୍ତରରେ ପ୍ରବନ୍ଧ ଓ ତର୍କ ପ୍ରତିଯୋଗିତା ହୋଇଥିଲା। ଏଥିରେ କୃତି ଛାତ୍ରଛାତ୍ରୀଙ୍କୁ ମାନପତ୍ର ସହ ଆର୍ଥିକ ରାଶି ପୁରସ୍କାର ପ୍ରଦାନ କରାଯାଇଥିଲା। ସେହିପରି ସମବାୟ ସମିତି ମାଧ୍ୟମରେ ଉତ୍ତମ କାରବାର କରିଥିବା ବ୍ୟକ୍ତିବିଶେଷଙ୍କୁ ମଧ୍ୟ ପୁରସ୍କୃତ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ରମାକାନ୍ତ ପଟ୍ଟନାୟକ ଓ ରଶ୍ମିତା ସାମଲ ସଭାମଞ୍ଚରେ ସଂଯୋଜନା କରିଥିଲେ। ଏହି କାର୍ଯ୍ୟକ୍ରମକୁ ପ୍ରାଥମିକ ସମବାୟ ସମିତିର କର୍ମଚାରୀ ପରିଚାଳନାରେ ସହଯୋଗ କରିଥିବା ବେଳେ ସମସ୍ତ ପ୍ରାଥମିକ ସମବାୟ ସମିତିର ସମ୍ପାଦକ ଓ ଚାଷୀ ଉପସ୍ଥିତ ଥିଲେ।

## ଅପହରଣ ଓ ଦୁଷ୍କର୍ମ ମାମଲା

# ଅଭିଯୁକ୍ତକୁ ୨୦ ବର୍ଷ ଜେଲ୍

ପାରଳାଖେମୁଣ୍ଡି,୨୦।୧୧(ସମିସ):

ଅପହରଣ ଓ ଦୁଷ୍କର୍ମ ମାମଲାର ବିଚାର କରି ବିଚାରପତି ଅଭିଯୁକ୍ତକୁ ୨୦ ବର୍ଷ ଜେଲ୍ ଓ ୧୦ ହଜାର ଟଙ୍କା ଜରିମାନା ଦଣ୍ଡାଦେଶ ଦେଇଛନ୍ତି। ଗତବର୍ଷ ଜାନୁଆରୀରେ ଗଜପତି ଜିଲ୍ଲା ଆର.ଉଦୟଗିରି ଥାନା ଅନ୍ତର୍ଗତ ଏନ. ଝାଲରସିଂ ବାଳିକା ଉଚ୍ଚ ବିଦ୍ୟାଳୟର ବାର୍ଷିକ ଉତ୍ସବ ସରିବା ପରେ ପୀଡ଼ିତା ଘରକୁ ଫେରି ନଥିଲେ। ବାପା ଚାରିଆଡେ ଖୋଜିବା ପରେ ୧୦ ତାରିଖରେ ଆର୍. ଉଦୟଗିରି ଥାନାରେ ନିଖୋଜ ମାମଲା ଦାୟର କରିଥିଲେ। ଏସ୍ଆଇ ସ୍ୱପ୍ନାରାଣୀ ବେହେରା ଉକ୍ତ ମାମଲାର ତଦନ୍ତ ଆରମ୍ଭ କରିଥିଲେ। ଯୁବରାଜ କିଶୋର ପାଣି ଓରଫ ଅମିତ ନାମକ ଜଣେ ଯୁବକ ସେରଙ୍ଗ ଥାନା ଅନ୍ତର୍ଗତ ନୂଆଗଡ଼ ଗ୍ରାମର ନିଜ ଘରେ ପୀଡ଼ିତାଙ୍କୁ ଅପହରଣ କରି ରଖିଥିବା ବାପା ଖବର ପାଇଥିଲେ। ଆର. ଉଦୟଗିରି ପୁଲିସ ସହାୟତାରେ ପୀଡ଼ିତାଙ୍କୁ ଉଦ୍ଧାର କରାଯିବା ସହ ଅଭିଯୁକ୍ତଙ୍କୁ କୋର୍ଟ ଚାଲାଣ କରାଯାଇଥିଲା। ଆଜି ୨୧ଜଣ ସାକ୍ଷୀଙ୍କ ବୟାନ ତଥା ପ୍ରମାଣକୁ ଭିତ୍ତି କରି ଅତିରିକ୍ତ ଜିଲ୍ଲା ସେସନଜଜ୍ ବିଭୂ ପ୍ରସାଦ ପଣ୍ଡା ପୋକ୍‌ସୋ ଆକ୍ଟର ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରି ୨୦ବର୍ଷର ସଶ୍ରମ କାରାଦଣ୍ଡ ସହ ୧୦ହଜାର ଟଙ୍କା ଜରିମାନା

**ପୀଡ଼ିତାକୁ ୪ଲକ୍ଷ କ୍ଷତିପୂରଣ ପ୍ରଦାନ ନିର୍ଦ୍ଦେଶ**

ଦଣ୍ଡାଦେଶ ଦେଇଛନ୍ତି। ଜରିମାନା ଅନାଦାୟ ଅଧିକ ଛଅ ମାସ ସଶ୍ରମ ଜେଲଦଣ୍ଡ ଭୋଗ କରିବାକୁ ପଡିବ ବୋଲି ନ୍ୟାୟାଧୀଶ ରାୟରେ ଉଲ୍ଲେଖ କରିଛନ୍ତି।

ସେହିପରି ବାହାହେବା ପାଇଁ ଅପହରଣ କରିଥିବାରୁ ଭାରତୀୟ ପିଙ୍ଗଳ କୋଡ଼ର ଧାରା ୩୬୬ରେ ଉକ୍ତ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରି ୩ବର୍ଷର ସଶ୍ରମ କାରାଦଣ୍ଡ ସହ ୧ହଜାର ଟଙ୍କା ଜରିମାନାର ସଜା ଶୁଣାଇଛନ୍ତି। ଜରିମାନା ଅନାଦାୟ ଆହୁରି ଦୁଇ ମାସ ସଶ୍ରମ ଜେଲଦଣ୍ଡ ଭୋଗ କରିବାକୁ ପଡିବ ବୋଲି ନ୍ୟାୟାଧୀଶ ନିଜର ରାୟରେ ଉଲ୍ଲେଖ କରିଛନ୍ତି। ସେହିପରି ଅପହରଣ ପାଇଁ ରହିଥିବା ଧାରା ୩୬୩ରେ ଉକ୍ତ ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରି ୩ବର୍ଷର ସଶ୍ରମ କାରାଦଣ୍ଡ ସହ ୧ହଜାର ଟଙ୍କା ଜରିମାନା ସଜା ଶୁଣାଇଛନ୍ତି। ଜରିମାନା ଅନାଦାୟ ଆହୁରି ୨ମାସ ସଶ୍ରମ ଜେଲଦଣ୍ଡ ନେଇ ରାୟରେ ଉଲ୍ଲେଖ କରିଛନ୍ତି। ବିଚାରପତି ନିଜ ରାୟରେ ଏହା ମଧ୍ୟ ଉଲ୍ଲେଖ କରିଛନ୍ତି ଯେ ସମସ୍ତ ଜରିମାନା ରାଶି ପୀଡ଼ିତାଙ୍କୁ ପ୍ରଦାନ କରାଯିବ। ଜିଲ୍ଲା ଆଇନ ସେବା ପ୍ରାଧିକରଣ ତରଫରୁ ପୀଡ଼ିତାଙ୍କୁ କ୍ଷତିପୂରଣ ବାବଦକୁ ୪ଲକ୍ଷ ଟଙ୍କା ପ୍ରଦାନ କରିବା ନିମନ୍ତେ ନିର୍ଦ୍ଦେଶ ଜାରି କରିଛନ୍ତି ବିଚାରପତି। ସରକାରଙ୍କ ପକ୍ଷରୁ ସ୍ୱତନ୍ତ୍ର ପିପି ଆର. ଜନାର୍ଦ୍ଦନ ରାଓ ମାମଲାର ପରିଚାଳନା କରିଥିବାର ସୂଚନା ଭାରପ୍ରାପ୍ତ କ୍ୟାଡ଼ର ପବ୍ଲିକ ପ୍ରସିକ୍ୟୁଟର ରାଜେଶ କୁମାର ମିଶ୍ର ସୂଚନା ଦେଇଛନ୍ତି।

# ବେପରୁଆ ଅଟୋ ଚାଳକକୁ ଜରିମାନା

ପାରଳାଖେମୁଣ୍ଡି,୨୦।୧୧(ସମିସ): ରାଜ୍ୟରେ ଏବେ ଶୂନ୍ୟ ମୃତ୍ୟୁ ସପ୍ତାହ ବା ଜିରୋ ଫାଟାଲିଟି ସପ୍ତାହ ପାଳନ କରାଯାଉଥିବା ବେଳେ ବେପରୁଆ ଭାବେ ଗାଡି ଚଳାଇ ଦୁର୍ଘଟଣା ଘଟାଇଥିବା ମାମଲାରେ ଅଭିଯୁକ୍ତକୁ ଜାରିମାନା ଦଣ୍ଡାଦେଶ ଶୁଣାଇଛନ୍ତି ବିଚାରପତି। ଗତ ୨୦୨୩ ମସିହା ଜାନୁଆରୀ ୧୦ତାରିଖ ଦିନ ସବଇନ୍ସପେକ୍ଟର ସଞ୍ଜୟ କୁମାର ପ୍ରଧାନ ମୋହନାରୁ ଲୁହାଗୋଡି ଅଞ୍ଚଳରେ ପାଟ୍ରୋଲିଂ କରୁଥିଲେ। ଲାଡ଼ିବନ୍ଧ ନିକଟରେ ଏକ ଅଟୋ ଓଲଟି ଯାତ୍ରୀ ଆହତ ହୋଇଥିବା ଖବର ପାଇଥିଲେ। ଘଟଣାସ୍ଥଳରେ ପହଞ୍ଚି ଆହତ ଯାତ୍ରୀଙ୍କୁ ଚିକିତ୍ସାଳୟ ପଠାଇବା ସହ ଘଟଣାର ତଦନ୍ତ କରିଥିଲେ। ଅଟୋରେ ଧାର୍ଯ୍ୟ କ୍ଷମତାଠୁ ଅଧିକ ଲୋକ ବସିଥିଲେ ଓ ଅଟୋ ଚାଳକ ବିକାଶ କୁମାର ସିଂ ବେପରୁଆ ଭାବେ ଗାଡି ଚଳାଉଥିବାରୁ ଏଭଳି ଦୁର୍ଘଟଣା ଘଟିଥିବା ତଦନ୍ତରେ ଜାଣିବାକୁ ପାଇଥିଲେ। ସେ ନିଜ ଆଡୁ ମୋହନା ଥାନାରେ ମାମଲା ରୁଜୁ କରିଥିଲେ। ତତ୍କାଳୀନ ଏଏସଆଇ ଦିବାକର ପ୍ରଧାନ ଉକ୍ତ ମାମଲାର ତଦନ୍ତ କରି ଉକ୍ତ ଅଭିଯୁକ୍ତ ଚାଳକକୁ କୋର୍ଟ ଚାଲାଣ କରିଥିଲେ। ସାକ୍ଷୀଙ୍କ ବୟାନ ତଥା ପ୍ରମାଣକୁ ଭିତ୍ତି କରି ଏହି ମାମଲାର ଶୁଣାଣି କରି ଜେଏମ୍ଏଫସି ଶୁଭଜିତ ବେହେରା ଅଭିଯୁକ୍ତଙ୍କୁ ଦୋଷୀ ସାବ୍ୟସ୍ତ କରି ଏକ ହଜାର ଟଙ୍କା ଜରିମାନାରେ ଦଣ୍ଡିତ କରିଛନ୍ତି। ସରକାରଙ୍କ ପକ୍ଷରୁ ଏପିପି ଏସ. ବୈଦ୍ୟନାଥ ସିଂ ଏହି ମାମଲାର ପରିଚାଳନା କରିଥିବା ଭାରପ୍ରାପ୍ତ କ୍ୟାଡ଼ର ପବ୍ଲିକ ପ୍ରସିକ୍ୟୁଟର ରାଜେଶ କୁମାର ମିଶ୍ର ସୂଚନା ଦେଇଛନ୍ତି।

# ହାତୀ ଭୟରେ ରାତି ଅନିଦ୍ରା ସାହି ବାସିନ୍ଦା

ଜି.ଉଦୟଗିରି,୨୦।୧୧(ସମିସ): କନ୍ଧମାଳ ଜିଲ୍ଲା କଳିଙ୍ଗା-ଜି ଉଦୟଗିରି ରାସ୍ତାର ନନ୍ଦଗିରି ନିକଟରେ ବୁଧବାର ସନ୍ଧ୍ୟାରେ ମୁଖ୍ୟ ରାସ୍ତା ନିକଟକୁ ଏକ ଦନ୍ତା ହାତୀ ଚାଲିଆସିଥିଲା। ଏଥିରେ ଭୟଭୀତ ହୋଇ ପଡ଼ିଥିଲେ ଯାତ୍ରୀଙ୍କ ସହିତ ଅଞ୍ଚଳବାସୀ। କିଛି ସମୟରେ ପାଇଁ ଯାତାୟାତ ବାଧାପ୍ରାପ୍ତ ହୋଇଥିଲା। ଏହା ସହିତ ହାତୀ ପଦାସାହିରେ ସାରା ରାତି ଉପଦ୍ରବ କରି କାହାର ଘର ପିଲର ଭାଙ୍ଗିଥିବା ବେଳେ



କାହାର ପାଣି ଟାଙ୍କି ଦଳି ନଷ୍ଟ କରିଛି। ସକାଳେ ପାଜୀମାହା ଆଡେ ଯାଇଥିଲା ହାତୀ। ହାତୀ ଭୟରେ ସାହି ବାସିନ୍ଦା ସାରା ରାତି ଅନିଦ୍ରା ରହିଥିବା ବେଳେ ରାସ୍ତା ଉପରେ ଜଗି ବସିଥିଲେ। ବିଭାଗୀୟ କର୍ମଚାରୀ ହାତୀର ଗତିବିଧି ଉପରେ ନଜର ରଖିବା ସହିତ ଲୋକଙ୍କୁ ସତର୍କ କରିଛନ୍ତି। ବିଲରେ ପାଚିଲା ଧାନ ପଡି ରହିଥିବା ଯୋଗୁଁ ଏବେ ଏହା ନଷ୍ଟ ହେବା ଭୟ ଲାଗି ରହିଛି। ପୂର୍ବରୁ ହାତୀ ଉପଦ୍ରବରେ ଅଞ୍ଚଳବାସୀ ନାକେଦମ ହେବା ସହିତ ତିନି ଜଣଙ୍କ ଜୀବନ ଯାଇଥିଲା। ମାସ ମାସ ଧରି ଏହି ଉପଦ୍ରବ ଚାଲିବା ଫଳରେ ଜୀବନ ଜୀବିକା ପ୍ରଭାବିତ ହୋଇଥିଲା। ଲୋକେ ଜଙ୍ଗଲକୁ ଯିବାକୁ ଭୟ କରୁଥିବା ବେଳେ ସନ୍ଧ୍ୟା ହେଲେ ଘରୁ ବାହାରୁ ନ ଥିଲେ। ଏବେ ସେହିଭଳି ଭୟ ପୁଣି ଥରେ ଦେଖା ଦେଇଛି। ଅଚଳବାସୀଙ୍କ ପାଇଁ ଚିନ୍ତାର କାରଣ ପାଲଟିଛି।

# ମାସକର ଶିଶୁ ଅଣ୍ଟାରେ ବଢୁଛି ମାଂସ ପିଣ୍ଡୁଳା

## ଚିକିତ୍ସାରେ ଅର୍ଥ ବାଧକ; ଚିନ୍ତାରେ ପରିବାର

ଫିରିଙ୍ଗିଆ,୨୦।୧୧(ସମିସ): ମାସକର ଶିଶୁ ଅଣ୍ଟାରେ ଅସ୍ୱାଭାବିକ ଭାବରେ ବଢ଼ିବାରେ ଲାଗିଛି ଏକ ମାଂସ ପିଣ୍ଡୁଳା। ଅର୍ଥ ଅଭାବ ଶିଶୁର ଚିକିତ୍ସାରେ ବାଧା ସୃଷ୍ଟି କରିଛି। ଏଥିନେଇ ପରିବାର ଚିନ୍ତାରେ ରହିଛନ୍ତି। କନ୍ଧମାଳ ଜିଲ୍ଲା ଫୁଲବାଣୀ ସଦର ବ୍ଲକ ଅଧୀନରେ ଥିବା ଗଞ୍ଜୁଗୁଡା ପଞ୍ଚାୟତର କେଣ୍ଡ୍ରିଗୁଡା ଗାଁରେ ଏଭଳି ଏକ ଅଭାବନୀୟ ଦୃଶ୍ୟ ଦେଖିବାକୁ ମିଳିଛି। ଗାଁ ର ବିନୋଦ ଦିଗାଲଙ୍କ ଝିଅ ପଦ୍ମିନୀ



ଦିଗାଲ ମୟୁରଭଞ୍ଜ ଜିଲ୍ଲା ଝାସୀପୁରା ଅଞ୍ଚଳର ହୃଷୀକେଶ ବେହେରାଙ୍କୁ ବିବାହ କରିଥିଲେ। ବର୍ତ୍ତମାନ ହୃଷୀକେଶ ବ୍ରହ୍ମପୁରର ଏକ ଘରୋଇ କମ୍ପାନୀ ମଜୁରୀ କମ କରୁଛନ୍ତି। ବିବାହର ବର୍ଷେ ପରେ ଗତ ଅକ୍ଟୋବର ୧୭ ତାରିଖ ବ୍ରହ୍ମପୁରର ଏକ ଘରୋଇ ଡାକ୍ତରଖାନାରେ ପଦ୍ମିନୀ କନ୍ୟା ସନ୍ତାନକୁ ଜନ୍ମ ଦେଇଥିଲେ। କିନ୍ତୁ ଜନ୍ମ ହେବା ପରେ ଶିଶୁର ପଛ ପଟ ଅଣ୍ଟାରେ ଏକ ଛୋଟ ମାଂସ ପିଣ୍ଡୁଳା ଥିବା ଦେଖିବାକୁ ମିଳିଥିଲା। ପ୍ରସବ କରାଇଥିବା ଡାକ୍ତର ମାଂସ ପିଣ୍ଡୁଳା କିଛି ହେବ ନାହିଁ ବୋଲି କହିଥିଲେ। ବାପା ଘର କେଣ୍ଡ୍ରିଗୁଡାକୁ ପଦ୍ମିନୀ ତାଙ୍କ ସ୍ୱାମୀ ଚାଲି ଆସିଥିଲେ। କିନ୍ତୁ ଶିଶୁର ବୟସ ବଢିବା ସାଙ୍ଗକୁ ଅଣ୍ଟାରେ ମାଂସ ପିଣ୍ଡୁଳା ବଢ଼ି ଚାଲିଛି। ମାସେ ଭିତରେ ଶିଶୁର ପରିବାର ଲୋକେ କଟକ, ଭୁବନେଶ୍ୱର ଠାରୁ ଆରମ୍ଭ କରି ଅନେକ ଡାକ୍ତରଖାନା ଶିଶୁକୁ ନେଇ ଦେଖାଇ ସରିଲେଣି। ଏଥିରେ ଯାହା ସଞ୍ଚୟ ଥିଲା ସବୁ ସରିଲାଣି। କୁଲି ମଜୁରୀ କରି ପରିବାର ପ୍ରତି ପୋଷଣ କରୁଥିବା ପଦ୍ମିନୀ ଓ ତାଙ୍କ ସ୍ୱାମୀଙ୍କ ପକ୍ଷେ ଶିଶୁର ଚିକିତ୍ସା ପାଇଁ ଅର୍ଥ ଯୋଗାଡ଼ ସମ୍ଭବ ହୋଇପାରୁନାହିଁ। ଶିଶୁର ଚିକିତ୍ସା ପାଇଁ ସରକାରୀ ସହାୟତା ପାଇଁ ଗୁହାରି କରିଛନ୍ତି ମା ଓ ପରିବାର ଲୋକଙ୍କ ସହ କେଣ୍ଡ୍ରିଗୁଡା ଗ୍ରାମବାସୀ।

# ଚୋରକୁ ପାଞ୍ଚ ବର୍ଷ ଜେଲ୍

ପାରଳାଖେମୁଣ୍ଡି,୨୦।୧୧(ସମିସ): ଗଜପତି ଜିଲ୍ଲା ଆର୍.ଉଦୟଗିରି ଥାନାରେ ଅଭିଯୋଗ ହୋଇଥିବା ଏକ ଚୋରି ଘଟଣାର ଶୁଣାଣି କରି ବିଚାରପତି ଚୋରକୁ ପାଞ୍ଚ ବର୍ଷ ଜେଲ ଦଣ୍ଡରେ ଦଣ୍ଡିତ କରିଛନ୍ତି। ଚଳିତ ବର୍ଷ ଜୁନ୍ ୧୬ ଅପରାହ୍ନରେ ଆର.ଉଦୟଗିରି ଥାନା ଅନ୍ତର୍ଗତ ହାଟପଦାର କିଶୋର ପାଇକ ଜଣେ ମହିଳାଙ୍କ ଅନ୍ତିମ ସଂସ୍କାରରେ ଯୋଗ ଦେଇ ଘରକୁ ଫେରି ଘରୁ କେହି ସୁନା ଗହଣା, ମୋବାଇଲ, ତିନି ହଜାର ଟଙ୍କା ଚୋରି କରି ନେଇଥିବା ଦେଖିଥିଲେ। ଏନେଇ ଥାନାରେ ଅଭିଯୋଗ ପରେ ପୁଲିସ ସବୁ ଜିନିଷ ଉଦ୍ଧାର କରି ରୁବୁଡ଼ସିଂ ଗ୍ରାମର ଏବଲ ଭୂୟାଁଙ୍କୁ କୋର୍ଟ ଚାଲାଣ କରିଥିଲେ। ୯ଜଣ ସାକ୍ଷୀଙ୍କ ବୟାନ ତଥା ପ୍ରମାଣକୁ ଭିତ୍ତି କରି ଏହି ମାମଲାର ଶୁଣାଣି କରି ଆଜି ଜେଏମ୍ଏଫସି ତରୁଣ କୁମାର ସେଠୀ ଅଭିଯୁକ୍ତଙ୍କୁ ୫ ବର୍ଷ ଜେଲ୍ ସହ ୫ହଜାର ଟଙ୍କା ଜରିମାନା ପାଇଁ ରାୟ ଶୁଣାଇଛନ୍ତି। ଜରିମାନା ଅର୍ଥ ଅନାଦାୟ ଆଉ ଏକ ବର୍ଷ ଦୁଇ ଦଫାରେ ଅଲଗା ଅଲଗା ସଜା ଭୋଗ କରିବେ। ସରକାରଙ୍କ ପକ୍ଷରୁ ଏପିପି ହରିକୃଷ୍ଣ ପ୍ରଧାନ ଏହି ମାମଲାର ସଫଳ ପରିଚାଳନା କରିଥିବାର ଭାରପ୍ରାପ୍ତ କ୍ୟାଡ଼ର ପବ୍ଲିକ ପ୍ରସିକ୍ୟୁଟର ରାଜେଶ କୁମାର ମିଶ୍ର ସୂଚନା ଦେଇଛନ୍ତି। ସୂଚନାଯୋଗ୍ୟ, ଏହି ମାମଲାରେ ତ୍ୱରିତ ବିଚାର କରାଯାଇ ମାତ୍ର ପାଞ୍ଚ ମାସରେ ଦୋଷୀକୁ ଦଣ୍ଡିତ କରାଯାଇଛି।

# ‘ମୁଖ୍ୟମନ୍ତ୍ରୀ ବସ୍’ରେ ଛାତ୍ରଛାତ୍ରୀଙ୍କୁ ମାଗଣା ଯାତ୍ରା ସୁବିଧା କେବେ?

ଗୁମ୍ମା,୨୦।୧୧(ସମିସ): ତତ୍କାଳୀନ ସରକାର ସମୟରେ ଗ୍ରାମାଞ୍ଚଳ ଠାରୁ ସହରାଞ୍ଚଳକୁ ଯାତାୟାତର ସୁବିଧା ପାଇଁ ମୋ ବସ୍‌ଷ୍ଟାଣ୍ଡ ଏବଂ ଲକ୍ଷ୍ମୀ ବସ୍ ସେବା ଆରମ୍ଭ ହୋଇଥିଲା। କିନ୍ତୁ ସରକାର ପରିବର୍ତ୍ତନ ପରେ ଏହାର ନାମ ପରିବର୍ତ୍ତନ କରାଯାଇ ମୁଖ୍ୟମନ୍ତ୍ରୀ ବସ୍ ସେବା କରାଯାଇଛି। ଗତ ସେପ୍ଟେମ୍ବର ୧୭ରେ ମୁଖ୍ୟମନ୍ତ୍ରୀ ବସ୍ ସେବା ଯୋଜନାରେ ଛାତ୍ରଛାତ୍ରୀଙ୍କୁ ମାଗଣା ବସ୍ ସେବା ଯୋଗାଇ ଦେବାକୁ ଅଗଷ୍ଟ ୨୧ରେ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ନିଷ୍ପତ୍ତି ନିଆଯାଇଥିଲା। ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପକ୍ଷରୁ ସମସ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଓ ପରିବହନ ବିଭାଗକୁ ମଧ୍ୟ ଚିଠି ଲେଖାଯାଇଥିଲା। ସରକାରୀ ସ୍କୁଲରେ ପଢୁଥିବା ପ୍ରଥମରୁ



ଦ୍ୱାଦଶ ପର୍ଯ୍ୟନ୍ତ ସମସ୍ତ ଛାତ୍ରଛାତ୍ରୀ ସ୍କୁଲ ୟୁନିଫର୍ମ ପିନ୍ଧି ଆଇକାର୍ଡ ଦେଖାଇଲେ ବସ ଭଡ଼ା ଦେବାକୁ ପଡ଼ିବ ନାହିଁ ବୋଲି ଉଲ୍ଲେଖ ରହିଛି। କିନ୍ତୁ ଘୋଷଣାର ୩ ମାସ ପରେ ବି ଗ୍ରାମାଞ୍ଚଳର ସରକାରୀ ବିଦ୍ୟାଳୟରେ ପାଠ ପଢୁଥିବା ଛାତ୍ରଛାତ୍ରୀଙ୍କୁ ଏହି ସୁବିଧା ପ୍ରଦାନ କରାଯାଉ ନଥିବା ଯୋଗୁ ଅଭିଭାବକ ମହଲରେ କ୍ଷୋଭ ପ୍ରକାଶ ପାଇଛି। ଗଜପତି ଜିଲ୍ଲା ଗୁମ୍ମା ବ୍ଲକର ଆଦର୍ଶ ବିଦ୍ୟାଳୟ ଓ ବଙ୍ଗତଲଡ଼ା ନୋଡାଲ ବିଦ୍ୟାଳୟରୁ ଶତାଧିକ ଛାତ୍ରଛାତ୍ରୀ ମୁଖ୍ୟମନ୍ତ୍ରୀ ବସ୍‌ରେ ୫ଟଙ୍କା ଦେଇ ଯାତାୟତ କରୁଥିବା କହିଛନ୍ତି। ଏନେଇ ଓଡ଼ିଶା ରାଜ୍ୟ ସଡ଼କ ପରିବହନ ନିଗମ ଜିଲ୍ଲା ପରିଚାଳକ ତନ୍ମୟ କୁମାର ପ୍ରଧାନ ମାଗଣା ବସ୍ ସେବା ବାବଦରେ କୌଣସି ଚିଠି ଆସିନାହିଁ। ଚିଠି ହେଲେ ତୁରନ୍ତ କାର୍ଯ୍ୟକାରୀ କରାଯିବ ବୋଲି କହିଛନ୍ତି।

# କାଶୀନଗରରେ ସତ୍ୟସାଇ ବାବାଙ୍କ ଶୋଭାଯାତ୍ରା

କାଶୀନଗର, ୨୦।୧୧ (ସମିସ): ଗଜପତି ଜିଲ୍ଲା କାଶୀନଗରରେ ଶ୍ରୀ ସତ୍ୟ ସାଇ ସେବା ସମିତି ପକ୍ଷରୁ ଗୁରୁବାର ସନ୍ଧ୍ୟାରେ ସାଇବାବାଙ୍କ ଏକ ରଥକୁ ନେଇ ଶୋଭା ଯାତ୍ରା କରାଯାଇଥିଲେ। ଶୋଭାଯାତ୍ରା କାଶୀନଗର ମାର୍କେଟ ନିକଟସ୍ଥ ସାଇ ବାବାଙ୍କ ମନ୍ଦିର ଠାରୁ ବାହାରି ସହାର ପରିକ୍ରମା କରିଥିଲା। ଏଥିରେ ବହୁ ଶ୍ରଦ୍ଧାଳୁ ଓ ଛୋଟ ଛୋଟ ପିଲା ସାମିଲ ହୋଇଥିଲେ। ସାରା ବିଶ୍ୱରେ ଶାନ୍ତି ଏବଂ ସ୍ନେହ ଶ୍ରଦ୍ଧାରେ ରହିବା ସହ ଏକ ସୁନ୍ଦର ଭାଇଚାରା ସୃଷ୍ଟି କରିବା ମୁଖ୍ୟ ଉଦ୍ଦେଶ୍ୟ ବୋଲି ମତ କୁହାଯାଇଛି। ଏହି କାର୍ଯ୍ୟକ୍ରମ ଆଗାମୀ ୨୩ତାରିଖ ପର୍ଯ୍ୟନ୍ତ ଚାଲୁ ରହିବ ବୋଲି କମିଟି ପକ୍ଷରୁ ସୂଚନା ଦେଇଛନ୍ତି। କାର୍ଯ୍ୟକ୍ରମରେ କମିଟି ସଦସ୍ୟ ପି. ନରସିଂହ ମୂର୍ତ୍ତି, ଭି. ରମେଶ, ବି. ଶଙ୍କର ରାଓ, ଏ. ମୁରଲୀ, କେ.ସାଇ, ପି. ରାମ ପ୍ରସାଦ, ଏସ. ବଂଶୀ, ଆର. ସରଳା କୁମାରୀ, ଟି. ସୁଧା ରାଣୀ ଓ ଏ. ଭାଗ୍ୟା ସହଯୋଗ କରିଥିଲେ।



# ପରିବା ଚାଷ କରି ବନବାସ ସ୍ୱାବଲମ୍ବୀ

ଜି.ଉଦୟଗିରି,୨୦।୧୧(ସମିସ):

ନିଜ ଜୀବନକୁ କୃଷି କାର୍ଯ୍ୟରେ ନିୟୋଜିତ କରି ସ୍ୱାଧୀନ ଭାବେ ଜୀବନଯାପନ ସହ ପରିବାର ପ୍ରତିପୋଷଣ କରୁଛନ୍ତି ବନବାସ ପ୍ରଧାନ। ଜୀବନରେ ୧୦ବର୍ଷ କୃଷି କାର୍ଯ୍ୟରେ ମନଯୋଗ ଦେଇ ଯେତିକି ଖୁସି ପାଇଛନ୍ତି ତାହା ପୂର୍ବରୁ ଏତେ ଖୁସି ପାଇନଥିବା କହିଛନ୍ତି ବନବାସ । ଏହା ପୂର୍ବରୁ ରାଜ୍ୟ ବାହାରେ ଦାଦନ ଖଟି ପରିବାର ପୋଷଣ କରିଥିଲେ। କିନ୍ତୁ ତାହା ତାଙ୍କୁ ସନ୍ତୋଷ ଦେଇ ନଥିଲା। ବର୍ତ୍ତମାନ କୃଷି କାର୍ଯ୍ୟ କରି ସେ ବେଶ ସନ୍ତୋଷ ଅନୁଭବ କରୁଛନ୍ତି ବୋଲି କହିଛନ୍ତି। ସେ ବିନ୍ସ, ଆଳୁ, ଗ୍ରୀନ ମଟର, ସୁଇଟ କର୍ଣ୍ଣ, ଅମୃତଭଣ୍ଡା, ବାଇଗଣ, ଗାଜର, ଅଦା, ଟମାଟୋ, ଲଙ୍କା, ଝୁଲଣ, ଭେଣ୍ଡି, ଫୁଲ କୋବି, ପତ୍ରକୋବି, କଖାରୁ



ଆଦି ପରିବା ଜୈବିକ ପଦ୍ଧତିରେ ଚାଷ କରି ସ୍ଥାନୀୟ ରଟିଙ୍ଗିଆ ଓ ଘୁ.ଉଦୟଗିରି ବଜାରରେ ବିକ୍ରି କରୁଛନ୍ତି। ଅଧିକାଂଶ ସମୟରେ ଲୋକମାନେ ତାଙ୍କ ବଗିଚାକୁ ଆସି ସତେଜ ପନିପରିବା କ୍ରୟ କରି ନେଉଛନ୍ତି। ସେ ଯୁବ ପିଢ଼ିଙ୍କ ପାଇଁ ଉଦାହରଣ ସାଜିଛନ୍ତି। ଯୁବ ପିଢ଼ି ବାହାର ରାଜ୍ୟକୁ କାମ କରିବାକୁ ଯିବା ପରିବର୍ତ୍ତେ ନିଜ ଗାଁରେ ନିଷ୍ଠାର ସହ କାମ କଲେ ବିଭିନ୍ନ ଚାଷ କରି ନିଜକୁ ସ୍ୱାବଲମ୍ବୀ କରିପାରିବେ ବୋଲି ସେ କହିଛନ୍ତି। ଧୌର୍ଯ୍ୟହରା ନ ହୋଇ କାର୍ଯ୍ୟରେ ମନ ଦେଲେ ସମସ୍ତ କାର୍ଯ୍ୟରେ ସୁଫଳ ମିଳେ ବୋଲି ମତ ପ୍ରକାଶ କରିଛନ୍ତି। ସରକାରଙ୍କ ମୁଖ୍ୟମନ୍ତ୍ରୀ ଜନଜାତି ଜୀବିକା ମିଶନ ଯୋଜନାରେ ଚଳିତ ବର୍ଷ ତାଙ୍କୁ ଏକ ୱିଡର୍ ଏବଂ ବିହନ ଯୋଗାଇ ଦେଇଥିବାରୁ ସେ ସନ୍ତୋଷ ପ୍ରକାଶ କରିବା ସହିତ ଅଧିକ ଉପକୃତ ହୋଇଥିବା କହିଛନ୍ତି। ଗ୍ରୀଷ୍ମ ଋତୁରେ ପାଣିର ସମସ୍ୟା ରହୁଥିବାରୁ ସେ ଆଠ ଶହ ମିଟର ଦୂରରୁ ପାଣି ଆଣି ଚାଷ ଜମିରେ ବ୍ୟବହାର କରୁଛନ୍ତି। ସରକାରଙ୍କ ପକ୍ଷରୁ ଏକ ବୋରୱେଲ ସହ ଡ୍ରିପ ପଦ୍ଧତି ବ୍ୟବସ୍ଥା କଲେ ଅଧିକ ଉପକୃତ ହେବେ ବୋଲି କହିଛନ୍ତି।

## ଜିଲ୍ଲାସ୍ତରୀୟ ‘ସର୍‌ଗି ଫୁଲ୍’ କାର୍ଯ୍ୟକ୍ରମ

# ହରିଶ୍ଚନ୍ଦ୍ରପୁର ବିଦ୍ୟାଳୟ ଛାତ୍ରୀ ପ୍ରଥମ

ଗୋଷାଣି,୨୦।୧୧(ସମିସ): ଗଜପତି ଜିଲ୍ଲା ସଦରମହକୁମା ପାରଳାଖେମୁଣ୍ଡି ସ୍ଥିତ ହାତିବାଡି ସ୍ଥିତ ମାଇନରିଟି ହଷ୍ଟେଲ ପଡିଆରେ ଦୁଇଦିନିଆ ଜିଲ୍ଲାସ୍ତରୀୟ ସର୍‌ଗି ଫୁଲ କାର୍ଯ୍ୟକ୍ରମରେ ନୃତ୍ୟରେ ଗୋଷାଣି ବ୍ଲକ ସୋବରା ପଞ୍ଚାୟତ ଅନ୍ତର୍ଗତ ହରିଶ୍ଚନ୍ଦ୍ରପୁରସ୍ଥିତ ଆବାସିକ ବିଦ୍ୟାଳୟର ଛାତ୍ରୀ ପ୍ରଥମ ସ୍ଥାନ ଅଧିକାର କରି ରାଜ୍ୟସ୍ତରକୁ ମନୋନୀତ ହୋଇଛନ୍ତି। ଏନେଇ ତାଙ୍କୁ ପାରଳାଖେମୁଣ୍ଡି ବିଧାୟକ ଇଂ.ରୂପେଶ କୁମାର ପାଣିଗ୍ରାହୀ, ଜିଲ୍ଲାପରିଷଦ ଅଧ୍ୟକ୍ଷ ଜି. ତିରୁପତି ରାଓ, ଗୋଷାଣି ବ୍ଲକ ଅଧ୍ୟକ୍ଷ ଏନ୍.




ବୀରରାଜୁ, ଜିଲ୍ଲା ମଙ୍ଗଳ ଅଧିକାରୀ ସଲମନ ରାଇକା, ଗୋଷାଣି ବିଡିଓ ଗୌରଚନ୍ଦ୍ର ପଟ୍ଟନାୟକ, ବିଇଓ ସୀତାରାମ ପାତ୍ରଙ୍କ ସହ ସୋବରା ପଞ୍ଚାୟତର ସରପଞ୍ଚ ଚାଣ୍ୟକ, ପୂର୍ବତନ ସରପଞ୍ଚ ପି. ନାଗେଶ୍ୱର ରାଓ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଭୋଳାନାଥ ଜେନା ଓ ନୃତ୍ୟ ଶିକ୍ଷୟିତ୍ରୀ ମାଝି ଦେବୀ ଏବଂ କୃତୀତ୍ୱ ହାସଲ କରିଥିବା ଛାତ୍ରୀଙ୍କୁ ପ୍ରଶଂସା କରିଛନ୍ତି।

# ବରିଷ୍ଠ ବିଜେପି ନେତାଙ୍କ ପରଲୋକ

କାଶୀନଗର,୨୦।୧୧(ସମିସ): କାଶୀନଗର ବ୍ଲକ ରାଜପୁର ଗ୍ରାମର ବରିଷ୍ଠ ବିଜେପି ନେତା ନେଟିମି ଭାସ୍କର ରାଓଙ୍କ ଗୁରୁବାର ବିଶାଖାପାଟଣାର ଏକ ଘରୋଇ ହସ୍ପିଟାଲରେ ପରଲୋକ ଘଟିଛି। ସେ ବିଶାଖାପାଟଣା ସହରରେ ଜଣେ ଜଣାଶୁଣା ବ୍ୟବସାୟୀ। ସେ ଦୁଇବର୍ଷ ହେଲା ମସ୍ତିଷ୍କ ଓ ହୃଦ୍‌ରୋଗରେ ପୀଡ଼ିତ



ଥାଇ କୋମାରେ ଥିଲେ। ମୃତ୍ୟୁ ପରେ ଶେଷକୃତ୍ୟ ପାଇଁ ମୃତଦେହ ରାଜପୁର ଗ୍ରାମକୁ ଅଣାଯାଇଥିଲା। ମୃତ୍ୟୁ ବେଳେ ତାଙ୍କ ଧର୍ମପତ୍ନୀ, ଦୁଇ ପୁଅ ଓ ତାଙ୍କ ପୁତୁରା ବିଜେପି ନେତା ଏନ. ଅନିଲ କୁମାର ପାଖରେ ରହିଥିଲେ। ତାଙ୍କ ଶେଷ ଦର୍ଶନ କାଶୀନଗର ଏନ୍ଏସି ଅଧ୍ୟକ୍ଷା ଏମ. ସୁଧାରାଣୀ, ବ୍ଲକ ସାଂସଦ ପ୍ରତିନିଧି ଆର. ସତୀଶ କୁମାର, ସ୍ଥାନୀୟ ବିଜେପି ନେତା ଡି. ରାଜେଶ, ଏଲ୍. ଚନ୍ଦ୍ରରାଓ, ଡି. ରମେଶ, ଏମ. ପ୍ରବୀଣ କୁମାର, କେ. ବିଜୟ କୁମାର ଓ ବହୁ ବିଜେପି ନେତା କର୍ମୀ କରିଥିଲେ।

## ଜଗନ୍ନାଥ ମନ୍ଦିରରେ ଦେବ ଦୀପାବଳି



ଖଲ୍ଲିକୋଟ, ୨୦।୧୧(ସମିସ): ସ୍ଥାନୀୟ ଶ୍ରୀ ଜଗନ୍ନାଥ ମନ୍ଦିରରେ ମାର୍ଗଶିର ମାସ ଅମାବାସ୍ୟା ତିଥିରେ ଦେବ ଦୀପାବଳି ଉତ୍ସବ ପାଳିତ ହୋଇଯାଇଛି। ଏହି ଉପଲକ୍ଷେ ସନ୍ଧ୍ୟାରେ ମନ୍ଦିର ପରିସରରେ ୧୦୦୮ ଦୀପ ପ୍ରଜ୍ୱଳନ କରାଯାଇଛି। ମନ୍ଦିରର ସିଂହଦ୍ୱାର, ବାଇଶି ପାହାଚ, ଚନ୍ଦନ ଅର୍ଗଳୀ, ଲକ୍ଷ୍ମୀ ମନ୍ଦିର ସବୁଠାରେ ଦୀପ ପ୍ରଜ୍ୱଳିତ ହୋଇଛି। ବାଣ ମଧ ଫୁଟା ଯାଇଛି। ଶ୍ରୀଜୀଉ ମାନେ ଶ୍ରାଦ୍ଧ ବେଶରେ ଭକ୍ତ ମାନଙ୍କୁ ଦର୍ଶନ ଦେଇଛନ୍ତି। ମାର୍ଗଶିର ଅମାବାସ୍ୟା ତିଥିରେ ମହାପ୍ରଭୁ ତାଙ୍କ ପୂର୍ବଜ ଅଦିତି -କଶ୍ୟପ, ଦଶରଥ -କୌଶଲ୍ୟା, ନନ୍ଦ -ଯଶୋଦା, ଦେବକୀ -ବାସୁଦେବଙ୍କୁ ଶ୍ରାଦ୍ଧ ଦେଇଥାନ୍ତି। ଏହି ଦୁର୍ଲଭ ଦୃଶ୍ୟକୁ ଦେଖିବା ପାଇଁ ମନ୍ଦିରରେ ଭକ୍ତଙ୍କ ଭିଡ଼ ଜମିଥିଲା।

# ନିର୍ମାଣ ପରଠୁ କାର୍ଯ୍ୟକାରୀ ହେଉନି ଛାତ୍ରୀ ନିବାସ

ଟିକାବାଲି, ୨୦।୧୧(ସମିସ)




- ନଷ୍ଟ ହେଉଛି ଲକ୍ଷାଧିକ ଟଙ୍କାର ସମ୍ପତ୍ତି
- ବିଭିନ୍ନ ବିଭାଗ ମଧ୍ୟରେ ସମନ୍ୱୟର ଅଭାବ

ସରକାର ଆଦିବାସୀ ଅଧ୍ୟୁଷିତ ଅଞ୍ଚଳରେ ଶିକ୍ଷାର ବିକାଶ ପାଇଁ କୋଟି କୋଟି ଟଙ୍କା ଖର୍ଚ୍ଚ କରୁଥିବା କହୁଛନ୍ତି। କିନ୍ତୁ ବାସ୍ତବ ଚିତ୍ର କିଛି ଅଲଗା। ଏହାର ଏକ ଜ୍ୱଳନ୍ତ ଉଦାହରଣ ଦେଖିବାକୁ ମିଳିଛି କନ୍ଧମାଳ ଜିଲ୍ଲା ଟିକାବାଲି ବ୍ଲକ ଅନ୍ତର୍ଗତ ଏଏମ୍‌ସିଏସ୍ ମହାବିଦ୍ୟାଳୟ କ୍ଷେତ୍ରରେ। ୧୨ ବର୍ଷ ପୂର୍ବେ ୨୦୧୨ ମସିହାରେ ନିର୍ମାଣ ହୋଇଥିବା ୫୦ ଶଯ୍ୟା ବିଶିଷ୍ଟ ଏକ ଛାତ୍ରୀ ନିବାସ ଆଜି ପର୍ଯ୍ୟନ୍ତ କାର୍ଯ୍ୟକ୍ଷମ ହୋଇପାରି ନାହିଁ। ଯାହା ଫଳରେ ଏହା ଏବେ ଭୂତକୋଠିରେ ପରିଣତ ହେବାକୁ ବସିଛି। ୨୦୧୨ ମସିହାରେ କନ୍ଧମାଳ ଜିଲ୍ଲା ଆଦିବାସୀ ଉନ୍ନୟନ ପରିଷଦ (ଆଇଟିଡ଼ିଏ) ପାଣ୍ଠିରୁ ଲକ୍ଷାଧିକ ଟଙ୍କା ବ୍ୟୟରେ ଛାତ୍ରୀ ନିବାସ ନିର୍ମାଣ କରାଯାଇଥିଲା। ଆଦିବାସୀ ବହୁଳ ଅଞ୍ଚଳର ଗରିବ ଏବଂ ଦୂରଦୂରାନ୍ତରୁ ଆସୁଥିବା ଜନଜାତି ଶ୍ରେଣୀର ଛାତ୍ରୀ ଏଠାରେ ରହି ସୁବିଧାରେ ପାଠ ପଢ଼ିପାରିବେ ଲକ୍ଷ୍ୟ ରହିଥିଲା। କିନ୍ତୁ ବିଡମ୍ବନାର ବିଷୟ, ନିର୍ମାଣ କାର୍ଯ୍ୟ ଶେଷ ହେବାର ଦୀର୍ଘ ସମୟ ବିତିଯାଇଥିଲେ ମଧ ଛାତ୍ରୀ ନିବାସ ଆରମ୍ଭ ହୋଇନାହିଁ। ରକ୍ଷଣାବେକ୍ଷଣ ଅଭାବରୁ କୋଠା ଜରାଜୀର୍ଣ୍ଣ ହୋଇପଡ଼ିଥିବା ବେଳେ ଚାରିପାଖରେ ଜଙ୍ଗଲ ସୃଷ୍ଟି ହେଲାଣି।ଏ ସମ୍ପର୍କରେ ମହାବିଦ୍ୟାଳୟ କର୍ତ୍ତୃପକ୍ଷଙ୍କୁ ପଚାରିବାରୁ ସେମାନେ ସରକାରୀ ଉଦାସୀନତାକୁ ଦାୟୀ କରିଛନ୍ତି। କର୍ତ୍ତୃପକ୍ଷଙ୍କ ସୂଚନା ଅନୁଯାୟୀ, କେବଳ କୋଠା ନିର୍ମାଣ ହୋଇଯାଇଛି, କିନ୍ତୁ ଛାତ୍ରୀମାନଙ୍କ ରହିବା ପାଇଁ ଆବଶ୍ୟକ ଆସବାବପତ୍ର, ଖଟ ଏବଂ ରୋଷେଇ ସାମଗ୍ରୀ ପାଇଁ କୌଣସି ବ୍ୟବସ୍ଥା କରାଯାଇନାହିଁ। ହଷ୍ଟେଲ ପରିଚାଳନା ପାଇଁ ନିହାତି ଆବଶ୍ୟକ ଥିବା ମେଟ୍ରୋନ୍, ୱାର୍ଡେନ୍, ରୋଷେୟା କିମ୍ବା ଅନ୍ୟ କୌଣସି ସହାୟକ କର୍ମଚାରୀ ନିଯୁକ୍ତି ପାଇଁ ସରକାର ଆଜି ପର୍ଯ୍ୟନ୍ତ ଅନୁମତି ପ୍ରଦାନ କରିନାହାନ୍ତି। ସରକାର ଏବଂ ବିଭାଗୀୟ ଅଧିକାରୀଙ୍କ ମଧ୍ୟରେ ସମନ୍ୱୟ ଅଭାବରୁ ଏକ ମହତ୍ ଉଦ୍ଦେଶ୍ୟରେ ନିର୍ମିତ ପ୍ରକଳ୍ପ ଆଜି ବାଟବଣା ହୋଇଛି। ବର୍ତ୍ତମାନ ସ୍ନାତକୋତ୍ତର ପାଠ ପାଇଁ ମହାବିଦ୍ୟାଳୟ ଯୋଗ୍ୟ ବିବେଚିତ ହୋଇ ଅନୁମତି ପାଇଥିବାରୁ ବର୍ତ୍ତମାନ ଉଦ୍ଭିଦବିଜ୍ଞାନ, ରସାୟନବିଜ୍ଞାନ, ଇତିହାସ, ଭୂଗୋଳ ଇତ୍ୟାଦି ୫ଟି ବିଷୟରେ ପାଠ ପଢ଼ିବା ପାଇଁ ବହୁ ଦୂରଦୁରାନ୍ତରୁ ଆସୁଥିବାରୁ ଛାତ୍ରୀମାନେ ରହିବା ସୁବିଧା ନପାଇ ହନ୍ତସନ୍ତ ହେଉଛନ୍ତି। ଅନ୍ୟପଟେ ସରକାରୀ ଅର୍ଥରେ ନିର୍ମିତ କୋଠା ନଷ୍ଟ ହେଉଛି। ତୁରନ୍ତ ଜିଲ୍ଲା ପ୍ରଶାସନ ଏଥିପ୍ରତି ଦୃଷ୍ଟି ଦେଇ ଆବଶ୍ୟକ ଭିତ୍ତିଭୂମି ଯୋଗାଇବା ସହ କର୍ମଚାରୀ ନିଯୁକ୍ତି କରି ଛାତ୍ରୀନିବାସକୁ କାର୍ଯ୍ୟକ୍ଷମ କରିବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

## ନଦୀରେ ବୁଡ଼ି ଦୃଷ୍ଟିହୀନ ଯୁବକ ମୃତ

ସାନଖେମୁଣ୍ଡି, ୨୦।୧୧(ସମିସ): ପାଟପୁର ଥାନା ଅନ୍ତର୍ଗତ ଏରେଣ୍ଡ୍ରା ଗ୍ରାମରେ ଘୋଡ଼ାହାଡ଼ ନଦୀରେ ବୁଡି ଜଣେ ଦୃଷ୍ଟିହୀନଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଏରେଣ୍ଡ୍ରା ଗ୍ରାମର ଉଜ୍ୱଳ ବରାଡ଼। ସୂଚନା ମୁତାବକ ସକାଳ ୮ ଘଣ୍ଟା ସମୟେ ଉଜ୍ୱଳ ନଦୀକୁ ଗାଧୋଇବାକୁ ଯାଇଥିବା ବେଳେ ଅସାବଧାନତା ହେତୁ ନଦୀ ଭିତରେ ଗଣ୍ଡରେ ପଶିଯିବାରୁ ବୁଡି ଯାଇଥିଲେ। ଗ୍ରାମବାସୀଙ୍କ ସହାୟତାରେ ତାଙ୍କୁ ଉଦ୍ଧାର କରାଯାଇଥିବା ଆମ୍ବୁଲାନ୍ସ ଯୋଗେ ଆଡ଼ପଡ଼ା ମେଡ଼ିକାଲରେ ଭର୍ତ୍ତି କରାଯାଇଥିବେ ଡାକ୍ତର ତାଙ୍କୁ ମୃତ୍ୟୁ ଘୋଷଣା କରିଛନ୍ତି। ଘଟଣାସ୍ଥଳରେ ଖଳିଙ୍ଗୀ ରାଜସ୍ୱ ନୀରିକ୍ଷକ ଏବଂ ପାଟପୁର ପୁଲିସ ପହଞ୍ଚି ତଦନ୍ତ ଆରମ୍ଭ କରିବା ସହ ଶବ ବ୍ୟବଚ୍ଛେଦ ନିମନ୍ତେ ବ୍ରହ୍ମପୁର ବଡ ଡାକ୍ତରଖାନାକୁ ପଠାଇଛନ୍ତି।

## ସାଂସଦ କ୍ରୀଡ଼ା ମହୋତ୍ସବ ପ୍ରସ୍ତୁତି

ଧରାକୋଟ, ୨୦।୧୧(ସମିସ): ଧରାକୋଟ ବ୍ଲକ ବୈଠକ ଗୃହରେ ବିଡିଓ ସଂଗ୍ରାମ କେଶରୀ ଜେନାଙ୍କ ସଭାପତିତ୍ୱରେ ସାଂସଦ କ୍ରୀଡା ମହୋତ୍ସବ ପାଇଁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଏବିଡିଓ ସୁଶିଲ ପଟନାୟକ ଏହି କ୍ରୀଡାର ଆୟୋଜନ ସମ୍ପର୍କରେ ତଥ୍ୟ ଉପସ୍ଥାପନ କରିଥିଲେ। ଆସନ୍ତା ୨୫ ତାରିଖ ଠାରୁ ଧରାକୋଟ ମିନି ଷ୍ଟାଡିୟମରେ ଏହି ମହୋତ୍ସବ ଚାଲିବ। ଏଥିରେ ୧୨ ବର୍ଷରୁ ୧୬ ବର୍ଷ ଏବଂ ୧୭ ବର୍ଷରୁ ୨୪ ବର୍ଷର ଯୁବକ ମାନେ ଅଂଶଗ୍ରହଣ କରିବେ। ଏଥିପାଇଁ ଅନଲାଇନ ଓ ଅଫଲାଇନରେ ଆବେଦନ ପ୍ରକ୍ରିୟା ଆରମ୍ଭ ହୋଇଛି। ବୈଠକରେ କ୍ରୀଡା ଶିକ୍ଷକ ପାଣ୍ଡବ ସ୍ୱାଇଁ, ଭାଗିରଥି ବେହେରା, ମଙ୍ଗୁଲୁ ଜେନା, ଅନିଲ ନାୟକ, ବିଶ୍ୱ ଜୀବନ ସାହୁ, ହର୍ଷ ବିଷୋୟୀ, ଶିବରାମ ପାଣିଗ୍ରାହୀ, ସଞ୍ଜୟ ଏକ୍କା, ହରିଶଙ୍କର ପତିଙ୍କ ସମେତ ସଂଖ୍ୟାଧିକ ପ୍ରଧାନ ଶିକ୍ଷକ ଉପସ୍ଥିତ ରହିଥିଲେ। ସାମାଜିକ ସୁରକ୍ଷା ବିଭାଗର ବାବୁ ବେହେରା ଓ ଦୀପକ ବେହେରା ଏହାର ପରିଚାଳନା କରିଥିଲେ।

- ଡୁରା ଓ ପଥରା ଦଳିତସାହି ମଧ୍ୟରେ ଛକାପଞ୍ଝା

## ଟେଁକାପଥର ମାଡ଼ରେ ୪ ଆହତ

ବ୍ରହ୍ମପୁର, ୨୦।୧୧(ସମିସ): ଗୋପାଳପୁର ଥାନା ଅନ୍ତର୍ଗତ ଡୁରା ପଞ୍ଚାୟତ ଅନ୍ତର୍ଗତ ଡୁରା ଓ ପଥରା ଗ୍ରାମର ଦଳିତସାହି ମଧ୍ୟରେ ଦୀର୍ଘବର୍ଷ ଧରି ଲାଗିରହିଥିବା କନ୍ଦଳ ଆଜି ଉଗ୍ରରୂପ ନେଇଛି। ଦୁଇ ସାହି ମଧ୍ୟରେ ଟେଁକାପଥର ମାଡ଼ରେ ଉଭୟ ସାହିର ୪ ଜଣ ଆହତ ହୋଇଥିବା ବେଳେ ୨ ଜଣ ଗୁରୁତର ହୋଇ ବ୍ରହ୍ମପୁର ବଡ ମେଡିକାଲରେ ଚିକିତ୍ସିତ ଥିବା ଜଣାପଡ଼ିଛି। ଆଜି କୌଣସି କାରଣକୁ ନେଇ ପଥରା ଦଳିତ ସାହିର କିଛି ଯୁବକ ଓ ଡୁରା ଦଳିତ ସାହିର କିଛି ଯୁବକଙ୍କ ମଧ୍ୟରେ ବଚସା ହେବା ସହ ଗଣ୍ଡଗୋଳ ହୋଇଥିଲା। ଏହାକୁ ନେଇ ଆଜି ଅପରାହ୍ନରେ ଡୁରା ଦଳିତସାହିର କିଛି ଯୁବକ ପଥରା ଛକ ଦେଇ ଯାଉଥିବା ବେଳେ ପଥରା ଦଳିତ ସାହିର କିଛି ଯୁବକ ସେମାନଙ୍କୁ ମାଡ ମାରିଥିଲେ। ଯାହାକୁ ନେଇ ଉଭୟ ଗ୍ରାମ ପକ୍ଷରୁ ଡୁରା ଛକରେ କିଛି ସମୟ ପାଇଁ ଟେଁକାପଥର ମାଡ଼ ସହ ଠେଙ୍ଗାରେ ଆକ୍ରମଣ ହୋଇଥିଲା। ଏଥିରେ ଉଭୟ ଗ୍ରାମର ୪ ଜଣ ଆହାତ ହୋଇଥିବା ବେଳେ ୨ ଜଣ ଗୁରୁତର ହୋଇ ମେଡିକାଲରେ ଚିକିତ୍ସାଧିନ ଅଛନ୍ତି। ଖବର ପାଇ ଗୋପାଳପୁର ଥାନା ଅଧିକାରୀ ପ୍ରଶାନ୍ତ କୁମାର ମଲ୍ଲିକଙ୍କ ସମେତ ସମସ୍ତ ଅଧିକାରୀ ଓ ପୁଲିସ ଫୋର୍ସ ଗ୍ରାମରେ ପହଞ୍ଚି ସ୍ଥିତି ନିୟନ୍ତ୍ରଣ କରିବା ସହ ବୁଝାସୁଝା କରିଥିଲେ। ଗ୍ରାମରେ ପୁଲିସ ମୁତୟନ ହୋଇଥିବା ଥାନା ଅଧିକାରୀ ସୂଚନା ଦେଇଛନ୍ତି।

## ଅସଦାଚରଣ ମାମଲାରେ ଜଣେ ଗିରଫ

ବ୍ରହ୍ମପୁର, ୨୦।୧୧(ସମିସ): ଏକ ଅସଦାଚରଣ ମାମଲାରେ ଟାଉନ୍ ଥାନା ପୁଲିସ ଜଣେ ଯୁବକକୁ ଗିରଫ କରି କୋର୍ଟଚାଲାଣ କରିଛି। ଗିରଫ ଯୁବକ ହେଲେ ଶଙ୍କର ବେହେରା ଓରଫ ଗାଜି (୨୨)। ଟାଉନ ଥାନା ଅଞ୍ଚଳର ଜନୈକା ଯୁବତୀଙ୍କ ସହ ଶଙ୍କରର ବନ୍ଧୁତା ଥିଲା। କିଛିଦିନର ବନ୍ଧୁତା ପରେ ଶଙ୍କର ଯୁବତୀଙ୍କ ସହ ଶାରୀରିକ ସମ୍ପର୍କ ରଖିବା ନେଇ ପ୍ରସ୍ତାବ ଦେଇଥିଲା। ପରେ ତାଙ୍କ ମା'ଙ୍କ ସହ ମଧ ଶଙ୍କର ଶାରୀରିକ ସମ୍ପର୍କ ରଖିବା ଉଦ୍ଦେଶ୍ୟରେ ଗତ ୧୭ତାରିଖ ରାତିରେ ଉଭୟ ମା ଓ ଝିଅଙ୍କୁ ଟଣାଓଟରା କରିଥିଲା। ଶାରିରୀକ ସମ୍ପର୍କ ନରଖିଲେ ଯୁବତୀଙ୍କୁ ଶଙ୍କର ବିଭିନ୍ନ ପ୍ରକାର ଧମକ ଦେଇ ଆସୁଥିବାରୁ ଯୁବତୀ ଜଣକ ଭୟରେ ବାଧହୋଇ ଶଙ୍କର ସହିତ କଥା ହେଉଥିଲେ। ଏହାର ସୁଯୋଗ ନେଇ ଶଙ୍କର ଯୁବତୀଙ୍କ ଅଶ୍ଳୀଳ ଫଟୋ ନିଜ ମୋବାଇଲରେ ରଖିଥିଲେ। ଶାରୀରିକ ସମ୍ପର୍କ ନରଖିଲେ ଉକ୍ତ ଫଟୋକୁ ଭାଇରାଲ୍ କରିଦେବକୁ କହି ବ୍ଲାକ୍‌ମେଲିଂ କରି ଆସୁଥିଲା। ବାରମ୍ବାର ଧମକଚମକ ପରେ ଘଟଣାକୁ ନେଇ ଥାନାରେ ଅଭିଯୋଗ କରିଥିଲେ।

## ପୋଲସରାରେ ମନ୍ତ୍ରୀଙ୍କ ମାରାଥନ କାର୍ଯ୍ୟକ୍ରମ



ପୋଲସରା, ୨୦।୧୧(ସମିସ): ପୋଲସରା ବ୍ଲକର ବିଭିନ୍ନ ପଞ୍ଚାୟତରେ ଗୁରୁବାର ମତ୍ସ୍ୟ ଓ ପ୍ରାଣିସମ୍ପଦ ମନ୍ତ୍ରୀ ଗୋକୁଳାନନ୍ଦ ମଲ୍ଲିକଙ୍କ ଦ୍ୱାରା ବିଭିନ୍ନ ପ୍ରକଳ୍ପର ଉଦଘାଟନ ଓ ଭିତ୍ତିପ୍ରସ୍ତର ସ୍ଥାପନ ହୋଇଯାଇଛି। ପୋଲସରା ବ୍ଲକ ଅନ୍ତର୍ଗତ ଭାବରଡା ପଞ୍ଚାୟତର ରାଆଣ୍ଡି ଗ୍ରାମର ଧନେଇ ଜଳ ଭଣ୍ଡାର ଠାରେ ଜର୍ମାନୀ ଟେକ୍ନୋଲୋଜିରେ ସ୍ୱୟଂ ଚାଳିତ ଜଳ ନିର୍ଗମନ ଫାଟକର ଉଦଘାଟନ ହୋଇଥିଲା। ମତ୍ସ୍ୟଜୀବିଙ୍କ ଜୀବନ ଜୀବିକାକୁ ନେଇ ଭଞ୍ଜନଗର ଜାଆଁଳା ଉତ୍ପାଦନ କେନ୍ଦ୍ରରୁ ଏକ ଲକ୍ଷ୍ୟ ମାଛ ଜାଆଁଳା ମନ୍ତ୍ରୀଙ୍କ ଦ୍ୱାରା ଛାଡା ଯାଇଥିଲା। ଏହାସହିତ ପାଣ୍ଡିରିପଡ଼ା ପଞ୍ଚାୟତର ଓଡ଼ିଶା ସରକାର ପ୍ରଧାନମନ୍ତ୍ରୀ ଗ୍ରାମ୍ୟ ସଡକ ଯୋଜନାରେ ରାଇପଡ଼ା, ଝିକିରୀ ଛକଠାରୁ ନିରାସ ପଲ୍ଲୀ ଭାୟା ଖୁରା, ଉସ୍ତା ଦେଇ ପିପିଲି ମାଳ ରାସ୍ତାର ଉନ୍ନତିକରଣ ପାଇଁ ୫କୋଟି୨୦ ଲକ୍ଷ ଟଙ୍କା ବ୍ୟୟରରେ ରାସ୍ତାର ଭିତ୍ତିପ୍ରସ୍ତର ସ୍ଥାପନା କରାଯାଇଥିଲା। ସେହିପରି ପାଣ୍ଡିରିପଡ଼ା ଗ୍ରାମର ଓଡ଼ିଶା ସରକାର ଜଳସମ୍ପଦ ବିଭାଗ ନୂଆଁଖାଇ କ୍ଷୁଦ୍ର ଜଳସେଚନ ପ୍ରକଳ୍ପର ଭିତ୍ତିପ୍ରସ୍ତର ସହିତ ପାଣ୍ଡିରିପଡ଼ା ପଞ୍ଚାୟତର ଗୃହ ସୋନ୍ଦର୍ଯ୍ୟ କରଣ କାର୍ଯ୍ୟକ୍ରମ ଭିତ୍ତିପ୍ରସ୍ତର ସ୍ଥାପନା କାର୍ଯ୍ୟ ମନ୍ତ୍ରୀଙ୍କ କରକମଳରେ ହୋଇଥିଲା। ମତ୍ସ୍ୟ ଚାଷୀ, କୃଷକ ସହିତ ଅଞ୍ଚଳର ଆଦିବାସୀ ଲୋକଙ୍କ ସହଯୋଗରେ ଆସି ପାରିବ ବୋଲି ମନ୍ତ୍ରୀ ଶ୍ରୀ ମଲ୍ଲିକ ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମରେ ବ୍ଲକ ଅଧକ୍ଷା କଳ୍ପନା କୁମାରୀ ପ୍ରଧାନ, ପୋଲସରା ବିଡିଓ ଶଶିଭୂଷଣ ମହାପାତ୍ର, ପାଣ୍ଡିରିପଡ଼ା ସରପଞ୍ଚ ରଘୁନାଥ ଭୂୟାଁ, ଭାବରଡା ସରପଞ୍ଚ ପ୍ରଦ୍ୟୁମ୍ନ ବିଷୋୟୀ, ଧନେଇ ଜଳସେଚନ ଅଧିକ୍ଷଣ ଯନ୍ତ୍ରୀ ସୁବ୍ରତ ପଟ୍ଟନାୟକ, ସହକାରୀ ନିର୍ବାହୀ ଯନ୍ତ୍ରୀ ଇଂ ପୂର୍ଣ୍ଣଚନ୍ଦ୍ର ପାଣିଗ୍ରାହୀ, ସହକାରୀ ସଞ୍ଜିବ ପଣ୍ଡା, ଗ୍ରାମ୍ୟ ଉନ୍ନୟନ ବିଭାଗ ଯନ୍ତ୍ରୀ ସଞ୍ଜିବ କୁମାର ପାତ୍ର, କ୍ଷୁଦ୍ର ଜଳସେଚନ ସହକାରୀ ନିର୍ବାହୀ ଯନ୍ତ୍ରୀ ବି ସାନୁଜ କୁମାର, ଯନ୍ତ୍ରୀ ଶକ୍ତିକାନ୍ତ ଜେନା, ସାରଥୀ ସ୍ୱାଇଁ, ମୁକେଶ ସାହୁ, ପୀତବାସ ପ୍ରଧାନ, ରବୀନ୍ଦ୍ର ନାୟକ, ମନୋଜ କୁମାର ଖଟୁଆ, କୈଳାସ ମହାରଣା, ରଘୁନାଥ ପଣ୍ଡା, କୃଷ୍ଣଚନ୍ଦ୍ର ଜେନା, ମହେଶ୍ୱର ପରିଡ଼ା ସମେତ ସ୍ଥାନୀୟ ଅଞ୍ଚଳବାସୀ ଯୋଗ ଦେଇଥିଲେ।

## ଜିଲ୍ଲାସ୍ତରୀୟ ସାଇବର ଅପରାଧ ନିରାକରଣ କାର୍ଯ୍ୟକ୍ରମ

ଛତ୍ରପୁର, ୨୦।୧୧(ସମିସ): ଜିଲ୍ଲା ପରିଷଦ ଭବନର ଋଷିକୂଲ୍ୟା ସମ୍ମିଳନୀ କକ୍ଷରେ ଜିଲ୍ଲାସ୍ତରୀୟ ସାଇବର ଅପରାଧ ନିରାକରଣ ଓ ଏହାର ନିରାପତ୍ତା, ସଚେତନତା, ବେଟି ବଚାଓ ବେଟି ପଢ଼ାଓ କାର୍ଯ୍ୟକ୍ରମ ସମ୍ପର୍କିତ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି। ଦେଶରେ ମହିଳା ଓ କିଶୋରୀ ମାନଙ୍କୁ ସଶକ୍ତିକରଣ କରିବା ଓ ସ୍ୱାବଲମ୍ବୀ କରିବା ନିମନ୍ତେ ସରକାର ଶିକ୍ଷା କ୍ଷେତ୍ରରେ, ସ୍ୱାସ୍ଥ୍ୟ କ୍ଷେତ୍ରରେ, ଆର୍ଥିକ କ୍ଷେତ୍ରରେ ଓ ରାଜନୈତିକ କ୍ଷେତ୍ରରେ ଅନେକ ଗୁଡିଏ ପଦକ୍ଷେପ ଗ୍ରହଣ କରିଛନ୍ତି ବୋଲି ଗଞ୍ଜାମ ଜିଲ୍ଲାର ଅତିରିକ୍ତ ଜିଲ୍ଲାପାଳ ଡ. ପ୍ରମୋଦ କୁମାର ପୃଷ୍ଟି ଏହି ତାଲିମ୍ ଶିବିରରେ ଅଧକ୍ଷତା କରି କହିଥିଲେ। ଜିଲ୍ଲା ପରିଷଦର ଭାରପ୍ରାପ୍ତ ମୁଖ୍ୟ ଉନ୍ନୟନ ଅଧିକାରୀ ବିଜୟ କୁମାର ବେହେରା ଯୋଗଦେଇ କାର୍ଯ୍ୟକ୍ରମର ଆଭିମୁଖ୍ୟ ଉପରେ କହିଥିଲେ। ଅତିରିକ୍ତ ସମାଜ ମଙ୍ଗଳ ଅଧିକାରୀ ପାର୍ବତୀ ସୋରେନ୍, ଛତ୍ରପୁର ସାଇବର ସେଲ୍‌ଫ ସହକାରୀ ସବ୍ ଇନିସ୍ପେକ୍ଟର କିରଣ ଚନ୍ଦ୍ର ପାତ୍ର ଯୋଗଦେଇ ବିଭିନ୍ନ ପରାମର୍ଶ ଦେଇଥିଲେ। ଜିଲ୍ଲା ମହିଳା ସଶକ୍ତିକରଣ ହବ୍‌ର ଜିଲ୍ଲା ସଂଯୋଜିକା ଗୀତାଞ୍ଜଳୀ ମହାରଣା ସମସ୍ତଙ୍କୁ ସ୍ୱାଗତ କରିବା ସହ ଏହି ତାଲିମ୍ ଶିବିରର ଲକ୍ଷ୍ୟ ଓ ଉଦ୍ଦେଶ୍ୟ ବିଷୟରେ କହିଥିଲେ। ଗଞ୍ଜାମ ଜିଲ୍ଲାର ଜଣାଶୁଣା କଳାକାର ତଥା ଶିକ୍ଷକ ପ୍ରୀତିରଞ୍ଜନ ପ୍ରଧାନ ସାଇବର ଠକେଇ ବିଷୟରେ ଆଲୋକପାତ କରିଥିଲେ। ବେଟୀ ବଚାଓ ବେଟୀ ପଢ଼ାଓ ଯୋଜନା ଅଧିନରେ ଜିଲ୍ଲାସ୍ତରରେ ଡିଜିଟାଲ୍ ଚାମ୍ପିଅନ ହୋଇଥିବାରୁ ରଙ୍ଗେଇଲୁଣ୍ଡା ବ୍ଲକର ପ୍ରିୟଂଶୀ ପାଢ଼ୀ, ଶିବାଙ୍ଗୀ ପ୍ରଧାନ



(ମାଙ୍କେ), ପୁରୁଷୋତ୍ତମପୁର ବ୍ଲକର ଶିବାନୀ ପ୍ରଧାନ ଓ ହିଞ୍ଜିଳିକାଟୁ ବ୍ଲକର ସ୍ନେହାରାଣୀ ଗୌଡ଼ଙ୍କୁ ସମ୍ମାନିତ କରାଯାଇଥିଲା। ବୈଠକରେ ସମସ୍ତ ଉପଖଣ୍ଡସ୍ତରୀୟ ପ୍ରୋଗ୍ରାମ୍ ଅଫିସର, ଜିଲ୍ଲା ଲିଙ୍ଗ ବିଶେଷଜ୍ଞ ସମ୍ବଲ, ସାମର୍ଥ୍ୟ ଓ ଆର୍ଥିକ ସାକ୍ଷରତା, ଶିକ୍ଷା ବିଭାଗର ସହକାରୀ ଶିକ୍ଷାଧିକାରୀ ତଥା ଅନ୍ୟାନ୍ୟ ବିଭାଗର ଅଧିକାରୀ ଯୋଗଦେଇଥିଲେ।

## ସଡ଼କ ଦୁର୍ଘଟଣାରେ ଶୂନ୍ୟ ମୃତାହତ ପକ୍ଷ ପାଳିତ

ବେଲଗୁଣ୍ଠା, ୨୦।୧୧(ସମିସ): ନଭେମ୍ବର ୧୬ରୁ ନଭେମ୍ବର ୩୦ ତାରିଖ ପର୍ଯ୍ୟନ୍ତ ସଡକ ସୁରକ୍ଷା ସଚେତନତା ସହିତ ଶୂନ୍ୟ



ମୃତାହତ ସପ୍ତାହ ପାଳନ କାର୍ଯ୍ୟକ୍ରମ ଜାରି ରହିଛି। ଏହି ଅବସରରେ ବେଲଗୁଣ୍ଠା ମହିଳା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଏକ ସଚେତନତା ଆରମ୍ଭ ହୋଇଛି। ଏହାକୁ ବେଲଗୁଣ୍ଠା ନଗରପାଳ ଫିରୋଜ କୁମାର ସେଠୀ ଓ ବେଲଗୁଣ୍ଠା ଥାନାଧିକାରୀ ରେବତୀ ଶବର ଶୁଭାରମ୍ଭ କରିଥିଲେ। ଦ୍ୱିତୀୟ ପର୍ଯ୍ୟାୟରେ ମହାବିଦ୍ୟାଳୟ ପରିସରରେ ଏକ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅନୁଷ୍ଠାନର ଅଧକ୍ଷା ଡଃ ସଂଯୁକ୍ତା ପଣ୍ଡା, ଇନିସପେକ୍ଟର ଅଭୟ କୁମାର ପ୍ରଧାନ, ଏଏସଆଇ ଅନୁ ମଲ୍ଲିକ, ସଂଯୋଜିକା ଗଣମାଧ୍ୟମ ପ୍ରତିନିଧି ଶିବରାମ ଚୌଧୁରୀ ପ୍ରମୁଖ ମଞ୍ଚାସୀନ ଥିଲେ। ବେଲଗୁଣ୍ଠା ଥାନାର ସମସ୍ତ କର୍ମଚାରୀ, କଲେଜ କର୍ମଚାରୀ ସହଯୋଗ କରିଥିବା ବେଳେ ଓଡିଆ ଅଧାପିକା ଗୀତାଞ୍ଜଳି ଗୁରୁ ଧନ୍ୟବାଦ ଅର୍ପଣ କରିଥିଲେ।

## ଐତିହ୍ୟ ସଂସ୍କୃତି ମଞ୍ଚ ଗଠନ ପାଇଁ ପ୍ରସ୍ତୁତି



ରମ୍ଭା, ୨୦।୧୧(ସମିସ): ସୁବଳୟା ଗୋପାଳକୃଷ୍ଣ ହାଇସ୍କୁଲ ସଭାଗୃହ ପରିସରରେ ଦନ୍ତପୁର ଐତିହ୍ୟ ସଂସ୍କୃତି ମଞ୍ଚ ଗଠନ ସକାଶେ ଏକ ପୂର୍ବ ପ୍ରସ୍ତୁତି ବୈଠକ ଛତ୍ରପୁର ପୂର୍ବତନ ବିଧାୟକ ଅଶୋକ ଚୌଧୁରୀଙ୍କ ଅଧକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ମଞ୍ଚର ଆବାହକ ଶିକ୍ଷାବିତ୍ ବିଜୟ କୁମାର ବିଶ୍ୱାଳ ସ୍ୱାଗତ ଭାଷଣ ଦେଇଥିବା ବେଳେ ବରିଷ୍ଠ ସାମ୍ବାଦିକ ସୁଦର୍ଶନ ଛୋଟରାୟ ମଞ୍ଚ ଗଠନର ଲକ୍ଷ୍ୟ ଓ ଆଭିମୁଖ୍ୟ ତଥା ଆଗାମୀ କାର୍ଯ୍ୟଧାରା ସମ୍ପର୍କରେ ଅବଗତ କରାଇଥିଲେ। ବୈଠକରେ ଯୋଗ ଦେଇଥିବା ଛତ୍ରପୁର ମହାବିଦ୍ୟାଳୟ ଅଧକ୍ଷ ଅଜୟ ତ୍ରିପାଠୀ, ହୁ ସଲ୍ଟ କଲେଜ ଅଧକ୍ଷ ନିରଞ୍ଜନ ରଥ, ସୁବଳୟା ଗୋପାଳକୃଷ୍ଣ ମାଧ୍ୟମିକ ଉଚ୍ଚ ବିଦ୍ୟାଳୟ ଅଧକ୍ଷ ଡ.ସି ଏଚ ସୁଧାକର, ସ୍ୱେଚ୍ଛାସେବୀ ସଂସ୍ଥା ଅରୁଣାର ନିର୍ଦ୍ଦେଶକ ଲୋକନାଥ ମିଶ୍ର, ଅବସରପ୍ରାପ୍ତ ରେଳବାଇ ଉପ ଆରକ୍ଷୀ ଅଧିକ୍ଷକ ସୁରେଶ ନାୟକ, ପୂର୍ବତନ ଗଞ୍ଜାମ ବ୍ଲକ ଅଧକ୍ଷ ସୁରଥ ପାହାନ, ପୂର୍ବତନ ରାମଗଡ଼ ସରପଞ୍ଚ ଜୟସେନ ପ୍ରଧାନ, ଅବସରପ୍ରାପ୍ତ ପ୍ରଧାନ ଶିକ୍ଷକ ନାରାୟଣ ନାହାକ, ଯୋଗେଶ ସାହୁ, ଆର୍ ଯୋଗେଶ ପ୍ରଧାନ, ଅଧାପିକା ଜ୍ୟୋସ୍ନା ପ୍ରଧାନ, ଅଧାପିକା ପ୍ରିୟଙ୍କା ମହାପାତ୍ର, ଅବସରପ୍ରାପ୍ତ ଶିକ୍ଷକ ଶ୍ରୀ ବାଳ କୃଷ୍ଣ ମହାରଣା ପ୍ରମୁଖ ଯୋଗ ଦେଇ ଏହାକୁ ଏକ ଗଣ ଆନ୍ଦୋଳନ ରୂପ ଦେବାପାଇଁ ଆଲୋଚନା କରିଥିଲେ। ବୈଠକକୁ ସର୍ବଶ୍ରୀ ପୂର୍ଣ୍ଣଚନ୍ଦ୍ର ପଣ୍ଡା, ଶିକ୍ଷକ ଗଣେଶ ଚନ୍ଦ୍ର ବେହେରା, ସଞ୍ଜୟ କୁମାର ସାହୁ, ଶ୍ରୀ ଗୋଲକ ସାହୁ ପ୍ରମୁଖ ସହଯୋଗ କରିଥିଲେ।

## ପୁଟପର୍ତ୍ତିରେ ବୁଗୁଡ଼ାର ଘଣ୍ଟତାଳ




ବୁଗୁଡ଼ା, ୨୦।୧୧(ସମିସ): ଭଗବାନ ସତ୍ୟସାଇ ବାବାଙ୍କ ଶତବର୍ଷ ଜନ୍ମୋତ୍ସବ ପାଳନ ଅବସରରେ ସୁଦୂର ପୁଟପର୍ତ୍ତିରେ ବୁଗୁଡ଼ା ନିକଟସ୍ଥ ଶ୍ରୀସତ୍ୟ ସାଇ ପାଦାମ୍ବୁଜମ ଗ୍ରାମ ଆଦିପୁରର ଘଣ୍ଟ ଓ ମୃଦଙ୍ଗ କଳାକାର ଦଳ ସ୍ୱକୀୟ ବାଦ୍ୟ ଶୈଳୀ ପ୍ରଦର୍ଶନ କରି ଉପସ୍ଥିତ ଲକ୍ଷ ଲକ୍ଷ ଦର୍ଶକଙ୍କ ହୃଦୟ ଜିଣିଛନ୍ତି। ବୁଗୁଡ଼ା ସତ୍ୟସାଇ ସେବା ସମିତିର ଏସ୍‌ଆରପି ସଂଯୋଜକ ନିରଞ୍ଜନ ବିଷୋୟୀ ଓ ସମିତିର ଧ୍ୟାନ ବୃକ୍ଷ ସମ୍ବାହକ ମଧୁସୂଦନ ମହାନ୍ତିଙ୍କ ନେତୃତ୍ୱରେ ଏକ ୨୦ ଜଣିଆ ଦଳ ଓଡ଼ିଶା ସଂଗଠନ ତରଫରୁ ମନୋନୀତ ହୋଇ ଏତାଦୃଶ କଳା ପ୍ରଦର୍ଶନ କରି ଫେରିଛନ୍ତି। ଏଥିପୂର୍ବରୁ ଏହି ଗ୍ରାମର ବାଘ ଓ ବୃଷଭ ନୃତ୍ୟ ମଧ ପୁଟପର୍ତ୍ତିରେ ପର୍ତ୍ତି ଯାତ୍ରା କାଳରେ ସ୍ୱକୀୟ କଳା ପ୍ରଦର୍ଶନ କରି ଉଚ୍ଚ ପ୍ରଶଂସିତ ହେବାର ଗୌରବ ଅର୍ଜନ କରିଥିଲେ।

### ବିଧାୟକଙ୍କ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ

## ଅନୁପସ୍ଥିତ ଡାକ୍ତରଙ୍କ ବିରୋଧରେ କାର୍ଯ୍ୟାନୁଷ୍ଠାନ ଦାବି

ବେଲଗୁଣ୍ଠା, ୨୦।୧୧(ସମିସ)

ଗୁରୁବାର ସୋରଡା ବିଧାୟକ ନୀଳମଣି ବିଷୋୟୀ ଅଚାନକ ଗୋବରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିଦର୍ଶନ କରି ରୋଗୀ ସେବାରେ ଡାକ୍ତରଙ୍କ ଅବହେଳା ଦେଖି ଅସନ୍ତୋଷ ପ୍ରକାଶ କରିଥିଲେ। ଗୁରୁବାର ସକାଳ ସାଢେ ୧୧ଟାରେ ସୋରଡ଼ା ବିଧାୟକ ଶ୍ରୀ ବିଷୋୟୀ ଗୋବରା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ପହଞ୍ଚି ସେଠାରେ ଡାକ୍ତରଙ୍କ ସ୍ଥାନରେ ଜଣେ ସ୍ୱାସ୍ଥ୍ୟକର୍ମୀ ବସି ରୋଗୀ ଦେଖୁଥିବାରୁ ସେ ବିରକ୍ତି ପ୍ରକାଶ କରିଥିଲେ। ଏହା ସହିତ ଦାୟିତ୍ୱରେ ଥିବା ଡାକ୍ତର ଉପାଧ୍ୟାୟ ମଦ୍ୟପାନ କରି କ୍ୱାର୍ଟର୍‌ରେ ଶୋଇଥିବା ଜାଣିବାକୁ ପାଇଥିଲେ। ସେହିପରି ସ୍ୱାସ୍ଥ୍ୟକେନ୍ଦ୍ରର ପରିଦର୍ଶନ ପଞ୍ଜିକାରେ ନିଜର ଜାଲ୍ ଦସ୍ତଖତ ଦେଖି ଆଶ୍ଚର୍ଯ୍ୟ ପ୍ରକାଶ କରିଥିଲେ। ପରିଦର୍ଶନ ପଞ୍ଜିକାରେ ବିଧାୟକ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପରିଦର୍ଶନ କରି ସନ୍ତୋଷଜନକ ମନ୍ତବ୍ୟ ଦେଇ ବିଧାୟକଙ୍କ ସ୍ୱାକ୍ଷର ରହିଥିବା ବେଳେ ବିଧାୟକ ଶ୍ରୀ ବିଷୋୟୀ ଏହାକୁ ଖଣ୍ଡନ କରିବା ସହିତ ସ୍ୱାକ୍ଷର ସମ୍ପୂର୍ଣ୍ଣ ଜାଲ୍ ବୋଲି ପ୍ରକାଶ କରିଥିଲେ। ଏନେଇ ଡାକ୍ତର ଉପାଧ୍ୟାୟଙ୍କ ବିରୁଦ୍ଧରେ ଆସନ୍ତା ଏକ ସପ୍ତାହ ଭିତରେ କାର୍ଯ୍ୟାନୁଷ୍ଠାନ ନେବା ପାଇଁ ବିଧାୟକ ଶ୍ରୀ ବିଷୋୟୀ ଗଞ୍ଜାମ ଜିଲ୍ଲାପାଳ ଏବଂ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କୁ ଦାବି କରିଛନ୍ତି। ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀଙ୍କ ନିର୍ଦ୍ଦେଶକ୍ରମେ ଭଞ୍ଜନଗର ଉପଖଣ୍ଡ ଚିକିତ୍ସାଧିକାରୀ ଡାକ୍ତର ସୀତାଂଶୁ ଶେଖର ଶତପଥି ଗୋବରା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରରେ ପହଞ୍ଚି ଘଟଣାର ତଦନ୍ତ କରିଛନ୍ତି। ଡାକ୍ତର ଉପାଧ୍ୟାୟଙ୍କ ମଦ୍ୟପାନ ଘଟଣାକୁ ଏସଡିଏମ୍‌ଓ ଡାକ୍ତର ଶତପଥି ସ୍ୱୀକାର କରିବା ସହିତ ତାଙ୍କ ବିରୁଦ୍ଧରେ ଆବଶ୍ୟକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ପ୍ରକାଶ କରିଛନ୍ତି। ବିଧାୟକଙ୍କ ସ୍ୱାସ୍ଥ୍ୟ କେନ୍ଦ୍ର ପରିଦର୍ଶନ ସମୟରେ ଗୋବରା ସମିତିସଭ୍ୟ ବିଭୂପାଦ ଜେନା, ବେଣୀପଲ୍ଲୀ ସରପଞ୍ଚ ଦୁର୍ଗାମାଧବ ନାୟକ, ପୂର୍ବତନ ନେଟଙ୍ଗା ସରପଞ୍ଚ ପ୍ରହ୍ଲାଦ ଲେଙ୍କା ପ୍ରମୁଖ ଉପସ୍ଥିତ ଥିଲେ।

## ବିନା ସୂଚନା ଫଳକରେ ପ୍ରବେଶ ପଥ ସ୍ୱାଗତ ଗେଟ୍ ନିର୍ମାଣ

ରମ୍ଭା, ୨୦।୧୧(ସମିସ): ସ୍ଥାନୀୟ ବିଜ୍ଞାପିତ ଅଞ୍ଚଳ ପରିଷଦର ଉତ୍ତର ଦିଗ ପ୍ରବେଶପଥ ସ୍ୱାଗତ୍ ଗେଟ୍ ବିନା ସୂଚନା ଫଳକରେ କାର୍ଯ୍ୟ ଚାଲିଥିବାବେଳେ ନିର୍ମାଣ କାମ ନିମ୍ନମାନର ହୋଇଥିବା ଅଭିଯୋଗ ହୋଇଛି। ସରକାରଙ୍କ ବିଭିନ୍ନ ଯୋଜନାରେ ନିର୍ମିତ ଯେକୌଣସି କାର୍ଯ୍ୟ ବିନା ସୂଚନା ଫଳକରେ କରିବାରେ ରମ୍ଭା ଏନଏସି ଆଗୁଆ ଥିବା ବେଳେ ଏହି ପ୍ରବେଶ ପଥ ନିର୍ମାଣ ଏକ ଉଦାହରଣ ମାତ୍ର। ଏହା କେତେ ଟଙ୍କା ବ୍ୟୟରେ ନିର୍ମାଣ କରାଯାଉଛି ତାହା ସୂଚନା ମିଳିପାରୁନାହିଁ। ଫଳରେ ଜନସାଧାରଣ ମହଲରେ ଅସନ୍ତୋଷ ଦେଖାଦେଇଛି। ଏନଏସି ପ୍ରଶାସନ ପକ୍ଷରୁ ସୂଚନା ଫଳକ ମାଧ୍ୟମରେ କାର୍ଯ୍ୟର



ବିବରଣୀ ସମ୍ପର୍କରେ ଜନସାଧାରଣଙ୍କୁ ଅବଗତ କରାଇବା ପାଇଁ ସାଧାରଣରେ ଦାବି ହୋଇଛି। ଏହାକୁ ନେଇ ସମାଜସେବୀ ନିରାକାର ବେହେରା ଗୁରୁବାର ଦିନ କାର୍ଯ୍ୟରତ କର୍ମଚାରୀଙ୍କୁ ଦୃଢ଼ ପ୍ରତିବାଦ କରିବା ସହ କାର୍ଯ୍ୟକୁ ଅଟକାଇ ରଖିଥିଲେ ବିନା ସୂଚନା ଫଳକରେ କାର୍ଯ୍ୟ ଅଗ୍ରଗତି ନ କରିବାକୁ ସଫେଇ ଦେଇ ଗଣମାଧ୍ୟମ ନିକଟରେ ପ୍ରକାଶ କରିଛନ୍ତି। ଏହାକୁ ନେଇ ସାଧାରଣରେ ଆଲୋଚନା ହେଉଛି।

**ମୁଦ୍ରା ବିନିମୟ ମୂଲ୍ୟ**



ମୁଦ୍ରା ବିନିମୟ ମୂଲ୍ୟ (ଟଙ୍କାରେ)
- ଡଲାର ୮୮.୯୦ ● ପାଉଣ୍ଡ ୧୧୫.୭୩
- ୟୁରୋ ୧୦୨.୧୫ ● ୟେନ୍ ୦.୫୬

**ସୁନା, ରୁପା ଦର (ଟଙ୍କାରେ)**



୧୦ ଗ୍ରାମ ପିଛା (୨୨ କ୍ୟାରେଟ୍)
- ସୁନା: ୧,୧୪,୪୬୦ (ନୂଆଦିଲ୍ଲୀ)
- ରୁପା : ୧,୬୮,୧୦୦ (କେଜି)



**ଷ୍ଟକ୍ ମାର୍କେଟ୍**

ବଜାର କାରବାର (ପଏଣ୍ଟରେ)
- ସେନ୍‌ସେକ୍ସ ୮୫,୬୩୨.୦୦
- ନିଫ୍ଟି ୨୬,୧୯୨.୦୦



**ପେଟ୍ରୋଲ-ଡିଜେଲ୍**

ଲିଟର ପିଛା (ଟଙ୍କାରେ)
- ପେଟ୍ରୋଲ୍- ୧୦୧.୨୯ (ଭୁବନେଶ୍ୱର)
- ଡିଜେଲ୍ - ୯୨.୮୦



### ସ୍ୱାସ୍ଥ୍ୟ ବୀମା ପ୍ରିମିୟମ୍‌ରେ ବାର୍ଷିକ ମନଇଚ୍ଛା ବୃଦ୍ଧିକୁ ନେଇ ବଢୁଛି ଅସନ୍ତୋଷ

# ଭାରତରେ ଚିକିତ୍ସା ମୁଦ୍ରାସ୍ଫୀତି ବିଶ୍ୱରେ ସର୍ବାଧିକ




- ୨୦% ମଧ୍ୟରେ ରହିବ ଏଜେଣ୍ଟ କମିସନ
- ପ୍ରିମିୟମ୍ ବୃଦ୍ଧି ଉପରେ ଲାଗିବ ରୋକ୍
- ଚିକିତ୍ସା ପ୍ୟାକେଜ୍ ମୂଲ୍ୟ କମ୍ କରିବାକୁ ସରକାରଙ୍କ ଯୋଜନା
- ବୀମା କମ୍ପାନୀ ଓ ହସ୍ପିଟାଲ ମନଇଚ୍ଛା ପ୍ୟାକେଜ୍ ହାର ସ୍ଥିର କରିପାରିବେନି

**ନୂଆଦିଲ୍ଲୀ, ୨୦।୧୧ (ଏଜେନ୍ସି):** ସମ୍ପ୍ରତି ସରକାର ଦେଶରେ ହୁ ହୁ ହୋଇ ବଢୁଥିବା ସ୍ୱାସ୍ଥ୍ୟ ବୀମା ପ୍ରିମିୟମ୍‌ରେ ଲଗାମ୍ ଲଗାଇବାକୁ ଯାଉଛନ୍ତି। ଏଥିରେ ହେଉଥିବା ବାର୍ଷିକ ପ୍ରିମିୟମ୍ ବୃଦ୍ଧିକୁ କମ୍ କରିବା ପାଇଁ ଅନେକ ପ୍ରସ୍ତାବ ଦିଆଯାଇଛି। ପ୍ରସ୍ତାବ ମଧ୍ୟରେ ଏଜେଣ୍ଟ କମିଶନକୁ ୨୦% ପର୍ଯ୍ୟନ୍ତ ସୀମିତ କରିବା ଏବଂ ହସ୍ପିଟାଲ ଚିକିତ୍ସା ପ୍ୟାକେଜ୍ ହାର ହ୍ରାସ କରିବା ସମ୍ପର୍କିତ ପ୍ରସ୍ତାବ ଅନ୍ତର୍ଭୁକ୍ତ। ଏହି ପ୍ରସ୍ତାବଗୁଡ଼ିକୁ ବୀମା ନିୟାମକ, ଭାରତୀୟ ବୀମା ନିୟାମକ ଏବଂ ବିକାଶ ପ୍ରାଧିକରଣ (ଆଇଆର୍‌ଡିଏଆଇ) ନିକଟରେ ଦାଖଲ କରାଯାଇଛି। ବର୍ତ୍ତମାନ ନିଷ୍ପତ୍ତି ବିଚାରାଧୀନ ଅଛି। କେନ୍ଦ୍ର ଅର୍ଥ ମନ୍ତ୍ରଣାଳୟ ବୀମା କମ୍ପାନୀଗୁଡିକର ସିଇଓ, ପ୍ରମୁଖ ହସ୍ପିଟାଲ ମାଲିକ ଏବଂ ଆଇଆର୍‌ଡିଏଆଇ ଅଧିକାରୀଙ୍କ ସହିତ ଏ ସମ୍ପର୍କରେ ବୈଠକ କରିଛି। ସ୍ୱାସ୍ଥ୍ୟ ବୀମା ପ୍ରିମିୟମ୍ ରେ ମନଇଚ୍ଛା ବାର୍ଷିକ ବୃଦ୍ଧି ଉପରେ ମନ୍ତ୍ରଣାଳୟ ଅସନ୍ତୋଷ ପ୍ରକାଶ କରିଛି। ଏଥିରେ କୁହାଯାଇଛି ଯେ ଭାରତରେ ମେଡିକାଲ୍ ବା ଚିକିତ୍ସା ମୁଦ୍ରାସ୍ଫୀତି ୧୧.୫%ରେ ପହଞ୍ଚିଛି, ଯାହା ବିଶ୍ୱରେ ସର୍ବାଧିକ। ଏହା ଗ୍ରହଣୀୟ ନୁହେଁ, ଏବଂ ସରକାର ଏହାକୁ ସମାଧାନ କରିବା ପାଇଁ ପଦକ୍ଷେପ ନେଉଛି।

ପ୍ରସ୍ତାବ ଅନୁଯାୟୀ, ପ୍ରିମିୟମ୍‌ରେ ବାର୍ଷିକ ବୃଦ୍ଧି ଉପରେ ଏକ ସୀମା ଲାଗୁ କରାଯିବ। ଏହାର ଅର୍ଥ ହେଉଛି ବୀମା କମ୍ପାନୀଗୁଡ଼ିକ ମନଇଚ୍ଛା ସ୍ୱାସ୍ଥ୍ୟ ବୀମା ପ୍ରିମିୟମ୍ ବୃଦ୍ଧି କରିପାରିବେ ନାହିଁ। ନୂତନ ସ୍ୱାସ୍ଥ୍ୟ ବୀମା ପଲିସି ଉପରେ ଏଜେଣ୍ଟ କମିଶନ ସର୍ବାଧିକ ୨୦% ହେବା ଉଚିତ। ବାର୍ଷିକ ନବୀକରଣ ଉପରେ ମଧ୍ୟ ଏହି କମିଶନ ୧୦% ଅତିକ୍ରମ କରିବା ଉଚିତ୍ ନୁହେଁ। ପ୍ରତ୍ୟେକ କ୍ଲେମ୍ ବା ଦାବି, ସବୁ ହସ୍ପିଟାଲ ବିଲ୍ ଏବଂ ପ୍ରତ୍ୟେକ ଡିସଚାର୍ଜ ସାରାଂଶ ସମ୍ପୂର୍ଣ୍ଣ ସ୍ୱଚ୍ଛ ହେବା ଉଚିତ। ବୀମା କମ୍ପାନୀ ଏବଂ ହସ୍ପିଟାଲଗୁଡ଼ିକ ମିଳିମିଶି ମନଇଚ୍ଛା ପ୍ୟାକେଜ୍ ହାର ସ୍ଥିର କରିପାରିବେନାହିଁ। ହସ୍ପିଟାଲଗୁଡ଼ିକ ସରକାରୀ ପ୍ରସ୍ତାବକୁ ବିରୋଧ କରି କହିଥିଲେ ଯେ ସେମାନଙ୍କର ମାର୍ଜିନ୍ ପୂର୍ବରୁ କମ୍ ଅଛି। ବୀମା କମ୍ପାନୀଗୁଡ଼ିକ ପ୍ରିମିୟମ୍ ବୃଦ୍ଧି କରନ୍ତି, କିନ୍ତୁ ଦାବି ଦେବାକୁ ଅନିଚ୍ଛୁକ। ଅର୍ଥ ମନ୍ତ୍ରଣାଳୟର ଜଣେ ଅଧିକାରୀ ପ୍ରତିକ୍ରିୟା ଦେଇଥିଲେ ଯେ ଏହି କାରଣରୁ ଜାତୀୟ ସ୍ୱାସ୍ଥ୍ୟ ଦାବି ଏକ୍ସଚେଞ୍ଜ ପ୍ରତିଷ୍ଠା କରାଯାଉଛି, ଯେଉଁଠାରେ ସବୁକିଛି ଡିଜିଟାଲ୍ ହେବ। ଭାରତରେ ମେଡିକାଲ ମୁଦ୍ରାସ୍ଫୀତି ୧୧.୫% ରେ ପହଞ୍ଚିଛି। ଏହାର ଅର୍ଥ ହେଉଛି ଯେ ହସ୍ପିଟାଲ ଚିକିତ୍ସା ଖର୍ଚ୍ଚ ପ୍ରତିବର୍ଷ ୧୧.୫% ହାରରେ ବୃଦ୍ଧି ପାଉଛି, ଯାହା ବିଶ୍ୱରେ ସର୍ବାଧିକ। ଏହାଛଡା ସ୍ୱାସ୍ଥ୍ୟ ବୀମା ପ୍ରିମିୟମ ମାତ୍ର ଗୋଟିଏ ବର୍ଷରେ ୨୫% ବୃଦ୍ଧି ପାଇଛି। ବିଶେଷକରି କୋଭିଡ୍ ପରେ ଦେଶରେ ସ୍ୱାସ୍ଥ୍ୟ ବୀମା ଅଧିକ ମହଙ୍ଗା ହୋଇଯାଇଛି।

# ଅନୀଲ ଅମ୍ବାନୀଙ୍କ ଆଉ ୧୪୫୨ କୋଟିର ସମ୍ପତ୍ତି ଜବତ

### ଭୁବନେଶ୍ୱର, ନାଭି ମୁମ୍ବଇ, ଚେନ୍ନାଇ, ପୁଣେରେ ସମ୍ପତ୍ତି ଜବତ

**ନୂଆଦିଲ୍ଲୀ,୨୦।୧୧(ଏଜେନ୍ସି):** ଆର୍ଥିକ ହେରଫେର ଓ ଋଣ ଠକେଇ ଅଭିଯୋଗରେ ଇଡି ଜାଲରେ ସମ୍ପୂର୍ଣ୍ଣ ଭାବେ ଫସି ଯାଇଛନ୍ତି ଅନୀଲ ଅମ୍ବାନୀ। ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ପୁଣି ଥରେ ଅନିଲ ଅମ୍ବାନୀଙ୍କ ରିଲାଏନ୍ସ ଗ୍ରୁପର କୋଟି କୋଟି ଟଙ୍କାର ସମ୍ପତ୍ତି ଜବତ କରିଛି। ଏହି ସମ୍ପତ୍ତିଗୁଡ଼ିକର ମୂଲ୍ୟ ପ୍ରାୟ ୧,୪୫୨ କୋଟି ଟଙ୍କା। ନାଭି ମୁମ୍ବାଇ, ଚେନ୍ନାଇ, ପୁଣେ ଏବଂ ଭୁବନେଶ୍ୱରରେ ଏହି ସମ୍ପତ୍ତିଗୁଡ଼ିକୁ ଜବତ କରାଯାଇଛି। ଏହି କାର୍ଯ୍ୟାନୁଷ୍ଠାନ ସହିତ, ରିଲାଏନ୍ସ ଗ୍ରୁପର ମୋଟ ସମ୍ପତ୍ତି ଜବତ ପ୍ରାୟ ୯,୦୦୦ କୋଟି ଟଙ୍କାରେ ପହଞ୍ଚିଛି। ରିଲାଏନ୍ସ ହୋମ୍ ଫାଇନାନ୍ସ (ଆର୍‌ଏଚ୍‌ଏଫ୍‌ଏଲ୍) ଏବଂ ରିଲାଏନ୍ସ କମର୍ସିଆଲ୍ ଫାଇନାନ୍ସ (ଆର୍‌ସିଏଫ୍‌ଏଲ୍) ରେ ବ୍ୟାପକ ପରିମାଣର ପାଣ୍ଠି ଅପବ୍ୟବହାର ସହିତ ଜଡିତ ମାମଲାରେ ଏହି ସମ୍ପତ୍ତିଗୁଡ଼ିକୁ ଜବତ କରାଯାଇଛି।

ଏହା ପୂର୍ବରୁ ନଭେମ୍ବର ୩ରେ ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ ପାଣ୍ଠି ସ୍ଥାନାନ୍ତର ମାମଲା ସହିତ ଜଡିତ ଅନିଲ ଅମ୍ବାନୀଙ୍କ ରିଲାଏନ୍ସ ଗ୍ରୁପର ୧୩୨ ଏକର ଜମିକୁ ଜବତ କରିଥିଲା। ଏହି ଜମି ନାଭି ମୁମ୍ବଇର ଧୀରୁଭାଇ ଅମ୍ବାନୀ ନଲେଜ୍ ସିଟି (ଡିଏକେସି) ରେ ଅବସ୍ଥିତ। ଏହାର ମୂଲ୍ୟ ୪,୪୬୨.୮୧ କୋଟି ଟଙ୍କା ଥିଲା। ଏହାବାଦ୍ ଅନିଲ ଅମ୍ବାନୀଙ୍କ ପାଲି ହିଲ୍ ଘର ସମେତ




**ଏ ପର୍ଯ୍ୟନ୍ତ ଇଡି ଜବତ କଲାଣି ୯ ହଜାର କୋଟିର ସମ୍ପତ୍ତି**

ଗ୍ରୁପର ୪୦ ରୁ ଅଧିକ ସମ୍ପତ୍ତି ମଧ୍ୟ ଜବତ କରାଯାଇଥିଲା। ଏଥିରେ ଜବତ କରାଯାଇଥିବା ସମ୍ପତ୍ତିର ମୋଟ ମୂଲ୍ୟ ୩,୦୮ କୋଟି ଟଙ୍କା ହେବ। ଇଡି ତଦନ୍ତରେ ରିଲାଏନ୍ସ ହୋମ୍ ଫାଇନାନ୍ସ (ଆର୍‌ଏଚ୍‌ଏଫ୍‌ଏଲ୍) ଏବଂ ରିଲାଏନ୍ସ କମର୍ସିଆଲ୍ ଫାଇନାନ୍ସ (ଆର୍‌ସିଏଫ୍‌ଏଲ୍) ରେ ବ୍ୟାପକ ପାଣ୍ଠିର ଅପବ୍ୟବହାର ହୋଇଥିବା ଜଣାପଡ଼ିଥିଲା। ୨୦୧୭ରୁ ୨୦୧୯ ମଧ୍ୟରେ, ୟେସ୍ ବ୍ୟାଙ୍କ ଆର୍‌ଏଚ୍‌ଏଫ୍‌ଏଲ୍‌ରେ ୨,୯୬୫ କୋଟି ଟଙ୍କା ଏବଂ ଆର୍‌ସିଏଫ୍‌ଏଲ୍‌ରେ ୨,୦୪୫ କୋଟି ଟଙ୍କା ନିବେଶ କରିଥିଲା, କିନ୍ତୁ ଡିସେମ୍ବର ୨୦୧୯ ସୁଦ୍ଧା ଏହି ପାଣ୍ଠିଗୁଡ଼ିକ ନନ-ପରଫର୍ମିଂ ଆସେଟ୍ସ(ଏନ୍‌ପିଏ) ହୋଇଯାଇଥିଲା।

ଆର୍‌ଏଚ୍‌ଏଫ୍‌ଏଲ୍‌ର ୧,୩୫୩ କୋଟି ଏବଂ ଆର୍‌ସିଏଫ୍‌ଏଲ୍‌ର ୧,୯୮୪ କୋଟି ଟଙ୍କା ଏ ପର୍ଯ୍ୟନ୍ତ ବକେୟା ରହିଥିଲା। ମୋଟ ଉପରେ ଏଥିରେ ୟେସ୍ ବ୍ୟାଙ୍କକୁ ୨,୭୦୦ କୋଟି ଟଙ୍କାରୁ ଅଧିକ କ୍ଷତି ହୋଇଛି। ଇଡି କହିବାନୁଯାୟୀ, ଏହି ପାଣ୍ଠି ଅନ୍ୟ ରିଲାଏନ୍ସ ଗ୍ରୁପ୍ କମ୍ପାନୀଗୁଡ଼ିକୁ ପଠାଯାଇଥିଲା। ଋଣ ଅନୁମୋଦନ ପ୍ରକ୍ରିୟାରେ ଅନେକ ଅନିୟମିତତା ମଧ୍ୟ ହୋଇଥିବା ଜଣାପଡ଼ିଥିଲା। ଯେପରିକି କିଛି ଋଣ ଗୋଟିଏ ଦିନରେ ଆବେଦନ, ମଞ୍ଜୁରି ଏବଂ ବିତରଣ କରାଯାଇଥିଲା। ଫିଲ୍ଡ ଚେକ୍ ଓ ମିଟିଂ ସ୍କିପ୍ କରିଦିଆଯାଇଥିଲା।

### ଭାରତକୁ ପ୍ରତ୍ୟର୍ପଣ ବିରୋଧରେ ମେହୁଲ ଚୋକସିଙ୍କ ଆବେଦନ

# ବେଲଜିୟମ୍ ସୁପ୍ରିମକୋର୍ଟରେ ଡିସେମ୍ବର ୯ରେ ହେବ ଶୁଣାଣି

**ନୂଆଦିଲ୍ଲୀ, ୨୦।୧୧ (ଏଜେନ୍ସି):** ପଞ୍ଜାବ ନ୍ୟାସନାଲ ବ୍ୟାଙ୍କ (ପିଏନ୍‌ବି) ମହାଠକେଇ ମାମଲାର ଅନ୍ୟତମ ମୁଖ୍ୟ ଅଭିଯୁକ୍ତ ପଳାତକ ହୀରା ବ୍ୟବସାୟୀ ମେହୁଲ ଚୋକସିଙ୍କ ପ୍ରତ୍ୟର୍ପଣକୁ ଚ୍ୟାଲେଞ୍ଜ କରିଥିବା ମାମଲାର ଶୁଣାଣି ଡିସେମ୍ବର ୯ ତାରିଖରେ ବେଲଜିୟମର ସର୍ବୋଚ୍ଚ ଅଦାଲତ କୋର୍ଟ ଅଫ୍ କାସେସନ୍ ସମ୍ମୁଖରେ କରାଯିବ। ଏ ନେଇ ସେଠାକାର ଅଧିକାରୀମାନେ ଗୁରୁବାର ଘୋଷଣା କରିଛନ୍ତି। ଚୋକ୍‌ସି ଅକ୍ଟୋବର ୧୭ରେ ବେଲଜିୟମର ସର୍ବୋଚ୍ଚ ଅଦାଲତରେ ଆଣ୍ଟୱର୍ପ କୋର୍ଟ ଅଫ୍ ଆପିଲ୍‌ର ନିଷ୍ପତ୍ତିକୁ ଚ୍ୟାଲେଞ୍ଜ କରିଛନ୍ତି। ଏହି ନିଷ୍ପତ୍ତି ଭାରତର ପ୍ରତ୍ୟର୍ପଣ ଅନୁରୋଧକୁ ସମର୍ଥନ କରି ଏହାକୁ "ବୈଧ" ବୋଲି କହିଛି। ଆଡଭୋକେଟ୍ ଜେନେରାଲ ହେନରୀ ଭାଣ୍ଡରଲିଣ୍ଡେନ୍ କହିଛନ୍ତି ଯେ କୋର୍ଟ ଅଫ୍ କାସେସନ୍ ଡିସେମ୍ବର ୯ ତାରିଖରେ ମାମଲାର ଶୁଣାଣି କରିବ। ସେ ପିଟିଆଇକୁ କହିଛନ୍ତି ଯେ କାସେସନ୍ କୋର୍ଟ କେବଳ ଆଇନଗତ ଦିଗଗୁଡ଼ିକ ଉପରେ କାସେସନ୍ କୋର୍ଟର ନିଷ୍ପତ୍ତିକୁ ପରୀକ୍ଷା କରେ, ଯେପରିକି କାସେସନ୍ କୋର୍ଟ ସଠିକ୍ ଭାବରେ ଆଇନଗତ ବ୍ୟବସ୍ଥା ପ୍ରୟୋଗ କରିଛି



କି ନାହିଁ ଏବଂ ସଠିକ୍ ପ୍ରକ୍ରିୟା ଅନୁସରଣ କରିଛି କି ନାହିଁ। ତେଣୁ, ନୂତନ ତଥ୍ୟ କିମ୍ବା ପ୍ରମାଣ ଉପସ୍ଥାପନ କରାଯାଇପାରିବ ନାହିଁ ବୋଲି ସେ କହିଛନ୍ତି। ପୂର୍ବରୁ ଅପିଲ୍ କୋର୍ଟ ରାୟ ଦେଇଥିଲେ ଯେ ୧୩,୦୦୦ କୋଟି ଟଙ୍କାର ପିଏନବି ଦୁର୍ନୀତିର ମୁଖ୍ୟ ଅଭିଯୁକ୍ତ ଚୋକସିଙ୍କୁ ଭାରତକୁ ପ୍ରତ୍ୟର୍ପଣ କରାଗଲେ ତାଙ୍କୁ ନିରପେକ୍ଷ ବିଚାରରୁ ବଞ୍ଚିତ କରାଯିବା କିମ୍ବା ଦୁର୍ବ୍ୟବହାରର ସମ୍ମୁଖୀନ ହେବାର କୌଣସି ବିପଦ ନାହିଁ। କେନ୍ଦ୍ରୀୟ ତଦନ୍ତ ବ୍ୟୁରୋ (ସିବିଆଇ) ଏହାର ଚାର୍ଜସିଟ୍‌ରେ ଅଭିଯୋଗ କରିଛି ଯେ ଚୋକସି କେବଳ ମୋଟ ଠକେଇର ୬,୪୦୦ କୋଟି ଟଙ୍କା ଆତ୍ମସାତ କରିଛନ୍ତି।

### ଷ୍ଟୋନେଲାମ୍ ଡିଜାଇନ୍ କାର୍ନିଭାଲ୍ ଏବଂ ବିଲ୍ଡ ଏକ୍ସପୋ ୨୦୨୫

**ଭୁବନେଶ୍ୱର, ୨୦।୧୧ (ସମିସ):** ୧୮ ନଭେମ୍ବର ୨୦୨୫: ପ୍ରାକୃତିକ ପୋର୍ସେଲିନ୍ ସ୍ଲାବ୍ ପୃଷ୍ଠ ପାଇଁ ଭାରତର ଅଗ୍ରଣୀ ବ୍ରାଣ୍ଡ ଷ୍ଟୋନେଲାମ୍, ୧୪ରୁ ୧୬ ନଭେମ୍ବର ୨୦୨୫ ପର୍ଯ୍ୟନ୍ତ ଭୁବନେଶ୍ୱରର ହୋଟେଲ କ୍ରିଷ୍ଟାଲ୍ କ୍ରାଉନ୍ ରେ ଆଇଆଇଏ ଓଡ଼ିଶା ଚାପ୍ଟର ଦ୍ୱାରା ଆୟୋଜିତ ଡିଜାଇନ୍ କାର୍ନିଭାଲ୍ ଏବଂ ବିଲ୍ଡ ଏକ୍ସପୋ ୨୦୨୫ରେ ଅଂଶଗ୍ରହଣ କରିଥିଲା। ଏଆଇ- ସ୍ଥାପତ୍ୟ ବୁଦ୍ଧିମତା: ଯେଉଁଠାରେ ଡିଜାଇନ୍ ଡିଜିଟାଲ୍ ଜ୍ଞାନକୁ ଭେଟିଥାଏ; ଥିମ୍ ଆଧାରିତ ୩-ଦିନିଆ ଫୋରମ୍ କିପରି କୃତ୍ରିମ ବୁଦ୍ଧିମତା, ସ୍ଥାୟୀତ୍ୱ ଏବଂ ଡିଜିଟାଲ୍ ନବସୃଜନ ନିର୍ମାଣ ପରିବେଶକୁ ପୁନଃଆକୃତି ଦେଉଛି ତାହା ଅନୁସନ୍ଧାନ କରିଥିଲା। ଏହି କାର୍ଯ୍ୟକ୍ରମ ବୁଦ୍ଧିମାନ ସାମଗ୍ରୀ ଡିଜାଇନ୍ ଏବଂ ନିର୍ମାଣର ଭବିଷ୍ୟତ ବିଷୟରେ ଆଲୋଚନା କରିବା ପାଇଁ ପ୍ରମୁଖ ସ୍ଥପତି, ଡିଜାଇନର୍ ଏବଂ ଶିଳ୍ପ ଦୂରଦର୍ଶୀମାନଙ୍କୁ ଏକତ୍ରିତ କରିଥିଲା। ଏକ୍ସପୋରେ, ଷ୍ଟୋନେଲାମ୍ ଏହାର ନୂତନତମ ବୃହତ-ଫର୍ମ, ଉଚ୍ଚ-କାରଣ ପୋର୍ସେଲିନ୍ ସ୍ଲାବ୍ ସଂଗ୍ରହ ପ୍ରଦର୍ଶନ କରିଥିଲା, ଯାହା ସେମାନଙ୍କର ନିର୍ବିଘ୍ନ ସୌନ୍ଦର୍ଯ୍ୟ, ପ୍ରାକୃତିକ ଗଠନ ଏବଂ ସର୍ବନିମ୍ନ ପରିବେଶଗତ ପଦଚିହ୍ନ ପାଇଁ ପାଳିତ ହୋଇଥିଲା।

## ପଞ୍ଚମ ଅଡିଟ୍ ସପ୍ତାହ-୨୦୨୫ ଉଦ୍‌ଘାଟିତ



**ଭୁବନେଶ୍ୱର,୨୦।୧୧(ସମିସ):** ଅଡିଟ ସପ୍ତାହ ପାଳନ ଅବସରରେ ଅଡିଟ ସଚେତନତା ପାଇଁ ରାଜ୍ୟ ସ୍ତରରେ ବିଭିନ୍ନ କାର୍ଯ୍ୟକ୍ରମ ଆୟୋଜନ କରାଯାଉଛି। ଏହି ପରିପ୍ରେକ୍ଷୀରେ ଏଜି ଅଫିସ ପକ୍ଷରୁ ସ୍ଥାନୀୟ ମହାଲେଖାକାର (ଏଜି) ଆନୁକୂଲ୍ୟରେ ଗୁରୁବାର ଗୀତ ଗୋବିନ୍ଦ ସଦନରେ ପଞ୍ଚମ ଅଡିଟ ସପ୍ତାହ-୨୦୨୫ର ଆନୁଷ୍ଠାନିକ ଉଦ୍‌ଘାଟନ ହୋଇଯାଇଛି। ପ୍ରଧାନ ମହାଲେଖାକାର ଡି. ସାହୁଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଉଦ୍‌ଘାଟନୀ ସମାରୋହରେ ପ୍ରଧାନ ମହାଲେଖାକାର ସୁବୁ. ଆର୍, ପୂର୍ବତଟ ରେଳବାଇର ପ୍ରମୁଖ ନିର୍ଦ୍ଦେଶକ ଅନୁପ ଫ୍ରାନ୍‌ସିସ୍ ଡୁଙ୍ଗଡୁଙ୍ଗ ଓ ମହାଲେଖାକାର (ଅଡିଟ-୨) ଅତୁଲ ପ୍ରକାଶ ସମ୍ମାନିତ ଅତିଥିରୂପେ ଯୋଗଦେଇଥିଲେ। ଉପମହାଲେଖାକାର ବାନ୍‌ଥୋ ରାକେଶ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମରେ ଭାରତୀୟ ଅଡିଟ ଓ ଆକାଉଣ୍ଟସ ବିଭାଗର କର୍ମଚାରୀମାନେ ଭାଗ ନେଇଥିଲେ। ଏହି ଅବସରରେ ଅଡିଟ-୨ କାର୍ଯ୍ୟାଳୟ ପରିସରରେ ଏକ ମେଗା ସ୍ୱାସ୍ଥ୍ୟ ଶିବିର ଅନୁଷ୍ଠିତ ହୋଇଥିଲା।

## ଜାପାନରେ ବଢ଼ିଲା ସୁଧ ହାର

### ଭାଙ୍ଗିଲା ୩୦ ବର୍ଷର ରେକର୍ଡ

**ନୂଆଦିଲ୍ଲୀ,୨୦।୧୧(ଏଜେନ୍ସି):** ଜାପାନ ପ୍ରାୟ ୩୦ ବର୍ଷ ପରେ ସୁଧହାର ବଢାଇ ସାରା ବିଶ୍ୱକୁ ଚମକାଇ ଦେଇଛି। ଦେଶର ଋଣଭାର ବଢି ୨.୮% ହୋଇଯାଇଛି। ଏଣୁ ଦୀର୍ଘ ଦଶନ୍ଧୀରୁ ନିବେଶକଙ୍କୁ ଲାଭ ଦେଇ ଆସୁଥିବା 'ୟେନ କ୍ୟାରି ଟ୍ରେଡ୍'ଏବେ ସଙ୍କଟରେ ପଡିଯାଇଛି। ଇନଭେଷ୍ଟମେଣ୍ଟ ବ୍ୟାଙ୍କର ସାର୍ଥକ ଆହୁଜା ଏହାକୁ ବଡ଼ ଧରଣର 'ବିପର୍ଯ୍ୟୟ' ବୋଲି କହିଛନ୍ତି। ପୂର୍ବରୁ ଜାପାନର ସୁଧହାର ୦% ରହୁଥିଲା। ଏଣୁ ବଡ଼ ବଡ଼ ସଂସ୍ଥା ଶସ୍ତା ୟେନ ଋଣ ନେଇ ଆମେରିକା ଓ ଭାରତ ଭଳି ବଜାରରୁ ୪-୮% ପର୍ଯ୍ୟନ୍ତ ରିଟର୍ଣ୍ଣ ପାଇ ପାରୁଥିଲେ। ଏଥିରେ ସୁଧହାର ଲାଗିବା ଏବେ ଚିନ୍ତାଜନକ ପରିସ୍ଥିତି ସୃଷ୍ଟି କରିଛି। ଯଦି ସୁଧହାର ୩% ପାର କରେ ତେବେ ଜାପାନର ଋଣ (ଜିଡିପିର ୨.୫ଗୁଣା)କୁ ସମ୍ଭାଳିବା କଷ୍ଟକର ହୋଇ ପଡିବ। ଏଣୁ ସଂଶୋଧନରେ ବିଚଳିତ ନିବେଶକ ଏବେ ସେମାନଙ୍କ ଆସେଟ୍ ବିକ୍ରି କରି ଜାପାନର ଋଣ ସୁଝିବାକୁ ଉଦ୍ୟମ କରିପାରନ୍ତି, ଯାହାର ପ୍ରଭାବ ବୈଶ୍ୱିକ ସେୟାର ମାର୍କେଟରେ ଦେଖା ଯାଇ ପାରେ। ୨୫ ବର୍ଷରେ ପ୍ରଥମ ଥର ଜାପାନରେ ମୁଦ୍ରାସ୍ଫିତି ୨.୫% ଉପରକୁ ପହଞ୍ଚିଛି। ତେବେ ବାସ୍ତବ ସୁଧରେ କୌଣସି ପରିବର୍ତ୍ତନ ହୋଇ ନାହିଁ। ମୂଲ୍ୟକୁ ନିୟନ୍ତ୍ରିତ ରଖିବାକୁ ବ୍ୟାଙ୍କ ଅଫ ଜାପାନ ସୁଧହାର ବଢାଇବାକୁ ଏବେ ବାଧ୍ୟ। ଗତ ଅଗଷ୍ଟରେ ଜାପାନ ସୁଧହାରରେ ୦.୨୫% ବୃଦ୍ଧି କରିଥିଲା। ଏଣୁ ନିକେଇରେ ୧୨% ପର୍ଯ୍ୟନ୍ତ ହ୍ରାସ ଦେଖା ଯାଇଥିଲା। ତେବେ ଜାପାନ ସୁଧହାର ବୃଦ୍ଧି କରିବା ଭାରତକୁ ମଧ୍ୟ ପ୍ରଭାବିତ କରିବ। ଭାରତରେ ଶସ୍ତା ପୁଞ୍ଜି ଉପଲବ୍ଧତା ହ୍ରାସ ହେବ। ଜାପାନୀ ନିବେଶକ ସେମାନଙ୍କ ନିବେଶକୁ ଜାପାନ ଫେରସ୍ତ ନେଇ ଯାଇ ପାରନ୍ତି।

# ଏଆଇ ମୋ ଚାକିରି ମଧ୍ୟ ଛଡାଇନେବ: ସୁନ୍ଦର ପିଚାଇ

**ନୂଆଦିଲ୍ଲୀ, ୨୦।୧୧ (ଏଜେନ୍ସି):** ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସି (ଏଆଇ) ଯୋଗୁ ଚାକିରି ପ୍ରତି ବଢୁଥିବା ବିପଦକୁ ନେଇ ସମସ୍ତଙ୍କ ମନରେ ଭୟର ଆଶଙ୍କା ରହିଛି। ଅନେକ କ୍ଷେତ୍ରରେ ଏଆଇ ଏପରେ ମଣିଷର ସ୍ଥାନ ନେବା ଆରମ୍ଭ କଲାଣି। ଏହାମଧ୍ୟରେ ଗୁଗଲ ସିଇଓ ସୁନ୍ଦର ପିଚାଇ କୌତୁହଳରେ କହିଛନ୍ତି ଯେ ଏଆଇ ଏତେ ଆଗକୁ ବଢୁଛି ଯେ



ଦିନେ ସିଇଓ ଚାକିରି ମଧ୍ୟ ମେସିନ କରିପାରିବ। ସୁନ୍ଦର ପିଚାଇଙ୍କ ମତରେ ଏଆଇ କେବଳ ଛୋଟ-ମୋଟ କାମ କରିବ ନାହିଁ, ବରଂ ଆଗାମୀ ସମୟରେ କମ୍ପାନୀଗୁଡ଼ିକ ପାଇଁ ବଡ଼ ନିଷ୍ପତ୍ତି ମଧ୍ୟ ନେଇପାରେ। ସେ କହିଛନ୍ତି ଯେ କିଛି କାମ ଏପରି ହୋଇଥାଏ, ଯାହା ନିୟମରେ ଚାଲିଥାଏ, ଯେପରିକି ରିପୋର୍ଟ ପଢିବା, ଡାଟା ବୁଝିବା, ପ୍ଲାନ କରିବା ଓ ନିଷ୍ପତ୍ତି ନେବା। ଏହି ସବୁ କାମ ଏଆଇ ପୂର୍ବରୁ ହିଁ ଭଲ ଭାବେ କରିପାରେ। ପିଚାଇଙ୍କ ମତରେ ଏଆଇ ଏବେ ଏତେ ବୁଦ୍ଧିମାନ ହୋଇସାରିଛି ଯେ ସେ ବଡ଼ ବଡ଼ ନିଷ୍ପତ୍ତି ବୁଝି ବିଚାରି ନେଇପାରିବ। ସେ କହିଛନ୍ତି ଯେ ଆଗାମୀ ୧୨ ମାସରେ ଏଆଇ ଏତେ ବିକଶିତ ହୋଇଯିବ ଯେ ସେ ମଣିଷଙ୍କ ପାଇଁ ଅନେକ ଜଟିଳ କାମ ନିଜେ କରିପାରିବ। ଅର୍ଥାତ୍ ଆପଣଙ୍କୁ କେବଳ କହିବାକୁ ହେବ ଓ ଏଆଇ ଆପଣଙ୍କ ପାଇଁ ପୂରା ଟାସ୍କ କରିଦେବ। ଆଗାମୀ ଏକ ବର୍ଷରେ ଏଆଇ 'ଏଜେଣ୍ଟ' ପାଲଟି ଯିବେ।

### ଚାପ ପକାଇବାରେ ସଫଳ ହେଉଛନ୍ତି ଟ୍ରମ୍ପ

## ଋଷରୁ ତୈଳ ଆମଦାନୀ ୬୬% କମିଲା

**ନୂଆଦିଲ୍ଲୀ,୨୦।୧୧(ଏଜେନ୍ସି):** ଋଷକୁ ଆର୍ଥିକ ସ୍ତରରେ ଦୁର୍ବଳ କରିବା ପାଇଁ ଆମେରିକା ମସ୍କୋ ଠାରୁ ତେଲ କିଣୁଥିବା ସମସ୍ତ ଦେଶ ଉପରେ ଶୁଳ୍କ ଲଗାଇଛି। ଯେଉଁଥିରେ ଭାରତ ବି ରହିଛି। ଭାରତ ଉପରେ କେବଳ ଏଥିପାଇଁ ଅତିରିକ୍ତ ୨୫% ମୋଟ ୫୦% ଶୁଳ୍କ ଲଗାଇଛନ୍ତି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ। ଆଗକୁ ପୁଣି ୫୦୦% ଶୁଳ୍କ ଲଗାଇବାକୁ ଯୋଜନା ଚାଲିଛି। ଏ ନେଇ ଆମେରିକା ସିନେଟରେ ପ୍ରସ୍ତାବ ମଧ୍ୟ ଆଗତ ହୋଇସାରିଛି।

**ପୁଣି ୫୦୦% ଶୁଳ୍କ ଲଗାଇବାକୁ ସିନେଟରେ ପ୍ରସ୍ତାବ ଆଗତ**

ତେବେ ଭାରତ ଉପରେ ହାକିମାତି ଜାହିର କରିବାରେ ସଫଳ ହୋଇଛନ୍ତି ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ। କାରଣ ଭାରତ ବର୍ତ୍ତମାନ ବିକଶିତ ସ୍ତରରେ ରହିଛି। ତେଣୁ ଆମେରିକା ସହିତ ପଙ୍ଗା ନେବା ମହଙ୍ଗା ପଡ଼ିପାରେ। ଏଥିପାଇଁ ରଣନୈତିକ ସ୍ତରରେ ଭାରତ ଋଷ ଠାରୁ ତେଲ କିଣିବା କମାଇ ଦେଇଛି। ସଦ୍ୟ ତଥ୍ୟାନୁସାରେ, ନଭେମ୍ବରରେ ରୁଷରୁ ଆସୁଥିବା ଅଶୋଧିତ ତୈଳର ପରିବହନରେ ୬୬% ହ୍ରାସ ଘଟିଛି। ଆମେରିକା ଋଷର ଦୁଇଟି ବଡ଼ ତୈଳ କମ୍ପାନୀ ରୋସନେଫ୍ଟ ଏବଂ ଲୁକୋଏଲ ଉପରେ କଟକଣା ଲଗାଇଛି। ଯାହା ନଭେମ୍ବର ୨୧ ତାରିଖରେ ଲାଗୁ ହେବ। ଏଥିପ୍ରତି ଭାରତରେ ରିଫାଇନାରୀମାନେ ସତର୍କତା ଅବଲମ୍ବନ କରି ତୈଳ ଆମଦାନୀ କମାଇ ଦେଇଛନ୍ତି। ଫଳରେ ଟ୍ରମ୍ପ ତାଙ୍କ ଚାଲ୍‌ରେ ସଫଳ ହେଉଥିବା ଦେଖାଯାଉଛି। ବିଶ୍ୱସ୍ତରୀୟ ରିଅଲ୍-ଟାଇମ୍ ଡାଟା ଏବଂ ବିଶ୍ଳେଷଣ ତଥ୍ୟ ପ୍ରଦାନକାରୀ ସଂସ୍ଥା କେପ୍‌ଲର ଅନୁଯାୟୀ, ନଭେମ୍ବର ୧-୧୭ ମଧ୍ୟରେ ଭାରତ ରୁଷ ଠାରୁ ହାରାହାରି ପ୍ରତିଦିନ ୬୭୨,୦୦୦ ବ୍ୟାରେଲ (ବିପିଡି) ଅଶୋଧିତ ତୈଳ ଆମଦାନୀ କରିଥିଲା। ଏହା ଅକ୍ଟୋବରର ୧.୮୮ ନିୟୁତ ବିପିଡି ତୁଳନାରେ ବହୁତ କମ। ରିପୋର୍ଟ ଅନୁଯାୟୀ, ନଭେମ୍ବରରେ ସମସ୍ତ ପାର୍ଟନର୍ ଦେଶଗୁଡ଼ିକୁ ରୁଷର ସାମଗ୍ରିକ ତୈଳ ଯୋଗାଣ ୨୮% ହ୍ରାସ ପାଇ ୨.୭୮ ନିୟୁତ ବିପିଡି ହୋଇଛି।


# ଅନ୍‌ଲାଇନ୍ ଶପିଙ୍ଗରେ ବନ୍ଦ ହେବ 'ଡାର୍କ ପାଟର୍ନ' ବ୍ୟବହାର

**ନୂଆଦିଲ୍ଲୀ,୨୦।୧୧(ଏଜେନ୍ସି):** ଦେଶର ୨୪ଟି ପ୍ରମୁଖ ଇ-କମର୍ସ ପ୍ଲାଟଫର୍ମ ଘୋଷଣା କରିଛନ୍ତି ଯେ ସେମାନେ ସେମାନଙ୍କର ଆପ୍ ଏବଂ ୱେବସାଇଟରେ ଡାର୍କ ପାଟର୍ନ ବ୍ୟବହାର ବନ୍ଦ କରିଦେବେ। ଆଭ୍ୟନ୍ତରୀଣ କିମ୍ବା ତୃତୀୟ-ପକ୍ଷ ଅଡିଟ୍ ପରେ ଏହି କମ୍ପାନୀଗୁଡ଼ିକ କେନ୍ଦ୍ରୀୟ ଗ୍ରାହକ ସୁରକ୍ଷା ପ୍ରାଧିକରଣ (ସିସିପିଏ) ନିକଟରେ ଏକ ସ୍ୱ-ଘୋଷଣା ପତ୍ର ଦାଖଲ କରିଛନ୍ତି। ଏଥିରେ ଫ୍ଲିପ୍‌କାର୍ଟ, ମିନ୍ତ୍ରା, ଜୋମାଟୋ, ଏବଂ ସ୍ୱିଗି ଭଳି ପ୍ଲାଟଫର୍ମ ରହିଛି। ଏହି କମ୍ପାନୀଗୁଡ଼ିକ କିରାଣା, ଖାଦ୍ୟ ବିତରଣ, ଫାର୍ମାସୀ, ଫ୍ୟାଶନ୍ ଏବଂ ଟ୍ରାଭେଲ୍ କ୍ଷେତ୍ରରେ କାର୍ଯ୍ୟରତ। ଗ୍ରାହକମାନଙ୍କୁ ଯାଞ୍ଚ କରିବା ପାଇଁ କମ୍ପାନୀଗୁଡ଼ିକ ଏହି ଘୋଷଣାଗୁଡ଼ିକୁ ସେମାନଙ୍କର ୱେବସାଇଟରେ ଅପଲୋଡ୍ ମଧ୍ୟ କରିଛନ୍ତି। ଗ୍ରାହକ ବ୍ୟାପାର ବିଭାଗ ଏହାକୁ ଡିଜିଟାଲ୍ ଗ୍ରାହକ ସୁରକ୍ଷା ଦିଗରେ ଏକ ପ୍ରମୁଖ ପଦକ୍ଷେପ ବୋଲି କହିଛି, ଯାହା ଅନ୍ୟ କମ୍ପାନୀଗୁଡ଼ିକୁ ଆତ୍ମ-ନିୟନ୍ତ୍ରଣ ଗ୍ରହଣ କରିବାକୁ ଉତ୍ସାହିତ କରିବ।

### ଡାର୍କ ପାଟର୍ନ କ'ଣ ?

ଡାର୍କ ପାଟର୍ନଗୁଡ଼ିକ ହେଉଛି ଏପରି କୌଶଳ ଯାହା ଅନଲାଇନ୍ ସର୍ଫ କରିବା ସମୟରେ ବ୍ୟବହାରକାରୀଙ୍କୁ ଭ୍ରମିତ କରିଥାଏ। ଏଥିରେ ଏକ ମିଥ୍ୟା ଜରୁରି ବାର୍ତ୍ତା ସୃଷ୍ଟି କରାଯାଏ। ଯେପରିକି 'ଏବେ କିଣନ୍ତୁ ନଚେତ୍ ଆମର ଷ୍ଟକ୍ ଶେଷ ହୋଇଯିବ'। ଏହାଛଡା ଗୋପନରେ କାର୍ଟରେ ଅତିରିକ୍ତ ଜିନିଷ ଯୋଡ଼ିଦେବା ଭଳି କାର୍ଯ୍ୟ ଅନ୍ତର୍ଭୁକ୍ତ। ୨୦୨୩ ମସିହାରେ ଅଧିସୂଚିତ ହୋଇଥିବା ଡାର୍କ ପାଟର୍ନର ନିବାରଣ ଏବଂ ନିୟନ୍ତ୍ରଣ ପାଇଁ ନିର୍ଦ୍ଦେଶାବଳୀ ୧୩ଟି ଏପରି ପ୍ୟାଟର୍ଣ୍ଣକୁ ନିଷିଦ୍ଧ କରିଛି। ଏଥିରେ ମିଥ୍ୟା ଏମର୍ଜେନ୍ସି, ବାସ୍କେଟ ସ୍ନିକିଂ, କନଫର୍ମେଶନ୍ ସୋମିଂ, ବାଧ୍ୟତାମୂଳକ କାର୍ଯ୍ୟାନୁଷ୍ଠାନ, ସବସ୍କ୍ରିପସନ୍ ଟ୍ରାପ୍, ଇଣ୍ଟରଫେସ୍ ହସ୍ତକ୍ଷେପ, ବାଇଟ୍ ଏବଂ ସ୍ୱିଚ୍, ଡ୍ରିପ୍ ମୂଲ୍ୟ ନିର୍ଦ୍ଧାରଣ, ଗୁପ୍ତ ବିଜ୍ଞାପନ, ନେଗିଂ, ଟ୍ରିକ୍ ୱାର୍ଡିଂ, ସାସ୍ ବିଲିଂ ଏବଂ ରଗ୍ ମାଲୱେର୍ ଅନ୍ତର୍ଭୁକ୍ତ।

- ସିସିପିଏ ନିକଟରେ କମ୍ପାନୀଙ୍କ ଘୋଷଣାନାମା ଦାଖଲ
- ଡାର୍କ ପାଟର୍ନରେ ଅନ୍‌ଲାଇନ୍ ଶପିଙ୍ଗରେ ବ୍ୟବହାରକାରୀଙ୍କୁ ଭ୍ରମିତ କରାଯାଏ
- ଡାର୍କ ପାଟର୍ନ ଅଭ୍ୟାସ ନ କରିବାକୁ ସ୍ୱେଚ୍ଛାକୃତ ପ୍ରତିଶ୍ରୁତି ଦେଲେ କମ୍ପାନୀ




ଏହି କୌଶଳଗୁଡ଼ିକ ଗ୍ରାହକମାନଙ୍କୁ ଅନାବଶ୍ୟକ ଉତ୍ପାଦ କ୍ରୟ କରିବାକୁ କିମ୍ବା ସବସ୍କ୍ରିପସନ୍ ସବସ୍କ୍ରାଇବ କରିବାକୁ ପ୍ରତାରଣା କରିବା ପାଇଁ ବ୍ୟବହାର କରାଯାଏ। ଡିଜିଟାଲ୍ ବଜାରରେ ସ୍ୱଚ୍ଛତା ଆଣିବା ପାଇଁ ଗ୍ରାହକ ସୁରକ୍ଷା ଆଇନ ୨୦୧୯ ଅଧୀନରେ ଏହି ନିର୍ଦ୍ଦେଶାବଳୀ ୨୦୨୩ ନଭେମ୍ବର ୩୦ରେ କାର୍ଯ୍ୟକାରୀ ହୋଇଥିଲା।

ଗ୍ରାହକ ବ୍ୟାପାର ବିଭାଗ ଚଳିତବର୍ଷ ଜୁନ୍‌ରେ ଏକ ପରାମର୍ଶ ଜାରି କରିଥିଲା, ଯେଉଁଥିରେ ଇ-କମର୍ସ କମ୍ପାନୀଗୁଡ଼ିକୁ ଏକ ଆତ୍ମ-ସମୀକ୍ଷା କରିବାକୁ ଏବଂ ତିନି ମାସ ମଧ୍ୟରେ ଏକ ଘୋଷଣାପତ୍ର ଦାଖଲ କରିବାକୁ ବାଧ୍ୟ କରାଯାଇଥିଲା। ଗ୍ରାହକମାନଙ୍କୁ ଡାର୍କ ପାଟର୍ନ ଚିହ୍ନଟ କରିବାରେ ଏବଂ ଅଭିଯୋଗ ଦାଖଲ କରିବାରେ ସାହାଯ୍ୟ କରିବା ପାଇଁ ଜାତୀୟ ଗ୍ରାହକ ହେଲ୍ପଲାଇନ୍ ମାଧ୍ୟମରେ ସୋସିଆଲ ମିଡିଆ ଅଭିଯାନ, ସୂଚନାମୂଳକ ଭିଡିଓ ଏବଂ କର୍ମଶାଳା କରାଯାଇଥିଲା।

ସିସିପିଏ ଏହାକୁ ଏକ ଉଦାହରଣ ଭାବରେ ଉଲ୍ଲେଖ କରିଛି ଏବଂ ଅନ୍ୟ ଡିଜିଟାଲ୍ କମ୍ପାନୀମାନଙ୍କୁ ଏହାକୁ ଅନୁସରଣ କରିବାକୁ ଅନୁରୋଧ କରିଛି। ଯଦି କୌଣସି କମ୍ପାନୀ ସମୟସୀମା ହରାଏ, ତେବେ ନିୟାମକ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିପାରନ୍ତି। ବର୍ତ୍ତମାନ, କମ୍ପାନୀଗୁଡ଼ିକ ସ୍ୱେଚ୍ଛାକୃତ ଭାବରେ ଡାର୍କ ପ୍ୟାଟର୍ନ ଅଭ୍ୟାସ ନ କରିବାକୁ ପ୍ରତିଶ୍ରୁତି ଦେଇଛନ୍ତି, କିନ୍ତୁ ସରକାର ଭବିଷ୍ୟତରେ ଏହାକୁ କଡ଼ାକଡ଼ି ଲାଗୁ କରିପାରନ୍ତି। ଏହା ନିଶ୍ଚିତ କରିବ ଯେ ଗ୍ରାହକମାନେ ସର୍ଫ ଆପ୍ ବ୍ୟବହାର କରିବା ସମୟରେ କମ୍ ଠକେଇର ସମ୍ମୁଖୀନ ହେବେ, ଯାହା ଏକ ନିରାପଦ ଏବଂ ସ୍ୱଚ୍ଛ ଅଭିଜ୍ଞତା ଆଣିବ।

## ଆଜିର ରାଶିଫଳ

**ମେଷ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ବନ୍ଧୁଙ୍କ ସହାୟତା ମିଳିବ। ନକାରାତ୍ମକ ଚିନ୍ତା ଦୂର ହେବ।

**ବୃଷ:** ଯାତ୍ରା ଯୋଗ ଅଛି। ଯାନବାହନ କିଣିବେ। ନିବେଶରୁ ଦୂରେଇ ରୁହନ୍ତୁ। ଛାତ୍ରଛାତ୍ରୀ ମନପସନ୍ଦ କାର୍ଯ୍ୟରେ ସମୟ ଅତିବାହିତ କରିବେ। ବନ୍ଧୁଙ୍କ ସହ ମନୋମାଳିନ୍ୟ ଦେଖା ଦେବ।

**ମିଥୁନ:** ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ମନ ପ୍ରସନ୍ନ ରହିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ। ଘରେ ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଆସିବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ଚାକିରିରେ ସଫଳତା ମିଳିବ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିବ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିକୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଆର୍ଥିକ ମାମଲାରେ ସୁଧାର ଆସିବ। ମାଆଙ୍କ ସ୍ୱାସ୍ଥ୍ୟାବସ୍ଥା ପାଇଁ ଚିନ୍ତାରେ ରହିବେ। ଅଫିସ୍ କାମ ପାଇଁ ଦୂରଯାତ୍ରା କରିପାରନ୍ତି। ଦାନଧର୍ମ କରନ୍ତୁ। ମହିଳାମାନେ ଘରକାମରେ ବ୍ୟସ୍ତ ରହିବେ।

## ଆଜିର ଇତିହାସ

- ୧୯୦୬-ଚୀନ୍ ଅଫିମ ବ୍ୟବସାୟ ଉପରେ ରୋକ୍ ଲଗାଗଲା।
- ୧୯୪୭-ସ୍ୱାଧୀନତା ପରେ ଦେଶରେ ପ୍ରଥମ ଥର ଡାକଟିକଟ ଜାରି କରାଗଲା।
- ୧୯୭୦- ଭାରତର ପ୍ରସିଦ୍ଧ ବୈଜ୍ଞାନିକ ଚନ୍ଦ୍ରଶେଖର ଭେଙ୍କଟରମଣଙ୍କ ଦେହାନ୍ତ।
- ୧୯୯୯- ଚୀନ୍ ପ୍ରଥମ ମାନବ ରହିତ ମହାକାଶଯାନ 'ଶେନ୍‌ଝୁ'କୁ ପ୍ରକ୍ଷେପଣ କଲା।



# ବିଶ୍ୱ ଟେଲିଭିଜନ ଦିବସ

ଆଜି ବିଶ୍ୱ ଟେଲିଭିଜନ ଦିବସ। କଳାଧଳା ଯୁଗରୁ ଆରମ୍ଭ ହୋଇଥିବା ଟେଲିଭିଜନ ଏବେ ସ୍ମାର୍ଟ ଟିଭିରେ ପହଞ୍ଚିଲାଣି। ମନୋରଞ୍ଜନର ଏକ ପ୍ରମୁଖ ଅଂଶ ଟେଲିଭିଜନର ଗୁରୁତ୍ୱ ସମ୍ପର୍କରେ ଜନସାଧାରଣଙ୍କୁ ଅବଗତ କରିବା ନିମନ୍ତେ ପ୍ରତିବର୍ଷ ନଭେମ୍ବର ୨୧ ତାରିଖକୁ ବିଶ୍ୱ ଟେଲିଭିଜନ ଦିବସ ଭାବେ ପାଳନ କରାଯାଏ। ୧୯୯୬ ମସିହା ନଭେମ୍ବର ୨୧ ଓ ୨୨ ତାରିଖ ଦିନ, ବିଶ୍ୱର ପ୍ରଥମ ଟେଲିଭିଜନ ଫୋରମ୍ ଆୟୋଜନ କରାଯାଇଥିଲା। ପରେ ଜାତିସଂଘ ସାଧାରଣ ପରିଷଦ ସେହି ବର୍ଷ ଡିସେମ୍ବର ୧୭ ତାରିଖରେ, ୨୧ ନଭେମ୍ବରକୁ ବିଶ୍ୱ ଟେଲିଭିଜନ ଦିବସ ଭାବେ ପାଳନ ପାଇଁ ଘୋଷଣା କରିଥିଲା। ଜାତିସଂଘ ଏହାର ସଦସ୍ୟ ରାଷ୍ଟ୍ରଙ୍କୁ ଆମନ୍ତ୍ରଣ କରି ବିଶ୍ୱର ସବୁଦେଶ ମଧ୍ୟରେ ଟେଲିଭିଜନ କାର୍ଯ୍ୟକ୍ରମର ଆଦାନପ୍ରଦାନକୁ ପ୍ରୋତ୍ସାହିତ କରିବା ସହ ଏହା ମାଧ୍ୟମରେ କିପରି ବିଶ୍ୱର ଅର୍ଥନୀତି, ସୁରକ୍ଷା, ସାମାଜିକ ବିକାଶ, ଶାନ୍ତି ଓ ସାଂସ୍କୃତିକ ପରିବର୍ତ୍ତନକୁ ଆଗକୁ ନେଇହେବ, ତା'ଉପରେ ଗୁରୁତ୍ୱାରୋପ କରିଥିଲା। ସେବେଠାରୁ ବିଶ୍ୱ ଟେଲିଭିଜନ ଦିବସ ଅବସରରେ ଏହି ସବୁ ଲକ୍ଷ୍ୟ ପୂରଣ ନିମନ୍ତେ ଟେଲିଭିଜନ କେତେ ସକ୍ଷମ ହୋଇପାରିଛି, ତା'ର ସମୀକ୍ଷା କରାଯାଏ। ଟେଲିଭିଜନ ରେଡିଓର ଏକ ବିକଶିତ ରୂପ କହିଲେ କିଛି ଭୁଲ୍ ହେବ ନାହିଁ। ଭାରତରେ ପ୍ରଥମେ ଦୂରଦର୍ଶନ ଆକାଶବାଣୀ ସହିତ ସଂଲଗ୍ନ ଥିଲା, ଅବଶ୍ୟ ପରେ ଏହା ଅଲଗା ହୋଇଯାଇଥିଲା। ଟେଲିଭିଜନ ଗୁରୁତ୍ୱ ସମ୍ପର୍କରେ ସଚେତନତା ସୃଷ୍ଟି କରିବା ସହ ବିଶ୍ୱରେ ଯେଉଁ ସମସ୍ୟା ଲୋକମାନଙ୍କୁ ବେଶି ପ୍ରଭାବିତ କରୁଛି, ତାହାକୁ ଟେଲିଭିଜନ ଦ୍ୱାରା କିପରି ଦୂର କରାଯାଇପାରିବ, ତାହା ଏହି ଦିବସର ଲକ୍ଷ୍ୟ ଭାବେ ଗ୍ରହଣ କରାଯାଇଛି। ଟେଲିଭିଜନ ଏକ ଗଣମାଧ୍ୟମ, ଯାହା ମନୋରଞ୍ଜନ, ଶିକ୍ଷା, ରାଜନୀତି, ସ୍ୱାସ୍ଥ୍ୟ, ଦେଶ ବିଦେଶର ଘଟଣାବଳୀ ବିଷୟରେ ଲୋକଙ୍କୁ ଅବଗତ କରାଇଥାଏ। ୧୯୨୪ ମସିହାରେ ଜନ୍ ଲୋଜି ବଏଡ୍ ଟେଲିଭିଜନର ଉଦ୍ଭାବନ କରିଥିଲେ। ତାପରେ ଏହାର ବହୁ ପରିବର୍ତ୍ତନ ପରିଲକ୍ଷିତ ହୋଇଥିଲା। ଆମ ଦେଶରେ ଟେଲିଭିଜନ ବା ଟିଭି ଏକ ଉପକରଣ ନୁହେଁ, ମନୋରଞ୍ଜନର ଏକ ବଳିଷ୍ଠ ମାଧ୍ୟମ। ଯେତେବେଳେ ମୋବାଇଲ୍ ଓ ଇଣ୍ଟରନେଟ୍ ବ୍ୟବସ୍ଥା ନ ଥିଲା, ଯାହା ଘରକୁ ଟିଭି ଆସୁଥିଲା, କେବଳ ପାଖ ପଡ଼ୋଶୀ ନୁହଁନ୍ତି, ଆଖପାଖ ଅଞ୍ଚଳରେ ଲୋକେ ଦେଖିବା ପାଇଁ ପହଞ୍ଚୁଥିଲେ। ଏବେ କିନ୍ତୁ ଘରେ ଘରେ ଟିଭି। ସ୍ମାର୍ଟଫୋନ୍‌ର ଅଭିବୃଦ୍ଧି ଏବେ ଟେଲିଭିଜନର ଲୋକପ୍ରିୟତାକୁ କିଛି ମାତ୍ରାରେ ହ୍ରାସ କରିଛି। ବ୍ୟସ୍ତବହୁଳ ଜୀବନ ଭିତରେ ଲୋକେ ଟିଭି ସାମନାରେ ବସିବାର ସମୟ ପାଉନାହାନ୍ତି। ଏପରିସ୍ଥିତିରେ ଟିଭି ଯୁଗ ଖୁବଶୀଘ୍ର ଶେଷ ହୋଇଯିବ ବୋଲି ଗବେଷକମାନେ ମତ ଦେଇଛନ୍ତି। ଅନ୍ୟପଟେ କରୋନା ସଂକ୍ରମଣ ଏବଂ ଲକ୍‌ଡାଉନ୍‌ରେ ଟିଭି ଦର୍ଶକଙ୍କ ସଂଖ୍ୟା ବଢ଼ିଥିବା ଏକ ରିପୋର୍ଟରୁ ଜଣାପଡିଛି। ଆଜି ବି ସାମାଜିକ ଗଣମାଧ୍ୟମର ଭିଡ଼ ମଧ୍ୟରେ ବି ଟିଭି ତାର ଲୋକପ୍ରିୟତା ହରାଇ ନାହିଁ। ଏହି ଦିବସ ପାଳନ ଅବସରରେ ବିଭିନ୍ନ ଶିକ୍ଷାନୁଷ୍ଠାନ ଗଣମାଧ୍ୟମ ସଂସ୍ଥାଗୁଡ଼ିକରେ ଟେଲିଭିଜନର ବିକାଶ ଯାତ୍ରା ଓ ଡିଜାଟାଲ ଯୁଗରେ ଏହାର ଭବିଷ୍ୟତକୁ ନେଇ କର୍ମଶାଳା ଆୟୋଜନ କରାଯାଏ।



# କାନ୍ଥରେ ଚାଷ

କୃଷି କ୍ଷେତ୍ରରେ ଉନ୍ନତମାନର ଶସ୍ୟ ଉତ୍ପାଦନ ପାଇଁ ଆଧୁନିକ ଶୈଳୀ ସବୁ ଆପଣାଯାଉଛି। ଏହାଦ୍ୱାରା ଅମଳ ଭଲ ହେବା ସହ ଚାଷକାର୍ଯ୍ୟ ସହଜ ହୋଇପାରୁଛି। ଏହି କ୍ରମରେ ଏପରି ଏକ ଦେଶ ରହିଛି, ଯେଉଁଠି ଲୋକେ ଜମି ବଦଳରେ କାନ୍ଥରେ ଚାଷ କରନ୍ତି। ତେବେ ଇସ୍ରାଏଲ୍‌ରେ ଏହି ନିଆରା ଶୈଳୀରେ ଚାଷକାର୍ଯ୍ୟ କରାଯାଉଛି। ଏଠାରେ ଧାନ, ଗହମ ଓ ପନିପରିବା ମଧ୍ୟ ଏହି ପ୍ରକ୍ରିୟାରେ ଚାଷ କରାଯାଉଛି। ଏହି ନିଆରା ଚାଷ ପ୍ରଣାଳୀକୁ ଭର୍ଟିକାଲ ଫାର୍ମି ଅର୍ଥାତ୍ କାନ୍ଥରେ ଚାଷ କରିବା କୁହାଯାଏ। ଏହି ପଦ୍ଧତିରେ ଗଛଗୁଡ଼ିକୁ ଫୁଲକୁଣ୍ଡରେ ଛୋଟ ୟୁନିଟ୍‌ରେ ଲଗାଯାଏ। ଏହାପରେ ଗଛଗୁଡ଼ିକୁ କାନ୍ଥରେ ସେଟ୍ କରାଯାଏ। କାନ୍ଥରୁ ଫୁଲକୁଣ୍ଡଗୁଡ଼ିକ ଯେମିତି ପଡ଼ି ନ ଯାଏ, ସେଥିପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା ହୋଇଥାଏ। ଅବଶ୍ୟ ଗଛକୁ ଯେମିତି ପାଣି ଓ ଉପଯୁକ୍ତ ପୋଷକତତ୍ତ୍ୱ ମିଳିପାରିବ ସେବ୍ୟବସ୍ଥା ମଧ୍ୟ କରାଯାଇଥାଏ। କିଛି ସମୟ ପାଇଁ ଗଛକୁ କାନ୍ଥରୁ ବାହାର କରାଯାଇଥାଏ ଏବଂ ପୁନର୍ବାର କାନ୍ଥରେ ରଖାଯାଏ। ଇସ୍ରାଏଲରେ ଚାଷଜମିର ଅଭାବ ଦେଖାଯାଏ। ଏହି ସମସ୍ୟାରୁ ମୁକ୍ତି ପାଇବା ପାଇଁ ଲୋକେ ଭର୍ଟିକାଲ ଫାର୍ମି ସାହାଯ୍ୟ ନେଉଛନ୍ତି। ଇସ୍ରାଏଲ୍ ବ୍ୟତୀତ ଏହି ଚାଷ ପଦ୍ଧତି ଆମେରିକା, ଚୀନ୍ ଓ ଇଉରୋପରେ ଦ୍ରୁତ ଗତିରେ ବୃଦ୍ଧି ପାଇଛି। ଏହିଭଳି ଉପାୟରେ ଚାଷ କରିବାର ସବୁଠୁ ବଡ଼ ଫାଏଦା ହେଉଛି କାନ୍ଥରେ ଗଛଲତା ରହିବା ଦ୍ୱାରା ଘରର ତାପମାତ୍ରା ବୃଦ୍ଧିପାଏ ନାହିଁ। ଏହାବାଦ୍ ଶବ୍ଦ ପ୍ରଦୂଷଣର ପ୍ରଭାବ ମଧ୍ୟ ହ୍ରାସ ପାଏ। ଏନେଇ ବିଶେଷଜ୍ଞଙ୍କ କହିବାନୁଯାୟୀ, ଆଗାମୀ ଦିନରେ ଚାଷଜମି ନ ଥିବା ଦେଶଗୁଡ଼ିକ ପାଇଁ ଏହା ଗେମ୍ ଚେଞ୍ଜର ସାବ୍ୟସ୍ତ ହେବ।

# ଦୁଇଟି ପାର୍ଟରେ ଆସିବ 'ଧୁରନ୍ଧର'

ବଲିଉଡ୍ ଅଭିନେତା ରଣବୀର ସିଂହଙ୍କ ଫିଲ୍ମ 'ଧୁରନ୍ଧର' ଟ୍ରେଲର୍ ଇତିମଧ୍ୟରେ ରିଲିଜ୍ ହୋଇଛି। ଆଦିତ୍ୟ ଧର ଏହାର ନିର୍ଦ୍ଦେଶନା ଦେଇଛନ୍ତି। ଫିଲ୍ମର ଟ୍ରେଲର୍ ଦର୍ଶକଙ୍କୁ ବେଶ୍ ପସନ୍ଦ ଆସିଛି। ରଣବୀରଙ୍କର ଜବରଦସ୍ତ ଲୁକ୍ ଓ ଆକ୍ସନ୍ ଦର୍ଶନଙ୍କ ମନ ଜିଣିଛି। ଏହି ଫିଲ୍ମ ପାଇଁ ରଣବୀର ୩୦ରୁ ୪୦ କୋଟି ନେଇଥିବା ଚର୍ଚ୍ଚା ହେଉଛି। ଏଥିରେ ଲିଡ୍ ରୋଲରେ ରଣବୀର ସିଂହ, ସାରା ଅର୍ଜୁନ୍, ସଞ୍ଜୟ ଦତ୍ତ, ଅକ୍ଷୟ ଖାନ୍ନା, ଅର୍ଜୁନ୍ ରାମପାଲ, ଆର୍ ମାଧବନ୍ ଦେଖାଯିବେ। ଏହା ଡିସେମ୍ବର ୫ରେ ମୁକ୍ତିଲାଭ କରିବ। ଫିଲ୍ମର କାହାଣୀ ଏକ ସିକ୍ରେଟ୍ ମିଶନ ଉପରେ ଆଧାରିତ। ଧୂଆଁଧାର ଆକ୍ସନ, ଜବରଦସ୍ତ ସଂଳାପ ସହ ଦମ୍‌ଦାର୍ ସିନ୍ ଏଥିରେ ଦେଖିବାକୁ ମିଳିବ। ଏହା ଦୁଇଟି ପାର୍ଟରେ ରିଲିଜ୍ ହେବ ବୋଲି ଫିଲ୍ମ ନିର୍ମାତା କହିଛନ୍ତି। ପ୍ରଥମ ପାର୍ଟ ଡିସେମ୍ବର ୫ରେ ଆସିବ ଓ ଦ୍ୱିତୀୟ ପାର୍ଟ ଆସନ୍ତା ବର୍ଷ ଆସିବ। ପ୍ରଥମ ପାର୍ଟର ଶେଷରେ ଦ୍ୱିତୀୟ ପାର୍ଟ କଥା ଘୋଷଣା କରାଯାଇପାରେ ବୋଲି କୁହାଯାଉଛି।






## 'ସକାଳ'ର ସ୍ୱାସ୍ଥ୍ୟ

# ଆଲ୍‌ଫା-ଗାଲ୍-ସିଣ୍ଡ୍ରୋମ



**ଆଲ୍‌ଫା –ଗାଲ୍ ସିଣ୍ଡ୍ରୋମ ଏକ ବିରଳ ଆଲର୍ଜି, ଯାହାକି ଏକ ସ୍ୱତନ୍ତ୍ର ଟିକ୍‌ଙ୍କ କାମୁଡ଼ିବା ଓ ରେଡମିଟ୍ ଖାଇବା ଯୋଗୁ ହୋଇଥାଏ। ୨୦୨୪ରେ ନ୍ୟୁ ଜର୍ସିର ଜଣେ ୪୭ ବର୍ଷୀୟ ବ୍ୟକ୍ତି ବର୍ଗର ଖାଇବା ଯୋଗୁ ତାଙ୍କର ମୃତ୍ୟୁ ଘଟିଥିଲା। ନାନା ଗବେଷଣା ପରେ ତାଙ୍କ ମୃତ୍ୟୁର କାରଣ ରେଡ ମିଟ୍ ଆଲର୍ଜି ବୋଲି ଜଣାପଡ଼ିଛି। ଏହାକୁ ଆଲଫା-ଗାଲ୍ ସିଣ୍ଡ୍ରୋମ କୁହାଯାଏ। ତେବେ ଏହି ରୋଗର କାରଣ, ଲକ୍ଷଣ ଏବଂ ପ୍ରତିକାର କ'ଣ ଜାଣିବା।**

ଆଲ୍‌ଫା-ଗାଲ୍ ଏକ କାର୍ବୋହାଇଡ୍ରେଟ୍ ଅଣୁ। ଏହା ସ୍ତନ୍ୟପାୟୀ ପ୍ରାଣୀ (ମାନବ ବ୍ୟତୀତ) ଏବଂ ଏକ ଟିକ୍‌ଙ୍କର ଲାଳରୁ ମିଳିଥାଏ। ଏହି ଟିକ୍‌ଙ୍କ କାମୁଡିବା ଦ୍ୱାରା ଶରୀରରେ ଆଲର୍ଜି ସୃଷ୍ଟି ହୁଏ। ଏହାକୁ ଆଲଫା-ଗାଲ୍ ଆଲର୍ଜି କୁହାଯାଏ। ଏହା ଏକ ପ୍ରକାରର ଖାଦ୍ୟ ଆଲର୍ଜି। ମୁଖ୍ୟତଃ ରେଡ୍‌ମିଟ (ବିଫ୍, ପର୍କ, ମଟନ) ପ୍ରସ୍ତୁତ ଉତ୍ପାଦ ପ୍ରତି ଏହା ଅଧିକ ପ୍ରତିକ୍ରିୟା କରେ। ଆମେରିକାର ଦକ୍ଷିଣ ପୂର୍ବ ଏବଂ କେନ୍ଦ୍ରୀୟ ଅଞ୍ଚଳରେ ଅଧିକାଂଶ ଏହି ରୋଗରେ ଆକ୍ରାନ୍ତ ହୁଅନ୍ତି। 'ଲୋନ ଷ୍ଟାର' ଟିକ୍‌ଙ୍କ କାମୁଡିଲେ ଏହାର ଲାଳର ବିଷାକ୍ତ ମନୁଷ୍ୟ ଶରୀରକୁ ପ୍ରବେଶ କରି ରୋଗପ୍ରତିରୋଧକ ପ୍ରଣାଳୀକୁ ପ୍ରଭାବିତ କରେ। ସେହି ସମୟରେ ଜଣେ ଯଦି ରେଡମିଟ୍ ଖାଆନ୍ତି ଆଲର୍ଜି ପ୍ରତିକ୍ରିୟା ଅଧିକ ହୁଏ।

**ପ୍ରଭାବିତ ହୁଏ ପାଚନପ୍ରଣାଳୀ:** ଏହି ରୋଗରେ ପୀଡ଼ିତଙ୍କ ଶରୀରରେ କିଛି ଲକ୍ଷଣ ଯଥା- ଚର୍ମ ପରିବର୍ତ୍ତନ, ଲାଲ୍ ଲାଲ୍ ପଡ଼ିଯିବା, ଓଠ, ଆଖିପତା, ଗଳା, ଜିଭ କିମ୍ବା ମୁହଁ ଫୁଲିଯିବା, ନିଃଶ୍ୱାସପ୍ରଶ୍ୱାସରେ କଷ୍ଟ, ପେଟ ଯନ୍ତ୍ରଣା, ଝାଡ଼ା, ବାନ୍ତି ଏବଂ ମୁଣ୍ଡବୁଲାଇବା ଲକ୍ଷଣ ଆଦି ଦେଖାଯାଏ। ଏହି ଲକ୍ଷଣ ଦେଖି ଡାକ୍ତରଙ୍କ ପରାମର୍ଶ କ୍ରମେ ରକ୍ତପରୀକ୍ଷା କରାଯାଏ।

**ପ୍ରତିକାର:** ରୋଗୀର ଲକ୍ଷଣ ଆଧାରରେ ଡାକ୍ତର ଚିକିତ୍ସା କରନ୍ତି। ତେଣୁ ରୋଗୀ ରେଡ ମିଟ୍‌ଯୁକ୍ତ ଖାଦ୍ୟ ଖାଇବା ଅନୁଚିତ। ଆଲର୍ଜି ଗମ୍ଭୀର ରୂପ ନେଲେ ଡାକ୍ତର ଆଣ୍ଟି ଆଲର୍ଜିକ ଔଷଧ ଉପଯୋଗ କରନ୍ତି। ଏଥିରୁ ବର୍ତ୍ତିବାକୁ ହେଲେ ଜଙ୍ଗଲ ଅଞ୍ଚଳକୁ ଯିବା ଅନୁଚିତ। ବାହାରକୁ ଯିବା ସମୟରେ ଚର୍ମକୁ ଘୋଡାଇ ରଖିବା ଭଲ। ଆଲର୍ଜି ସୃଷ୍ଟି ହେଉଥିବା ଖାଦ୍ୟ ଛାଡ଼ି ପାରିବେ। ଘରେ ଗୃହପାଳିତ ପ୍ରାଣୀ ଥିଲେ, ନିୟମିତ ବ୍ୟବଧାନରେ ତାଙ୍କ ଶରୀରରେ ଟିକ୍ ସଫା କରିବା ଆବଶ୍ୟକ।

# ମସ୍ତିଷ୍କ କର୍କଟ ପାଇଁ ଟିକା

ମସ୍ତିଷ୍କ କର୍କଟ ହେଉଛି ମସ୍ତିଷ୍କ ସମ୍ବନ୍ଧୀୟ ଏକ ରୋଗ। ଏହି କର୍କଟରେ ମସ୍ତିଷ୍କ ମଧ୍ୟରେ ଅସ୍ୱାଭାବିକ କୋଷ ବୃଦ୍ଧି ହୋଇଥାଏ। ଏହାଦ୍ୱାରା ମସ୍ତିଷ୍କ କାର୍ଯ୍ୟକ୍ଷମତା ପ୍ରଭାବିତ ହୁଏ। ଏହାଦ୍ୱାରା ପ୍ରବଳ ମୁଣ୍ଡବିନ୍ଧା, ବାନ୍ତି, ଦୃଷ୍ଟିଶକ୍ତି ହ୍ରାସ ଆଦି ଲକ୍ଷଣ ଦେଖାଯାଏ। ଏହା ପକ୍ଷାଘାତର କାରଣ ସାଜିଥାଏ। ଏହି ରୋଗର ସଫଳ ଚିକିତ୍ସା ପାଇଁ ଶୀଘ୍ର ଚିହ୍ନଟ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ଡାକ୍ତର ରୋଗର ସ୍ଥିତି ଅନୁସାରେ ଚିକିତ୍ସା ଯୋଗାନ୍ତି। ଜାଣି ଖୁସି ହେବେ ଯେ, ଫ୍ଲୋରିଡା ବିଶ୍ୱବିଦ୍ୟାଳୟର ବୈଜ୍ଞାନିକମାନେ ମସ୍ତିଷ୍କ କର୍କଟ (ଗ୍ଲାଓବ୍ଲାଷ୍ଟମା) ଚିକିତ୍ସା ପାଇଁ ଏକ ନୂତନ ଏମ୍‌ଆର୍‌ଏନ୍‌ଏ ଟିକା ବିକଶିତ କରିଛନ୍ତି। ଟିକାର ପ୍ରାରମ୍ଭିକ ପରୀକ୍ଷାରୁ ଉତ୍ସାହଜନକ ପରିଣାମ ଦେଖିବାକୁ ମିଳିଥିଲା। ଟିକାଟି ରୋଗୀର ଟ୍ୟୁମର କୋଷିକାରୁ ମିଳିଥିବା ଏମ୍‌ଆରଏନ୍‌ଏକୁ ଉପଯୋଗ କରି ତିଆରି କରାଯାଇଛି। ଏହା ଶରୀରରେ ପ୍ରତିରକ୍ଷା ପ୍ରଣାଳୀକୁ କର୍କଟ କୋଷକୁ ଚିହ୍ନି ତାକୁ ନଷ୍ଟ କରିବାରେ ସାହାଯ୍ୟ କରିବାକୁ ପୁନଃକାର୍ଯ୍ୟକ୍ଷମ କରିଥାଏ। ପ୍ରଥମେ ମୂଷା ଏବଂ କୁକୁରଙ୍କ ଉପରେ ଏହାର ପରୀକ୍ଷା କରାଯାଇଥିଲା। ଏହି ଟିକାଟି ସେମାନଙ୍କ ମସ୍ତିଷ୍କର ଟ୍ୟୁମରକୁ ସମ୍ପୂର୍ଣ୍ଣ ଭାବେ ନଷ୍ଟ କରିଦେଇଥିଲା। ନୂତନ କୋଷ ସୃଷ୍ଟି କରିବାକୁ ଦେଇ ନ ଥିଲା। ଏହି ଟିକା ପାରମ୍ପରିକ ଉପଚାର କେମୋଥେରାପି ଏବଂ ବିକିରଣଠାରୁ ଭିନ୍ନ। ଏଥିରେ ପାର୍ଶ୍ୱପ୍ରତିକ୍ରିୟା କମ୍ ହୋଇଥାଏ। ପ୍ରତିରକ୍ଷା ପ୍ରଣାଳୀକୁ ଦୀର୍ଘ ସମୟ କର୍କଟ ସହିତ ଲଢ଼ିବାରେ ଏହା ସାହାଯ୍ୟ କରେ। ତେବେ ଟିକାଟି ସମସ୍ତ ପରୀକ୍ଷଣରେ ସଫଳ ହେଲେ ଏହା ମସ୍ତିଷ୍କ କର୍କଟ ଚିକିତ୍ସାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇବ। ଅନ୍ୟପଟେ ଋଷ୍‌ର ବୈଜ୍ଞାନିକମାନେ ଏମ୍‌ଆର୍‌ଏନ୍‌ଏ କୌଶଳରେ ନୂଆ ଟିକା 'ଏଣ୍ଟରୋମିକ୍ସ' ବିକଶିତ କରିଛନ୍ତି। ଏହାର ଡାକ୍ତରୀ ପରୀକ୍ଷଣ ସଫଳ ହୋଇଛି। ଏହି ଟିକା କୋଲନ କର୍କଟ ସମେତ ମସ୍ତିଷ୍କ କର୍କଟ, ଚର୍ମ କର୍କଟ ଚିକିତ୍ସାରେ ପ୍ରଭାବୀ ହେବ।



# କଅଁଳ ବୟସରୁ ପରିପକ୍ୱ

**ଆଧୁନିକ ଜୀବନଶୈଳୀ, ଦୀର୍ଘ ସମୟ ଫୋନ୍ ବ୍ୟବହାର ଆଦି ଅଭ୍ୟାସ ଯୋଗୁଁ ଏବେ ବିଭିନ୍ନ ସ୍ୱାସ୍ଥ୍ୟ ସମସ୍ୟା ହେଉଛି। ସେଥିରୁ ପ୍ରିକୋସିୟସ୍ ପ୍ୟୁବର୍ଟି ଯୋଗୁଁ ପିଲାମାନେ କଅଁଳ ବୟସରୁ ପରିପକ୍ୱ ହେଉଛନ୍ତି। ମାତ୍ର ୭ରୁ ୮ ବର୍ଷରୁ ପୁଅ ଓ ଝିଅଙ୍କ ଶାରୀରିକ ଓ ମାନସିକ ପରିବର୍ତ୍ତନ ହେଉଛି। ଏହା ପ୍ରାୟତଃ ଅଭିଭାବକଙ୍କ ଚିନ୍ତା ବଢ଼ାଇଛି। ତେଣୁ ଏହି ସମସ୍ୟା କାହିଁକି ହେଉଛି, ଏହାର ସମାଧାନ କ'ଣ ତାହାକୁ ନେଇ ଏହି ଆଲେଖ୍ୟ।**



ଋତୁସ୍ରାବ ମହିଳାଙ୍କର ଏକ ସ୍ୱାଭାବିକ ପ୍ରକ୍ରିୟା। ଏହା ୧୨ରୁ ୧୪ବର୍ଷ ବୟସରେ ଆରମ୍ଭ ହୋଇଯାଏ। ଏବେ କିନ୍ତୁ ୮ରୁ ୯ ବର୍ଷୀୟା ଝିଅମାନେ ଋତୁସ୍ରାବକୁ ସାମ୍ନା କରୁଛନ୍ତି। ଝିଅଙ୍କ ପରି ପୁଅମାନଙ୍କର କମ୍ ବୟସରୁ ଯୌନାଙ୍ଗବୃଦ୍ଧି, ସ୍ୱରରେ ପରିବର୍ତ୍ତନ, ନିଶ ଉଠିବା ଆଦି ଲକ୍ଷଣ ଦେଖାଯାଉଛି। ତେବେ କମ୍ ବୟସରୁ ଏହି ପରିପକ୍ୱତା ସେମାନଙ୍କ ଶାରୀରିକ, ମାନସିକ ସ୍ୱାସ୍ଥ୍ୟକୁ ପ୍ରଭାବିତ କରୁଛି। ଫଳରେ ସେମାନଙ୍କ ସ୍ୱଭାବ ଚିଡ଼ିଚିଡ଼ା ହେଉଛି।

**ଅନିୟନ୍ତ୍ରିତ ଜୀବନଶୈଳୀ**
ରାସାୟନିକଯୁକ୍ତ ଖାଦ୍ୟ, ଗର୍ଭବସ୍ଥାରୁ ଇଞ୍ଜେକସନ୍ ଏବଂ ଔଷଧ ସେବନ ଅଭ୍ୟାସରୁ ପିଲାମାନେ ଶୀଘ୍ର ରାସାୟନିକ ସମ୍ପର୍କରେ ଆସିଯାଉଛନ୍ତି। ଜନ୍ମ ପରେ ଖାଦ୍ୟଠୁ ନେଇ ଶାରୀରିକ ବୃଦ୍ଧି ପାଇଁ ଖାଦ୍ୟରେ ଗ୍ରୋଥ୍ ହରମୋନ୍ ଉପଯୋଗ ଯୋଗୁଁ ହରମୋନ୍ ଅସନ୍ତୁଳନ ହେଉଛି। ଅଧିକ ଜଙ୍କଫୁଡ ସେବନ ଦ୍ୱାରା କମ୍ ବୟସରୁ ପିଲା ପରିପକ୍ୱ ହେଉଛନ୍ତି।

**ମେଦବହୁଳତା ଏବଂ ଚିନ୍ତା:** ପ୍ରିଜରଭେଟିଭ ଖାଦ୍ୟଗ୍ରହଣ, ଶାରୀରିକ ନିଷ୍କ୍ରିୟତା ଯୋଗୁଁ ପିଲାମାନେ ମେଦବହୁଳତାରେ ପୀଡ଼ିତ ହେଉଛନ୍ତି। ଏହା ଦ୍ୱାରା ଚିନ୍ତା ଓ ଓଜନ ବୃଦ୍ଧି ସମସ୍ୟା ଅଧିକ ବଢ଼ୁଛି। ଏହା ମଧ୍ୟ ପ୍ରିକୋସିୟସ୍ ପ୍ୟୁବର୍ଟିର ମୂଳ କାରଣ।

**କାଳ ସାଜୁଛି ମୋବାଇଲ୍ ଫୋନ୍:** ପଢ଼ାକୁ ନେଇ ଅଧିକାଂଶ ପିଲା ଚାପଗ୍ରସ୍ତ ରହୁଛନ୍ତି। ଘଣ୍ଟା ଘଣ୍ଟା ଡିଜିଟାଲ ସ୍କ୍ରିନ୍ ବ୍ୟବହାର ଯୋଗୁଁ ଫୋନ୍‌ର ନୀଳ ଆଲୋକ ମସ୍ତିଷ୍କକୁ ନିଦ ସଙ୍କେତ ଦିଏ ନାହିଁ। ବିଳମ୍ବିତ ରାତିଯାଏଁ ସେମାନେ ଅନିଦ୍ରା ରହୁଥିବାରୁ ହରମୋନ ଅସନ୍ତୁଳନ ହେଉଛି। ଫଳରେ କମ୍ ବୟସରୁ ପରିପକ୍ୱ ହେଉଛନ୍ତି।

**ଖାଦ୍ୟପେୟରେ ସତର୍କତା:** ପିଲାମାନେ ସନ୍ତୁଳିତ ଖାଦ୍ୟ ସେବନ ସହିତ ବ୍ୟାୟାମ କରିବା ନିତାନ୍ତ ଜରୁରି। ଶୋଇବାର ଘଣ୍ଟାକ ପୂର୍ବରୁ ମୋବାଇଲ୍ ବନ୍ଦ କରିବା ଉଚିତ। ୮ରୁ ୯ ବର୍ଷ ବୟସରେ ପୁଅଝିଅ ପରିପକ୍ୱ ହେଲେ ସ୍ୱାସ୍ଥ୍ୟ ବିଶେଷଜ୍ଞଙ୍କ ପରାମର୍ଶ ନେବା ନିହାତି ଆବଶ୍ୟକ।

# ରକ୍ତଚାପ ନିୟନ୍ତ୍ରଣକାରୀ ଲାଉ ଜୁସ୍

**ଆୟୁର୍ବେଦରେ ଲାଉର ଅନେକ ଔଷଧୀୟ ଗୁଣ ଭରି ରହିଛି। ଲାଉରୁ ପ୍ରସ୍ତୁତ ଜୁସ୍ ପିଇଲେ ଏହା ଶରୀରରୁ ବିଷାକ୍ତ ତତ୍ତ୍ୱ ବାହାର କରିପାରେ। ଲାଉ ଜୁସ୍‌ରେ ଭିଟାମିନ୍, ମିନେରାଲ ଅନେକ ପୋଷକତତ୍ତ୍ୱ ରହିଛି। ତେଣୁ ନିୟମିତ ରୂପେ ସଠିକ ମାତ୍ରାରେ ଏହାକୁ ସେବନ କଲେ, ଶରୀରର ବିଭିନ୍ନ ରୋଗ ଦୂର ହୋଇପାରେ। ଶୀତଦିନେ ଲାଉ ଜୁସ୍ ପିଇବା ଅତ୍ୟନ୍ତ ହିତକର।**

- ଲାଉରେ ଥିବା ପଟାସିୟମ ରକ୍ତଚାପକୁ ନିୟନ୍ତ୍ରିତ ରଖେ। ପାଚନତନ୍ତ୍ରକୁ ସକ୍ରିୟ ରଖିବାରେ ଏହାର ଭୂମିକା ରହିଛି। ସେହିପରି ଲାଉରେ ଭିଟାମିନ-ସି, ପଟାସିୟମ, ମ୍ୟାଗ୍ନେସିୟମ, ଆଣ୍ଟିଅକ୍ସିଡାଣ୍ଟ ଥିବାରୁ ଏହା ହୃଦୟକୁ ସୁସ୍ଥ ରଖେ। ଶରୀରରେ ଜଳୀୟଅଂଶ ସନ୍ତୁଳିତ ରଖିବାରେ ଗୁରୁତ୍ୱପୂର୍ଣ୍ଣ ଭୂମିକା ନିଭାଇଥାଏ।
- ମୁଣ୍ଡବିନ୍ଧା ସମସ୍ୟାରୁ ରକ୍ଷା ପାଇବାକୁ ପ୍ରତିଦିନ ଲାଉ ଜୁସ୍ ପିଇବା ହିତକର। ଏହା ଶରୀରରେ ରୋଗପ୍ରତିରୋଧକ ଶକ୍ତି ବଢ଼ାଏ। କେବଳ ସେତିକି ନୁହେଁ, ଏହା ଓଜନ ନିୟନ୍ତ୍ରଣ କରିବାରେ ବିଶେଷ ଭୂମିକା ନିଭାଏ। ସକାଳୁ ଖାଲି ପେଟରେ ଏହି ଜୁସ୍ ପିଇପାରିବେ। ନିୟମିତ ରୂପେ ୧୦୦ରୁ ୧୫୦ ମିଲି ଟଟକା ଲାଉ ଜୁସ୍ ପିଇବାକୁ ପରାମର୍ଶ ଦିଆଯାଏ। ଯଦି କାହାର ସ୍ୱାସ୍ଥ୍ୟ ସମସ୍ୟା ରହିଥାଏ, ସେମାନେ ଡାକ୍ତରଙ୍କ ବିନା ପରାମର୍ଶରେ ଲାଉ ଜୁସ୍ ସେବନ କରିବା ଅନୁଚିତ।



### ଶନିବାରରୁ ଦକ୍ଷିଣ ଆଫ୍ରିକା ବିପକ୍ଷ ଦ୍ୱିତୀୟ ଟେଷ୍ଟ

# ଭାରତ ସାମ୍ନାରେ ଚୂଡ଼ାନ୍ତ ଏକାଦଶ ଚୟନ ଦ୍ୱନ୍ଦ୍ୱ

ଗୌହାଟୀ,୨୦।୧୧(ଏଜେନ୍ସି): ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ସ୍ଥାନୀୟ ବର୍ଷାପଡ଼ା ଷ୍ଟାଡିୟମ୍‌ରେ ସିରିଜ୍‌ର ଦ୍ୱିତୀୟ ତଥା ଚୂଡ଼ାନ୍ତ ଟେଷ୍ଟ ମ୍ୟାଚ୍ ଶନିବାରଠୁ ଖେଳାଯିବ। ଭାରତର ୨୮ତମ ଟେଷ୍ଟ ଭେନ୍ୟୁଭାବେ ଏଠାରେ ପ୍ରଥମ ଟେଷ୍ଟ ଖେଳାଯିବ। ଆଜି ଖୋଲାଯାଇଥିବା ବର୍ଷାପଡ଼ା ପିଚ୍‌ରେ ପ୍ରବଳ ଘାସ ଥିବାର ଦେଖାଯାଇଛି। କିନ୍ତୁ ଆସନ୍ତାକାଲି ଏହା ନ ଥିବ। ଏହା ସତ୍ତ୍ୱେ ପିଚ୍ କିପରି ବ୍ୟବହାର କରିବ, ଭାରତ କେଉଁଭଳି ପିଚ୍ ପସନ୍ଦ କରିବ ଏହା ଉପରେ ସବୁକିଛି ନିର୍ଭର କରୁଛି। କୋଲକାତାର ଅନ୍‌ଇଭିନ ବାଉନ୍ସ ଓ ଟର୍ଣ୍ଣିଂ ପିଚ୍‌ରେ ଦକ୍ଷିଣ ଆଫ୍ରିକା ବୋଲରଙ୍କ ମୁକାବିଲା କରିପାରିଲା ନାହିଁ। ଏଣୁ ପ୍ରଥମଥର ଟେଷ୍ଟ ମ୍ୟାଚ୍ ଖେଳାଯିବାକୁ ଥିବା ବର୍ଷାପଡ଼ା ଷ୍ଟାଡିୟମ୍‌ର ଭେନ୍ୟୁ କିପରି ହେବ ତାହା ଏବେଠାରୁ କହିବା କଷ୍ଟକର।

ପ୍ରଥମ ଟେଷ୍ଟ ହାରିଯିବା ପରେ ଭାରତୀୟ ଶିବିରରେ ମନ୍ଥନ ପରେ ମନ୍ଥନ ଚାଲିଛି। ବିଚାର ବିମର୍ଷ, ଅଭ୍ୟାସ, ଯୋଜନା ଓ ରଣନୀତିକୁ ନେଇ କ୍ରିକେଟ ମହଲ ଉତ୍ସୁକତାର ସହ ଅପେକ୍ଷା କରିଛନ୍ତି। ବିଶେଷ କରି ଗୌତମ ଗମ୍ଭୀରଙ୍କ ପ୍ରଶିକ୍ଷଣରେ ଭାରତ ୨ଟି ଟେଷ୍ଟ ସିରିଜ୍‌ରେ କ୍ଲିନ୍ ସୁଇପ ନ ହେବାକୁ ସମସ୍ତେ ନିଶ୍ଚିତ ଚେଷ୍ଟା କରିବେ। କିନ୍ତୁ ଏଥିଲାଗି କେଉଁ ରଣନୀତି ଗ୍ରହଣ କରାଯିବ, କିଭଳି ପିଚ୍ ରହିବ ଓ କେଉଁ ଖେଳାଳିଙ୍କୁ ଦଳରେ ସାମିଲ କରାଯିବ ଓ କାହାକୁ ବାଦ୍ ଦିଆଯିବ ତାହାକୁ ନେଇ ଟିମ୍ ମ୍ୟାନେଜ୍‌ମେଣ୍ଟ ଦ୍ୱନ୍ଦ୍ୱରେ ପଡ଼ିଛି। ଏହା ସତ ଯେ, ଆହତ ଅଧିନାୟକ ଶୁବମନ ଗିଲଙ୍କ ଖେଳିବା ଉପରେ ଟିମ୍ ମ୍ୟାନେଜମେଣ୍ଟ ଶେଷ ମୁହୂର୍ତ୍ତଯାଏ ଅପେକ୍ଷା କରିବ। ମେଡିକାଲ ଟିମ୍‌ର ସାର୍ଟିଫିକେଟ ଏବଂ ଗିଲ ନିଜେ ସହଜ ଅନୁଭବ କଲେ ଖେଳିବେ କି ନାହିଁ ସ୍ଥିର ହେବ। ଟିମ୍ ମ୍ୟାନେଜମେଣ୍ଟ ବିଶ୍ୱସ୍ତସୂତ୍ରରୁ ଜଣାଯାଇଛି, ଗିଲ୍‌ଙ୍କୁ ଦ୍ୱିତୀୟ ଟେଷ୍ଟରେ ଖେଳିବାକୁ ସୁଯୋଗ ଦିଆଯିବ ନାହିଁ। ଶନିବାର ଖେଳ ଆରମ୍ଭ ହେବା ପରେ ତାଙ୍କୁ ନିଜ ଘରକୁ କିମ୍ବା ବେଙ୍ଗାଲୁରୁ ପଠାଇଦିଆଯିବ। ସେଠାରେ ତାଙ୍କର ଚିକିତ୍ସା ହେବ ଓ ନଭେମ୍ବର ୩୦ ତାରିଖରୁ ଆରମ୍ଭ ହେବାକୁ ଥିବା ଦିନିକିଆ ସିରିଜ୍ ଲାଗି ସେ ଫିଟ୍ ହୁଅନ୍ତୁ ବୋଲି ଟିମ୍ ମ୍ୟାନେଜମେଣ୍ଟ ଆଶା ରଖୁଛି।

ଗିଲଙ୍କ ଯଦି ଦ୍ୱିତୀୟ ଟେଷ୍ଟ ନ ଖେଳିବେ ତେବେ ଉପଅଧିନାୟକ ତଥା ୱିକେଟରକ୍ଷକ ଋଷଭ ପନ୍ତ୍ ଦଳର ନେତୃତ୍ୱନେବେ। କିନ୍ତୁ ତାଙ୍କ ଅନୁପସ୍ଥିତିରେ ଭାରତର ଚୂଡ଼ାନ୍ତ ଏକାଦଶ ଚୟନକୁ ନେଇ ଅଡୁଆ ସ୍ଥିତି ସୃଷ୍ଟି ହୋଇଛି। ବର୍ଷାପଡ଼ାରେ ଭାରତ ତାଙ୍କ ସ୍ଥାନରେ କାହାକୁ ଖେଳାଇବ ତାହାକୁ ନେଇ ମ୍ୟାନେଜମେଣ୍ଟ ଦ୍ୱନ୍ଦ୍ୱରେ। ଗତ କିଛିଦିନ ଯେପରି ସାଇ ସୁଦର୍ଶନଙ୍କୁ ପ୍ରୋଜେକ୍ଟ କରାଯାଉଛି, ସେଥିରୁ ଜଣାଯାଉଛି ଗିଲ୍‌ଙ୍କ ସ୍ଥାନ ସେ ପୂରଣ କରିବେ। ଅର୍ଥାତ୍ ୱାଶିଂଟନ ସୁନ୍ଦର ପୂର୍ବପରି ନଂ-୩ରେ ବ୍ୟାଟିଂ କରିବେ ଓ ତାଙ୍କ ପରେ ସୁଦର୍ଶନ ଆସିବେ। ସେହିପରି କୋଲକାତାରେ ବିଶେଷ ପ୍ରଭାବ ପକାଇପାରି ନ ଥିବା ସ୍ପିନ୍ ଅଲରାଉଣ୍ଡର ଅକ୍ଷର ପଟେଲଙ୍କୁ ଦ୍ୱିତୀୟ ଟେଷ୍ଟରୁ ବାଦ୍ ଦେବାର ଆଶଙ୍କା ରହିଛି। ଏପରି ହେଲେ ପେସ୍ ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀଙ୍କୁ ଦଳରେ ସାମିଲ କରାଯିବ। ଦକ୍ଷିଣ ଆଫ୍ରିକା-ଏ’ ବିପକ୍ଷ ଦିନିକିଆ ସିରିଜ୍ ଖେଳୁଥିଲାବେଳେ ନୀତୀଶଙ୍କୁ ଦଳକୁ ଫେରାଇ ଅଣାଯାଇଛି। ତାଙ୍କୁ ଦ୍ୱିତୀୟ ଟେଷ୍ଟରେ ସାମିଲ କରିବାର ଯଥେଷ୍ଟ ସମ୍ଭାବନା ରହିଛି।


ବର୍ଷାପଡ଼ା ଷ୍ଟାଡିୟମରେ ଅପରାହ୍ଣ ୪ଟା ୪୦ ମିନିଟରେ ସ୍ଥିତି

**ଦ୍ୱିତୀୟ ଟେଷ୍ଟର ଖେଳ ସମୟ**

| | |
|---|---|
| ପ୍ରଥମ ସେସନ | ସକାଳ ୯ଟାରୁ ୧୧ଟା |
| ଟି (ଚା’ ପାନ) | ୧୧ଟାରୁ ୧୧ଟା ୨୦ମିନିଟ୍ |
| ଦ୍ୱିତୀୟ ସେସନ | ପୂର୍ବାହ୍ଣ ୧୧.୨୦ରୁ ୧.୨୦ |
| ଲଞ୍ଚ୍ (ମଧ୍ୟାହ୍ନ ଭୋଜନ) | ଅପରାହ୍ଣ ୧.୨୦ରୁ ୨ଟା |
| ତୃତୀୟ ସେସନ | ଅପରାହ୍ଣ ୨ଟାରୁ ୪ଟା |

### ଆଜିଠୁ ଆସେସ୍ ସିରିଜ

## ଟ୍ରଫି ବଜାୟ ଲକ୍ଷ୍ୟରେ ଅଷ୍ଟ୍ରେଲିଆ

ପର୍ଥ, ୨୦।୧୧ (ଏଜେନ୍ସି): ଟେଷ୍ଟ କ୍ରିକେଟ୍ ଇତିହାସର ସବୁଠୁ ପୁରୁଣା ଓ ସମ୍ମାନଜନକ ସିରିଜ ‘ଦି ଆସେସ୍’ର ୭୪ତମ ସଂସ୍କରଣ ଶୁକ୍ରବାରଠାରୁ ଘରୋଇ ଅଷ୍ଟ୍ରେଲିଆ ଓ ଇଂଲଣ୍ଡ ମଧ୍ୟରେ ଆରମ୍ଭ ହେବାକୁଯାଉଛି। ପାଞ୍ଚ ମ୍ୟାଚ୍‌ବିଶିଷ୍ଟ ଏହି ଟେଷ୍ଟ ସିରିଜର ପ୍ରଥମ ମୁକାବିଲା ପର୍ଥ ଷ୍ଟାଡିୟମରେ ଖେଳାଯିବ। ଅଭିଜ୍ଞ ଅଲ୍‌ରାଉଣ୍ଡର ବେନ୍ ଷ୍ଟୋକ୍ସ ଭ୍ରମଣକାରୀ ଇଂଲଣ୍ଡ ଦଳର ନେତୃତ୍ୱ ନେଉଛନ୍ତି। ଦଳରେ ଜୋ ରୁଟ୍, ଓଲି ପୋପ୍, ବେନ୍ ଡକେଟ୍, ହ୍ୟାରୀ ବ୍ରୁକ୍, ଜୋଫ୍ରା ଆର୍ଚର, ମାର୍କ ଉଡ୍‌ଙ୍କ ଭଳି ଅଭିଜ୍ଞ ଖେଳାଳି ରହିଛନ୍ତି। ଇଂଲଣ୍ଡ ଦୀର୍ଘ ୧୦ ବର୍ଷର ବ୍ୟବଧାନ ପରେ ଆସେସ୍ ସିରିଜ ବିଜୟୀ ହେବାକୁ ଲକ୍ଷ୍ୟ ରଖିଛି। ଅପରପକ୍ଷରେ ଷ୍ଟିଭ ସ୍ମିଥଙ୍କ ନେତୃତ୍ୱାଧୀନ ଅଷ୍ଟ୍ରେଲିଆ ଘରୋଇ ମାଟିରେ କୌଣସି ସୁଯୋଗ ନ ଦେଇ ସିରିଜ ବଜାୟ ରଖିବା ଲକ୍ଷ୍ୟରେ ପଡ଼ିଆକୁ ଓହ୍ଲାଇବ। ସ୍ମିଥଙ୍କ ସମେତ ମାର୍ନସ ଲାବୁଶେନ, ଟ୍ରାଭିସ ହେଡ, ମିଚେଲ ଷ୍ଟାର୍କ, ନାଥନ ଲିୟନଙ୍କ ଭଳି ଅଭିଜ୍ଞ ଖେଳାଳି ଇଂଲଣ୍ଡକୁ କଡ଼ା ଟକ୍କର ଦେବାକୁ ଲକ୍ଷ୍ୟ ରଖିଛନ୍ତି।

**ଆଜିଠୁ ପ୍ରଥମ ଟେଷ୍ଟ**
ଆରମ୍ଭ: ସକାଳ ୭ଟା ୫୦
ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ ନେଟୱର୍କ



**ଏକନଜରରେ ଆସେସ୍**

| | |
|---|---|
| ପ୍ରଥମ ସିରିଜ: | ୧୮୭୬-୭୭ |
| ମୋଟ୍ ସିରିଜ: | ୭୩ |
| ଅଷ୍ଟ୍ରେଲିଆ ବିଜୟ: | ୩୪ଥର |
| ଇଂଲଣ୍ଡ ବିଜୟ: | ୩୨ଥର |
| ଡ୍ର: | ୭ଥର |
| ମୋଟ୍ ଟେଷ୍ଟ ମ୍ୟାଚ୍: | ୩୪୦ଟି |
| ଅଷ୍ଟ୍ରେଲିଆ ଜିତିଛି: | ୧୪୦ଟି |
| ଇଂଲଣ୍ଡ ଜିତିଛି: | ୧୦୮ଟି |

## ଏଏଫ୍‌ଆଇରେ ଜିଏସ୍ ପଟ୍ଟନାୟକଙ୍କୁ ଗୁରୁତ୍ୱପୂର୍ଣ୍ଣ ପଦ

ଭୁବନେଶ୍ୱର, ୨୦।୧୧ (ସମିସ): ଓଡ଼ିଶା ଆଥ୍‌ଲେଟିକ୍ସ ଆସୋସିଏସନ (ଓଏଏ)ର ସଭାପତି ଜିଏସ୍ ପଟ୍ଟନାୟକଙ୍କୁ ଜାତୀୟ ସଂଘରେ ଏକ ବଡ଼ ଦାୟିତ୍ୱ ମିଳିଛି। ସେ ଆଥଲେଟିକ୍ସ ଫେଡେରେସନ ଅଫ୍ ଇଣ୍ଡିଆ (ଏଏଫ୍‌ଆଇ)ର ଅଫିସିଏଟିଂ ସେକ୍ରେଟାରୀ (କାର୍ଯ୍ୟାଳୟ ପରିଚାଳନା ସମ୍ପାଦକ) ଭାବେ ମନୋନୀତ ହୋଇଛନ୍ତି। ପୂର୍ବରୁ ସେ ଏଏଫ୍‌ଆଇର ବରିଷ୍ଠ ଯୁଗ୍ମ ସମ୍ପାଦକ ଭାବେ ନିର୍ବାଚିତ ହୋଇ ଦାୟିତ୍ୱ ତୁଲାଉଥିଲେ। ଓଡ଼ିଶା ଇତିହାସରେ ଶ୍ରୀ ପଟ୍ଟନାୟକ ପ୍ରଥମ ବ୍ୟକ୍ତି ଭାବେ ଏଏଫ୍‌ଆଇର ଅଫିସିଏଟିଂ ସେକ୍ରେଟାରୀ ପଦ ମଣ୍ଡନ କରିଛନ୍ତି। ଏହି ଅବସରରେ ଓଏଏର ଚେୟାରମ୍ୟାନ ଆଶୀର୍ବାଦ ବେହେରା, ସମ୍ପାଦକ ଅଭିଜିତ୍ ପାଲ୍‌ଙ୍କ ସମେତ ଅନ୍ୟ ସମସ୍ତ କର୍ମକର୍ତ୍ତା ଜିଏସ୍ ପଟ୍ଟନାୟକଙ୍କୁ ଅଭିନନ୍ଦନ ଜଣାଇଛନ୍ତି।



### ଅଲ୍ ଓଡ଼ିଶା ବିଲିୟାର୍ଡ୍ସ ଓ ସ୍ନୁକର

## ବିଶେଷଙ୍କୁ ହ୍ୟାଟ୍ରିକ୍ ଟାଇଟଲ

ଭୁବନେଶ୍ୱର,୨୦।୧୧(ସମିସ): ରାଜ୍ୟ ଜୁନିଅର ବିଲିଆର୍ଡ୍ସ ଚାମ୍ପିଅନ୍ ବିଶେଷ ସିଂଘାଲ ରାଜ୍ୟ ଜୁନିଅର ସ୍ନୁକର ଟାଇଟଲ ହାସଲ କରିଛନ୍ତି। ସ୍ନୁକରରେ ଏହା ତାଙ୍କର ହ୍ୟାଟ୍ରିକ୍ ଟାଇଟଲ। ଗୁରୁବାର ଅନୁଷ୍ଠିତ ଫାଇନାଲରେ ସେ ୨-୦ ଫ୍ରେମ୍‌ରେ ସାଇ ସଙ୍କଳ୍ପଙ୍କୁ ହରାଇ କ୍ରମାଗତ ତୃତୀୟ ଟାଇଟଲ ଜିତିଥିଲେ। ଗତକାଲି ଅନୁଷ୍ଠିତ ସିନିଅର ବିଲିଆର୍ଡ୍ସରେ ବିଶେଷ ପୂର୍ବତନ ଜାତୀୟ ରନର୍ସ ଅପ୍ କୁନାଲ ଅଗରୱାଲଙ୍କୁ ହରାଇ ବିପର୍ଯ୍ୟୟ ସୃଷ୍ଟି କରିଥିଲେ। ସିନିଅର ସ୍ନୁକର ବିଭାଗରେ ସୁବ୍ରତ ଦାସ, ଆଶୁତୋଷ ପାଢ଼ୀ, ଅନୁଜ ପଣ୍ଡା ଓ ସୁଦୀପ୍ତ ଦାଶ କ୍ୱାର୍ଟର ଫାଇନାଲରେ ପ୍ରବେଶ କରିଛନ୍ତି।



## ୱାର୍ଲ୍ଡ ବକ୍ସିଂ କପ୍: ଭାରତକୁ ୯ ସ୍ୱର୍ଣ୍ଣ

ନୂଆଦିଲ୍ଲୀ,୨୦।୧୧(ଏଜେନ୍ସି): ୱାର୍ଲ୍ଡ ବକ୍ସିଂ କପ୍‌ରେ ଭାରତକୁ ୯ସ୍ୱର୍ଣ୍ଣ, ୬ରୌପ୍ୟ ଓ ୫କାଂସ୍ୟ ସହ ୨୦ଟି ପଦକ ଜିତି ରେକର୍ଡ ସୃଷ୍ଟି କରିଛି। ଗୁରୁବାର କେବଳ ୭ଟି ସ୍ୱର୍ଣ୍ଣ ଜିତିଛି। ଏମାନଙ୍କ ମଧ୍ୟରୁ ମହିଳା ବିଭାଗ ୪୮ କେଜିରେ ମିନାକ୍ଷୀ, ୫୪ କେଜିରେ ପ୍ରୀତି, ୭୦ କେଜିରେ ଅରୁନ୍ଧତି, ୫୧ କେଜିରେ ନିଖତ ଜରୀନ, ୫୭ କେଜିରେ ଯସ୍ମିନ୍, ୬୬ କେଜିରେ ପରବିନ୍ ଓ ୮୦ରୁ ଉର୍ଦ୍ଧ୍ୱ କେଜିରେ ନୁପୁର ସ୍ୱର୍ଣ୍ଣ ପଦକ ଜିତିଛନ୍ତି। ସେହିପରି ପୁରୁଷ ବିଭାଗରେ ଯଦୁମଣି ସିଂ, ପୱନ ବାର୍ତ୍ତୱାଲ, ଅବିନାଶ ଜାମୱାଲ୍ ଓ ଅଙ୍କୁଶ ପାଙ୍ଘଲ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି।

## ଡିସେମ୍ବର ୨୮ରୁ ମହିଳା, ଜାନୁଆରୀ ୩ରୁ ପୁରୁଷ ହକି ଇଣ୍ଡିଆ ଲିଗ୍

ନୂଆଦିଲ୍ଲୀ, ୨୦।୧୧ (ଏଜେନ୍ସି): ହକି ଇଣ୍ଡିଆ ଲିଗ୍ ପୁଣିଥରେ ଫେରୁଛି। ହକି ଇଣ୍ଡିଆ ପକ୍ଷରୁ ରାଞ୍ଚିରେ ଡିସେମ୍ବର ୨୮ରୁ ଜାନୁଆରୀ ୧୦ ଯାଏ ମହିଳା ଲିଗ୍ ଏବଂ ଚେନ୍ନଇ, ରାଞ୍ଚି ଓ ଭୁବନେଶ୍ୱରରେ ୨୦୨୬ ଜାନୁଆରୀ ୩ରୁ ୨୬ ଯାଏ ପୁରୁଷ ଲିଗ୍ ଖେଳାଯିବାକୁ ସ୍ଥିର ହୋଇଛି। ବିଗ୍ ଇଜ୍ ବ୍ୟାକ୍ ନାମରେ ହକି ଇଣ୍ଡିଆ ଲିଗ୍‌ର ଅଫିସିଆଲ ପ୍ରୋମୋ ଆଜି ଉନ୍ମୋଚିତ ହୋଇଛି। ଏହି ଲୋକପ୍ରିୟ ପ୍ରତିଯୋଗିତା ଲାଗି ହକି ସମର୍ଥକ ପ୍ରସ୍ତୁତ ହୋଇ ରହିଛନ୍ତି।

## ମହିଳା କବାଡ଼ି ବିଶ୍ୱକପ୍: ସେମିରେ ଭାରତ

ଢାକା, ୨୦।୧୧ (ଏଜେନ୍ସି): ଡିଫେଣ୍ଡିଂ ଚାମ୍ପିଅନ ଭାରତୀୟ ଦଳ ଚଳିତ ମହିଳା କବାଡ଼ି ବିଶ୍ୱକପ୍‌ର ଦ୍ୱିତୀୟ ସଂସ୍କରଣରେ ସେମିଫାଇନାଲରେ ପ୍ରବେଶ କରିଛି। ଗୁରୁବାର ଭାରତୀୟ ମହିଳା ଦଳ ଏହାର ୩ୟ ଗ୍ରୁପ୍ ମ୍ୟାଚରେ ଜର୍ମାନୀକୁ ୬୩-୨୨ ପଏଣ୍ଟରେ ହରାଇଥିଲା। ବିଶ୍ୱକପ୍‌ରେ ଭାରତର ଏହା ହ୍ୟାଟ୍ରିକ ବିଜୟ ଥିଲା। ନଭେମ୍ବର ୨୩ରେ ସେମିଫାଇନାଲ ଖେଳାଯିବ। ଗ୍ରୁପ୍ ପର୍ଯ୍ୟାୟ ଶେଷ ପରେ ଭାରତ ସେମିଫାଇନାଲରେ କାହାକୁ ଭେଟିବ ତାହା ସ୍ପଷ୍ଟ ହେବ। ୨୦୧୨ରେ ଅନୁଷ୍ଠିତ ମହିଳା ବିଶ୍ୱକପ୍‌ର ପ୍ରଥମ ସଂସ୍କରଣରେ ଭାରତ ଚାମ୍ପିଅନ ହୋଇଥିଲା। ଏଥର ମଧ୍ୟ ଦଳ ଟାଇଟଲ୍ ବଜାୟ ରଖିବା ଲକ୍ଷ୍ୟରେ ରହିଛି।

## ଶତକ ଟେଷ୍ଟରେ ଶତକ: ରହିମଙ୍କ ବିରଳ କୀର୍ତ୍ତିମାନ

ମୀରପୁର, ୨୦।୧୧ (ଏଜେନ୍ସି): ବାଂଲାଦେଶର ବରିଷ୍ଠ କ୍ରିକେଟର୍ ମୁସଫିକର ରହିମ ଏକ ବିରଳ କ୍ଲବରେ ସାମିଲ ହୋଇଛନ୍ତି। ବିଶ୍ୱର ୧୧ତମ ବ୍ୟାଟର୍ ଭାବେ ୩୮ ବର୍ଷୀୟ ରହିମ ନିଜର ୧୦୦ତମ ଟେଷ୍ଟ ମ୍ୟାଚରେ ଶତକୀୟ ପାଳି ଖେଳିବାର ସୌଭାଗ୍ୟ ଲାଭ କରିଛନ୍ତି। ଆୟର୍ଲାଣ୍ଡ ବିପକ୍ଷ ଦ୍ୱିତୀୟ ଟେଷ୍ଟରେ ବାଂଲାଦେଶର ପ୍ରଥମ ପାଳିରେ ରହିମ ୧୦୬ ରନ ସଂଗ୍ରହ କରିଥିଲେ। ରହିମଙ୍କ ଏହା ୧୦୦ତମ ଟେଷ୍ଟ ମ୍ୟାଚ୍ ଥିଲା। ପୂର୍ବରୁ ବିଶ୍ୱର ୧୦ଜଣ କ୍ରିକେଟର୍ ନିଜର ୧୦୦ତମ ଟେଷ୍ଟ ମ୍ୟାଚରେ ଶତକୀୟ ପାଳି ଖେଳିଛନ୍ତି। ସେମାନେ ହେଲେ ଇଂଲଣ୍ଡର କଲିନ କାଓଡ୍ରେ, ଜାଭେଦ ମିଆଁଦାଦ, ଗର୍ଡନ ଗ୍ରୀନିଜ୍, ଆଲେକ୍ ଷ୍ଟିୱାର୍ଟ, ଇଞ୍ଜାମାମ-ଉଲ୍-ହକ, ରିକି ପଣ୍ଟିଂ, ଗ୍ରାଏମ ସ୍ମିଥ, ହାସିମ ଅମଲା, ଜୋ ରୁଟ୍, ଡେଭିଡ୍ ୱାର୍ଣ୍ଣର। ଏହି ଟେଷ୍ଟରେ ବାଂଲାଦେଶ ପ୍ରଥମ ଇନିଂସରେ ୪୭୬ ରନରେ ସୀମିତ ରହିଥିଲା। ଜବାବରେ ଆୟର୍ଲାଣ୍ଡ ଗୁରୁବାର ଦ୍ୱିତୀୟ ଦିବସ ଷ୍ଟମ୍ପ ସୁଦ୍ଧା ୫ ୱିକେଟରେ ୯୮ ରନ ସଂଗ୍ରହ କରିଛି।



ସକାଳ THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ

'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ
ବିତର୍କ ପ୍ରତିଯୋଗିତା ୨୦୨୫
ଭାଷା: ଓଡ଼ିଆ

5th Anniversary

Presented by:
BHARAT MASALA
AN ISO 9001 : 2015 & HACCP CERTIFIED COMPANY
The Taste of New India

In Association with:
CBSE-XI & XII
SRI VINAYAKA Concept School
BHUBANESWAR

ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ଭୁବନେଶ୍ୱର | ଡ଼ିଏଭି ପବ୍ଲିକ ସ୍କୁଲ, ୟୁନିଟ୍-୮, ଭୁବନେଶ୍ୱର | ସୁଧାଂଶୁ ସାହୁ - ୭୩୭୧୬୯୪୧୪୨ |
| ଖୋର୍ଦ୍ଧା | ସିଗମା ପବ୍ଲିକ ସ୍କୁଲ, ଖୋର୍ଦ୍ଧା | ରଞ୍ଜିତ କେଏନ୍ ସାମନ୍ତରାୟ - ୯୪୩୭୪୫୬୫୬୬ |
| ନୟାଗଡ଼ | ସାମ୍ବାଦିକ ଭବନ, ନୟାଗଡ଼ | ଅନିଲ କୁମାର ପଣ୍ଡା - ୭୩୭୭୭୧୦୦୯୭ |
| ଅନୁଗୋଳ | ରୋଟାରୀ ପବ୍ଲିକ ସ୍କୁଲ, ଅନୁଗୋଳ | ସଂଗ୍ରାମ ଦାସ - ୯୪୩୯୦୧୬୦୧୯ |
| ପୁରୀ | କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ, ସଦାଶିବ ପରିସର, ପୁରୀ | ହେମନ୍ତ କୁମାର ନାୟକ - ୯୯୩୭୫୫୧୬୭୨୯ |
| କଟକ | ସାରଳା ଭବନ ,ବିଜୁ ପଟ୍ଟନାୟକ ଛକ , ତୁଳସିପୁର, କଟକ | ଭକ୍ତି ଭୂଷଣ ମହାନ୍ତି - ୯୩୩୮୧୦୧୦୮୩ |
| ଢେଙ୍କାନାଳ | ଢେଙ୍କାନାଳ, ସିନର୍ଜି ଇଞ୍ଜିନିରିଂ ବୈଷିକ ମହାବିଦ୍ୟାଳୟ | ସୟେଦ ଇମତିଆଜ୍ ହୁସେନ୍ - ୯୪୩୭୦୭୪୦୩୩ |
| ମୟୂରଭଞ୍ଜ | ସାଇଆଦର୍ଶ ଉଚ୍ଚମାଧମିକ ବିଦ୍ୟାଳୟ, ରଘୁନାଥପୁର ବାରିପଦା | ମନୋଜ କୁମାର ପଣ୍ଡା - ୯୪୩୮୨୪୮୪୯୧ |
| ଗଜପତି | ମହେନ୍ଦ୍ରଗିରି ପୌର ସରକାରୀ ଉଚ୍ଚ ବିଦ୍ୟାଳୟ, ପାରଳାଖେମୁଣ୍ଡି, ଗଜପତି | ରଶ୍ମି ରଞ୍ଜନ ମିଶ୍ର-୯୪୩୭୧୪୦୦୦୨ |
| ଗଞ୍ଜାମ | ସହିଦ ଲକ୍ଷ୍ମଣ ନାୟକ ସ୍ମୃତି ସରକାରୀ ଉଚ୍ଚ ବିଦ୍ୟାଳୟ, କୋର୍ଟପେଟା, ବ୍ରହ୍ମପୁର | କ୍ଷୀରସିନ୍ଧୁ ମହାନ୍ତି - ୭୭୪୯୮୧୧୭୦୩ |
| କନ୍ଧମାଳ | ଡିଆଇପିଆରଓ କନଫରେନ୍ସ ହଲ, ଫୁଲବାଣୀ, କନ୍ଧମାଳ | ସଞ୍ଜୟ ପାତ୍ର - ୭୦୦୮୭୨୫୬୧୯ |
| କେନ୍ଦ୍ରାପଡା | ସେଣ୍ଟ ଜାଭିୟର ହାଇସ୍କୁଲ, ଗୋପ, କେନ୍ଦ୍ରାପଡା | ଦେବଦତ୍ତ ଦାଶ - ୯୯୩୭୨୨୨୯୯୪ |
| ଜଗତସିଂହପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଜଗତସିଂହପୁର | ଶଶାଙ୍କ ଶେଖର ପଣ୍ଡା - ୯୮୬୧୩୩୭୯୮୨ |
| ଯାଜପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଯାଜପୁର | ସଦିପ୍ତ ରାୟ୍ - ୯୪୩୯୪୯୭୬୪୫ |
| ବାଲେଶ୍ୱର | ସକାଳ-ନନ୍ଦିଘୋଷ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ପଚ୍ଛୁଆଁପଦା, ପ୍ରୁଫ ରୋଡ, ବାଲେଶ୍ୱର | ଅସୀମ ମହାପାତ୍ର - ୯୪୩୯୪୫୨୧୮୮ |
| ଭଦ୍ରକ | ଭଦ୍ରକ ସରକାରୀ ଉଚ୍ଚ ବିଦ୍ୟାଳୟ (ପୁରୁଣା ସରକାରୀ ବାଳିକା ବିଦ୍ୟାଳୟ), ଭଦ୍ରକ | ଉମାକଲ୍ୟାଣ ମହାପାତ୍ର - ୯୦୯୦୯୦୪୦୭୭ |
| କେନ୍ଦୁଝର | ସରସ୍ୱତୀ ଶିଶୁ ବିଦ୍ୟାମନ୍ଦୀର ବଣିଆପାଟ, କେନ୍ଦୁଝର (ଲର୍ଡ଼ ଜଗନ୍ନାଥ ସାଇନ୍ସ କଲେଜ ସମ୍ମୁଖ, କଲେଜ ରୋଡ଼) | ଶରତ ଦାସ - ୭୩୭୧୧୨୨୦୫୫ |

୨୩ ନଭେମ୍ବର ୨୦୨୫ । ରବିବାର

ଜୁନିୟରः ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟରः କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ।
ଭାଗ ନେଉଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ।

PRINTED & PUBLISHED BY AMIT KUMAR MALLICK FOR ‘THE SAKALA’ A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ : ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS